

'ଦାୟରା'ର ସୁଟିଂ ଆରମ୍ଭ କଲେ କରୀନା
▸ପୃଷ୍ଠା ୧୧ ଦେଖନ୍ତୁ...

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

•VOLUME- 43 •ISSUE-101 •TUESDAY •7 OCTOBER 2025 •PAGE-12 •₹ 6.00 | BHUBANESWAR | •ବର୍ଷ-୪୩ •ସଂଖ୍ୟା-୧୦୧ •ମଙ୍ଗଳବାର •୭ ଅକ୍ଟୋବର ୨୦୨୫ •ପୃଷ୍ଠା-୧୨ •ଟ.୬.୦୦


### ସାରା ରାଜ୍ୟକୁ ବ୍ୟାପିଛି ପୁଲିସ ଏସ୍‌ଆଇ ଚାକିରି ବିକ୍ରିର ବୁଢ଼ିଆଣୀ ଜାଲ

# ଢୋଲ ଭିତରେ ମୂଷା

■ ଭୁବନେଶ୍ୱର, ୬।୧୦ (ସମିସ): ଓଡ଼ିଶାରେ ପୁଲିସ ଚାକିରି ବେପାର ଘଟଣା ସାରା ଦେଶରେ ଆଲୋଡ଼ନ ସୃଷ୍ଟି କରିଛି। ଅତ୍ୟନ୍ତ ବ୍ୟବସ୍ଥିତ ଭାବରେ କରାଯାଇଥିବା ଏହି ଷଡ଼ଯନ୍ତ୍ରର ତଦନ୍ତ କରୁଥିବା କ୍ରାଇମବ୍ରାଞ୍ଚ ହାତରେ କିଛି ତଥ୍ୟ ମଧ ଲାଗିଛି। ମାତ୍ର ସଂଗଠିତ ଭାବରେ ଚାକିରି ବିକ୍ରିର ଚେର ଯାଏ କ୍ରାଇମବ୍ରାଞ୍ଚ ପହଞ୍ଚି ପାରିନାହିଁ। ଯେଉଁ ସ୍ଥାନରେ କ୍ରାଇମବ୍ରାଞ୍ଚ ଚଢ଼ଉ କରୁଛି, ସେଠାରେ ସେପରି କିଛି ଶକ୍ତ ସୁରାକ ନ ମିଳିବା ସାଧାରଣରେ ସନ୍ଦେହ ସୃଷ୍ଟି କରିଛି। ଚଢ଼ଉ

**ଚାକିରି ବେପାର**
**ଅନେକ ଅବୁଝା ପ୍ରଶ୍ନ**



- କିଣିବାବାଲା ଜେଲ୍‌ରେ, ଚାକିରି ବିକିବାବାଲା ଗଲେ କୁଆଡ଼େ ?
- ଚାକିରି ପାଇଁ ଆଦାୟ ବିପୁଳ ଅଗ୍ରୀମ ଟଙ୍କା ଏବେ କାହା ପାଖରେ ?
- କିଏ ଦେଇଥିଲା ନିଯୁକ୍ତି ପରୀକ୍ଷା ପରିଚାଳନା ସବ୍‌ଲେଟ୍ ଅନୁମତି ?
- ସିଲିକନ୍‌ରୁ ପଞ୍ଚସଫ୍ଟ ସବ୍‌ଲେଟ୍ ବେଳେ କାହିଁକି ଚୁପ୍ ଥିଲା ଓପିଆର୍‌ବି ?
- ଫେରାର୍ ଶଙ୍କର ମୁଣ୍ଡରେ ଦୋଷ ଅଜାଡ଼ି ଖସିଯିବେ କି ବଡ଼ବଡ଼ିଆ ?

**ସେପ୍ଟେମ୍ବରରେ ପରୀକ୍ଷା ଅଭ୍ୟାସ କରିଥିଲେ ୩ ଶହ ଆବେଦନକାରୀ**

**ଶଙ୍କରର ବ୍ୟାଙ୍କ ଆକାଉଣ୍ଟରେ ହୋଇଛି କୋଟି କୋଟି ଟଙ୍କାର କାରବାର**

ସୂଚନା ପାଇ ଅଭିଯୁକ୍ତମାନେ ଆଗୁଆ ପ୍ରମାଣ ଗାଏବ କରିବାକୁ ସମର୍ଥ ହେଉଥିବା ଏବେ ସନ୍ଦେହ କରାଯାଉଛି। ଗତକାଲି ରଘୁନାଥପୁରରେ ଲିଙ୍ଗରାଜ ଇନ୍‌ଫୋସେଲ ପରୀକ୍ଷା ସେଣ୍ଟରରେ ଚଢ଼ଉ ସମୟରେ ଏହାର ଉଦାହରଣ ଦେଖିବାକୁ ମିଳିଛି। ପରୀକ୍ଷାକେନ୍ଦ୍ର ପାଇଁ ମନୋନୀତ ହୋଇଥିବା ଏହି ସ୍ଥାନରୁ ସବୁ ସାମଗ୍ରୀ କୁଆଡ଼େ ଗଲା ତାହା ସ୍ୱାଭାବିକ ସନ୍ଦେହ ସୃଷ୍ଟି କରିଛି। ତେଣୁ କେଉଁ ସ୍ଥାନରେ ଚଢ଼ଉ ହେବ ସେ ସମ୍ପର୍କରେ ଅଭିଯୁକ୍ତମାନେ ହୁଏତ ଆଗୁଆ ସୂଚନା ସଂଗ୍ରହ କରିବାକୁ ସମର୍ଥ ହେଉଛନ୍ତି ବା ସେମାନଙ୍କୁ କେହି ଆଗୁଆ ସୂଚନା ଦେଉଥାଇପାରନ୍ତି ବୋଲି ଆଶଙ୍କା କରାଯାଉଛି।

ଅନ୍ୟପକ୍ଷରେ ଶ୍ରୀକାକୁଲମରୁ ଗିରଫ ୧୧୪ ଜଣ ପରୀକ୍ଷାର୍ଥୀଙ୍କ ପୂର୍ବରୁ ବାଲେଶ୍ୱର, ମୟୂରଭଞ୍ଜ ଓ ଅବିଭକ୍ତ କୋରାପୁଟ ଜିଲ୍ଲାରୁ ପ୍ରାୟ ୩୦୦ ଆଶାୟୀଙ୍କୁ ମଧ ପଡ଼ୋଶୀ ରାଜ୍ୟରେ ତାଲିମ ଦିଆଯାଇଥିବା ଅଭିଯୋଗ ହୋଇଛି। ତେଣୁ ଏହି ପରୀକ୍ଷାର୍ଥୀମାନେ କେଉଁଠି କୋଚିଂ ନେଇଥିଲେ ସେ ସମ୍ପର୍କରେ କ୍ରାଇମବ୍ରାଞ୍ଚ ଖୋଳତାଡ଼ ଆରମ୍ଭ କରିଛି। କୌତୂହଳର କଥା ହେଉଛି ପ୍ରତି ପରୀକ୍ଷାର୍ଥୀଙ୍କଠାରୁ ଆଗୁଆ ୧୦ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ଆଦାୟ ହୋଇଥିବା ତଦନ୍ତକାରୀ ଅଧିକାରୀମାନେ କହୁଥିବାବେଳେ ଏହି ଟଙ୍କା କେଉଁଠି ଓ କାହାପାଖରେ ଅଛି ତାହାର ସନ୍ଧାନ ମିଳିନାହିଁ। ଚାକିରି ପାଇଁ ଟଙ୍କା ଦେଇଥିବା ପିଲାମାନେ ଜେଲ୍‌ରେ ଥିବାବେଳେ ▸ପୃଷ୍ଠା-୭

## ବାଲେଶ୍ୱରରୁ ଆଉ ଜଣେ ଗିରଫ

■ ଭୁବନେଶ୍ୱର, ୬।୧୦ (ସମିସ): ପୁଲିସ ଏସ୍‌ଆଇ ଚାକିରି ବିକ୍ରି ଘଟଣାରେ ବାଲେଶ୍ୱରର ରଣସାହି ପଞ୍ଚାୟତର ଜଣେ ବ୍ୟକ୍ତି ଚନ୍ଦନ ମଲ୍ଲିକଙ୍କୁ ଗିରଫ କରିଛି କ୍ରାଇମବ୍ରାଞ୍ଚ। ଗିରଫ ଚାକିରି ଆଶାୟୀମାନଙ୍କୁ ପଚରାଉଚରା କରିବା ପରେ ଚନ୍ଦନ ନାମ ପଦାକୁ ଆସିଥିଲା। ଏହାପରେ ଗତକାଲି ବିଳମ୍ବିତ ରାତ୍ରିରେ ତାଙ୍କୁ କ୍ରାଇମବ୍ରାଞ୍ଚ ଗିରଫ କରି ବ୍ରହ୍ମପୁର ଜେଏମଏଫସି ଗ୍ରାମାଞ୍ଚଳ କୋର୍ଟରେ ହାଜର କରିଛି। ଜାମିନ ନାମଞ୍ଜୁର ହେବା ପରେ ତାଙ୍କୁ ଜେଲ ପଠାଇଛି କ୍ରାଇମବ୍ରାଞ୍ଚ। ଚନ୍ଦନଙ୍କୁ ଗିରଫ ପରେ ମୋଟ ଗିରଫଦାରୀ ସଂଖ୍ୟା ୧୨୦ରେ ପହଞ୍ଚିଛି। ଚନ୍ଦନ ଚାକିରି ଆଶାୟୀଙ୍କ ସହ ଯୋଗାଯୋଗ କରୁଥିଲେ। ଶଙ୍କର ପୃଷ୍ଟି ସହ ସେମାନଙ୍କ ଭେଟ କରାଉଥିଲେ ଓ ଆଶାୟୀଙ୍କଠାରୁ ଅଗ୍ରୀମ ଅର୍ଥ ଆଦାୟ କରୁଥିଲେ। ପ୍ରତି ବଦଳରେ ଆଦାୟ ଅର୍ଥର ୧୦% କମିଶନ ତାଙ୍କୁ ପ୍ରଦାନ କରାଯାଉଥିଲା।

# ଦୁଇ ପର୍ଯ୍ୟାୟରେ ବିହାର ନିର୍ବାଚନ

### ନଭେମ୍ବର ୬ ଓ ୧୧ରେ ଭୋଟ୍, ୧୪ରେ ଗଣତି

■ ନୂଆଦିଲ୍ଲୀ, ୬।୧୦(ଏଜେନ୍ସି): ବିହାରରେ ବିଧାନସଭା ନିର୍ବାଚନ ଲାଗି ନିର୍ବାଚନ କମିସନ ଆଜି ତାରିଖ ଘୋଷଣା କରିଛନ୍ତି। ଏହି ନିର୍ବାଚନ ଆସନ୍ତା ନଭେମ୍ବର ୬ ଏବଂ ୧୧ ତାରିଖରେ ଦୁଇଟି ପର୍ଯ୍ୟାୟରେ ଅନୁଷ୍ଠିତ ହେବ। ରାଜ୍ୟ ବିଧାନସଭାର ୨୪୩ ଆସନ ମଧ୍ୟରୁ ପ୍ରଥମ ପର୍ଯ୍ୟାୟରେ ୧୨୧ଟି ଆସନରେ ଏବଂ ଦ୍ୱିତୀୟ ପର୍ଯ୍ୟାୟରେ ଅବଶିଷ୍ଟ ୧୨୨ ଆସନରେ ଭୋଟ ଗ୍ରହଣ କରାଯିବ। ନଭେମ୍ବର ୧୪ ତାରିଖରେ ଭୋଟ ଗଣତି ସହ ଫଳାଫଳ ଘୋଷଣା କରାଯିବ। ବିହାର ବିଧାନସଭାର କାର୍ଯ୍ୟକାଳ ନଭେମ୍ବର ୨୨ ସମାପ୍ତ ହେଉଥିବାରୁ ନିର୍ବାଚନ ପ୍ରକ୍ରିୟା ୧୬ ତାରିଖ ସୁଦ୍ଧା ଶେଷ ହେବ। ତାରିଖ ଘୋଷଣା ସହିତ ରାଜ୍ୟରେ ଆଦର୍ଶ ଆଚରଣବିଧି ଲାଗୁ ହୋଇଯାଇଛି।

**ଲାଗୁହେଲା ଆଦର୍ଶ ଆଚରଣ ବିଧି**

ଆଜି ଏଠାରେ ଏକ ସାମ୍ବାଦିକ ସମ୍ମିଳନୀରେ ମୁଖ୍ୟ ନିର୍ବାଚନ କମିସନର ଜ୍ଞାନେଶ କୁମାର ନିର୍ବାଚନ ତାରିଖ ଘୋଷଣା କରି କହିଛନ୍ତି ଯେ ଭୋଟଦାନକୁ ସ୍ୱଚ୍ଛ ଓ ନିରପେକ୍ଷ କରିବା ଲାଗି ସବୁ ପ୍ରକାର ପଦକ୍ଷେପ ଗ୍ରହଣ କରାଯିବ। ସମସ୍ତ ମତଦାନ କେନ୍ଦ୍ରରେ ୱେବକାଷ୍ଟିଂ କରାଯିବ ଏବଂ ଇଭିଏମରେ ପ୍ରଥମ ଥର ଲାଗି ପ୍ରାର୍ଥୀମାନଙ୍କର ରଙ୍ଗିନ ଫଟୋ ରହିବ। ଶେଷ ପର୍ଯ୍ୟାୟ ମତଗଣନା ପୂର୍ବରୁ ପୋଷ୍ଟାଲ ଭୋଟ୍ ଗଣତି ▸ପୃଷ୍ଠା-୭

## ୧୧ରେ ନୂଆପଡ଼ା ଉପନିର୍ବାଚନ

■ ଭୁବନେଶ୍ୱର, ୬।୧୦ (ସମିସ): ନୂଆପଡ଼ା ବିଧାନସଭା ଉପନିର୍ବାଚନ ପାଇଁ ସୋମବାର କାର୍ଯ୍ୟସୂଚୀ ଘୋଷଣା ହୋଇଛି। ଆସନ୍ତା ନଭେମ୍ବର ୧୧ ତାରିଖରେ ନୂଆପଡ଼ାରେ ମତଦାନ

**ଆସନ୍ତା ୧୩ ତାରିଖରୁ ନାମାଙ୍କନ ଦାଖଲ**

**ମତଦାନ ନିମନ୍ତେ ୩୫୮ କେନ୍ଦ୍ର ପ୍ରସ୍ତୁତ**

**ସମସ୍ତ ବୁଥ୍‌ରେ ୱେବ୍ କାଷ୍ଟିଂ ବ୍ୟବସ୍ଥା**



ହେବ। ନଭେମ୍ବର ୧୪ ତାରିଖରେ ଭୋଟ ଗଣତି ସହିତ ଫଳାଫଳ ପ୍ରକାଶ ପାଇବ। ଏଥିପାଇଁ ଆସନ୍ତା ଅକ୍ଟୋବର ୧୩ ତାରିଖ ଠାରୁ ନାମାଙ୍କନପତ୍ର ଦାଖଲ ପ୍ରକ୍ରିୟା ଆରମ୍ଭ ହେବ। ଅକ୍ଟୋବର ୨୦ ତାରିଖକୁ ନାମାଙ୍କନପତ୍ର ଦାଖଲର ଶେଷ ତାରିଖ ରଖାଯାଇଥିବା ବେଳେ ଅକ୍ଟୋବର ୨୨ରେ ପ୍ରାର୍ଥିପତ୍ର ଯାଞ୍ଚ ହେବ। ଅକ୍ଟୋବର ୨୪ରେ ପ୍ରାର୍ଥିପତ୍ର ପ୍ରତ୍ୟାହାରର ଶେଷ ▸ପୃଷ୍ଠା-୭

## ସିଜେଆଇଙ୍କୁ ଜୋତା ଫିଙ୍ଗିଲେ ଆଇନଜୀବୀ

■ ନୂଆଦିଲ୍ଲୀ, ୬।୧୦ (ଏଜେନ୍ସି): ସୁପ୍ରିମକୋର୍ଟରେ ଆଜି ଏକ ଅଭାବନୀୟ ଘଟଣା ଦେଖିବାକୁ ମିଳିଛି। କୋର୍ଟ ରୁମ୍‌ରେ ଶୁଣାଣି ଚାଲିଥିବା ବେଳେ ପ୍ରଧାନ ବିଚାରପତି ଜଷ୍ଟିସ ବିଆର୍ ଗଭାଇଙ୍କ ଉପରେ ଆକ୍ରମଣ ଉଦ୍ୟମ କରିଛନ୍ତି ଜଣେ



ବୟସ୍କ ଓକିଲ। ରାକେଶ କିଶୋର ନାମକ ୭୧ ବର୍ଷୀୟ ଏହି ଓକିଲ ଜଷ୍ଟିସ ଗଭାଇଙ୍କ ଉପରକୁ ଜୋତା ଫିଙ୍ଗିଥିଲେ। ତେବେ ଏହି ଜୋତା ତାଙ୍କ ବେଞ୍ଚ୍ ପର୍ଯ୍ୟନ୍ତ ପହଞ୍ଚି ନଥିଲା। ଦାୟିତ୍ୱରେ ଥିବା ସୁରକ୍ଷାକର୍ମୀ ସମ୍ପୃକ୍ତ ଓକିଲଙ୍କୁ ତୁରନ୍ତ କାବୁ ▸ପୃଷ୍ଠା-୭

### ପୁଲିସ ଏସ୍‌ଆଇ ନିଯୁକ୍ତି ପରୀକ୍ଷା କେଲେଙ୍କାରୀ

# ଗର୍ଜିଲା ବିଜୁ ଯୁବ, ଛାତ୍ର ଜନତା ଦଳ




**ସିବିଆଇ ତଦନ୍ତ ପାଇଁ ଏତେ ଭୟ କାହିଁକି?**

- ଚାକିରି ବିକି ୨୦୦ କୋଟି ରୋଜଗାର
- ଘଟଣାରେ ବିଜେପି ନେତା ଓ ମନ୍ତ୍ରୀଙ୍କ ସମ୍ପୃକ୍ତି
- ଆଶାୟୀଙ୍କୁ ନ୍ୟାୟ ନ ମିଳିଲେ ତୀବ୍ର ଆନ୍ଦୋଳନ

■ ଭୁବନେଶ୍ୱର, ୬।୧୦ (ସମିସ): ପୁଲିସ ଏସ୍‌ଆଇ ନିଯୁକ୍ତି କେଲେଙ୍କାରୀ ଘଟଣାରେ ଆଶାୟୀଙ୍କୁ ନ୍ୟାୟ ଦାବି ସହ ଅନିୟମିତତା ବିରୋଧରେ ସୋମବାର ଗର୍ଜିଛି ବିଜୁ ଯୁବ, ଛାତ୍ର ଜନତା ଦଳ। ଦଳ ପକ୍ଷରୁ ମାଷ୍ଟର କ୍ୟାଣ୍ଟିନଠାରେ ବିକ୍ଷୋଭ ପ୍ରଦର୍ଶନ ସହ ଜୋରଦାର ପ୍ରତିବାଦ କରାଯାଇଛି। ଘଟଣାର ସିବିଆଇ ତଦନ୍ତ ନିର୍ଦ୍ଦେଶ ଦିଆ ନ ଗଲେ, ଆଗକୁ ଜୋର୍‌ଦାର୍ ଆନ୍ଦୋଳନ କରାଯିବ ବୋଲି ଯୁବ, ଛାତ୍ର ନେତାମାନେ ଚେତାବନୀ ଦେଇଛନ୍ତି।

ସୋମବାର ଯୁବ, ଛାତ୍ର ଜନତା ଦଳର ବହୁ ସଂଖ୍ୟକ କର୍ମୀ ଏହି ଏସ୍‌ଆଇ ନିଯୁକ୍ତି କେଲେଙ୍କାରୀ ବିରୋଧରେ ମାଷ୍ଟରକ୍ୟାଣ୍ଟିନ ଛକଠାରେ ଏକତ୍ରିତ ହୋଇଥିଲେ। ସରକାରଙ୍କ ବିରୋଧରେ ସେମାନେ ନାରାବାଜି କରିବା ସହ ମାଷ୍ଟରକ୍ୟାଣ୍ଟିନ ଛକଠାରୁ ବିଧାନସଭା ଆଡ଼କୁ ମାଡ଼ି ଆସିଥିଲେ। ପୁଲିସ ସେମାନଙ୍କୁ ଅଟକାଇବାକୁ ପ୍ରୟାସ କରିବା ବେଳେ ଧସ୍ତାଧସ୍ତି ହୋଇଥିଲା। ଦଳର ଏହି ଦୁଇ ଛାମୁଆ ସଂଗଠନର ଅଭିଯୋଗ ଅନୁଯାୟୀ, ବିଜେପି ଶାସନରେ ମହିଳା ଓ ଶିଶୁଙ୍କ ବିରୋଧରେ ଅପରାଧ ଅହେତୁକ ବୃଦ୍ଧି ପାଇ ଓଡ଼ିଶା ଜାତୀୟ ଓ ଅନ୍ତର୍ଜାତୀୟ ସ୍ତରରେ ନିନ୍ଦିତ ଓ ଲଜ୍ଜିତ ହୋଇଥିବା ବେଳେ ଏବେ ସରକାରୀ ଚାକିରି ବିକ୍ରି ଭଳି ସାଂଘାତିକ ଅଭିଯୋଗ ସାମ୍ନାକୁ ଆସିଛି। ଗତ ୧୫ ମାସରେ ୧୬ଟି ନିଯୁକ୍ତି ପରୀକ୍ଷା ଶେଷ ମୁହୂର୍ତ୍ତରେ ବାତିଲ ହୋଇଛି, ଯାହା ଯୋଗୁଁ ଆଶାୟୀମାନେ ହତାଶ ହୋଇଛନ୍ତି। ପୁଲିସ ଏସ୍‌ଆଇ ପଦ ପାଇଁ ଚଳିତ ବର୍ଷ ମାର୍ଚ୍ଚ ୮ ଓ ୯ରେ ହେବାକୁ ଥିବା ଲିଖିତ ପରୀକ୍ଷାକୁ ମଧ ଶେଷ ମୁହୂର୍ତ୍ତରେ ବାତିଲ କରାଯାଇଥିଲା। ଏହାକୁ ଅକ୍ଟୋବର ୭ ଓ ୮ରେ କରିବା ପାଇଁ ସ୍ଥିର କରାଯାଇଥିଲା, ଯାହାକୁ ୩୦ ସେପ୍ଟେମ୍ବର ଦିନ ଆଉଥରେ ବାତିଲ ▸ପୃଷ୍ଠା-୭






**ରାଜ୍ୟ ଅଶାନ୍ତ**

# ଦିନକରେ ଗଡ଼ିଲା ୫ ମୁଣ୍ଡ

## ବିଜେପି ନେତାଙ୍କୁ ଗୁଳିକରି ହତ୍ୟା

■ ବ୍ରହ୍ମପୁର,୬।୧୦(ସମିସ): ରାଜ୍ୟରେ ସୀମା ଟପିଛି ଅରାଜକତା। ପ୍ରତିଦିନ ହତ୍ୟା, ଦୁଷ୍କର୍ମ, ଗଣଦୁଷ୍କର୍ମ ଘଟଣା ରାଜ୍ୟବାସୀଙ୍କ ମନରେ ଭୟ ସଞ୍ଚାର କରିଛି। ଭସାଣି ଗଣ୍ଡଗୋଳକୁ ନେଇ ଅଶାନ୍ତ କଟକରେ କର୍ଫ୍ୟୁ ଲାଗୁ ସହ ଇଣ୍ଟରନେଟ ସେବା ବନ୍ଦ ରହିଛି। ଅନ୍ୟପକ୍ଷରେ ଗଞ୍ଜାମ ଜିଲ୍ଲାରେ ଗୋଟିଏ ଦିନରେ ଗଡ଼ିଛି ୩ ମୁଣ୍ଡ। ଖୋଦ ଖଣିମନ୍ତ୍ରୀଙ୍କ ସହଯୋଗୀ କୁହାଯାଉଥିବା ଜଣେ ଆଇନଜୀବୀଙ୍କୁ କିଛି ଦୁର୍ବୃତ୍ତ ଗୁଳିକରି ହତ୍ୟା କରିଛନ୍ତି। ମୃତ ଆଇନଜୀବୀଙ୍କ ନାମ ପୀତବାସ ପଣ୍ଡା ଓ ଘଟଣାଟି ସହରର ମଧଭାଗରେ



(ଫାଇଲ ଫଟୋ)
ଆଇନଜୀବୀ ପୀତବାସ ପଣ୍ଡା

ବୈଦ୍ୟନାଥପୁର ଥାନା ଅଧୀନସ୍ଥ ବୈକୁଣ୍ଠନଗର ଅଞ୍ଚଳରେ ଘଟିଛି। ଗୁଳିମାଡ଼ ପରେ ତୁରନ୍ତ ବ୍ରହ୍ମପୁର ବଡ଼ ଡ଼ାକ୍ତରଖାନାକୁ ସ୍ଥାନାନ୍ତର କରାଯାଇଥିଲେ ହେଁ ଡ଼ାକ୍ତରମାନେ ତାଙ୍କୁ ମୃତ ଘୋଷଣା କରିଛନ୍ତି। ଏହି ଘଟଣାକୁ ନେଇ ସହରରେ ଉତ୍ତେଜନା ସୃଷ୍ଟି ହୋଇଛି। ଖୋଦ ଶାସକ ଦଳର ନେତା ଓ ଖଣିମନ୍ତ୍ରୀଙ୍କ ସହଯୋଗୀଙ୍କୁ ହତ୍ୟା ପରେ ସହରବାସୀ ଆତଙ୍କିତ ଅବସ୍ଥାରେ ଅଛନ୍ତି।

ସୋମବାର ରାତି ପ୍ରାୟ ୧୦ଟା ସମୟରେ ନିଜ ବାସଭବନକୁ ଫେରିବା ବେଳେ ପୂର୍ବରୁ ଅପେକ୍ଷା କରିଥିବା ଦୁଇଜଣ ▸ପୃଷ୍ଠା-୭



**ଭଞ୍ଜନଗର:** ପୂର୍ବତନ ପଞ୍ଚାୟତ ସମ୍ପାଦକଙ୍କୁ ହତ୍ୟା

**ଧରାକୋଟ:** ପୂର୍ବ ଶତ୍ରୁତାରୁ ଛୁରାମାଡ଼; ଆଖିବୁଜିଲେ ଯୁବକ

**ଟିର୍ଟୋଲ:** ଗାଁ ଦାଣ୍ଡରେ ଯୁବକଙ୍କୁ ଖଣ୍ଡାରେ ହାଣି ହତ୍ୟା

**ଲାଞ୍ଜିଗଡ଼:** ପାଞ୍ଚ ବର୍ଷର ଶିଶୁକୁ ପଥରରେ ଛେଚି ହତ୍ୟା

→ ପୃଷ୍ଠା-୩

## ଘଣ୍ଟାଏ ଭିତରେ ଯେକୌଣସି ସ୍ଥାନକୁ ହେବ ଡେଲିଭରି

ୱାସିଂଟନ, ୬।୧୦ (ଏଜେନ୍ସି): ଆମେରିକାରୁ ଏକ ଆଶ୍ଚର୍ଯ୍ୟଜନକ ଖବର ସାମ୍ନାକୁ ଆସିଛି। ଏଠାକାର ଏକ ଏରୋସ୍ପେସ ତଥା ଡିଫେନ୍ସ କମ୍ପାନୀ 'ଇନଭର୍ଜନ' ବିଶ୍ୱର ଏଭଳି ଏକ ପ୍ରଥମ ମହାକାଶ ଯାନ ପ୍ରସ୍ତୁତ କରି, ଯାହା ମାଧ୍ୟମରେ ପୃଥିବୀର ନିମ୍ନ କକ୍ଷରୁ ଯେକୌଣସି ସ୍ଥାନକୁ ଘଣ୍ଟାଏରୁ କମ୍ ସମୟ ମଧ୍ୟରେ ସାମଗ୍ରୀ ପହଞ୍ଚାଇ ହେବ। ଏହି ଯାନ ୨୨୭ କେଜି ଓଜନ ପର୍ଯ୍ୟନ୍ତ ଭାର ତଥା ଜରୁରୀ ସାମଗ୍ରୀ ନେଇପାରିବ। ଏହି ଯାନର ନାମ 'ଆର୍କ' ରଖାଯାଇଛି। କମ୍ପାନୀ ଏକ କାର୍ଯ୍ୟକ୍ରମରେ ଏହି ଯାନ ଲଞ୍ଚ୍ କରିଛି।



ଇନଭର୍ଜନର ସହ-ପ୍ରତିଷ୍ଠାତା ଜଷ୍ଟିସ ଫିୟାସ୍କେଟି ଏବଂ ଅଷ୍ଟିନ ବ୍ରିଗ୍ସ କହିଛନ୍ତି ଯେ ଏହା ଏକ ନୂଆ ଲଜିଷ୍ଟିକ ପ୍ଲାଟଫର୍ମ। ଏହା ମହାକାଶରେ ଏକ ନେଟୱର୍କ ପ୍ରସ୍ତୁତ କରି ପୃଥିବୀକୁ ପୂର୍ବାପେକ୍ଷା ଅଧିକ ସୁଗମ (ଆକ୍ସେସେବୁଲ) କରିବ। ଏହି ଯାନ ଘଣ୍ଟା ପ୍ରତି ୨୪, ୭୦୦ କିମି ବେଗରେ ଗତି କରିବ। ମହାକାଶ ଯାନ ତୁଳନାରେ ଏହା ବହୁତ କ୍ଷୁଦ୍ର। ଏହି ଯାନର ଉଚ୍ଚତା ୮ ଫୁଟ ଏବଂ ଓସାର ୪ ଫୁଟ।

ମହାକାଶରେ ପୁଣିଥରେ ପହଞ୍ଚିବା ପରେ ଆର୍କ ନିଜକୁ ନିୟନ୍ତ୍ରଣ କରିପାରିବ। ଏହା ପାରାଚୁଟ ମାଧ୍ୟମରେ ବିନା ରନୱେରେ ଅବତରଣ ମଧ୍ୟ କରିବାରେ ସକ୍ଷମ। ସାମଗ୍ରୀ ପହଞ୍ଚାଇବା ପାଇଁ ଡିଜାଇନ କରାଯାଇଥିବାରୁ ଏହା ମନୁଷ୍ୟକୁ ନେଇ ଯାଉଥିବା ଯାନ ତୁଳନାରେ ଶସ୍ତା। ଆର୍କ ପୁନଃବ୍ୟବହାରକ୍ଷମ ଏବଂ ସଠିକ ଭାବେ ଅବତରଣ କରିପାରିବ। ଏବେ ସୁଦ୍ଧା ଏହି ଯାନର ଅନେକ ପରୀକ୍ଷଣ ସଫଳ ହେଲାଣି। ଆର୍କକୁ ପୃଥିବୀ କକ୍ଷରେ ରଖାଯିବ। ଏହା ୫ ବର୍ଷ ପର୍ଯ୍ୟନ୍ତ କାର୍ଯ୍ୟ କରିପାରିବ। ଆବଶ୍ୟକ ପଡ଼ିଲେ ପୃଥିବୀର ଗୋଟିଏ ସ୍ଥାନରୁ ଅନ୍ୟ ସ୍ଥାନକୁ ଘଣ୍ଟାଏ ମଧ୍ୟରେ ସାମଗ୍ରୀ ପହଞ୍ଚାଇବ।

## ପାକିସ୍ତାନକୁ ଜେଏଫ୍-୧୭ ଜେଟ୍ ଇଞ୍ଜିନ୍ ବିକ୍ରି କରିବ ରୁଷ୍

ନୂଆଦିଲ୍ଲୀ,୬।୧୦(ଏଜେନ୍ସି): ରୁଷିଆ ପାକିସ୍ତାନକୁ ଜେଏଫ୍-୧୭ ଜେଟ୍ ଇଞ୍ଜିନ୍ ବିକ୍ରି କରିବାକୁ ଯାଉଛି। ଏହାକୁ ନେଇ ଭାରତ ସରକାରଙ୍କୁ ବିରୋଧୀ ଦଳଗୁଡିକ ସମାଲୋଚନା କରୁଛନ୍ତି। ବିଦେଶ ନୀତି ଉପରେ ପ୍ରଶ୍ନ ଉଠାଉଛନ୍ତି। ତେବେ ଏହି ଚୁକ୍ତି ଭାରତକୁ ପରୋକ୍ଷରେ ଫାଇଦା ପହଞ୍ଚାଇବ ବୋଲି ରୁଷିଆର ପ୍ରତିରକ୍ଷା ବିଶେଷଜ୍ଞ ପିଓଟର ଟୋପିଚକାନୋଭ କହିଛନ୍ତି। ଜେଏଫ୍-୧୭ରେ ବ୍ୟବହାର ପାଇଁ ଆରଡି-୯୩ ଇଞ୍ଜିନ୍ ରୁଷିଆ ପାକିସ୍ତାନକୁ ଦେବ। କିନ୍ତୁ ଏହା ଭାରତକୁ ଫାଇଦା ପହଞ୍ଚାଇବା ନେଇ ଟୋପିଚକାନୋଭ ଦୁଇଟି ତର୍କ ଦେଇଛନ୍ତି। ପ୍ରଥମଟି ହେଲା ଚୀନ୍ ଓ ପାକିସ୍ତାନ ସାଥି ହୋଇ ରୁଷୀୟ ଇଞ୍ଜିନର ବିକଳ୍ପ ପ୍ରସ୍ତୁତି କରିପାରିବେ ନାହିଁ। ଏଥିପାଇଁ ପାକିସ୍ତାନ ଚୀନ୍‌ର ଲଢୁଆ ବିମାନ ପାଇଁ ରୁଷ ଇଞ୍ଜିନ କ୍ରୟ କରୁଛି। ଦ୍ୱିତୀୟଟି ହେଲା ଅପରେସନ ସିନ୍ଦୂର ଚାଲିଥିବା ବେଳେ ପାକିସ୍ତାନ ଚୀନର ଜେଏଫ୍-୧୭ ବିମାନର ବହୁଳ ବ୍ୟବହାର କରିଥିଲା। ଏପରିସ୍ଥଳେ ଯଦି, ପାକିସ୍ତାନ ତା'ର ଫାଇଟର ଜେଟ୍‌ରେ ରୁଷର ଇଞ୍ଜିନ ବ୍ୟବହାର କରେ ତେବେ ଭାରତ ଏହି ବିମାନର କାର୍ଯ୍ୟକଳାପ ଓ ଉଡାଣ ସମ୍ପର୍କରେ ଅତି ସହଜରେ ଅବଗତ ହେବ। ତେଣୁ ପାକିସ୍ତାନ କୌଣସି ବଡ଼ ଧରଣର କାଣ୍ଡ ଘଟାଇବା ପୂର୍ବରୁ ଭାରତ ଆଗୁଆ ଜାଣିପାରିବ ବୋଲି ଟୋପିଚକାନୋଭ କହିଛନ୍ତି। ପୁଣି ଆରଡି- ୯୩ ଇଞ୍ଜିନ ସମ୍ପୂର୍ଣ୍ଣ ଭାବେ ବ୍ୟବସାୟିକ ହେବ ଓ ଏଥିରେ ପାକିସ୍ତାନ ସହ କୌଣସି ବୈଷୟିକ ନେଣଦେଣ ହେବନି ବୋଲି ରୁଷିଆ ଭାରତକୁ ପ୍ରତିଶ୍ରୁତି ଦେଇଛି।



## ଆମେରିକାରେ ଭାରତୀୟ ମ୍ୟାନେଜରଙ୍କୁ ହତ୍ୟା

ପେନସିଲଭାନିଆ,୬।୧୦(ଏଜେନ୍ସି): ଆମେରିକାର ଆଉ ଜଣେ ଭାରତୀୟଙ୍କୁ ହତ୍ୟା କରାଯାଇଛି। ପିଟ୍‌ସବର୍ଗରେ ଜଣେ ଭାରତୀୟ ବଂଶୋଦ୍ଭବ ମୋଟେଲ ମ୍ୟାନେଜର ୫୧ ବର୍ଷୀୟ ରାକେଶ ଏହାଗାବାନଙ୍କୁ ଅତି ନିକଟରୁ ଗୁଳିକରି ହତ୍ୟା କରାଯାଇଛି। ସେ ରବିନସନ ଟାଉନସିପ୍‌ର ପିଟସବର୍ଗ ମୋଟେଲ ପରିଚାଳନା କରୁଥିଲେ। ଶୁକ୍ରବାର ଦ୍ୱିପହରରେ ଏହି ଘଟଣା ଘଟିଥିଲା। ମୋଟେଲର ପାର୍କିଂ ଏରିଆରେ ବିବାଦ ପରେ ହଙ୍ଗାମା ହୋଇଥିଲା। ଏହାକୁ ଶୁଣି ରାକେଶ ବାହାରକୁ ଆସିଥିଲେ। ଦୁଇଜଣ ଲୋକ ପରସ୍ପର ମଧ୍ୟରେ ଝଗଡ଼ା କରୁଥିବା ବେଳେ ରାକେଶ ଦୁହିଁଙ୍କୁ ସେଥିରୁ ନିବୃତ କରିବାକୁ ପ୍ରୟାସ କରିଥିଲେ। କିନ୍ତୁ ଫଳ ଓଲଟା ହୋଇଥିଲା। ୩୭ ବର୍ଷୀୟ ଷ୍ଟେନଲି ୟୁଗେନ୍ ରାକେଶଙ୍କ ମୁଣ୍ଡକୁ ଲକ୍ଷ୍ୟ କରି ଗୁଳି ମାରିଥିଲେ। ଫଳରେ ସେ ଘଟଣାସ୍ଥଳରେ ହିଁ ମୃତ୍ୟୁବରଣ କରିଥିଲେ।

## ଆମେରିକାରେ ମୁହାଁମୁହିଁ, ହଜାରେରୁ ଊର୍ଦ୍ଧ୍ୱ ଗିରଫ

ୱାସିଂଟନ, ୬।୧୦ (ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ରବିବାର ଇଲିନାୟ ରାଜ୍ୟର ଚିକାଗୋରେ ଅପରାଧ ବୃଦ୍ଧି ଏବଂ ବିକ୍ଷୋଭକୁ ଦେଖି ୩୦୦ ନ୍ୟାସନାଲ ଗାର୍ଡ୍ସ ମୁତୟନ କରିଛନ୍ତି। ଏହାକୁ ନେଇ ଅନେକ ସ୍ଥାନରେ ନ୍ୟାସନାଲ ଗାର୍ଡ୍ସ ଏବଂ ବିକ୍ଷୋଭକାରୀଙ୍କ ମଧ୍ୟରେ ସଂଘର୍ଷ ହୋଇଛି। ଏହି ମାମଲାରେ ହଜାରେରୁ ଊର୍ଦ୍ଧ୍ୱ ପ୍ରଦର୍ଶନକାରୀଙ୍କୁ ଗିରଫ କରାଯାଇଛି। ହୋମଲାଣ୍ଡ ସିକ୍ୟୁରିଟି ଡିପାର୍ଟମେଣ୍ଟ (ଡିଏଚଏସ)ର ଅପରେସନ ମିଡୱେ ବ୍ଲିଟଜ୍ ଅଧିନରେ ଏହି କାର୍ଯ୍ୟାନୁଷ୍ଠାନ ନିଆଯାଇଛି। ଗତ ସେପ୍ଟେମ୍ବରରେ ଏହି ଅଭିଯାନ ଆରମ୍ଭ ହୋଇଥିଲା। ଏହା ଅଧିନରେ ଅପରାଧି ଏବଂ ବେଆଇନ ପ୍ରବାସୀଙ୍କୁ ଗିରଫ କରାଯାଇଛି।

## ୧୪ ବର୍ଷ ପରେ ସିରିଆରେ ନିର୍ବାଚନ

ଦାମାସକସ୍,୬।୧୦(ଏଜେନ୍ସି): ପ୍ରାୟ ୧୪ ବର୍ଷ ପରେ ମଧ୍ୟପ୍ରାଚ୍ୟ ଦେଶ ସିରିଆରେ ସଂସଦୀୟ ନିର୍ବାଚନ ଅନୁଷ୍ଠିତ ହୋଇଛି। ରବିବାର ସକାଳେ ରାଜଧାନୀ ଦାମାସକସ୍‌ରେ ମତଦାନ ପ୍ରକ୍ରିୟା ଆରମ୍ଭ ହୋଇଥିଲା। ବସର ଅଲ- ଅସଦଙ୍କ ଏକଛତ୍ରବାଦୀ ଶାସନରେ ଦୀର୍ଘ ୧୩ ବର୍ଷର ଗୃହଯୁଦ୍ଧ ବିଭୀଷିକାରେ ଏହି ସିରିଆ ବିପର୍ଯ୍ୟସ୍ତ ହୋଇପଡିଥିଲା। ଗତ ଡିସେମ୍ବରରେ ଅନ୍ତରୀଣ ରାଷ୍ଟ୍ରପତି ଭାବେ ଅହମ୍ମଦ ଅଲ-ଶରା ଶାସନଭାର ହାତକୁ ନେବା ପରେ ନିର୍ବାଚନ କରାଇବାକୁ ପ୍ରତିଶ୍ରୁତି ଦେଇଥିଲେ। ଶେଷରେ ସେ ଏହାକୁ କାର୍ଯ୍ୟକାରୀ କରିଛନ୍ତି। ଫଳରେ ସିରିଆରେ ଗଣତନ୍ତ୍ରର ଏକ ନୂଆଯୁଗ ଆରମ୍ଭ ହୋଇଥିବା କୁହାଯାଉଛି। ଏହି ନିର୍ବାଚନରେ ଅଲ-ସରା ବିଜୟୀ ହେବା ଏକପ୍ରକାର ନିଶ୍ଚିତ। ତେବେ ଜନସାଧାରଣ ଓ ରାଜନୈତିକ ଦଳଗୁଡିକୁ ଦୂରେଇ ରଖାଯିବାରୁ ଏହି ନିର୍ବାଚନକୁ ସମାଲୋଚନା କରାଯାଉଛି।

## ପିଏମ୍‌ଓ ଅଭିଯୋଗରେ ଜାଲ୍ ଅଧିକାରୀ ବିରୋଧରେ ଏତଲା ରୁଜୁକଲା ସିବିଆଇ

ନୂଆଦିଲ୍ଲୀ, ୧୦।୬ (ଏଜେନ୍ସି): ପ୍ରଧାନମନ୍ତ୍ରୀଙ୍କ କାର୍ଯ୍ୟାଳୟ (ପିଏମଓ)ର ଅଭିଯୋଗ କ୍ରମେ ସିବିଆଇ ଡ. ପି ରାମାରାଓଙ୍କ ବିରୋଧରେ ଏତଲା ରୁଜୁ କରିଛି। ସେ ନିଜକୁ ପିଏମ୍‌ଓର ବରିଷ୍ଠ ଅଧିକାରୀ ଦର୍ଶାଇ ତିରୁପତି ମନ୍ଦିରର 'ସୁପ୍ରଭାତ ଦର୍ଶନ' ଏବଂ ପୁନେର ସିମ୍ବୋସିସ୍ ୟୁନିଭର୍ସିଟିରେ ଜଣେ ପିଲାର ନାମ ଲେଖାଇବାକୁ ଉଦ୍ୟମ କରିଥିଲେ। ଏହା ସହିତ ମହୀଶୁର ତହସିଲଦାରଙ୍କୁ ଫୋନ କରି ଜଣେ ବ୍ୟକ୍ତିଙ୍କୁ ଜମି କାଗଜପତ୍ର ପ୍ରଦାନ କରିବାକୁ କହିଥିଲା। ପିଏମ୍‌ଓର ସହାୟକ ନିର୍ଦ୍ଦେଶକ ଅନିଲ ଶର୍ମାଙ୍କ ଅଭିଯୋଗ କ୍ରମେ ସିବିଆଇ ଗତ ଦୁଇ ତାରିଖରେ ଏହି ଏତଲା ରୁଜୁ କରିଥିଲା।

# ଜୟପୁର ହସ୍ପିଟାଲରେ ନିଆଁ

## ଅବହେଳାରୁ ଜୀବନ ହରାଇଲେ ୮ ରୋଗୀ

ଜୟପୁର,୬।୧୦(ଏଜେନ୍ସି): ଜୀବନ ବଞ୍ଚାଉ ଥିବା ଡାକ୍ତରଖାନାରେ ମୃତଦେହ ଗଦା ହୋଇଯାଇଛି। ରାଜସ୍ଥାନ ଜୟପୁରସ୍ଥିତ ସବାଇ ମାନସିଂ (ଏସ୍‌ଏମ୍‌ଏସ୍) ହସ୍ପିଟାଲରେ ଏଭଳି ହୋଇଛି। ଟ୍ରମା ସେଣ୍ଟରର ନ୍ୟୁରୋ ଆଇସିୟୁ ୱାର୍ଡରେ ରବିବାରରାତି ୧୧ଟା୨୦ରେ ନିଆଁ ଲାଗି ୩ ମହିଳାଙ୍କ ସମେତ ୮ ଜଣ ରୋଗୀ ମୃତ୍ୟୁବରଣ କରିଛନ୍ତି। ଏହାକୁ ନେଇ ହସ୍ପିଟାଲରେ ଆତଙ୍କ ଖେଳିଯାଇଥିଲା। ଧାଁଦୌଡ଼ ଭିତରେ ଅନ୍ୟମାନଙ୍କୁ ଉଦ୍ଧାର କରାଯାଇଥିଲା। ଏଠାରେ କାଗଜ, ଆଇସିୟୁରେ ବ୍ୟବହାର ହେଉଥିବା ଜିନିଷ ଓ ବ୍ଲଡ୍ ସାମ୍ପୁଲର ଟ୍ୟୁବ ଥିଲା। ସର୍ଟ ସାର୍କିଟ ଯୋଗୁ ନିଆଁ ଲାଗିଛି ବୋଲି କୁହାଯାଉଛି। ଘଟଣା ବେଳେ ଆଇସିୟୁରେ ୧୧ ଜଣ ରୋଗୀ ଥିଲେ। ନିକଟରେ ଥିବା ଅନ୍ୟଏକ ଆଇସିୟୁରେ ୧୩ ଜଣ ରୋଗୀ ମଧ୍ୟ ଥିଲେ। ଏହି ଅଗ୍ନିକାଣ୍ଡର ଯାଞ୍ଚ ପାଇଁ ରାଜ୍ୟ ସରକାର ଏକ ୬ ସଦସ୍ୟ ବିଶିଷ୍ଟ କମିଟି ଗଠନ କରିଛନ୍ତି। ଏଫ୍‌ଏସ୍‌ଏଲ୍ ଟିମ୍ ଘଟଣାସ୍ଥଳରେ ପହଞ୍ଚି ପ୍ରମାଣ ସଂଗ୍ରହ କରୁଛି। ତେବେ ନିଆଁ ଲାଗିବାର ୨୦ ମିନିଟ ପୂର୍ବରୁ ଧୂଆଁ ଉଠିଥିଲା। ଏ ନେଇ ହସ୍ପିଟାଲ କର୍ମଚାରୀଙ୍କୁ ଅବଗତ କରାଯାଇଥିଲେ ମଧ୍ୟ କେହି ଏହାକୁ ଗୁରୁତ୍ୱ ଦେଇ ନଥିଲେ। ଏହି ଘଟଣା ପାଇଁ ଟ୍ରମା ସେଣ୍ଟର ଇନ୍‌ଚାର୍ଜଙ୍କଠାରୁ ନେଇ ସ୍ୱାସ୍ଥ୍ୟମନ୍ତ୍ରୀଙ୍କ ସମେତ ୯ ଜଣଙ୍କୁ ଦାୟୀ କରାଯାଉଛି। ଏମାନଙ୍କର ଅବହେଳା ଲାଗି ରୋଗୀଙ୍କ ଜୀବନ ଗଲା ବୋଲି କୁହାଯାଉଛି। ରାଜ୍ୟ ସଚିବାଳୟ ହସ୍ପିଟାଲରୁ କିଛି କିମି ଦୂରରେ ଥିଲେ ମଧ୍ୟ ଅଧିକାରୀଙ୍କଠାର ମନ୍ତ୍ରୀଙ୍କ ପର୍ଯ୍ୟନ୍ତ ଯଦି ସମସ୍ତେ ନିଜ ଦାୟିତ୍ୱ ପାଳନ କରିଥାନ୍ତେ ତେବେ ଏପରି ହୋଇ ନ ଥାଆନ୍ତା।



ନିଆଁ ଲାଗିବାର ସୂଚନା ମିଳିବା ମାତ୍ରେ ଦମକଳ ବାହିନୀ ଘଟଣାସ୍ଥଳରେ ପହଞ୍ଚିଥିଲା। କିନ୍ତୁ ଭିତରକୁ ଯିବାର କୌଣସି ରାସ୍ତା ନ ଥିବାରୁ ଝରକା କାଚ କାଢ଼ି ପାଣି ସ୍ପ୍ରେ କରାଯାଇଥିଲା। ଏହାର ଏକରୁ ଦେଢ଼ ଘଣ୍ଟା ପରେ ନିଆଁକୁ ଆୟତ୍ତ କରାଯାଇଥିଲା। ସବୁ ରୋଗୀଙ୍କୁ ଶଯ୍ୟା ସମେତ ବାହାରକୁ ବାହାର କରଯାଇଥିଲା।



## ମେଡିସିନ୍‌ରେ ତିନି ବୈଜ୍ଞାନିକଙ୍କୁ ମିଳିଲା ନୋବେଲ

### ଇମ୍ୟୁନୋ ସେଲ୍‌ର ଆକ୍ରମଣକୁ ପ୍ରତିହତ କରୁଥିବା 'ଟି' କୋଷିକାର ସନ୍ଧାନ କରିଥିଲେ

ଷ୍ଟକ୍‌ହୋମ, ୬।୧୦ (ଏଜେନ୍ସି): ଚଳିତ ବର୍ଷ ପାଇଁ ନୋବେଲ ପୁରସ୍କାର ଘୋଷଣା ଆରମ୍ଭ ହୋଇଛି। ନୋବେଲ ସପ୍ତାହର ପ୍ରଥମ ଦିନରେ ସୋମବାର ମେଡିସିନ ତଥା ଫିଜିଓଲୋଜି ପାଇଁ ବିଜେତାଙ୍କ ନାମ ଘୋଷଣା କରାଯାଇଛି। ପେରିଫେରିଆଲ ଇମ୍ୟୁନୋ ଟଲେରାନ୍ସ କ୍ଷେତ୍ରରେ କରିଥିବା ଉଦ୍ଭାବନା ପାଇଁ ବୈଜ୍ଞାନିକ ମେରି ଇ ବ୍ରନକୋ, ଫ୍ରେଡ ରାମ୍ସଡେଲ ଏବଂ ସିମନ ସାକାଗୁଚାଙ୍କୁ ଚଳିତ ବର୍ଷ ପାଇଁ ନୋବେଲ ଦିଆଯିବ। ସ୍ୱିଡେନର କାରୋଲିନସ୍କା ଇନଷ୍ଟିଚ୍ୟୁଟ ମେଡିକାଲ ୟୁନିଭର୍ସିଟିର ନୋବେଲ ଆସେମ୍ବ୍ଲି ପକ୍ଷରୁ ଏହି ବିଜେତାଙ୍କୁ ବଛା ଯାଇଛି। ଏହି ବୈଜ୍ଞାନିକଙ୍କୁ ପୁରସ୍କାର ବାବଦକୁ ୧୧ ନିୟୁତ ସ୍ୱେଡିଶ କ୍ରାଉନ ତଥା ୧.୨ ନିୟୁତ ଡଲାର ସହିତ ସ୍ୱର୍ଣ୍ଣ ମୁଦ୍ରା ପ୍ରଦାନ କରାଯିବ।

ଭୁଲ୍‌ରେ ବି ଅଙ୍ଗପ୍ରତ୍ୟଙ୍ଗ ଉପରେ ଆକ୍ରମଣ ନ କରିବା ପାଇଁ ଶରୀରର ଶକ୍ତିଶାଳୀ ଇମ୍ୟୁନୋ ସିଷ୍ଟମକୁ କେଉଁ ଭଳି ଭାବେ ନିୟନ୍ତ୍ରଣ କରାଯାଏ ତାହାର ସନ୍ଧାନ ଏହି ବୈଜ୍ଞାନିକମାନେ କରିଥିଲେ। ଆମ ଶରୀରର ଇମ୍ୟୁନୋ ସିଷ୍ଟମ ତଥା ରୋଗ ପ୍ରତିରୋଧୀ ବ୍ୟବସ୍ଥା ପ୍ରତି ଦିନ ଲକ୍ଷାଧିକ ସୂକ୍ଷ୍ମଜୀବନଙ୍କଠାରୁ ଶରୀରକୁ ସୁରକ୍ଷା ଦେଇଥାଏ। ଏହି ସବୁ ସୂକ୍ଷ୍ମ ଜୀବନ ଅଲଗା ଅଲଗା ଦେଖାଯାଆନ୍ତି। ଅନେକ ଜୀବନ ନିଜକୁ ମାନବ କୋଷିକା ଭଳି ଦେଖାଇବାର କ୍ଷମତାକୁ ବିକଶିତ କରିନେଇଛନ୍ତି। ଏହା ଦ୍ୱାରା କାହା ଉପରେ ଆକ୍ରମଣ କରାଯିବ ଏବଂ କାହାକୁ ସୁରକ୍ଷା ଦିଆଯିବ ତାହା ଚିହ୍ନଟ କରିବା ଇମ୍ୟୁନୋ ସିଷ୍ଟମ ପାଇଁ କଷ୍ଟସାଧ ହୋଇଯାଇଥାଏ। ଆମେରିକା ସିଟେଲ ସ୍ଥିତ 'ଇନଷ୍ଟିଚ୍ୟୁଟ୍ସ ଫର ସିଷ୍ଟମ ବାୟୋଲୋଜି'ରେ କାର୍ଯ୍ୟରତ ମେରି, ସାନ୍ ଫ୍ରାନ୍‌ସିସିକୋର ସୋନୋମା ବାୟୋଥେରେପ୍ୟୁଟିକ୍ସ ରାମ୍ସଡେଲ ଏବଂ ଜାପାନର ଓସାକା ୟୁନିଭର୍ସିଟିର ସାକାଗୁଚାଙ୍କୁ ଇମ୍ୟୁନୋ ସିଷ୍ଟମର ସୁରକ୍ଷାଗାର୍ଡ ତଥା ରେଗୁଲେଟରି ଟି-ସେଲ୍ସର ଚିହ୍ନଟ କରିଥିଲେ। ଇମ୍ୟୁନୋ ସେଲ୍ ଶରୀର ଉପରେ ଆକ୍ରମଣ ନ କରିବା ପାଇଁ ଏଗୁଡିକ ସୁନିଶ୍ଚିତ କରିଥାନ୍ତି। ଏହି ଅନୁସନ୍ଧାନ ଗବେଷଣା କ୍ଷେତ୍ରକୁ ନୂଆ ଦିଗ ଦେଇଛି। କର୍କଟ ଏବଂ ଅଟୋଇମ୍ୟୁନୋ ରୋଗର ଚିକିତ୍ସା ଖୋଜା ଯାଉଛି। ଏହା ଦ୍ୱାରା ଅଙ୍ଗପ୍ରତିରୋପଣରେ ମଧ୍ୟ ସହାୟତା ମିଳୁଛି। ଏହା ବ୍ୟତୀତ ଅନେକ ଚିକିତ୍ସା ଏବେ କ୍ଲିନିକାଲ ଟ୍ରାଏଲ ଦେଇ ଗତି କରୁଛି। ଏହି ତିନି ବୈଜ୍ଞାନିକଙ୍କୁ ଡିସେମ୍ବର ୧୦ରେ ଷ୍ଟକହୋମରେ ଆୟୋଜିତ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ୧୦.୩ କୋଟି ଟଙ୍କା, ସ୍ୱର୍ଣ୍ଣ ମୁଦ୍ରା ଏବଂ ପ୍ରମାଣପତ୍ର ଦେଇ ସମ୍ମାନିତ କରାଯିବ।



## ୨୭ ଦିନରେ ଫ୍ରାନ୍ସ ପ୍ରଧାନମନ୍ତ୍ରୀଙ୍କ ଇସ୍ତଫା

### ୨ ବର୍ଷରେ ୫ ପ୍ରଧାନମନ୍ତ୍ରୀ ଛାଡ଼ିଲେଣି ପଦ

ପ୍ୟାରିସ,୬।୧୦(ଏଜେନ୍ସି): ମାତ୍ର ୨୭ ଦିନ ମଧ୍ୟରେ ଫ୍ରାନ୍ସ ପ୍ରଧାନମନ୍ତ୍ରୀ ସେବାଷ୍ଟିଆନ୍ ଲେକର୍ଣ୍ଣୁ ନିଜ ପଦରୁ ଇସ୍ତଫା ଦେଇଛନ୍ତି। ସେ ସେପ୍ଟେମ୍ବର ୯ରେ ଦାୟିତ୍ୱ ଗ୍ରହଣ କରିଥିଲେ ଓ ଅକ୍ଟୋବର ୬ରେ ପଦ ଛାଡ଼ିଛନ୍ତି। ରାଷ୍ଟ୍ରପତି ଇମାନୁଏଲ ମାକ୍ରନ୍ ତାଙ୍କ ଇସ୍ତଫା ପତ୍ର ଗ୍ରହଣ କରିଛନ୍ତି। ରବିବାର ଲେକର୍ଣ୍ଣୁ ନୂଆ ମନ୍ତ୍ରିମଣ୍ଡଳର ଘୋଷଣା କରିଥିଲେ ମଧ୍ୟ ଏହାର ମାତ୍ର ୧୨ ଘଣ୍ଟା ପରେ ହିଁ ଏହି ନିଷ୍ପତ୍ତି ନେଇ ସମସ୍ତଙ୍କୁ ଚକିତ କରିଛନ୍ତି। ଫ୍ରାନ୍ସ ଇତିହାସରେ ସେ ପ୍ରଧାନମନ୍ତ୍ରୀ ଭାବେ ସବୁଠାରୁ କମ୍ ସମୟ ଦାୟିତ୍ୱରେ ରହି ଅଲୋଡା ରେକର୍ଡର ଅଧିକାରୀ ହୋଇଛନ୍ତି। ଏଥିସହ ଗତ ଦୁଇବର୍ଷ ମଧ୍ୟରେ ୫ଜଣ ପ୍ରଧାନମନ୍ତ୍ରୀ ପଦ ଛାଡ଼ିଛନ୍ତି। ଏହାପୂର୍ବରୁ ୩୯ ବର୍ଷୀୟ ଲେକର୍ଣ୍ଣୁ ସର୍ବକନିଷ୍ଠ ପ୍ରତିରକ୍ଷା ମନ୍ତ୍ରୀ ଭାବେ ଦାୟିତ୍ୱ ସମ୍ପାଦନ କରିଥିଲେ। ୨୦୨୨ରୁ ସେ ଏହି ଦାୟିତ୍ୱରେ ଥିଲେ। କଞ୍ଜରଭେଟିଭ ପାର୍ଟିରୁ ରାଜନୈତିକ କ୍ୟାରିଅର ଆରମ୍ଭ କରିଥିଲେ ମଧ୍ୟ ସେ ମାକ୍ରନଙ୍କ ସେଣ୍ଟ୍ରିଷ୍ଟ ପାର୍ଟିରେ ଯୋଗ ଦେଇଥିଲେ। ତାଙ୍କୁ ମାକ୍ରନଙ୍କ ନିକଟତର ବୋଲି ବିବେଚନା କରାଯାଏ। ରାଜନୈତିକ ଦଳଗୁଡିକ ମଧ୍ୟରେ ସନ୍ତୁଳନ ତଥା ସମନ୍ୱୟ ରହୁ ନଥିବାରୁ ସେ ପଦ ଛାଡିଥିବା କହିଛନ୍ତି। ବୁଝାମଣା କରିବାକୁ ରାଜିଥିଲେ ମଧ୍ୟ କିନ୍ତୁ କେହି କାହାକୁ ସହଯୋଗ କରିବାକୁ ରାଜି ନ ଥିବାରୁ ପଦ ଛାଡିବାକୁ ନିଷ୍ପତ୍ତି ନେଲି ବୋଲି ସେ ଉଲ୍ଲେଖ କରିଛନ୍ତି।

## ୱାଙ୍ଗଚୁକ୍ ମାମଲାରେ କେନ୍ଦ୍ରକୁ ନୋଟିସ କଲେ ସୁପ୍ରିମକୋର୍ଟ

ନୂଆଦିଲ୍ଲୀ, ୬।୧୦ (ଏଜେନ୍ସି): ସୁପ୍ରିମକୋର୍ଟରେ ସୋମବାର ଲଦାଖ ହିଂସା ମାମଲାରେ ଗିରଫ ସାମାଜିକ କର୍ମୀ ସୋନମ ୱାଙ୍ଗଚୁକଙ୍କ ସମ୍ବନ୍ଧିତ ହେବିୟସ କର୍ପସ ତଥା ବନ୍ଦୀ ପ୍ରତ୍ୟକ୍ଷୀକରଣ ମାମଲାର ଶୁଣାଣି ହୋଇଛି। ଏହାକୁ ନେଇ ଜଷ୍ଟିସ ଅରବିନ୍ଦ କୁମାର ଏବଂ ଜଷ୍ଟିସ ଏନଭି ଅଞ୍ଜାରିଆଙ୍କ ଖଣ୍ଡପୀଠ କେନ୍ଦ୍ର ସରକାରଙ୍କୁ ନୋଟିସ ଜାରି କରିଛନ୍ତି। ସୋନମଙ୍କ ପତ୍ନୀ ଗୀତାଞ୍ଜଳି ଅଙ୍ଗମୋଙ୍କ ଏହି ଆବେଦନ ଉପରେ ଜବାବ ମାଗିଛନ୍ତି। ଏଥିରେ ଜାତୀୟ ସୁରକ୍ଷା ଆଇନ ତଥା ଏନ୍‌ଏସଏ ଅଧିନରେ ସ୍ୱାମୀଙ୍କ ଗିରଫକୁ ଚ୍ୟାଲେଞ୍ଜ କରାଯାଇଥିଲା। ତାଙ୍କୁ ତୁରନ୍ତ ମୁକ୍ତି କରିବାକୁ ଦାବି କରାଯାଇଥିଲା। ଏବେ କୋର୍ଟ ମାମଲାର ଶୁଣାଣିକୁ ୧୪ ତାରିଖ ପର୍ଯ୍ୟନ୍ତ ସ୍ଥଗିତ ରଖିଛନ୍ତି।



ଆଜିର ଶୁଣାଣି ସମୟରେ ୱାଙ୍ଗଚୁକଙ୍କ ଓକିଲ କପିଲ ସିବଲ କହିଥିଲେ ଯେ ଯେଉଁ କାରଣ ପାଇଁ ସାମାଜିକ କର୍ମୀଙ୍କୁ ଗିରଫ କରାଯାଇଛି ତାହାର କପି ତଥା ନକଲ ପରିବାରକୁ ଦିଆଯାଇ ନାହିଁ। ତେବେ ହେପାଜତକୁ ନେବାର କାରଣ ୱାଙ୍ଗଚୁକଙ୍କୁ ଜଣାଇ ଦିଆଯାଇଛି। ଏହାର ନକଲ ତାଙ୍କ ପତ୍ନୀଙ୍କୁ ଦେବା ପାଇଁ ବିଚାର କରାଯାଇପାରେ ବୋଲି କେନ୍ଦ୍ର ପକ୍ଷରୁ ସଲିସିଟର ଜେନେରାଲ ତୁଷାର ମେହେଟା କହିଥିଲେ। ସୂଚନା ଅନୁଯାୟୀ ଗତ ୨୪ ତାରିଖରେ ଲଦାଖରେ ହୋଇଥିବା ହିଂସା ମାମଲାରେ ୨୬ରେ ୱାଙ୍ଗଚୁକଙ୍କୁ ଗିରଫ କରାଯାଇଥିଲା। ସେବେଠାରୁ ସେ ଯୋଧପୁର ଜେଲ୍‌ରେ ଅଛନ୍ତି। ଗତ ୨ ତାରିଖରେ ସୋନମଙ୍କ ପତ୍ନୀ ସୁପ୍ରିମକୋର୍ଟରେ ହେବିୟସ କର୍ପସ ଦାଏର କରିଥିଲେ। ସ୍ୱାମୀଙ୍କ ଗିରଫକୁ ସେ ବେଆଇନ ବୋଲି କହିଥିଲେ।

## ଆକ୍ରମଣରେ ପଶ୍ଚିମବଙ୍ଗ ସାଂସଦଙ୍କ ମୁଣ୍ଡ ଫାଟିଲା

କୋଲକାତା, ୬।୧୦ (ଏଜେନ୍ସି): ପଶ୍ଚିମବଙ୍ଗର ନାଗ୍ରାକାଟା ଅଞ୍ଚଳରେ ବିଜେପି ସାଂସଦ ଖଗେନ ମୁର୍ମୁ ଓ ସ୍ଥାନୀୟ ଶଙ୍କର ଘୋଷଙ୍କ ଉପରେ ଆକ୍ରମଣ ହୋଇଛି। ବନ୍ୟା ପ୍ରଭାବିତ ଅଞ୍ଚଳ ପରିଦର୍ଶନ କରିବା ବେଳେ ସ୍ଥାନୀୟ ଲୋକେ ଏକାଠି ହୋଇ ଏହି କାଣ୍ଡ ଘଟାଇଥିଲେ। ଫଳରେ ଖଗେନଙ୍କ ମୁଣ୍ଡ ଫାଟିଛି ଓ ସେ ଗୁରୁତର ଭାବେ ଆହତ ହୋଇଛନ୍ତି। ଖଗେନ ମାଲଦାର ସାଂସଦ ଭାବେ ନିର୍ବାଚିତ ହୋଇଥିଲେ। ସେ ବନ୍ୟା ପ୍ରଭାବିତ ଅଞ୍ଚଳରେ ରିଲିଫ ସାମଗ୍ରୀ ବାଣ୍ଟିବାକୁ ଯାଇଥିଲେ। ଏହାପରେ ୫୦୦ରୁ ଊର୍ଦ୍ଧ୍ୱ ଲୋକ ଏକାଠି ହୋଇ ଫେରିଯାଇ ବୋଲି ସ୍ଲୋଗାନ ଦେଇଥିଲେ। ଆକ୍ରମଣ ପରେ ତାଙ୍କ ମୁଣ୍ଡରୁ ପ୍ରଚୁର ରକ୍ତସ୍ରାବ ହୋଇଥିଲା ଓ ସେ ଗାଡ଼ିରେ ବସିଥିବାର ଦେଖାଯାଇଛି। ସାଂସଦଙ୍କ ଉପରେ ତୃଣମୂଳ କଂଗ୍ରେସ (ଟିଏମ୍‌ସି)ର ଗୁଣ୍ଡାମାନେ ଆକ୍ରମଣ କରିଛନ୍ତି ବୋଲି ବିଜେପି ତରଫରୁ ଅଭିଯୋଗ କରାଯାଇଛି। ଜଣେ ସମ୍ମାନୀତ ଆଦିବାସୀ ନେତା ଓ ଦୁଇଥର ସାଂସଦ ଭାବେ ନିର୍ବାଚିତ ହୋଇଥିବା ଖଗେନଙ୍କୁ ଆକ୍ରମଣକୁ ବିଭିନ୍ନ ମହଲରୁ ନିନ୍ଦା କରାଯାଇଛି। ପୁଲିସର ଉପସ୍ଥିତିରେ ଏହି ଆକ୍ରମଣ ହୋଇଥିବାରୁ ବିରୋଧୀ ଦଳ ନେତା ତଥା ବିଜେପି ବିଧାୟକ ଶୁଭେନ୍ଦୁ ଅଧିକାରୀ ଟିଏମ୍‌ସିକୁ ଏଥିପାଇଁ ଦାୟୀ କରିଛନ୍ତି।



# ନେତନ୍ୟାହୁଙ୍କ ଉପରେ ଟ୍ରମ୍ପ କ୍ଷୁବ୍ଧ

ୱାସିଂଟନ, ୬।୧୦ (ଏଜେନ୍ସି): ଗାଜା ଯୁଦ୍ଧ ସମାପ୍ତ କରିବା ପାଇଁ ପ୍ରୟାସ କରୁଥିବା ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଇସ୍ରାଏଲ ପ୍ରଧାନମନ୍ତ୍ରୀ ବେଞ୍ଜାମିନ ନେତନ୍ୟାହୁଙ୍କୁ ତୀବ୍ର ଭର୍ତ୍ସନା କରିଛନ୍ତି। ଟ୍ରମ୍ପ ରାଗି ଯାଇ ଫୋନ୍‌ରେ ଗାଳି ମଧ୍ୟ ଦେଇଛନ୍ତି। ସବୁବେଳେ ଏତେ ନକାରାତ୍ମକ କାହିଁକି ରହୁଛ ବୋଲି ସେ ନେତନ୍ୟାହୁଙ୍କୁ ପ୍ରଶ୍ନ କରିଛନ୍ତି। ସୂଚନା ଅନୁଯାୟୀ ଗାଜାରେ ଶାନ୍ତି ପ୍ରତିଷ୍ଠା ନିମନ୍ତେ ଟ୍ରମ୍ପ ଗତ ୨୯ ତାରିଖରେ ୨୦ ସୂତ୍ରୀ ଯୋଜନା ଆଣିଛନ୍ତି। ଏହି ଯୋଜନାକୁ ଇସ୍ରାଏଲ ସ୍ୱୀକାର କରିଛି। ମାତ୍ର ହମାସ ଆଂଶିକ ଭାବେ ପାଳନ କରିବାକୁ ରାଜି ହୋଇଛି। ପଣବନ୍ଦୀଙ୍କୁ ମୁକ୍ତ କରିବା ପାଇଁ ସହମତି ପ୍ରକାଶ କରିଛି। ଏହାର ସୂଚନା ଦେବା ପାଇଁ ଇସ୍ରାଏଲ ପ୍ରଧାନମନ୍ତ୍ରୀଙ୍କୁ ଟ୍ରମ୍ପ ଫୋନ୍ କରିଥିଲେ। ଟ୍ରମ୍ପ ଏହାକୁ ସକାରାତ୍ମକ ସୂଚନା କହିଥିଲେ। ମାତ୍ର ଏହା କୌଣସି ବଡ଼ କଥା ନୁହେଁ ବୋଲି ନେତନ୍ୟାହୁ ଉଲ୍ଲେଖ କରିଥିଲେ। ଏହା ଶୁଣିବା ମାତ୍ରେ ଆମେରିକା ରାଷ୍ଟ୍ରପତି କ୍ଷୁବ୍ଧ ହୋଇ ଯାଇଥିଲେ। ସେ କ୍ରୋଧରେ ନେତନ୍ୟାହୁଙ୍କୁ ଗାଳି ଦେଇଥିଲେ। ଟ୍ରମ୍ପ କହିଥିଲେ ଯେ ତୁମେ ସବୁବେଳେ ଏତେ ନକାରାତ୍ମକ କାହିଁକି ରହୁଛ ମତେ ଜଣା ନାହିଁ। ଏହାକୁ ବିଜୟ ଭାବେ ଦେଖି ସ୍ୱୀକାର କର। ଏହା ଏକ ଭଲ ଖବର।



ସର୍ବଦା ନକାରାତ୍ମକ ରହୁଛ କାହିଁକି

ଅନ୍ୟପଟେ ଏକ ସାମାଜିକ ଗଣମାଧ୍ୟମ ପୋଷ୍ଟରେ ଟ୍ରମ୍ପ କହିଥିଲେ ଯେ ସପ୍ତାହନ୍ତରେ ହମାସ ଏବଂ ବିଶ୍ୱର ଅନ୍ୟ ଦେଶ ସହ ବହୁତ ଭଲ ଆଲୋଚନା ହୋଇଛି। ଗାଜା ଯୁଦ୍ଧ ବନ୍ଦ, ପଣବନ୍ଦୀଙ୍କୁ ମୁକ୍ତି ଏବଂ ମଧ୍ୟପ୍ରାଚ୍ୟରେ ଶାନ୍ତି ପ୍ରତିଷ୍ଠା ଏହାର ଉଦ୍ଦେଶ୍ୟ। ଅତି ଉତ୍ତମ ଭାବେ ଏ ନେଇ ଆଲୋଚନା ହେଉଛି। ଏହି ପୁରୁଣା ଝଗଡ଼ା ଉପରେ ମୁଁ ନଜର ରଖିବି। ସମୟ ଅତି ମୂଲ୍ୟବାନ, ନଚେତ ବେଶୀ କ୍ଷତି ହେବ। ଏପରି ହେଉ ବୋଲି କେହି ଚାହୁଁନାହାନ୍ତି। ସୂଚନା ଅନୁଯାୟୀ ଟ୍ରମ୍ପଙ୍କ ଶାନ୍ତି ପ୍ରସ୍ତାବକୁ ହମାସ ସ୍ୱୀକାର କରି ୨୫୦ ପାଲେଷ୍ଟିନୀୟ ବନ୍ଦୀଙ୍କ ବଦଳରେ ଇସ୍ରାଏଲ ପଣବନ୍ଦୀକୁ ମୁକ୍ତ କରିବା ପାଇଁ ହମାସ ରାଜି ହୋଇଥିଲା। ସାମାଜିକ ଗଣମାଧ୍ୟମରେ ପୋଷ୍ଟ କରି ଟ୍ରମ୍ପ ଏହି ପଦକ୍ଷେପକୁ ସ୍ୱାଗତ କରିଥିଲେ। କାତାରରେ ଥିବା ହମାସର ରାଜନୈତିକ ଅଫିସ ପକ୍ଷରୁ କୁହାଯାଇଥିଲା ଯେ ଉପଯୁକ୍ତ ସର୍ତ୍ତ ବଳରେ ଏହି ଚୁକ୍ତିକୁ ଗୋଷ୍ଠୀ ସ୍ୱୀକାର କରୁଛି। ଜୀବିତ ଏବଂ ମୃତଥିବା ପ୍ରତ୍ୟେକ ପଣବନ୍ଦୀଙ୍କୁ ମୁକ୍ତ କରାଯିବ। ଏହି ଯୋଜନା ଅଧିନରେ ହମାସ ତିନି ଦିନ ମଧ୍ୟରେ ପ୍ରାୟ ୪୮ ପଣବନ୍ଦୀଙ୍କୁ ମୁକ୍ତି କରିବ। ଏମାନଙ୍କ ମଧ୍ୟରୁ ୨୦ ଜଣ ଜୀବିତ ଥିବା ଆଶା କରାଯାଉଛି। ଏହି ଗୋଷ୍ଠୀ କ୍ଷମତା ଏବଂ ଅସ୍ତ୍ରବିରତି ପାଇଁ ମଧ୍ୟ ରାଜି ହୋଇଛି। ଟ୍ରମ୍ପ ଏବଂ ଅନ୍ୟ ବିଶ୍ୱନେତା ଏହାକୁ ସ୍ୱାଗତ କରିଥିବାବେଳେ ଯୁଦ୍ଧ ସମାପ୍ତ କରିବା ପାଇଁ କିଛି କହିନାହାନ୍ତି।

## ଦିଲ୍ଲୀରେ ମାସେ ଧରି ଡାକ୍ତରୀ ଛାତ୍ରୀଙ୍କୁ ଦୁଷ୍କର୍ମ

ନୂଆଦିଲ୍ଲୀ,୬।୧୦(ଏଜେନ୍ସି): ଦିଲ୍ଲୀରେ ଏକମାସ ଧରି ଜଣେ ୧୮ ବର୍ଷୀୟା ମେଡିକାଲ ଛାତ୍ରୀଙ୍କୁ ଦୁଷ୍କର୍ମ କରାଯିବାର ଘଟଣା ସମ୍ନାକୁ ଆସିଛି। ପୀଡିତା ଏ ନେଇ ଶୁକ୍ରବାର ମାମଲା ଦାଏର କରିଛନ୍ତି। ଫଳରେ ଏହି ଘଟଣା ଏବେ ସାମ୍ନାକୁ ଆସିଛି। ସ୍ଥାନୀୟ ଆଦର୍ଶ ନଗରସ୍ଥିତ ଏକ ହୋଟେଲକୁ ୨୦ ବର୍ଷର ଯୁବକ ଅମନପ୍ରୀତ ପୀଡିତାଙ୍କୁ ପାର୍ଟିରେ ଯୋଗ ଦେବା ପାଇଁ ଡକାଇଥିଲେ। ସେଠାରେ ଯୁବକଙ୍କର ଦୁଇଜଣ ବନ୍ଧୁ ପୂର୍ବରୁ ଥିଲେ। ୩ ଜଣ ମିସି ପାନୀୟରେ ନିଶା ଦେଇଥିଲେ। ଫଳରେ ଯୁବତୀ ଜଣକ ବେହୋଶ ହୋଇଥିଲେ। ଏହାପରେ ମୁଖ୍ୟ ଅଭିଯୁକ୍ତ ଦୁଷ୍କର୍ମ କରିଥିଲେ ଓ ବାକି ଦୁଇଜଣ ସାଙ୍ଗ ଏହାର ଭିଡିଓ ରେକର୍ଡ଼ କରିଥିଲେ। ଦୁଇଜଣ ବନ୍ଧୁ ମଧ୍ୟ ତାଙ୍କର ଯୌନ ଉତ୍ପୀଡ଼ନ କରିଥିଲେ। ଏହାପରେ ଅଭିଯୁକ୍ତ ଏହି ଭିଡିଓ ଦେଖାଇ ପୀଡିତାଙ୍କୁ ବ୍ଲାକ୍‌ମେଲ କରିବା ସହ ସେପ୍ଟେମ୍ବର ମାସ ସାରା ବାରମ୍ବାର ଦୁଷ୍କର୍ମ କରିଥିଲେ।

ଅଭିଯୁକ୍ତ ଏହାକୁ ସାମାଜିକ ଗଣମାଧ୍ୟମରେ ଭାଇରାଲ କରିବାକୁ ଧମକ ଦେଇଥିଲେ ବୋଲି ଯୁବତୀ ଜଣକ ଅଭିଯୋଗ କରିଛନ୍ତି। ପୀଡିତା ଜଣକ ହରିୟାଣାର ଓ ସେ ଡଃ ବିଆର ଆମ୍ବେଦକର ମେଡିକାଲ କଲେଜରେ ଏମ୍‌ବିବିଏସ୍ କରୁଛନ୍ତି। ସେ ରୋହିଣୀରେ ଏକ ହଷ୍ଟେଲରେ ରହୁଛନ୍ତି। ପୁଲିସ ଏହି ମାମଲାର ଯାଞ୍ଚ କରୁଛି ଓ ଅମନପ୍ରୀତଙ୍କୁ ଧରିବା ପାଇଁ ବିଭିନ୍ନ ସ୍ଥାନରେ ଚଢ଼ାଉ କରିଛି।

# ପୁଲିସ ବଳୟରେ କଟକ — ଆଉ ୨୪ ଘଣ୍ଟା ଇଣ୍ଟରନେଟ୍ ବନ୍ଦ

କଟକ, ୬।୧୦ (ସମିସ): ଶାନ୍ତ ହେଉଛି କଟକ। ଉତ୍ତେଜନା କ୍ରମଶଃ ହ୍ରାସ ପାଇଥିବା ବେଳେ ପୁଲିସର କଡ଼ା ସୁରକ୍ଷାବଳୟରେ ରହିଛି ରୌପ୍ୟନଗରୀ। ଦୁର୍ଗାପୂଜା ଭସାଣି ଗୋଷ୍ଠୀ ସଂଘର୍ଷ ପ୍ରତିବାଦରେ କଟକ ବନ୍ଦ ଡାକରା ଦେଇଥିବା ବିଶ୍ୱ ହିନ୍ଦୁ ପରିଷଦର କର୍ମୀ ଓ ପୁଲିସ ମଧ୍ୟରେ ଗତକାଲି ଖଣ୍ଡଯୁଦ୍ଧ ହୋଇଥିଲା। ଏଥିଯୋଗୁଁ କଟକ ଅଶାନ୍ତ ହୋଇ ପଡ଼ିଥିବା ବେଳେ ୩୬ ଘଣ୍ଟିଆ କର୍ଫ୍ୟୁ ଘୋଷଣା କରାଯାଇଥିଲା।



**୪ଟି ମାମଲା ରୁଜୁ, ୮ ଗିରଫ**

**୧୩ଟି ଥାନା ଅଞ୍ଚଳରୁ ୩୦୦ ଆଇନ ଉଲ୍ଲଙ୍ଘନକାରୀ ଅଟକ**

୨୪ ଘଣ୍ଟା ଶାନ୍ତିପୂର୍ଣ୍ଣ ଭାବେ ଅତିବାହିତ ହୋଇଥିବା ବେଳେ ୧୨ ଘଣ୍ଟା ବାକି ରହିଛି। ଆସନ୍ତାକାଲି ପ୍ରଶାସନର ସମୀକ୍ଷା ବୈଠକ ପରେ କର୍ଫ୍ୟୁ ସଂପର୍କରେ ନିଷ୍ପତ୍ତି ନିଆଯିବ। ଅପରପକ୍ଷେ, ଇଣ୍ଟରନେଟ୍ ସେବାକୁ ଅଧିକ ୨୪ଘଣ୍ଟା ପାଇଁ ଅଚଳ କରିଦିଆଯାଇଛି। ପୁଲିସ କମିଶନର ଏସ୍ ଦେବଦତ୍ତ ସିଂ ଓ ଡିସିପି ଖିଲାରୀ ଋଷିକେଶ ଦ୍ୟାନ୍‌ଦେଓଙ୍କ ମିଳିତ ତତ୍ତ୍ୱାବଧାନରେ ୬୦ ପ୍ଲାଟୁନ୍ ପୁଲିସ ଫୋର୍ସ ସହରକୁ ଜଗି ରହିଛନ୍ତି। ବିଶେଷକରି ଦରଘାବଜାର ଥାନା, ମଙ୍ଗଳାବାଗ ଥାନା, ଲାଲବାଗ ଥାନା, ପୁରୀଘାଟ ଥାନା, ବିଡ଼ାନାସୀ ଥାନା, ମର୍କତନଗର ଥାନା, ସିଡିଏ ଫେଜ୍-୨ଥାନା, କ୍ୟାଣ୍ଟନ୍‌ମେଣ୍ଟ ଥାନା, ମାଲଗୋଦାମ ଥାନା, ବାଦାମବାଡ଼ି ଥାନା, ଜଗତପୁର ଥାନା, ୪୨ମୌଜା ଥାନା ଏବଂ ସଦର ଥାନା ଅଞ୍ଚଳକୁ କମିଶନରେଟ୍ ପୁଲିସ କଡ଼ା ସୁରକ୍ଷା ବଳୟ ମଧ୍ୟରେ ରଖିଛି। ଆଜି ସନ୍ଧ୍ୟା ସୁଦ୍ଧା ପୁଲିସ ମୋଟ୍ ୩ଟି ମାମଲା ରୁଜୁ କରିବା ସହ ୮ଜଣଙ୍କୁ ଗିରଫ କରିଛି। ମୋଟ୍ ୧୩ଟି ଥାନା ଅଞ୍ଚଳରୁ ୩୦୦ରୁ ଅଧିକ କର୍ଫ୍ୟୁ ଆଇନ ଉଲ୍ଲଂଘନକାରୀଙ୍କୁ ପୁଲିସ ଅଟକ ରଖିଛି। ତେବେ କର୍ଫ୍ୟୁର ବାକି ୧୨ଘଣ୍ଟା ଗୁରୁତ୍ୱପୂର୍ଣ୍ଣ ରହିଥିବା ବେଳେ ଦରଘାବଜାର ଅଞ୍ଚଳରେ ମୋଟ୍ ୫ କମ୍ପାନୀ ଫୋର୍ସ ମୁତୟନ କରାଯାଇଛି। ଉପଦ୍ରବକାରୀ ଆଇନକୁ ହାତକୁ ନନେବାକୁ ପୁଲିସ କମିଶନର ଶ୍ରୀ ସିଂ କଡ଼ା ଚେତାବନୀ ଦେଇଛନ୍ତି। ଯଦି କୌଣସି ବ୍ୟକ୍ତି ଲାଗୁ ହୋଇଥିବା ସାନ୍ଧ୍ୟ ଆଇନକୁ ଉଲ୍ଲଂଘନ କରନ୍ତି, ତେବେ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ସେ କହିଛନ୍ତି।

ସୂଚନାନୁସାରେ, ଆଜି ସହରର ସମସ୍ତ ପ୍ରବେଶ ଓ ପ୍ରସ୍ଥାନ ପଥକୁ ସିଲ୍ କରି ଦିଆଯାଇଥିଲା। ସଂଘବଦ୍ଧ ଭାବେ ସହର ମଧ୍ୟକୁ ପ୍ରବେଶ ବା ପ୍ରସ୍ଥାନ କରିବାକୁ ଅନୁମତି ମିଳି ନଥିଲା। କେବଳ ଜରୁରୀକାଳୀନ ସେବାକୁ ବାଦ୍ ଦେଲେ ଅନ୍ୟ ସମସ୍ତ ସେବାକୁ ବନ୍ଦ ରଖାଯାଇଥିଲା। ଆଜି ପୁଣିଥରେ କମିଶନରେଟ୍ ପୁଲିସ ଓ ଅର୍ଦ୍ଧସାମରିକ ବଳ ପକ୍ଷରୁ ଦରଘାବଜାର ଥାନା ନିକଟରୁ ଏକ ଫ୍ଲାଗମାର୍ଚ୍ଚ ବାହାରି କଦମରସୁଲ, ଦରଘାବଜାର, ନିମସାହି, ଝୋଲାସାହି, କାଠଗଡ଼ା ସାହି ପରିକ୍ରମା କରି ଦରଘା ବଜାର ଥାନା ନକଟରେ ଶେଷ ହୋଇଥିଲା। ଥାନାୱାରୀ ଆଇଆଇସିମାନେ ୨ଟି ସ୍କ୍ୱାଡ୍ ସହ ନିଜ ନିଜ ଅଞ୍ଚଳରେ ସ୍ୱତନ୍ତ୍ର ପାଟ୍ରୋଲିଂ କରିଥିଲେ। ପ୍ରମୁଖ ଛକ, ଗଳି ଏବଂ ମୁଖ୍ୟ ରାସ୍ତା ଗୁଡ଼ିକରେ ପୁଲିସ ଛାଉଣୀ ଦେଖିବାକୁ ମିଳିଥିଲା। ସହରର ମଙ୍ଗଳାବାଗ, ବକ୍ସିବଜାର, ତିନିକୋଣିଆ ବଗିଚା, ଦରଘାବଜାର, ଚୌଧୁରୀବଜାର ଭଳି ଅଞ୍ଚଳରେ ପୂର୍ବାହ୍ଣରେ କେତେକ ଉପଦ୍ରବକାରୀ ବାହାରେ ବୁଲୁଥିବା ଦେଖିବାକୁ ମିଳିଥିଲା। ପୁଲିସ ସେମାନଙ୍କୁ ଥାନାରେ ଅଟକ ରଖିଥିବା ବେଳେ ଅନେକ ଅମାନିଆଙ୍କୁ ମାଡ଼ ମାରି ଛାଡ଼ି ଦେଇଥିବା ଜଣାପଡ଼ିଛି।

## ଜନଜୀବନ କଳବଲ

କଟକ,୬।୧୦(ସମିସ): କର୍ଫ୍ୟୁ ଯୋଗୁଁ ସାରା ସହରରେ ଜୀବନଯାତ୍ରା ସମ୍ପୂର୍ଣ୍ଣ ରୂପେ ବାଧାପ୍ରାପ୍ତ ହୋଇଛି। ଦିନ ତମାମ ସହରବାସୀ ହଇରାଣ ହରକତ ହୋଇଥିବା ନଜରକୁ ଆସିଛି। ମୁଖ୍ୟତଃ ଇଣ୍ଟରନେଟ୍ ସେବା ଅଚଳ ହୋଇଯିବାରୁ ବ୍ୟାଙ୍କ୍, ହସ୍ପିଟାଲ୍, ସରକାରୀ ଓ ବେସରକାରୀ କାର୍ଯ୍ୟାଳୟଗୁଡ଼ିକରେ ସେବା ବାଧାପ୍ରାପ୍ତ ହୋଇଛି। ଇଣ୍ଟରନେଟ୍ ଅଚଳ ହୋଇଯିବାରୁ ସହରରେ ଥିବା ହସ୍ପିଟାଲ୍‌ଗୁଡ଼ିକରେ ଆୟୁଷ୍ମାନ୍ କାର୍ଡର ସୁବିଧା ରୋଗୀମାନେ ପାଇ ପାରିନଥିଲେ। ଅନେକ ଗୁରୁତ୍ୱପୂର୍ଣ୍ଣ ଅସ୍ତ୍ରୋପଚାର ମଧ୍ୟ ବନ୍ଦ ରହିଥିଲା। ସେହିପରି ବ୍ୟାଙ୍କ୍‌ଗୁଡ଼ିକରେ

**■ ବୀମା, ବ୍ୟାଙ୍କ ଓ ସ୍ୱାସ୍ଥ୍ୟ ସେବା ପ୍ରଭାବିତ**
**■ ପରିବହନ ସେବା ବ୍ୟାହତ; ଯାତ୍ରୀ ହଟହଟା**

ଅନଲାଇନ୍ ସେବା ବନ୍ଦ ହୋଇଯିବାରୁ ଚେକ୍ ଦେଣନେଣ ଓ ଆର୍ଥିକ କାରବାର ବାଧାପ୍ରାପ୍ତ ହୋଇଥିଲା। ଏଥିଯୋଗୁଁ ୧୦ରୁ ୧୨ହଜାର କୋଟି ଟଙ୍କାର କାରବାର ଠପ୍ ହୋଇଯାଇଥିଲା। ବୀମା କାରବାରରେ ମଧ୍ୟ ସମସ୍ୟା ପରିଲକ୍ଷିତ ହୋଇଥିଲା।

ସହରରେ ପରିବହନ ବ୍ୟବସ୍ଥା ମଧ୍ୟ ବିପର୍ଯ୍ୟସ୍ତ ହୋଇପଡ଼ିଥିଲା। ସିଏନ୍‌ବିଟିରେ ଶହଶହ ଯାତ୍ରୀ ବସ୍‌କୁ ଅପେକ୍ଷା କରି ରହିଥିଲେ। ରାସ୍ତାଘାଟ ପ୍ରାୟତଃ ଖାଁ ଖାଁ ହୋଇପଡ଼ିଥିବା ବେଳେ ଖୁବ୍ କମ୍ ବସ୍ ଚଳାଚଳ କରିଥିଲା। କେତେକ ବସ୍ ମାଲିକ କର୍ଫ୍ୟୁ ଦୃଷ୍ଟିରୁ ଗଣ୍ଡଗୋଳର ଆଶଙ୍କା କରି ବସ୍‌ଗୁଡ଼ିକ ଯାତାୟାତ ପାଇଁ ବନ୍ଦ କରିଥିଲେ। ଫଳରେ ଯାତ୍ରୀମାନେ ହଟହଟା ହୋଇଥିଲେ। ସେହିପରି ସହରରେ ଅଟୋ ଚଳାଚଳ ସମ୍ପୂର୍ଣ୍ଣ ଭାବେ ବନ୍ଦ ହୋଇଯିବାରୁ ଯାତ୍ରୀମାନେ ରେଳଷ୍ଟେସନ୍ ଓ ସିଏନ୍‌ବିଟି ବାହାରେ ଭିଡ଼ ଜମାଇଥିଲେ। ପୁଲିସ ଅଟୋ ଚାଳକଙ୍କୁ ଘଉଡ଼ାଇବାରୁ ମେଡିକାଲ ଭଳି ଜରୁରୀକାଳୀନ ସେବା ପାଇବାରୁ ରୋଗୀ ଓ ସମ୍ପର୍କୀୟ ବଞ୍ଚିତ ହୋଇଥିଲେ। ସେହିପରି, କର୍ଫ୍ୟୁ ଯୋଗୁଁ ବିଭିନ୍ନ ସରକାରୀ କାର୍ଯ୍ୟାଳୟରେ କର୍ମଚାରୀଙ୍କ ଉପସ୍ଥାନ ହ୍ରାସ ପାଇଥିଲା। ସହରରେ ବିଭିନ୍ନ ପ୍ରମୁଖ ବ୍ୟବସାୟିକ ପ୍ରତିଷ୍ଠାନ ବନ୍ଦ ରହିଥିଲା।

## ଆଜି ସୃଷ୍ଟି ହେବ ଆଉ ଏକ ଘୂର୍ଣ୍ଣିବଳୟ

ଭୁବନେଶ୍ୱର, ୬।୧୦ (ସମିସ): ମଙ୍ଗଳବାର ବଙ୍ଗୋପସାଗରରେ ପୁଣି ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହେବାର ସମ୍ଭାବନା ରହିଛି। ସମ୍ଭବତଃ ଏହା ପ୍ରଭାବରେ ୯ ତାରିଖ ସୁଦ୍ଧା ଏକ ଲଘୁଚାପ ସୃଷ୍ଟି ହୋଇପାରେ। କେନ୍ଦ୍ରୀୟ ବଙ୍ଗୋପସାଗରରେ ଏହି ଘୂର୍ଣ୍ଣିବଳୟ ସୃଷ୍ଟି ହେବାକୁ ଥିବା ବେଳେ ଉତ୍ତର ବଙ୍ଗୋପସାଗରରେ ଲଘୁଚାପ ସୃଷ୍ଟି ହେବାର ସମ୍ଭାବନା ରହିଛି। ଏହା ପ୍ରଭାବରେ ବିଶେଷକରି ଉତ୍ତର ଓ ଉପକୂଳ ଓଡ଼ିଶାରେ ବର୍ଷାର ପ୍ରଭାବରେ ଅଧିକ ରହିବା ନେଇ ପୂର୍ବାନୁମାନ କରାଯାଇଛି। ସମ୍ଭାବ୍ୟ ଘୂର୍ଣ୍ଣିବଳୟ/ଲଘୁଚାପକୁ ଦୃଷ୍ଟିରେ ରଖି ଆସନ୍ତା ୪ଦିନ ପାଇଁ ରାଜ୍ୟର ବିଭିନ୍ନ ଜିଲ୍ଲା ପାଇଁ ଆଲର୍ଟ ଜାରି ହୋଇଛି। ଅନ୍ୟପଟେ, ବର୍ତ୍ତମାନ ଓଡ଼ିଶା ଉପରେ ଏକ ଟ୍ରଫ-ଲାଇନ୍ ପ୍ରଭାବ ରହିଛି। ଏଥିପାଇଁ ରାଜ୍ୟର ବିଭିନ୍ନ ସ୍ଥାନରେ ମେଘୁଆ ପାଗ ସହ ହାଲୁକା ବର୍ଷା ଲାଗି ରହିଛି। ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଗୋଟିଏ କିମ୍ବା ଦୁଇଟି ସ୍ଥାନରେ ହାଲୁକାରୁ ମଧ୍ୟମ ଧରଣର ବର୍ଷା ହେବା ନେଇ ପାଣିପାଗ କେନ୍ଦ୍ର ସୂଚନା ଦେଇଛି। ଗତ ୨୪ ଘଣ୍ଟାରେ ପାରାଦୀପରେ ସର୍ବାଧିକ ୭୦ମିମି ବର୍ଷା ରେକର୍ଡ ହୋଇଥିବା ବେଳେ ଦାରିଙ୍ଗବାଡ଼ିରେ ୩୬ ମିମି ବର୍ଷା ହୋଇଛି।

## ମହିଳାଙ୍କୁ ଟାଣିନେଲା କୁମ୍ଭୀର



ବିଞ୍ଝାରପୁର/ବରୀ, ୬।୧୦ (ସମିସ): ବରୀ ବ୍ଲକ୍ ବୋଦୁଅ ପଞ୍ଚାୟତ କନ୍ତିଆ ଗାଁ ଦେଇ ଯାଇଥିବା ଖରସ୍ରୋତା ନଦୀରେ ଧୋଇ ହେଉଥିବା ବେଳେ ଜଣେ ମହିଳାଙ୍କୁ କୁମ୍ଭୀର ଟାଣି ନେଇଛି। ଆଜି ଅପରାହ୍ଣ ପ୍ରାୟ ୩ଟାରେ ଏହି ଅଘଟଣ ଘଟିଛି। ମୃତ ମହିଳାଜଣଙ୍କ ହେଲେ, ଗ୍ରାମର ଶୁକଦେବ ମହଲାଙ୍କ ପତ୍ନୀ ସୌଦାମିନୀ ମହଲା। ସୂଚନା ମୁତାବକ, ସୌଦାମିନୀ ଆଜି ଦ୍ୱିପ୍ରହରେ ଖାଇ ସାରିବା ପରେ ବାସନ ମାଜିବାକୁ ନଦୀକୁ ଯାଇଥିଲେ। ବାସନ ମାଜି ସାରି ହାତଗୋଡ଼ ଧୋଇ ହେଉଥିବା ବେଳେ ଗୋଟିଏ କୁମ୍ଭୀର ତାଙ୍କୁ ଟାଣି ନେଇଥିଲା। ସୌଦାମିନୀର ହାତକୁ ଧରି କୁମ୍ଭୀର ନଦୀରେ ଟାଣିଟାଣି ନେଉଥିବା ଦୃଶ୍ୟ ଗ୍ରାମବାସୀ ଦେଖିଥିଲେ ହେଁ କୁମ୍ଭୀର ଆକ୍ରମଣ ଭୟ ଓ ନଦୀରେ ଅଧିକ ସ୍ରୋତ ଥିବାରୁ ତାଙ୍କୁ ଉଦ୍ଧାର କରିପାରିନଥିଲେ। ଖବର ପାଇ ଅଗ୍ନିଶମ ବିଭାଗ ନଦୀରେ ଖୋଜାଖୋଜି କରି ସୌଦାମିନୀଙ୍କ ମୃତଦେହ ଉଦ୍ଧାର କରିଥିଲା।

ଉଲ୍ଲେଖଯୋଗ୍ୟ, ପୂର୍ବରୁ ଏହି ନଦୀରେ କୁମ୍ଭୀର ବୁଲାବୁଲି କରୁଥିବା ଦୃଶ୍ୟ ମଧ୍ୟ ଅଞ୍ଚଳବାସୀ ଦେଖି ବନ ବିଭାଗକୁ ଜଣାଇଥିଲେ। ମାତ୍ର ବିଭାଗୀୟ ଅଧିକାରୀମାନେ କୁମ୍ଭୀରକୁ ନିଜ ଆୟତ୍ତକୁ ନେଇ ପାରି ନଥିବାରୁ ଆଜି ଏପରି ଏକ ଅଘଟଣ ଘଟିଥିବା ସ୍ଥାନୀୟ ଅଞ୍ଚଳବାସୀ ଅଭିଯୋଗ କରିଛନ୍ତି। ବନ ବିଭାଗ କର୍ମଚାରୀ ଖବର ପାଇ ଘଟଣାସ୍ଥଳରେ ପହଞ୍ଚି ମୃତକଙ୍କ ପରିବାରକୁ ଆବଶ୍ୟକ କ୍ଷତିପୂରଣ ମିଳିବ ବୋଲି ସୂଚନା ଦେଇଛନ୍ତି।

## ■ ହାଇକୋର୍ଟ ଉପରେ ବଢୁଛି ମାମଲା ବୋଝ
## ବିଚାରପତି ପଦ ପୂରଣ ପାଇଁ ଦାବି ଦୋହରାଇଲା ରାଜ୍ୟ ଆଇନଜୀବୀ ପରିଷଦ

କଟକ, ୬।୧୦ (ସମିସ): ଓଡ଼ିଶା ହାଇକୋର୍ଟରେ ଖାଲି ପଡ଼ିଥିବା ବିଚାରପତି ପଦ ପୂରଣ ପାଇଁ ପୁନଃ ଦାବି ହୋହରାଇଛି ରାଜ୍ୟ ଆଇନଜୀବୀ ପରିଷଦ (ବାର୍ କାଉନସିଲ)। ପରିଷଦର କର୍ମକର୍ତ୍ତାମାନେ ଏ ସଂକ୍ରାନ୍ତରେ ସୁପ୍ରିମକୋର୍ଟର ପ୍ରଧାନ ବିଚାରପତି ଜଷ୍ଟିସ୍ ବି.ଆର୍ ଗଭାଇଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ନିକଟରେ ଜଷ୍ଟିସ୍ ଗଭାଇଙ୍କ ଓଡ଼ିଶା ଗସ୍ତ ସମୟରେ ବାର୍ କାଉନସିଲ ପ୍ରତିନିଧିମଣ୍ଡଳୀ ତାଙ୍କୁ ଭେଟି ଏହି ପ୍ରସଙ୍ଗରେ ଆଲୋଚନା କରିଥିଲେ। ଓଡ଼ିଶା ହାଇକୋର୍ଟରେ ମୋଟ ଅନୁମୋଦିତ ୩୩ଟି ବିଚାରପତି ପଦ ମଧ୍ୟରୁ ବର୍ତ୍ତମାନ ମାତ୍ର ୧୯ ଜଣ ବିଚାରପତି ରହିଥିବା ବେଳେ ଆସନ୍ତା ବର୍ଷ ଆଉ ୪ଜଣ ବିଚାରପତିଙ୍କ କାର୍ଯ୍ୟକାଳ ଶେଷ ହେବ। ଅଧା ବିଚାରପତି ପଦ ଖାଲି ପଡ଼ିଥିବାରୁ

**ପ୍ରଧାନ ବିଚାରପତିଙ୍କ ସହ ଆଲୋଚନା**

ମାମଲା ବୋଝ ବୃଦ୍ଧି ପାଇ ଚାଲିଛି। ଏଣୁ, ଖାଲି ବିଚାରପତି ପଦଗୁଡ଼ିକ ପୂରଣ ଦିଗରେ ପଦକ୍ଷେପ ନେବା ପାଇଁ ପ୍ରଧାନ ବିଚାରପତିଙ୍କୁ ବାର୍ କାଉନସିଲ ଦାବି ଜଣାଇଛି। ଏଥିସହ, ସୁପ୍ରିମକୋର୍ଟରେ ମଧ୍ୟ ଦୀର୍ଘ ବର୍ଷ ଧରି ଓଡ଼ିଶାରୁ କେହି ବିଚାରପତି ପ୍ରତିନିଧିତ୍ୱ କରିପାରି ନଥିବା ନେଇ ପ୍ରଧାନ ବିଚାରପତିଙ୍କ ଦୃଷ୍ଟି ଆକର୍ଷଣ କରାଯାଇଥିଲା। ସମସ୍ତ ବିଷୟକୁ ଅନୁଧ୍ୟାନ କରିବା ସହ ହାଇକୋର୍ଟ ମୁଖ୍ୟ ବିଚାରପତିଙ୍କ ସହ ଆଲୋଚନା କରି ପଦକ୍ଷେପ ନେବା ପାଇଁ ପ୍ରଧାନ ବିଚାରପତି ପ୍ରତିଶ୍ରୁତି ଦେଇଥିଲେ।

ବାର୍ କାଉନସିଲ ଅଧ୍ୟକ୍ଷ ସୀତାଂଶୁ ମୋହନ ଦ୍ୱିବେଦୀଙ୍କ ନେତୃତ୍ୱରେ ସଦସ୍ୟ ଭକ୍ତଭୂଷଣ ବାରିକ, ରାଜୀବ କୁମାର ମହାନ୍ତି, ଅରୂପାନନ୍ଦ ଦାସ, ବିଭୁପ୍ରସାଦ ତ୍ରିପାଠୀ, ସୌରଚନ୍ଦ୍ର ମହାପାତ୍ର, ଦେବୀ ପ୍ରସାଦ ଧଳ, ପ୍ରସନ୍ନ କୁମାର ପାଢ଼ୀ, ମାନସ କୁମାର ଚାନ୍ଦ, ଜ୍ଞାନରଞ୍ଜନ ମହାନ୍ତି, ଆତ୍ମାପ୍ରକାଶ ମହାନ୍ତି, ପୀତବାସ ପଣ୍ଡା, ବିଭୁପ୍ରସାଦ ଦାସ, ପିଟା ରମେଶ ପାତ୍ର, ଧନଞ୍ଜୟ ମୁଣ୍ଡ, ନୃସିଂହ ଚରଣ ପଟ୍ଟନାୟକ, ଗିରିଜା ଶଙ୍କର ମିଶ୍ର, ଅକ୍ଷୟ କୁମାର ସାମନ୍ତରାୟ ଓ ଗିରିଧାରୀ ମହାପାତ୍ର ପ୍ରମୁଖ ବହୁ ବରିଷ୍ଠ ଆଇନଜୀବୀ ଉପସ୍ଥିତ ଥିଲେ।

# ଦିନକରେ ଗଡ଼ିଲା ୪ ମୁଣ୍ଡ

## ୫ ବର୍ଷର ଶିଶୁକୁ ପଥରରେ ଛେଚି ହତ୍ୟା

ଲାଞ୍ଜିଗଡ଼, ୬।୧୦ (ସମିସ): କଳାହାଣ୍ଡି ଜିଲ୍ଲା ଲାଞ୍ଜିଗଡ଼ ବ୍ଲକ୍, ଲାଞ୍ଜି ପଞ୍ଚାୟତ ଯେବା ଗାଁରେ ଜଣେ ୫ ବର୍ଷର ଶିଶୁକୁ ପଥରରେ ଛେଚି ଅତି ନିର୍ମମ ଭାବେ ହତ୍ୟା କରାଯାଇଛି। ମୃତ ଶିଶୁଜଣଙ୍କ ହେଲା, ସୁଦର ମାଝୀଙ୍କ ପୁଅ ଚନ୍ଦନ ମାଝୀ (୫)। ଏହି ଘଟଣାରେ ବିଶ୍ୱନାଥପୁର ପୁଲିସ ସେହି ଗାଁର ବିଙ୍ଗରି ମାଝୀ (୩୭)କୁ ଗିରଫ କରି କୋର୍ଟଚାଲାଣ କରିଛି। ତେବେ କେଉଁ କାରଣରୁ ବିଙ୍ଗରି ଜଣେ ନିଷ୍ପାପ ଶିଶୁକୁ ହତ୍ୟା କଲା, ସେନେଇ ପୁଲିସ ତଦନ୍ତ କରୁଛି।



ସୂଚନାନୁସାରେ, ସୁଦର ଓ ତାଙ୍କ ପତ୍ନୀ ସନୁ ମାଝୀ ପଡ଼ୋଶୀ ଗାଁକୁ ଏକ ଦଶାହ କାର୍ଯ୍ୟରେ ଯାଇଥିବା ବେଳେ ବିଙ୍ଗରି ଘରେ ଥିଲା। ଏହି ସମୟରେ ବିସ୍କୁଟ୍ ଦେବାର ଲୋଭ ଦେଖାଇ ବିଙ୍ଗରି ତାକୁ ଦୋକାନକୁ ଡାକି ନେଇଥିଲା। ତେବେ ଫେରିବା ବେଳେ ସେ ଚନ୍ଦନର ମୁଣ୍ଡକୁ ପ୍ରଥମେ ଛୋଟ ଟେକା ମାରିଥିଲା। ଏଥିରେ ଚନ୍ଦନର ମୁଣ୍ଡ ଫାଟିଯିବା ସହ ସେ ଚେତାଶୂନ୍ୟ ହୋଇ ତଳେ ପଡ଼ିଯାଇଥିଲା। ତେବେ କାଳେ ଚନ୍ଦନ ଏ ସଂପର୍କରେ ତା'ର ପରିବାରକୁ ସବୁ କଥା ଜଣାଇଦେବ ବୋଲି ଭାବି ପୁଣି ତାକୁ କାଠଫାଳିଆରେ ଆକ୍ରମଣ କରିଥିଲା ଏବଂ ପରେ ମୁଣ୍ଡରେ ପଥର ଛେଚି ଦେଇଥିଲା। ଖବର ପାଇ ପରିବାରଲୋକ ରକ୍ତଜୁଡୁବୁଡୁ ଚନ୍ଦନକୁ ଉଦ୍ଧାର କରି ଭବାନୀପାଟଣା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଇଥିଲେ। କିନ୍ତୁ ଅବସ୍ଥା ଅତ୍ୟନ୍ତ ଗୁରୁତର ହେବାରୁ ତାକୁ ବୁର୍ଲାକୁ ସ୍ଥାନାନ୍ତର କରାଯାଉଥିବା ବେଳେ ବାଟରେ ତା'ର ମୃତ୍ୟୁ ଘଟିଥିଲା। ସୋମବାର ସକାଳେ ପରିବାର ପକ୍ଷରୁ ଏନେଇ ବିଶ୍ୱନାଥପୁର ଥାନାରେ ଅଭିଯୋଗ କରାଯାଇଥିଲା। ପୁଲିସ ଶବକୁ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କୁ ହସ୍ତାନ୍ତର କରିବା ସହ ଏନେଇ ନଂ ୬୩/୨୫ରେ ଏକ ହତ୍ୟା ମାମଲା ରୁଜୁ କରିଛି। ସୋମବାର ଅଭିଯୁକ୍ତ ବିଙ୍ଗରିକୁ କୋର୍ଟଚାଲାଣ କରାଯାଇଥିବା ବିଶ୍ୱନାଥପୁର ଥାନା ଅଧିକାରୀ ତୁଳସୀରାମ ଶବର ସୂଚନା ଦେଇଛନ୍ତି।

## ଗାଁ ଦାଣ୍ଡରେ ଯୁବକଙ୍କୁ ଖଣ୍ଡାରେ ହାଣି ହତ୍ୟା

ତିର୍ତ୍ତୋଲ/କୁଜଙ୍ଗ, ୬।୧୦(ସମିସ): ପୂର୍ବ ଶତ୍ରୁତାକୁ କେନ୍ଦ୍ର କରି ତିର୍ତ୍ତୋଲ ଥାନା ଅନ୍ତର୍ଗତ ବଣିତ ପଞ୍ଚାୟତର ସରିକି ଗ୍ରାମରେ ଜଣେ ଯୁବକଙ୍କୁ ଅତି ନିର୍ମମ ଭାବେ ହତ୍ୟା କରାଯାଇଛି। ମୃତକ ହେଲେ, ଗ୍ରାମର ମନୋଜ ସ୍ୱାଇଁ (୪୫)। ଗତ ରାତିରେ ମନୋଜ ତାଙ୍କର କିଛି ସାଙ୍ଗଙ୍କ ସହ ଗାଁ ମୁଣ୍ଡ ଚାନ୍ଦିନୀରେ ବସିଥିବା ବେଳେ ସେହି ଗାଁର ପରେଶ ସ୍ୱାଇଁ ତାଙ୍କୁ ଏକ ଖଣ୍ଡାରେ ହାଣି ହତ୍ୟା କରିଛି। ପୁଲିସ ଶବକୁ ଜବତ କରି ବ୍ୟବଚ୍ଛେଦ କରିବା ସହ ଅଭିଯୁକ୍ତ ପରେଶଙ୍କୁ ଗିରଫ କରିଛି। ଏନେଇ ଥାନାରେ ଏକ ହତ୍ୟା ମାମଲା ରୁଜୁ ହୋଇଛି। ସୂଚନା ମୁତାବକ, ରବିବାର ରାତି ପ୍ରାୟ ୧୦ଟାରେ ମନୋଜ ଓ ଅନ୍ୟ ଯୁବକମାନେ ବୋଧେଇକୁ ଡ୍ରାମା ଦେଖିବାକୁ ଯିବା ପାଇଁ ଗାଁ ମୁଣ୍ଡ ଚାନ୍ଦିନୀରେ ବସିଥିଲେ। ସେହି ସମୟରେ ପରେଶ ସେଠାରେ ପହଞ୍ଚିଥିଲା। କେହି କିଛି ବୁଝିବା ପୂର୍ବରୁ ମନୋଜଙ୍କୁ ଏକ ଖଣ୍ଡାରେ ଆକ୍ରମଣ କରିଥିଲା। ଏଥିରେ ମନୋଜ ଗୁରୁତର ଆହତ ହୋଇଥିଲେ। ତାଙ୍କୁ ଉଦ୍ଧାର କରିବାକୁ ଯାଇ ଅନ୍ୟ ତିନିଜଣ ଆହତ ହୋଇଥିଲେ। ମନୋଜଙ୍କୁ ମଣିଜଙ୍ଗା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। ତାଙ୍କ ପେଟ, ବେକ ଓ ହାତରେ ଗଭୀର କ୍ଷତ ହୋଇଥିବାରୁ ଡାକ୍ତର ତାଙ୍କୁ କଟକ ବଡ଼ଡାକ୍ତରଖାନାକୁ ସ୍ଥାନାନ୍ତର କରିଥିଲେ। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ପୂର୍ବଶତ୍ରୁତାରୁ ଏହି ଆକ୍ରମଣ ହୋଇଥିବା ନେଇ ଆଲୋଚନା ହେଉଛି। ପୁଲିସ ଘଟଣାର ତଦନ୍ତ କରୁଛି।

## ପୂର୍ବତନ ପଞ୍ଚାୟତ ସମ୍ପାଦକଙ୍କୁ ହତ୍ୟା

ଭଞ୍ଜନଗର, ୬।୧୦ (ସମିସ): ଭଞ୍ଜନଗର ଥାନା ଅନ୍ତର୍ଗତ ବୁଦୁଲି ଗ୍ରାମରେ ରବିବାର ରାତିରେ ଏକ ହତ୍ୟାକାଣ୍ଡ ଘଟିଛି। ଏଥିରେ ମୁଜାଗଡ଼ ପଞ୍ଚାୟତର ପୂର୍ବତନ ସମ୍ପାଦକ ପଞ୍ଚୁ ବେହେରା (୬୫)ଙ୍କ ମୃତ୍ୟୁ ଘଟିଛି। ପୁଲିସ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ନଂ୧୧୩୦/୨୫ରେ ଏକ ହତ୍ୟା ମାମଲା ରୁଜୁ କରି ଘଟଣାର ତଦନ୍ତ କରୁଛି।

ସୂଚନାନୁସାରେ, ରବିବାର ସନ୍ଧ୍ୟାରେ ଗ୍ରାମର କିଛି ଯୁବକଙ୍କ ସହ ଅନ୍ୟ ଅନ୍ୟ ଏକ ଗ୍ରାମର ଜଣେ ଯୁବକଙ୍କ ବଚସା ହୋଇଥିଲା। ପଞ୍ଚୁ ବେହେରାଙ୍କ ଦୋକାନ ସମ୍ମୁଖରେ ଏହି ଝଗଡ଼ା ହୋଇଥିଲା। ଏହି ସମୟରେ ଦୋକାନରେ ଥିବା ପଞ୍ଚୁଙ୍କ ଦୁଇ ପୁଅ ମଧ୍ୟ କିଛି କହିବାରୁ ସେମାନଙ୍କ ସହ ଝଗଡ଼ା ହେବା ସହ ପରସ୍ପରକୁ ଆକ୍ରମଣ କରିଥିଲେ। ପରେ ପଞ୍ଚୁ ଖବର ପାଇ ଘଟଣାସ୍ଥଳକୁ ଯିବା ସମୟରେ ତାଙ୍କୁ ମଧ୍ୟ ଆକ୍ରମଣ କରାଯାଇଥିଲା। ପୁଲିସ ଘଟଣାସ୍ଥଳରେ ପହଞ୍ଚି ଉଭୟ ଗୋଷ୍ଠୀଙ୍କୁ ବୁଝାସୁଝା କରି ଫେରିଆସିଥିଲା। ଏହାର କିଛି ସମୟ ପରେ ପଞ୍ଚୁ ଘରେ ବାନ୍ତି କରିବାରୁ ପରିବାରଲୋକେ ତାଙ୍କୁ ଭଞ୍ଜନଗର ହସ୍ପିଟାଲରେ ଭର୍ତ୍ତି କରାଇଥିଲେ। ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ପଞ୍ଚୁଙ୍କ ରାତି ପ୍ରାୟ ୧୨ଟାରେ ମୃତ୍ୟୁ ହୋଇଥିଲା। ଅପରପକ୍ଷେ, ବିପକ୍ଷ ଗୋଷ୍ଠୀର ମଧ୍ୟ ଏକାଧିକ ଆହତ ହୋଇଥିବା ଅଭିଯୋଗ ହୋଇଛି। ଏହି ଘଟଣାକୁ ନେଇ ଗ୍ରାମରେ ଉତ୍ତେଜନା ଲାଗି ରହିଛି।

## କାଳ ହେଲା ପୂର୍ବ ଶତ୍ରୁତା — ଛୁରାମାଡ଼ରେ ଯୁବକ ମୃତ

ଧରାକୋଟ,୬।୧୦(ସମିସ): ପୂର୍ବ ଶତ୍ରୁତା ଓ ଧାରଟଙ୍କାକୁ କେନ୍ଦ୍ର କରି ଧରାକୋଟ ଥାନା ଅନ୍ତର୍ଗତ ରେଡ୍ଡୀ ଦାମୋଦରପଲ୍ଲୀ ଗ୍ରାମରେ ଜଣେ ଯୁବକଙ୍କୁ ହତ୍ୟା କରାଯାଇଛି। ମୃତକ ହେଲେ, ଗ୍ରାମର ଡି. ଶଙ୍କର ରେଡ୍ଡୀ ଓରଫ୍ କାଳିଆ (୩୩)। ଏନେଇ ମୃତକଙ୍କ ବଡ଼ଭାଇ ଡି. ସଞ୍ଜୀବ ରେଡ୍ଡୀ ଧରାକୋଟ ଥାନାରେ ଅଭିଯୋଗ କରିଛନ୍ତି। ପୁଲିସ ନଂ ୩୮୩/୨୫ରେ ଏକ ହତ୍ୟା ମାମଲା ରୁଜୁ କରି ମୁଖ୍ୟ ଅଭିଯୁକ୍ତ ସମେତ ତିନିଜଣଙ୍କୁ ଅଟକ ରଖି ତଦନ୍ତ କରୁଛି। ଏଥିରେ ସଂପୃକ୍ତ ଥିବା ଅନ୍ୟ ଅଭିଯୁକ୍ତମାନଙ୍କୁ ଧରିବା ପାଇଁ ଜିଲ୍ଲାର ବିଭିନ୍ନ ସ୍ଥାନରେ ଚଢ଼ଉ ଜାରି ରହିଛି। ଖୁବ୍‌ଶୀଘ୍ର ସବୁ ଅଭିଯୁକ୍ତଙ୍କୁ ଗିରଫ କରାଯିବ ବୋଲି ତଦନ୍ତକାରୀ ଅଧିକାରୀ ଏସ୍‌ଆଇ ବାଲ୍ମିକୀ ପ୍ରଧାନ କହିଛନ୍ତି। ଗତ ୨୦ ତାରିଖରେ ଗ୍ରାମର ଜଗନ୍ନାଥ ମନ୍ଦିରରେ ଜୁଆ ଆଡ଼ା ଚାଲିଥିବା ବେଳେ ଶଙ୍କର ଏ ସଂପର୍କରେ ଧରାକୋଟ ଥାନା, ଆସିକା ପୁଲିସ ଉପଖଣ୍ଡ ଅଧିକାରୀ ତଥା ଗଞ୍ଜାମ ଆରକ୍ଷୀ ଅଧୀକ୍ଷକଙ୍କୁ ଅବଗତ କରାଇଥିଲେ। ଏ ସଂପର୍କରେ ଜାଣିବା ପରେ ଅଭିଯୁକ୍ତମାନେ ଶଙ୍କରଙ୍କୁ ଟାର୍ଗେଟ୍ କରିଥିଲେ।



ଗତ ରବିବାର ରାତି ପ୍ରାୟ ୧୧ଟାରେ ସେମାନେ ସଂଘବଦ୍ଧ ଭାବେ ଶଙ୍କରଙ୍କୁ ଛୁରାମାଡ଼ କରିଥିଲେ। ଅଭିଯୁକ୍ତମାନେ ତାଙ୍କ ପେଟକୁ ଏକାଧିକବାର ଛୁରିରେ ଭୁସିବାର ରକ୍ତ ଜୁଡୁବୁଡୁ ଅବସ୍ଥାରେ ସେ ତଳେ ପଡ଼ିଯାଇଥିଲେ। ଗୁରୁତର ଶଙ୍କରଙ୍କୁ ଉଦ୍ଧାର କରି ପରିବାରଲୋକ ବ୍ରହ୍ମପୁର ମେଡିକାଲକୁ ନେଉଥିବା ବେଳେ ବାଟରେ ହିଞ୍ଜିଳି ନିକଟରେ ତାଙ୍କର ମୃତ୍ୟୁ ଘଟିଥିଲା। ପୁଲିସ ବ୍ରହ୍ମପୁର ବଡ଼ ମେଡିକାଲରେ ଶବ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି।

## ୨୦ରୁ ଯୁକ୍ତ ୨ ପରୀକ୍ଷା ଫର୍ମପୂରଣ

ଭୁବନେଶ୍ୱର, ୬।୧୦ (ସମିସ): ଉଚ୍ଚ ମାଧ୍ୟମିକ ଶିକ୍ଷା ପରିଷଦ (ସିଏଚ୍‌ଏସ୍‌ଇ) ପରିଚାଳିତ ଯୁକ୍ତ ୨ ପରୀକ୍ଷା ଫର୍ମପୂରଣ ତାରିଖ ଆଜି ଘୋଷଣା ହୋଇଛି। ଆସନ୍ତା ୨୦ତାରିଖରୁ ରେଗୁଲାର୍ ଛାତ୍ରଛାତ୍ରୀଙ୍କ ଫର୍ମ ପୂରଣ ଆରମ୍ଭ ହେବ। ଛାତ୍ରଛାତ୍ରୀମାନେ ବିନା କୌଣସି ଜରିମାନାରେ ନଭେମ୍ବର ୬ ତାରିଖ ମଧ୍ୟରେ ଫର୍ମ ପୂରଣ କରିପାରିବେ। ଏହା ପୂର୍ବରୁ, ଏକ୍ସ-ରେଗୁଲାର୍ ପରୀକ୍ଷାର୍ଥୀଙ୍କ ଫର୍ମ ପୂରଣ ହେବ। ଆସନ୍ତା ୧୩ରୁ ୨୫ ତାରିଖ ମଧ୍ୟରେ ବିନା ଜରିମାନାରେ ଫର୍ମ ପୂରଣ କରିପାରିବେ। ବିନା ଜରିମାନାରେ ଫର୍ମ ପୂରଣ ସରିବା ପରେ ଏକା ସମୟରେ ଜରିମାନା ଦେଇ ଉଭୟ ରେଗୁଲାର୍ ଓ ଏକ୍ସ-ରେଗୁଲାର୍ ଛାତ୍ରଛାତ୍ରୀମାନେ ଫର୍ମ ପୂରଣ କରିପାରିବେ। ନଭେମ୍ବର ୧୦ରୁ ୧୪ ତାରିଖ ମଧ୍ୟରେ ୨୦୦ଟଙ୍କା ଫାଇନ୍ ଏବଂ ନଭେମ୍ବର ୧୭ରୁ ୧୯ ତାରିଖ ମଧ୍ୟରେ ୬୦୦ଟଙ୍କା ଫାଇନ୍ ଦେଇ ଫର୍ମ ପୂରଣ କରିବେ। ଏନେଇ ସିଏଚ୍‌ଏସ୍‌ଇ ପକ୍ଷରୁ ପରୀକ୍ଷା ନିୟନ୍ତ୍ରକ ଡ. ପ୍ରଶାନ୍ତ କୁମାର ପରିଡ଼ା ସମସ୍ତ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟଗୁଡ଼ିକୁ ଅବଗତ କରିଛନ୍ତି।

**୧୩ରୁ ଏକ୍ସ-ରେଗୁଲାର୍**

ଫର୍ମ ପୂରଣ ପାଇଁ ୮ଶହ ଟଙ୍କା ଲେଖାଏଁ ଧାର୍ଯ୍ୟ କରାଯାଇଛି। ପ୍ରୋଜେକ୍ଟ, ପ୍ରାକ୍ଟିକାଲ୍ ଓ ଇଣ୍ଟରନାଲ୍ ପରୀକ୍ଷା ପାଇଁ ଅତିରିକ୍ତ ଭାବେ ୪୦ଟଙ୍କା ଲେଖାଏଁ ଫି' ରହିଛି। କେବଳ ରେଗୁଲାର୍ ପରୀକ୍ଷାର୍ଥୀଙ୍କଠାରୁ ଏହି ଫି' ଆଦାୟ କରାଯିବ। ଫର୍ମ ପୂରଣ ଅବଧି ପରବର୍ତ୍ତୀ ସମୟରେ ଆଉ ବୃଦ୍ଧି କରାଯିବ ନାହିଁ। ଫର୍ମ ପୂରଣର ଶେଷ ତାରିଖ ଛୁଟିଦିନ ପଡ଼ିଲେ, ତାହାର ପରବର୍ତ୍ତୀ କାର୍ଯ୍ୟ ଦିବସକୁ ଶେଷ ତାରିଖ ଭାବେ ଗ୍ରହଣ କରାଯିବ ବୋଲି କୁହାଯାଇଛି। ଏକା ସମୟରେ କଳା, ବିଜ୍ଞାନ, ବାଣିଜ୍ୟ ଓ ଧନ୍ଦାମୂଳକ ଛାତ୍ରଛାତ୍ରୀଙ୍କ ଫର୍ମ ପୂରଣ ହେବ ବୋଲି ସିଏଚ୍‌ଏସ୍‌ଇ ପକ୍ଷରୁ କୁହାଯାଇଛି।

## ଲାଞ୍ଚ ନେଇ ଧରାପଡ଼ିଲେ ସହକାରୀ ଯନ୍ତ୍ରୀ

କୁନ୍ଦୁରା, ୬।୧୦ (ସମିସ): କୋରାପୁଟ ଜିଲ୍ଲା କୁନ୍ଦୁରା ପଞ୍ଚାୟତ ସମିତି କାର୍ଯ୍ୟାଳୟର ସହକାରୀ ଯନ୍ତ୍ରୀ ଲମ୍ବୋଦର ନାୟକ ଭିଜିଲାନ୍ସ ଜାଲରେ ପଡ଼ିଛନ୍ତି। ମନରେଗା କାମର ବକେୟା ବିଲ୍ ପାସ୍ କରାଇଦେବା ବାବଦକୁ ୨୦ ହଜାର ଟଙ୍କା ଲାଞ୍ଚ ନେଉଥିବା ବେଳେ ଜୟପୁର ଭିଜିଲାନ୍ସ ତାଙ୍କୁ ବ୍ଲକ୍ ଅଫିସ ପରିସରରେ ଥିବା ତାଙ୍କ ସରକାରୀ ବାସଭବନରୁ ଧରିଛି। ତେବେ ଏହି ଘଟଣାରେ ଜିଆରଏସ୍ ଲକ୍ଷ୍ମୀକାନ୍ତ ବିଶୋଇ ସାମିଲ ଥିଲେ ହେଁ ସେ ଭିଜିଲାନ୍ସ ଅଧିକାରୀମାନଙ୍କୁ ଚକ୍‌ମା ଦେଇ ଫେରାର୍ ହୋଇଯାଇଛନ୍ତି। ସୂଚନାନୁଯାୟୀ, ଅଭିଯୋଗକାରୀ ପ୍ରଫୁଲ୍ଲ କୁମାର ସ୍ୱାଇଁ ୬ ଲକ୍ଷ ଟଙ୍କାର ମନରେଗା କାମ ପାଇଥିଲେ। ବକେୟା ବିଲ୍ ୩ ଲକ୍ଷ ୧୭୬ ହଜାର ଟଙ୍କା ପାସ୍ କରାଇଦେବା ପାଇଁ ସହକାରୀ ଯନ୍ତ୍ରୀ ଶ୍ରୀ ନାୟକ ଓ ଜିଆର୍‌ଏସ୍ ଶ୍ରୀ ବିଶୋଇ ତାଙ୍କୁ ୭୫ହଜାର ଟଙ୍କା ଲାଞ୍ଚ ମାଗିଥିଲେ। ତେବେ କଥା ୨୦ ହଜାରରେ ଛିଡ଼ିଥିଲା। ପ୍ରଫୁଲ୍ଲ ସେମାନଙ୍କୁ ୨୦ ହଜାର ଟଙ୍କା ଦେଇଥିଲେ। କିନ୍ତୁ ଅଭିଯୁକ୍ତଦ୍ୱୟ ଆଉ ୨୦ ହଜାର ଟଙ୍କା ପାଇଁ ଦାବି କରିଥିଲେ। ଟଙ୍କା ନ ଦେଲେ ବିଲ୍ ପାସ୍ କରିବେ ନାହିଁ ବୋଲି ରୋକଠୋକ୍ ମନା କରିଦେଇଥିଲେ। ତେଣୁ ପ୍ରଫୁଲ୍ଲ ଏ ସଂପର୍କରେ ଜୟପୁର ଭିଜିଲାନ୍ସର ଦ୍ୱାରସ୍ଥ ହୋଇଥିଲେ। ଭିଜିଲାନ୍ସ ଦୁହିଁଙ୍କୁ ଧରିବା ପାଇଁ ଜାଲ ବିଛାଇଥିଲା। ପୂର୍ବ ଯୋଜନା ମୁତାବକ, ଆଜି ପଞ୍ଚାୟତ ସମିତି କାର୍ଯ୍ୟାଳୟ ପରିସରରେ ଥିବା ସରକାରୀ ବାସଭବନରେ ଅଭିଯୁକ୍ତଦ୍ୱୟ ପ୍ରଫୁଲ୍ଲଙ୍କଠାରୁ ୨୦ ହଜାର ଲାଞ୍ଚ ଟଙ୍କା ନେଉଥିବା ବେଳେ ସେଠାରେ ପୂର୍ବରୁ ପ୍ରସ୍ତୁତ ହୋଇ ରହିଥିବା ଭିଜିଲାନ୍ସ ଅଧିକାରୀମାନେ ସହକାରୀ ଯନ୍ତ୍ରୀ ଲମ୍ବୋଦରଙ୍କୁ ଧରିଥିଲେ। କିନ୍ତୁ ଜିଆର୍‌ଏସ୍ ଶ୍ରୀ ବିଶୋଇ ଚତୁରତାର ସହ ସେଠାରୁ ଖସି ପଳାଇଥିଲେ।



**ଚମ୍ପଟ ମାରିଲେ ଜିଆର୍‌ଏସ୍**

# ବିଜେଡିର କଟାକ୍ଷ — ରାଜ୍ୟ ଅଶାନ୍ତ ବେଳେ ମୁଖ୍ୟମନ୍ତ୍ରୀଙ୍କ ନୂଆପଡ଼ା ଗସ୍ତ

## ନୂଆପଡ଼ାରେ ଇଟା ଖଣ୍ଡେ ପକାଇ ନାହାନ୍ତି ଡବଲ ଇଞ୍ଜିନ ସରକାର


ଭୁବନେଶ୍ୱର,୬।୧୦(ସମିସ): ଏକାଧିକ ପ୍ରସଙ୍ଗରେ ଏବେ ରାଜ୍ୟର ସ୍ଥିତି ଗମ୍ଭୀର, ଉଦ୍‌ବେଗଜନକ ଥିବାବେଳେ ନୂଆପଡ଼ାରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ନିର୍ବାଚନୀ ପ୍ରଚାର କରିବା ଦୁର୍ଭାଗ୍ୟଜନକ ବୋଲି ବିଜେଡି କହିଛି। କଟକରେ ପୂଜା ଭସାଣି ବେଳର ଗୋଷ୍ଠୀ ସଂଘର୍ଷକୁ ନେଇ ଉଦ୍‌ବେଗଜନକ ସ୍ଥିତି, ଗଜପତି ଜିଲ୍ଲାରେ ଭୂସ୍ଖଳନଜନିତ ସମସ୍ୟା, ୨୦୦ କୋଟି ଟଙ୍କାର ଏସ୍‌ଆଇ ଚାକିରି କେଳେଙ୍କାରୀ, ୫ଟି ଜିଲ୍ଲାରେ ବର୍ଷା ଜନିତ ବ୍ୟାପକ କ୍ଷୟକ୍ଷତି, ରାଜ୍ୟରେ ବିପର୍ଯ୍ୟସ୍ତ ଆଇନଶୃଙ୍ଖଳା ପରିସ୍ଥିତିର ମୁକାବିଲା କରିବା ପରିବର୍ତ୍ତେ ମୁଖ୍ୟମନ୍ତ୍ରୀଙ୍କ ନୂଆପଡାରେ ନିର୍ବାଚନୀ ପ୍ରଚାରକୁ ଦଳ କଡ଼ା ନିନ୍ଦା କରିଛି।

ସୋମବାର ଶଙ୍ଖ ଭବନରେ ଅନୁଷ୍ଠିତ ସାମ୍ବାଦିକ ସମ୍ମିଳନୀରେ ଦଳର ଉପସଭାପତି ସଞ୍ଜୟ କୁମାର ଦାସବର୍ମା, ବିଜୁ ମହିଳା ଜନତା ଦଳର ସଭାନେତ୍ରୀ ସ୍ନେହାଙ୍ଗିନୀ ଛୁରିଆ ଓ ଜଳେଶ୍ୱର ବିଧାୟକ ଅଶ୍ୱିନୀ କୁମାର ପାତ୍ର ନିର୍ବାଚନ ଆଚରଣ ବିଧି ଲାଗୁ ହେବାର ୨ ଘଣ୍ଟା ପୂର୍ବରୁ ମୁଖ୍ୟମନ୍ତ୍ରୀ ନୂଆପଡ଼ାରେ ୧୧୦୦ କୋଟିର ପ୍ରକଳ୍ପ ଘୋଷଣା କରିବା ଦୁର୍ଭାଗ୍ୟଜନକ ବୋଲି ଅଭିଯୋଗ କରିଛନ୍ତି।

ଶ୍ରୀ ଦାସବର୍ମା କହିଛନ୍ତି ଯେ ଭାଇଚାରାର ସହର କଟକରେ କେବେ ନ ଦେଖିବା ସ୍ଥିତି ଆଜି ଡବଲ ଇଞ୍ଜିନ ସରକାରରେ ଦେଖିବାକୁ ମିଳିଛି। ଓଡ଼ିଶାର ସାଂସ୍କୃତିକ

**■ ଆଚରଣ ବିଧି ଲାଗୁ ହେବାର ୨ ଘଣ୍ଟା ପୂର୍ବରୁ ୧୧୦୦ କୋଟିର ପ୍ରକଳ୍ପ ଘୋଷଣା ନିର୍ବାଚନୀ ଥୋପ**
**■ ନୂଆ ରଙ୍ଗ ମାରି ନବୀନ ସରକାରଙ୍କ ପ୍ରକଳ୍ପକୁ ଉଦ୍‌ଘାଟନ କରିଛନ୍ତି ମୁଖ୍ୟମନ୍ତ୍ରୀ**

ପ୍ରାଣକେନ୍ଦ୍ର ତଥା ୧୦୦୦ ବର୍ଷର ଐତିହାସିକ ସହର କଟକର ଗରିମା ଆଜି ଭୂଲୋଟିତ ହୋଇଛି। ଏହାକୁ ନିୟନ୍ତ୍ରଣ କରିବାରେ ରାଜ୍ୟ ସରକାର ସଂପୂର୍ଣ୍ଣ ବିଫଳ ହୋଇଛନ୍ତି। ସେହିଭଳି ଗଜପତି ଜିଲ୍ଲାରେ ଲଗାତାର ଭୂସ୍ଖଳନ ସ୍ଥିତିକୁ ପ୍ରଶାସନ ଗମ୍ଭୀରତାର ସହ ନ ନେବା ଚିନ୍ତାଜନକ। ରାଜ୍ୟର ୫ଟି ଜିଲ୍ଲାରେ ବର୍ଷାଜନିତ ବ୍ୟାପକ କ୍ଷୟକ୍ଷତି ପ୍ରତି ସରକାରଙ୍କ ନିଘା ନାହିଁ। ନିଯୁକ୍ତି ଆଶାୟୀ ଯୁବ ସମାଜକୁ ପ୍ରତାରଣା କରି ସରକାରୀ ପ୍ରୋତ୍ସାହନରେ ପୁଲିସ ଏସ୍‌ଆଇ ଚାକିରି ବିକ୍ରି ହେବା ଘଟଣା ରାଜ୍ୟବାସୀଙ୍କ ମନକୁ ଆନ୍ଦୋଳିତ କରିଛି। ଏଭଳି ସ୍ଥିତିରେ ନୂଆପଡ଼ାରେ ମୁଖ୍ୟମନ୍ତ୍ରୀଙ୍କ ନିର୍ବାଚନୀ ପ୍ରଚାର ରାଜ୍ୟବାସୀଙ୍କ ପ୍ରତି



ସମ୍ବେଦନହୀନତାକୁ ଦର୍ଶାଉଛି।

ବରିଷ୍ଠ ନେତ୍ରୀ ସ୍ନେହାଙ୍ଗିନୀ ଛୁରିଆ କହିଛନ୍ତି ଯେ ପୂର୍ବତନ ମୁଖ୍ୟମନ୍ତ୍ରୀନବୀନ ପଟ୍ଟନାୟକଙ୍କ ଦ୍ୱାରା ୬୪ କୋଟି ଟଙ୍କାରେ ନିର୍ମିତ ୧୦୮ଟି ପ୍ରକଳ୍ପରେ ଆଜି ରଙ୍ଗ ମାରି ମୁଖ୍ୟମନ୍ତ୍ରୀ ଫିତା କାଟିଛନ୍ତି। ସିନାପାଲିକୁ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ପୂର୍ବରୁ ଏନ୍‌ଏସି ଘୋଷଣା କରିଥିଲେ। ପ୍ରଥମ ପର୍ଯ୍ୟାୟରେ ରାଜ୍ୟ ବିଜେପି ସରକାର ଘୋଷଣା କରିଥିବା ତାଲିକାରୁ ସିନାପାଲିର ନାଁକୁ କାଟି ଏବେ ଯୋଡ଼ିବାରେ ରାଜନୀତିର ଗନ୍ଧ ସ୍ପଷ୍ଟ ବାରି ହେଉଛି। ସେହିପରି ମୁଖ୍ୟମନ୍ତ୍ରୀ ଆଜି ଘୋଷଣା କରିଥିବା 'ଝିଅ ପାଇଁ ଗଛଟିଏ' କାର୍ଯ୍ୟକ୍ରମ ୨୦୨୩ ଏପ୍ରିଲରେ ପୂର୍ବତନ ମୁଖ୍ୟମନ୍ତ୍ରୀ ଆରମ୍ଭ କରିଥିଲେ। ସିଙ୍ଗଲ୍ ୟୁଜ୍ ପ୍ଲାଷ୍ଟିକ୍ ମୁକ୍ତ ନୂଆପଡ଼ା ଜିଲ୍ଲା ଘୋଷଣା ମଧ୍ୟ ପୂର୍ବ ବିଜେଡି ସରକାର ସମୟରେ ୨୦୧୯ ରେ ହୋଇଥିଲା। ପ୍ରବାଦ ପୁରୁଷ ବିଜୁ ବାବୁଙ୍କ ଦ୍ୱାରା ୧୯୯୩ରେ ଜିଲ୍ଲା ଘୋଷଣା ହେବା ଠାରୁ ନୂଆପଡ଼ା ବିଜୁ ଜନତା ଦଳର ଫୋକସ୍‌ରେ ରହିଆସିଛି। ଗତ ୧୬ ମାସରେ ନୂଆପଡା ପାଇଁ ଇଟା ଖଣ୍ଡେ ଯୋଡି ନ ଥିବା ବିଜେପି ସରକାର, ନିର୍ବାଚନ ଘୋଷଣା ହେବା ସମୟରେ ନୂଆପଡ଼ାବାସୀଙ୍କୁ ବିଭ୍ରାନ୍ତ କରିବା ପାଇଁ ମୁଖ୍ୟମନ୍ତ୍ରୀଙ୍କ ନୂଆପଡ଼ା ଗସ୍ତ ରାଜନୈତିକ ଉଦ୍ଦେଶ୍ୟପ୍ରଣୋଦିତ।

ବିଧାୟକ ଅଶ୍ୱିନୀ ପାତ୍ର କହିଛନ୍ତି ଯେ ରାଜ୍ୟବାସୀଙ୍କ ସମସ୍ୟାକୁ ଅଣଦେଖା କରି ମୁଖ୍ୟମନ୍ତ୍ରୀ ନୂଆପଡ଼ାରେ ନିର୍ବାଚନ ପ୍ରଚାରରେ ବ୍ୟସ୍ତ। ଲଗାଣ ବର୍ଷା ଯୋଗୁଁ ଉତ୍ତର ଓଡ଼ିଶାରେ ବ୍ୟାପକ କ୍ଷୟକ୍ଷତି ହୋଇଥିଲେ ମଧ୍ୟ ମୁଖ୍ୟମନ୍ତ୍ରୀ ଏହାକୁ ଗୁରୁତ୍ୱର ସହ ନ ନେବା ଦୁଃଖଦାୟକ ବୋଲି ସେ ମତବ୍ୟକ୍ତ କରିଛନ୍ତି।

# ଶହେ ବର୍ଷରେ ପଦାର୍ପଣ କରିବ ଢେଙ୍କାନାଳ ଜିଲ୍ଲାପାଳ କାର୍ଯ୍ୟାଳୟ

ଢେଙ୍କାନାଳ,୬ ।୧୦(ସମିସ)

ଢେଙ୍କାନାଳ ଜିଲ୍ଲା ଢେଙ୍କାନାଳ ଗଡ଼ଜାତ ରାଜ୍ୟର ନୂତନ ସଂସ୍କରଣ। ଏହି ଜିଲ୍ଲା ସହ ସାମିଲ ହୋଇଛି ପୂର୍ବର ହିନ୍ଦୋଳ ଗଡ଼ଜାତ ରାଜ୍ୟ। ହିନ୍ଦୋଳ ରାଜ୍ୟ ଏବେବି ଢେଙ୍କାନାଳ ଜିଲ୍ଲାର ଏକ ଉପଖଣ୍ଡ ଓ ଏକକ ବ୍ଲକ ଭାବେ ସାମିଲ ରହିଛି। ହିନ୍ଦୋଳ ନିଜିଗଡ଼ ବିଜ୍ଞାପିତ ଅଞ୍ଚଳ ପରିଷଦ ଭାବେ ମାନ୍ୟତା ପାଇଛି। ଯେଉଁଠାରେ ଉପଖଣ୍ଡ ମୁଖ୍ୟାଳୟ ସହ ବ୍ଲକ ମୁଖ୍ୟାଳୟ ମଧ୍ୟ ରହିଛି। ଏହାର ସମୃଦ୍ଧ ରାସୋଳ ଓ ଖଜୁରିଆକଟା ଏନଏସି ହେବାର ସମସ୍ତ ଯୋଗ୍ୟତା ଥାଇ ବି ପ୍ରଶାସନିକ ଅବହେଳାରୁ ଏହା ବିଜ୍ଞାପିତ ଅଞ୍ଚଳ ପରିଷଦ ମାନ୍ୟତା ପାଇପାରୁନି କି ନୂତନ ବ୍ଲକ ମାନ୍ୟତା ମଧ୍ୟ ଏଯାବତ ପାଇନାହିଁ। ଢେଙ୍କାନାଳ ସହର ଜିଲ୍ଲା ମୁଖ୍ୟାଳୟ ଭାବେ ଢେଙ୍କାନାଳ ରାଜ୍ୟର ପ୍ରତିଷ୍ଠାତା ରାଜା ହରିସିଂ ବିଦ୍ୟାଧରଙ୍କ ସମୟରେ ୧୫୮୦ ଖ୍ରୀଷ୍ଟାବ୍ଦରୁ ମାନ୍ୟତା ଲାଭ କରିଛି। ଢେଙ୍କାନାଳ ନିଜିଗଡ଼ସ୍ଥିତ ଶ୍ରୀ ସିଦ୍ଧ ବଳରାମଙ୍କ ମନ୍ଦିରକୁ ପୂର୍ଣ୍ଣାଙ୍ଗ କରିଥିବା ମହାବୀର ରାଜା ନୃସିଂହ ଭ୍ରମରବର ରାୟ ତାଙ୍କ ରାଜତ୍ୱ କାଳରେ ବିଭିନ୍ନ ପଡ଼ୋଶୀ ରାଜାଙ୍କୁ ଯୁଦ୍ଧରେ ପରାସ୍ତ କରି ଢେଙ୍କାନାଳ ରାଜ୍ୟର ସୀମାବୃଦ୍ଧି କରାଇଥିଲେ। ଅଧୁନା ଢେଙ୍କାନାଳ ଜିଲ୍ଲାର ହିନ୍ଦୋଳ ଭିନ୍ନ ଅନ୍ୟ ୭ ବ୍ଲକ ଯଥା ଢେଙ୍କାନାଳ ସଦର, ଗଁଦିଆ, ଓଡ଼ାପଡ଼ା, କାମାକ୍ଷାନଗର, ଭୁବନ, କଙ୍କଡ଼ାହାଡ଼ ଓ ପରଜଙ୍ଗ ରାଜା ନୃସିଂହ ଭ୍ରମରବରଙ୍କ ରାଜତ୍ୱ ସମୟ ୧୬୮୦ରୁ ୧୭୦୮ ଖ୍ରୀଷ୍ଟାବ୍ଦରୁ ଏଯାବତ ଅକ୍ଷୁଣ୍ଣ ରହିଆସିଛି। ତେବେ ଏମାନଙ୍କ ମୂର୍ତ୍ତି ସ୍ଥାପନା ଦିଗରେ ପ୍ରଶାସନ କି ନିର୍ବାଚିତ ଲୋକ ପ୍ରତିନିଧି କେବେ ବି ଚିନ୍ତା କରିନାହାନ୍ତି। ମୋଦି ସରକାର ଦେଶର ଐତିହ୍ୟ ଓ ସଂସ୍କୃତି ଉପରେ ଗୁରୁତ୍ୱ ଦେଉଥିବା ବେଳେ ଢେଙ୍କାନାଳ ଗଡ଼ଜାତର ଏହି ମହାପୁରୁଷଙ୍କର ସ୍ମୃତିରକ୍ଷା ପାଇଁ କୌଣସି ଉଦ୍ୟମ ନାହିଁ। ଦେଶ ସ୍ୱାଧୀନତା ପୂର୍ବରୁ ଢେଙ୍କାନାଳ ଗଡ଼ଜାତର ରାଜା ଭାବେ ୧୯୦୪ରେ ଜନ୍ମିତ ଶଙ୍କର ପ୍ରତାପ ସିଂହଦେଓ ମହିନ୍ଦ୍ର ବାହାଦୁର ୧୯୨୫ରେ ସାବାଳକ ଭାବେ ରାଜ୍ୟର ପ୍ରତ୍ୟକ୍ଷ ଶାସନ ଦାୟିତ୍ୱ ଗ୍ରହଣ କରିଥିଲେ। ପରେ ସେ ୧୯୨୮ରେ




## ୧୬ କୋଟି ଟଙ୍କାରେ ନୂତନ କାର୍ଯ୍ୟାଳୟ ଅନ୍ତିମ ପର୍ଯ୍ୟାୟରେ

ବର୍ତ୍ତମାନର ପ୍ରଶାସନିକ ଦପ୍ତର ସମ୍ପୂର୍ଣ୍ଣ କରି ଏହାକୁ ଲୋକାର୍ପଣ କରିଥିଲେ ଯାହା ୨୦୨୭ରେ ୧୦୦ ବର୍ଷରେ ପଦାର୍ପଣ କରିବ। ଇତିମଧ୍ୟରେ ଜିଲ୍ଲାପାଳଙ୍କ ଦପ୍ତରର ପଶ୍ଚିମ ଦିଗ ସୀମାରେ ୨୪ ହଜାର ବର୍ଗଫୁଟ କାର୍ପେଟ ଏରିଆକୁ ନେଇ ୫ ମହଲା ବିଶିଷ୍ଟ ନିର୍ମାଣ କାର୍ଯ୍ୟ ଶେଷ ପର୍ଯ୍ୟାୟରେ ପହଞ୍ଚିଛି। ଏହି ସୌଧରେ ଯାତାୟାତ ସୁବିଧା ପାଇଁ ଲିଫ୍ଟ ବ୍ୟବସ୍ଥା କରାଯାଇଛି। ଏହି ସୌଧ ନିର୍ମାଣ ପାଇଁ ୧୬ କୋଟି ଟଙ୍କା ବ୍ୟୟବରାଦ କରାଯାଇଛି। ଏଥିରେ ଅତ୍ୟାଧୁନିକ ସମ୍ମିଳନୀ କକ୍ଷ ଏବଂ ଆଭାସୀ କକ୍ଷ ବ୍ୟବସ୍ଥା କରାଯାଇଛି। ପର୍ଯ୍ୟାପ୍ତ ପାର୍କିଂ ସ୍ଥାନ ମଧ୍ୟ ରହିଛି। ୨୦୨୬ ଜାନୁଆରୀରୁ ଏହା କାର୍ଯ୍ୟକ୍ଷମ ହେବ ବୋଲି ପୂର୍ତ୍ତ ଅଧିକ୍ଷଣ ଯନ୍ତ୍ରୀ ଜୟନ୍ତ ନାଏକ ସୂଚନା ଦେଇଛନ୍ତି। ଜିଲ୍ଲାପାଳଙ୍କ ଦପ୍ତରର ଶହେବର୍ଷ ପୂର୍ତ୍ତି ଅବସରରେ ଢେଙ୍କାନାଳ ଗଡ଼ଜାତ ଜିଲ୍ଲାର ପୂର୍ଣ୍ଣାଙ୍ଗ ପ୍ରତିଷ୍ଠାତା ମହାବୀର ନୃସିଂହ ଭ୍ରମରବର ରାୟ ଏବଂ ପ୍ରଶାସନିକ ସୌଧର ପ୍ରତିଷ୍ଠାତା ମହାରାଜ ଶଙ୍କର ପ୍ରତାପ ସିଂହଦେଓଙ୍କ ପୂର୍ଣ୍ଣାବୟବ ପ୍ରତିକୃତି ଜିଲ୍ଲାପାଳଙ୍କ ଦପ୍ତର ସମ୍ମୁଖରେ ପ୍ରତିଷ୍ଠା କରାଯାଉ ବୋଲି ଜିଲ୍ଲା ସକ୍ରିୟ ନାଗରିକ ପରିଷଦ ପକ୍ଷରୁ ସଭାପତି ପ୍ରଦ୍ୟୁମ୍ନ ରଥ, ସମ୍ପାଦକ ଅଶୋକ କୁମାର ନନ୍ଦ, ଉପସଭାପତି ଅଖିଳ ମହାପାତ୍ର, ଆବାହକ ଆଇନଜୀବୀ କୃଷ୍ଣଚନ୍ଦ୍ର ଦ୍ୱିବେଦୀ, ଯୁବରାଜ ଅମରଜ୍ୟୋତି ସିଂହଦେଓ ଓ ବରିଷ୍ଠ ବିଜେପି ନେତା ରାଜକୁମାର ହର୍ଷବର୍ଦ୍ଧନ ସିଂହଦେଓ ପ୍ରମୁଖ ଦୃଢ଼ ଦାବି କରିଛନ୍ତି।

ପ୍ରକାଶଥାଉକି, ଢେଙ୍କାନାଳର ଶେଷ ସ୍ୱାଧୀନ ରାଜା ଶଙ୍କର ପ୍ରତାପ ସିଂହଦେଓ ମହିନ୍ଦର ବାହାଦୁର ୧୯୫୭ରୁ ୧୯୬୨ ଯାଏଁ ଢେଙ୍କାନାଳ ବିଧାୟକ ଥିବା ସହ ୧୯୬୨ରେ ଲୋକସଭାକୁ ଓ ୧୯୬୪ରେ ରାଜ୍ୟସଭାକୁ ନିର୍ବାଚିତ ହୋଇଥିଲେ। ୧୯୬୫ ଅଗଷ୍ଟ ୩ରେ ତାଙ୍କ ଦେହାନ୍ତ ହୋଇଥିଲା। ୧୯୫୪ରୁ ୧୯୬୪ ଯାଏଁ ଦୀର୍ଘ ୧୧ବର୍ଷ ଧରି ସେ ଢେଙ୍କାନାଳ ମିଳିତ ଲକ୍ଷ୍ମୀପୂଜା କମିଟି ସଭାପତି ଥିଲେ। ୧୯୫୯ରେ ପାଣିଓହଳା ପର୍ବତ ପାଦଦେଶରେ ତାଙ୍କର ଥିବା ୨୭ ଏକର ଜମି ଦାନକରି ଢେଙ୍କାନାଳ ସ୍ୱୟଂଶାସିତ ମହାବିଦ୍ୟାଳୟର ଭିତ୍ତି ସ୍ଥାପନ କରାଇଥିଲେ। ଗଡ଼ଜାତ ମିଶ୍ରଣ ଚୁକ୍ତିରେ ୧୯୪୭ ଡିସେମ୍ବର ୧୫ରେ ଢେଙ୍କାନାଳ ଗଡ଼ଜାତ ଓଡ଼ିଶା ରାଜ୍ୟରେ ପ୍ରଥମ ସ୍ୱାକ୍ଷରକାରୀର ଭୂମିକା ମହାରାଜା ଶଙ୍କର ପ୍ରତାପ ତୁଲାଇଥିଲେ। ବର୍ତ୍ତମାନର ସର୍କିଟ ହାଉସ ଯାହା ବସଷ୍ଟାଣ୍ଡ ନିକଟ ଚଢ଼େଇ ରଗଡ଼ା ପାହାଡ଼ ଉପରେ ଅବସ୍ଥିତ, ତାହାକୁ ମହାରାଜା ଶଙ୍କର ପ୍ରତାପ ରାଜ୍ୟ ଅତିଥି ଭାବନ ଭାବେ ନିର୍ମାଣ କରାଇଥିଲେ।

## କୁମାର ପୂର୍ଣ୍ଣିମା ଓ ଗ୍ରାମେଶ୍ୱରୀଙ୍କ ବାର୍ଷିକ ପୂଜା



ଅନୁଗୋଳ,୬ ।୧୦(ସମିସ): ସହର ଉପକଣ୍ଠ ରାଣୀଗୋଡ଼ା ଗ୍ରାମରେ କୁମାର ପୂର୍ଣ୍ଣିମା ଓ ଗ୍ରାମେଶ୍ୱରୀ ମା' ବଗାଧରଙ୍କ ଦୁଇଦିନିଆ ବାର୍ଷିକ ପୂଜା ଉତ୍ସବ ସୋମବାର ଆରମ୍ଭ ହୋଇଛି। ପୂର୍ବାହ୍ନ ୧୧ଟାରେ ଗ୍ରାମର ସାମନ୍ତ ସାହିରେ ଥିବା ମା'ଙ୍କ ଦିଅଁଘରୁ ଗ୍ରାମେଶ୍ୱରୀ ବଗାଧରଙ୍କ ସୁସଜ୍ଜିତ ବିଜେ ପ୍ରତିମା (ଆଲମ)କୁ ଘଣ୍ଟଘଣ୍ଟା, ଶଙ୍ଖ, ଢୋଲ, ମହୁରୀ, ଲଉଡ଼ି ଦଳ ଓ ଆତସବାଜିର ବିରାଟ ଶୋଭାଯାତ୍ରାରେ ଗ୍ରାମ ପରିକ୍ରମା କରାଯାଇଥିଲା। ମା'ଙ୍କ ଆଲମ ଶୋଭାଯାତ୍ରାରେ ଶିଙ୍ଗବାଜା, ଭାଙ୍ଗଡ଼ା ବାଦ୍ୟ, ଛତ୍ରୀ ତରାସ, ପାଇକବାହିନୀ ସାମରିକ ଅସ୍ତ୍ରଶସ୍ତ୍ର ଖଣ୍ଡା, ଢାଲ, ବର୍ଚ୍ଛା, ଧନୁ, ତୀର, ଆଦି ସାମିଲ ହୋଇଥିଲା। ପ୍ରତି ଘର ଦୁଆରେ ମା'ଙ୍କୁ ପୂଜାର୍ଚ୍ଚନା ଓ ବନ୍ଦାପନା କରାଯାଇଥିଲା। ଗ୍ରାମ ପରିକ୍ରମା ପରେ ପୀଠର ଆସ୍ଥାନ ଉପରେ ମା'ଙ୍କ ଆଲମକୁ ବିଜେ କରାଯିବା ପରେ ପୂଜକ ଭାଗୀରଥି ଦେହୁରୀ ଏବଂ ସହଯୋଗୀ ମାର୍ଜନା ଓ ବିଧି ଅନୁଯାୟୀ ଷୋଡ଼ଶ ଉପଚାର ପୂଜା କରିଥିଲେ। ଶତାଧିକ ମାନସିକଧାରୀ ମା'ଙ୍କ ପାଖରେ ସେମାନଙ୍କ ଶିଶୁଙ୍କ କେଶ ମୁଣ୍ଡନ କରିଥିଲେ। ପରେ କିଛି ଗ୍ରାମବାସୀ ମା'ଙ୍କ ଆଜ୍ଞାମାଳନେଇ ପତିଆର (କାଳିଶି) କୁ ଡାକିବାକୁ ଯାଇଥିଲେ। ସେଠାରେ ଅନ୍ୟ ଜଣେ ପୂଜକ ଷୋଡ଼ଶ ଉପଚାରରେ ପୂଜା କରିବା ପରେ ଘଣ୍ଟଘଣ୍ଟା, ଢୋଲ ମହୁରୀ ନାଦରେ ମା' ପତିଆର ଦେହରେ ଆବିର୍ଭାବ ହୋଇଥିଲେ। ପରେ ପତିଆରଙ୍କୁ ପୂଜା ମଣ୍ଡପକୁ ପାଛୋଟି ଆଣିଥିଲେ। ଉପସ୍ଥିତ ସମସ୍ତ ଶ୍ରଦ୍ଧାଳୁଙ୍କ ଉପରେ କାଳିଶି ଆଶୀର୍ବାଦ ସିଞ୍ଚନ କରିଥିଲେ। ରାତି ୧୦ଟାରେ ଗ୍ରାମେଶ୍ୱରୀଙ୍କ ବଡ଼ପୂଜା ମଧ୍ୟ ସମ୍ପନ୍ନ କରାଯାଇଥିଲା। ଶାନ୍ତିଶୃଙ୍ଖଳା ରକ୍ଷା ପାଇଁ ପ୍ରଶାସନ ପକ୍ଷରୁ ପୁଲିସ ମୁତୟନ କରାଯାଇଥିଲା। ଦର୍ଶକଙ୍କ ମନୋରଞ୍ଜନ ପାଇଁ ମନଷ୍ଟର କ୍ଲବ ପକ୍ଷରୁ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜନ କରାଯାଇଛି। ଉଦଘାଟନୀ ସନ୍ଧ୍ୟାରେ ତାଳଚେର ବିଧାୟକ ବ୍ରଜକିଶୋର ପ୍ରଧାନ ଅତିଥି ଭାବେ ଯୋଗଦେଇଥିଲେ। କମଳ ଲୋଚନ ଦାସ, ଭାଗୀରଥି ଦେହୁରୀ, କୁମୁଦ ଦାସ, ବିଚିତ୍ରା, ବୀରେନ୍, ବିଦ୍ୟାଧର, ଭବାନୀ, ତୁଷାର, ପିଙ୍କୁ, ଲିଟନ, ସାଗର, ବିକାଶ, ଜଟି, ସମ୍ବିତ, ଚିନ୍ମୟ, ଚଗଲା, ସିଲୁ, ଦିଲୀପ, ଆଭାସ, ଜ୍ଞାନୀ, ହାପି, ଜଗା, ପୂର୍ଣ୍ଣଚନ୍ଦ୍ର ସିଂହ ସାମନ୍ତ, ତ୍ରେତାନନ୍ଦ ସାମନ୍ତ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ମା' କୁଣ୍ଡେଇବିରାଙ୍କ ବାର୍ଷିକ ଉତ୍ସବ



ପାଲଲହଡ଼ା,୬ ।୧୦(ସମିସ): ସୋମବାର କୁମାରପୂର୍ଣ୍ଣିମା ଅବସରରେ ଅନୁଗୋଳ ଜିଲ୍ଲା ପାଲଲହଡ଼ା ଉପଖଣ୍ଡର ଅଧିଷ୍ଠାତ୍ରୀ ଦେବୀ ମା' କୁଣ୍ଡେଇବିରାଙ୍କ ବାର୍ଷିକ ଉତ୍ସବ ଆରମ୍ଭ ହୋଇଛି। ମା' କୁଣ୍ଡେଇବିରା ପାଲଲହଡ଼ା ଗଡ଼ଜାତର ରାଜାରାଜୁଡ଼ା ଅମଳର ଅଧିଷ୍ଠାତ୍ରୀ ଦେବୀ ହୋଇଥିବା ବେଳେ ଅଞ୍ଚଳବାସୀ ଆଗ୍ରହର ସହିତ ମା'ଙ୍କ ପୂଜାର୍ଚ୍ଚନା କରିଥାନ୍ତି। ସୋମବାର ସକାଳୁ ମା'ଙ୍କ ପୀଠରେ ମନ୍ଦିର ପୂଜକମାନଙ୍କ ଦ୍ୱାରା ମଙ୍ଗଳଆଳତି କରିବା ପରେ ବାର୍ଷିକ ଉତ୍ସବ ନୀତି ଆରମ୍ଭ ହୋଇଥିଲା। ପାଲଲହଡ଼ା ବଳଦେବଜୀଉ ମନ୍ଦିରରୁ ବଲ୍ଲଭ ଭୋଗ ଆସି ମା'ଙ୍କ ନିକଟରେ ଲାଗି ହୋଇଥିଲା। ଭକ୍ତମାନଙ୍କ ଦ୍ୱାରା କଳସଯାତ୍ରା ଏବଂ ମା'ଙ୍କ ପାଶ୍ୱର୍ ଦେବୀଙ୍କୁ ପୂଜାର୍ଚ୍ଚନା କରି ନଗର ପରିକ୍ରମା କରାଯାଇଥିଲା। ମଙ୍ଗଳବାର ସୂର୍ଯ୍ୟପୂଜା, ଗୋପୂଜା, ଚଣ୍ଡିଜାଗ ହେବା ସହ ପୂର୍ଣ୍ଣାହୁତି ପ୍ରଦାନ କରାଯିବ। ପାଲଲହଡ଼ା ଗଡ଼ଜାତର ଯୁବରାଜ ବାଲାକ୍ରିଷ୍ଣ ପାଲ କର୍ତ୍ତା ଦାୟିତ୍ୱ ତୁଲାଉଛନ୍ତି। ମା'ଙ୍କ ଦର୍ଶନ ପାଇଁ ଭକ୍ତଙ୍କ ପ୍ରବଳ ଭିଡ଼ ଜମିଥିଲା।

## ଲିଙ୍ଗରାଜ କୋଇଲା ଖଣିରେ ଦୁର୍ଘଟଣା

### ଚାଳକ ଗୁରୁତର

ତାଳଚେର,୬ ।୧୦(ସମିସ): ସୋମବାର ସକାଳେ ତାଳଚେର ଲିଙ୍ଗରାଜ କୋଇଲା ଖଣି ପରିସରରେ ଏକ ହାଇୱା ଦୁର୍ଘଟଣାଗ୍ରସ୍ତ ହୋଇଛି। ଚାଳକ ଢେଙ୍କାନାଳ ଜିଲ୍ଲା ଡଙ୍ଗରବେଡ଼ା ଗ୍ରାମର ବଳରାମ ସାହୁ (୫୫) ଗୁରୁତର ଆହତ ହୋଇଛନ୍ତି। ତାଙ୍କ ଅଣ୍ଟାରେ ଆଘାତ ଲାଗିଛି। ତାଙ୍କୁ ଭୁବନେଶ୍ୱରର ଏକ ଘରୋଇ ଡାକ୍ତରଖାନାରେ ଭର୍ତ୍ତି କରାଯାଇଛି। ବଳରାମ ସଂଘରତ୍ନ ସୋସାଇଟି ଅଧୀନରେ ଠିକାରେ ହାଇୱା ଚାଳକ ଭାବେ କାର୍ଯ୍ୟ କରନ୍ତି। ସକାଳେ ହାଇୱା ଯୋଗେ ଖଣି ଭିତରୁ କୋଇଲା ଆଣୁଥିବା ବେଳେ ହଠାତ୍ ଗାଡ଼ି ଭାରସାମ୍ୟ ହରାଇ ଖଣି ଭିତରକୁ ପଡ଼ିଯାଇଥିଲା। ଏହି ସମୟରେ ବଳରାମ ଗାଡ଼ିରୁ ଡେଇଁପଡ଼ିବାରୁ ଅଳ୍ପକେ ବର୍ତ୍ତିଯାଇଛନ୍ତି। ତେବେ ଖଣି ଭିତରେ ସୁରକ୍ଷାକୁ ନେଇ ଏବେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଏହାର ତଦନ୍ତ କରାଯିବ ବୋଲି ଖଣି କର୍ତ୍ତୃପକ୍ଷ ସୂଚନା ଦେଇଛନ୍ତି।

## ଇନ୍ଦିପୁରରେ ୨୪ ମଣ୍ଡପରେ ପୂଜା ଆରମ୍ଭ

ଢେଙ୍କାନାଳ,୬ ।୧୦(ସମିସ): ଢେଙ୍କାନାଳ ଜିଲ୍ଲା ଓଡ଼ାପଡ଼ା ବ୍ଲକ ଇନ୍ଦିପୁର ଗ୍ରାମ ତଥା ଆଖପାଖ ଅଞ୍ଚଳରେ ସୋମବାର ସନ୍ଧ୍ୟାରୁ ଗଜଲକ୍ଷ୍ମୀ ପୂଜା ଆରମ୍ଭ ହୋଇଛି। ପୂଜା ପାଇଁ ପ୍ରତି ମଣ୍ଡପ ତରଫରୁ କଳସ ଶୋଭାଯାତ୍ରାରେ ନିକଟସ୍ଥ ନାଳରୁ ପବିତ୍ର ଜଳ ସଂଗ୍ରହ କରାଯାଇ ଘଟ ସ୍ଥାପନ କରାଯାଇଥିଲା। ପରେ ମାଆଙ୍କ ପୂଜା ଆରମ୍ଭ ହୋଇଛି। ୨୪ ମଣ୍ଡପରେ ମାଆ ଭକ୍ତଙ୍କୁ ଦର୍ଶନ ଦେଉଛନ୍ତି। ମଣ୍ଡପଗୁଡ଼ିକରେ ଆକର୍ଷଣୀୟ ସାଜସଜା ହୋଇଛି। ମୀନାବଜାର ସହ ବ୍ୟବସାୟୀ ସେମାନଙ୍କ ପସରା ମେଲାଇଛନ୍ତି। ଗ୍ରାମର ବଡ଼ଦାଣ୍ଡ ସାହି, କଲେଜ ଛକ, ହାଇସ୍କୁଲ ଛକ, ଜୁଆଙ୍ଗ ସାହି, ଶାସନ ସାହି, ବସଷ୍ଟାଣ୍ଡ, ଉପର ନୂଆସାହି, ବ୍ରଦର୍ସ କ୍ଲବ, ଗୋଲ୍ଡେନ ଷ୍ଟାର, ଲକ୍ଷ୍ମୀବଜାର, ବାରଘରିଆ, ଶବର ସାହି, କଂସାରିସାହି, ତେରଘରିଆ, ରାଜପୃଷ୍ଠି ଗଜଲକ୍ଷ୍ମୀ ପ୍ରତିଷ୍ଠାନ, ବଉଳଛକ, ହରିଜନ ସାହି, ଶାନ୍ତି କ୍ଲବ, ତନ୍ତିସାହି, ମଠସାହି, ଚନ୍ଦନମଣ୍ଡପ ସାହି, ଘଣାଶାଳ ସାହି, ବଢ଼େଇ ସାହି, ଲୁଣି ଗାଁରେ ପୂଜା ଅନୁଷ୍ଠିତ ହେଉଛି। ଇନ୍ଦିପୁର ଗାଁ ଦୋଳଯାତ୍ରା ପଡ଼ିଆରେ ଗୋଟିଏ ମୀନାବଜାର ଗତବର୍ଷରୁ ଖୋଲାଗଲାଣି। ମିଳିତ ଲକ୍ଷ୍ମୀପୂଜା କମିଟିର ନିଷ୍ପତ୍ତି ଅନୁସାରେ ଆସନ୍ତା ୧୬ ତାରିଖ ଭସାଣି ଉତ୍ସବ ଅନୁଷ୍ଠିତ ହେବ।

## ଚୋରି ମାମଲାରେ ଯୁବକ ଗିରଫ

କଣିହାଁ,୬ ।୧୦(ସମିସ): କଣିହାଁ ବ୍ଲକ ଏନଟିପିସି ଟାଉନ ଥାନ ପଥରମୁଣ୍ଡା ପାଣିଟାଙ୍କି ନିକଟ ଓସିସି କଲୋନୀ ଅଞ୍ଚଳରୁ ଚୋରି ଅଭିଯୋଗରେ ସୋମବାର ପୁଲିସ ଜଣେ ଯୁବକଙ୍କୁ ଗିରଫ କରିଛି। ଗିରଫ ଅଭିଯୁକ୍ତ ହେଲେ ଖମାର ଥାନା କରଡ଼ାଖମଣ ଗ୍ରାମର ପପୁ ବିଶ୍ୱାଳ (୩୮)। ପୁଲିସ ସୂଚନା ଅନୁଯାୟୀ, ଡେରଙ୍ଗ ପଞ୍ଚାୟତ ମୋହନୀପାଲ ଗ୍ରାମର ଫକୀର ମୋହନ ପ୍ରଧାନ ଓସିସି କଲୋନୀରେ ଘରକରି ରହୁଛନ୍ତି। କିଛିଦିନ ହେଲା ସେ ନିଜ ଗାଁକୁ ଯାଇଥିଲେ। ରବିବାର ଫେରିବା ପରେ ତାଙ୍କ ଘରୁ ଚୋରି ହୋଇଥିବା ଜାଣିବାକୁ ପାଇଥିଲେ। ଏ ନେଇ ସେ ଥାନାରେ ଅଭିଯୋଗ କରିଥିଲେ। ୫୧୬୦ ଟଙ୍କା ସହ ଆନ୍ୟାନ୍ୟ ଜିନିଷ ଚୋରି ହୋଇଥିବା ଅଭିଯୋଗରେ ଦର୍ଶାଇଥିଲେ। ଥାନା ଏସଆଇ ଏମଡି ପଣ୍ଡା ଘଟଣାର ତଦନ୍ତ କରି ସୋମବାର ପପୁଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଛନ୍ତି। ଅଭିଯୁକ୍ତଙ୍କଠାରୁ ଚୋରି ହୋଇଥିବା ଟଙ୍କା ଜବତ କରାଯାଇଥିବା ପୁଲିସ କହିଛି।

## ଦନ୍ତା ଆକ୍ରମଣରେ ଜଣେ ମୃତ

ପରଜଙ୍ଗ,୬ ।୧୦(ସମିସ): ସୋମବାର ରାତି ପ୍ରାୟ ୮ଟାରେ ଦନ୍ତା ଆକ୍ରମଣରେ ଢେଙ୍କାନାଳ ଜିଲ୍ଲା ପରଜଙ୍ଗ ବ୍ଲକ ଡମୋଳ ଗ୍ରାମ ଝରାସାହିର ପଞ୍ଚାନନ ସାମଲ (୫୫)ଙ୍କ ମୃତ୍ୟୁ ହୋଇଛି। ପଞ୍ଚାନନ କୌଣସି କାମରେ ବାହାରକୁ ଯାଇ ଫେରୁଥିବା ବେଳେ ଦନ୍ତା ହାବୁଡ଼ରେ ପଡ଼ିଯାଇଥିଲେ। ଦନ୍ତା ତାଙ୍କୁ ଶୁଣ୍ଢରେ କଚାଡ଼ିଦେବା ସହ ପାଦରେ ଦଳିଦେଇଥିଲା। ଘଟଣାସ୍ଥଳରେ ତାଙ୍କ ମୃତ୍ୟୁ ହୋଇଛି।

## ଜାତୀୟ ରାଜପଥ ମରାମତି ଓ ନିର୍ମାଣ ଦାବିରେ ଅର୍ଥନୈତିକ ଅବରୋଧ ଜାରି



କଣିହାଁ,୬ ।୧୦(ସମିସ): କଣିହାଁ ବ୍ଲକ୍ ହରିହରପୁର ପଞ୍ଚାୟତ ନୂଆବଲଣ୍ଡା ସ୍ଥିତ ଏନ୍‌ଟିପିସି ରେଳ ଫାଟକ ଓ ଜାତୀୟ ରାଜପଥରେ ସଚେତନ ନାଗରିକ ମଞ୍ଚ ଏବଂ କଣିହାଁ ଗାନ୍ଧୀ ଛକରେ ବିଜେଡି ଓ ଅନ୍ୟାନ୍ୟ ସଂଗଠନ ପକ୍ଷରୁ ଶନିବାରଠାରୁ ଆରମ୍ଭ ହୋଇଥିବା ଦୁଇଘଣ୍ଟିଆ ଅର୍ଥନୈତିକ ଅବରୋଧ ଆନ୍ଦୋଳନ ସୋମବାର ୩ ଦିନରେ ଜାରି ରହିଛି। ପ୍ରାକ୍ତନ ସାଂସଦ ମହେଶ ସାହୁଙ୍କ ଆହ୍ୱାନ କ୍ରମେ ପ୍ରତିଦିନ ସକାଳ ସାଢ଼େ ୮ଟାରୁ ସାଢ଼େ ୧୦ଟା ପର୍ଯ୍ୟନ୍ତ ଏହି ଆନ୍ଦୋଳନ କରାଯାଉଛି। କୋଇଲା ଓ ପାଉଁଶ ପରିବହନ ଗାଡ଼ିଗୁଡ଼ିକୁ ଅଟକା ଯାଉଛି। କଣିହାଁ ଗାନ୍ଧୀ ଛକରେ ଜିଲ୍ଲାପରିଷଦ ସଭ୍ୟ ରଞ୍ଜନ କୁମାର ସାହୁ ନେତୃତ୍ୱ ନେଇଥିବା ବେଳେ ନୂଆବଲଣ୍ଡାଠାରେ ସୌଭାଗ୍ୟ ପ୍ରଧାନ ଆନ୍ଦୋଳନ ନେତୃତ୍ୱ ନେଇଥିଲେ। କଣିହାଁ ଆନ୍ଦୋଳନସ୍ଥଳରେ ପ୍ରାକ୍ତନ ସାଂସଦ ସାହୁ ସାମିଲ ହୋଇଥିଲେ। ଗୋଡ଼ିବନ୍ଧ ଛକରୁ ଏନଟିପିସ ପର୍ଯ୍ୟନ୍ତ ରାସ୍ତାକୁ ତୁରନ୍ତ ଏନ୍‌ଏଚ୍‌କୁ ହସ୍ତାନ୍ତର କରିବା ସହିତ ରାସ୍ତା ମରାମତି ଦାବିରେ ଏହି ଆନ୍ଦୋଳନ ଚାଲିଛି। ଆନ୍ଦୋଳନରେ ସରପଞ୍ଚ ବୃନ୍ଦାବନ ସାହୁ, ନିର୍ମଳ ସାହୁ, ବିଜେଡି ଯୁବନେତା ଜିତେନ୍ଦ୍ରୀୟ ସାହୁ, ବିଷ୍ଣୁଚରଣ ସାହୁ, ଜୟନ୍ତ ସାହୁ, ବାବୁଲା ଶତପଥୀ, ଦିଗମ୍ବର ପ୍ରଧାନ, ସାଧୁରାମ ସାହୁ, ବିଶ୍ୱଜିତ୍ ସାହୁ, ସୁନୀଲ ପ୍ରଧାନ, ସୁଧାକର ପ୍ରଧାନ ପ୍ରମୁଖ ସାମିଲ ହୋଇଥିଲେ।


## କାଳୀପୂଜା ପାଇଁ ମାଟି ଅନୁକୂଳ

ଭୁବନ,୬ ।୧୦(ସମିସ): ଭୁବନ ଏନ୍‌ଏସି କାଳୀବଜାରଠାରେ କାଳୀପୂଜା ନିମନ୍ତେ ମାଟି ଅନୁକୂଳ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ପୂଜା ପ୍ରତିଷ୍ଠାନର ସଭାପତି ସମୀର କୁମାର ସାହୁଙ୍କ ନେତୃତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ବଜାରର ସମସ୍ତ ବ୍ୟବସାୟୀ ଯୋଗଦେଇଥିଲେ। ଚଳିତ ବର୍ଷ ସୁବର୍ଣ୍ଣ ଜୟନ୍ତୀ ହୋଇଥିବାରୁ ଧୁମଧାମରେ ପୂଜା ପାଳନ କରାଯିବ ବୋଲି କମିଟି ପକ୍ଷରୁ କୁହାଯାଇଛି।



## ଅବସରପ୍ରାପ୍ତ ଶିକ୍ଷକଙ୍କ ପରଲୋକ

କିଶୋରନଗର,୬ ।୧୦(ସମିସ): କିଶୋରନଗର ବ୍ଲକ ଧଉରାପାଲ୍ଲୀସ୍ଥିତ ଟାଇଲ ଫ୍ୟାକ୍ଟ୍ରି ଛକରେ ରହୁଥିବା ସଞ୍ଚାମୁରା ପଞ୍ଚାୟତ ବ୍ରାହ୍ମଣୀଦେଇ ଗ୍ରାମର ମୂଳ ବାସିନ୍ଦା ଅବସରପ୍ରାପ୍ତ ଶିକ୍ଷକ ପ୍ରଭାକର ପ୍ରଧାନଙ୍କର ରବିବାର ରାତିରେ ହୃଦଘାତରେ ପରଲୋକ ଘଟିଛି। ତାଙ୍କୁ ୭୫ ବର୍ଷ ବୟସ ହୋଇଥିଲା। କିଶୋରନଗର ବରପଡ଼ିଆ ନିକଟ ଶ୍ମଶାନରେ ତାଙ୍କ ଶେଷକୃତ୍ୟ ସମ୍ପନ୍ନ କରାଯାଇଛି। ବଡ଼ପୁଅ ମିଲନ ମୁଖାଗ୍ନି ଦେଇଥିଲେ। ସେ ଜଣେ ମେଳାପୀ, ମିଷ୍ଟଭାଷୀ ବ୍ୟକ୍ତି ଭାବେ ପରିଚିତ ଥିଲେ। ତାଙ୍କ ଦେହାନ୍ତରେ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି।



# ନବନିଯୁକ୍ତ ଜିଲ୍ଲା କଂଗ୍ରେସ ସଭାପତିଙ୍କୁ ସମ୍ବର୍ଦ୍ଧନା

ଅନୁଗୋଳ,୬ ।୧୦(ସମିସ)

ଅନୁଗୋଳ ଜିଲ୍ଲା କଂଗ୍ରେସ କମିଟିର ନବନିଯୁକ୍ତ ସଭାପତି ସୁନୀଲ କୁମାର ପ୍ରଧାନଙ୍କୁ ଜିଲ୍ଲା କଂଗ୍ରେସ କମିଟି ପକ୍ଷରୁ ସମ୍ବର୍ଦ୍ଧନା ଜ୍ଞାପନ କରାଯାଇଛି। ସ୍ଥାନୀୟ ଶୈଳଶ୍ରୀକ୍ଷେତ୍ର ଜଗନ୍ନାଥ ମନ୍ଦିର ଓ ମାଆ ବୁଢ଼ୀ ଠାକୁରାଣୀଙ୍କ ନିକଟରେ ପୂଜାର୍ଚ୍ଚନା କରି ଗାନ୍ଧୀ ପାର୍କଠାରେ ମାଲ୍ୟାର୍ପଣ କରିଥିଲେ। ହଜାର ହଜାର କର୍ମୀଙ୍କ ଗହଣରେ ବିଶାଳ ଶୋଭାଯାତ୍ରାରେ ରାଜାଛକରେ ପହଞ୍ଚି ଅନୁଗୋଳର ଶେଷ ସ୍ୱାଧୀନ ମହାରାଜା ସୋମନାଥ ସିଂହ ଜଗଦ୍ଦେବଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିଥିଲେ। ପରେ କଂଗ୍ରେସ ଭବନରେ ପହଞ୍ଚିଥିଲେ। ସେଠାରେ ବରିଷ୍ଠ ନେତା ସାଧୁଚରଣ ପ୍ରଧାନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସଭା ଜିଲ୍ଲା କଂଗ୍ରେସ ସଭାପତି ପ୍ରଧାନଙ୍କୁ ପୁଷ୍ପଗୁଚ୍ଛ ଓ ଉତ୍ତରୀୟ ଦେଇ ସମ୍ବର୍ଦ୍ଧିତ କରାଯାଇଥିଲା। ଏଆଇସିସି ସଭାପତି ମଲ୍ଲିକାର୍ଜୁନ ଖଡ଼ଗେ ଓ ଲୋକସଭାର ବିରୋଧୀଦଳ ନେତା ରାହୁଲ ଗାନ୍ଧୀ ତାଙ୍କୁ ଚୟନ କରି ଯେଉଁ ଗୁରୁଦାୟିତ୍ୱ ପ୍ରଦାନ କରିଛନ୍ତି ସେଥିପାଇଁ ସେମାନଙ୍କୁ କୃତଜ୍ଞତା ଜଣାଇଥିଲେ। ପିସିସି ସଭାପତି ଭକ୍ତଚରଣ ଦାସ ଓ ରାଜ୍ୟ ପ୍ରଭାରୀ ଅଜୟ ଲୁଲୁଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ। ଏହି ଦାୟିତ୍ୱକୁ ସୁଚାରୁରୂପେ ସମ୍ପାଦନ ପାଇଁ ଜିଲ୍ଲାର ସମସ୍ତ କଂଗ୍ରେସ କର୍ମୀଙ୍କ ସହଯୋଗ କାମନା କରିଥିଲେ। ସମ୍ବର୍ଦ୍ଧନା ସଭାରେ ଅନ୍ୟମାନଙ୍କ ମଧ୍ୟରେ ପିସିସି ମୁଖପାତ୍ର ଜଗଦାନନ୍ଦ ପ୍ରଧାନ, ରୂପାଦୀପ୍ତା ମହାପାତ୍ର, ପ୍ରଫୁଲ୍ଲ କୁମାର ଦାସ, ହିମାଂଶୁ ଚାଉଳିଆ, ପ୍ରଦେଶ ଏସଟି ସେଲ ସାଧାରଣ ସମ୍ପାଦକ ତପନ ପ୍ରଧାନ, କୃଷକ ସେଲର ଉପାଧ୍ୟକ୍ଷ ଉମେଶ ଚନ୍ଦ୍ର ସାହୁ, ମାଣିକପ୍ରଭା, ବିମଳ କୁମାର ପ୍ରଧାନ, ଦିଗମ୍ବର ଗଡ଼ନାୟକ, ଗୋପାଳ ଚନ୍ଦ୍ର ନାଥ, ଚିତ୍ତରଞ୍ଜନ ନାଏକ, ଟିକନ ବେହେରା, ଚିତ୍ତରଞ୍ଜନ ପ୍ରଧାନ, ସୁବ୍ରତ ଗଡ଼ନାୟକ ଗୋବିନ୍ଦ ନାଏକ, ସନ୍ତୋଷ ପଟ୍ଟନାୟକ, ବଳବୀର ସିଂ, ବିନୋଦ ମାଝୀ, ଅମୂଲ୍ୟ ବେହେରା, ସୁଶାନ୍ତ ସାମଲ, କେଶବ ଭୂତିଆ, ସହଦେବ ବେହେରା, ସୁଦୀପ ମିଶ୍ର, ଧର୍ମେନ୍ଦ୍ର ନାଥ ମିଶ୍ର, ସଞ୍ଜୀବ କୁମାର ମାଣ୍ଡୋଠିଆ, ପ୍ରଦ୍ୟୁମ୍ନ ସାହୁ, ଲୁଲୁ ପାଣିଗ୍ରାହୀ, ନୀଳକଣ୍ଠ ନାଏକ, ଦାଶରଥି ସାହୁ, ଦୁଷ୍ମନ୍ତ ଦଳବେହେରା, କସିଦା ଖାନ, ସ୍ୱାଗତିକା ସାହୁ, ବାସୁଦେବ ସାମଲ, ରାକେଶ ମିଶ୍ର, ହେମନ୍ତ ମହାଲିକ, ଅଗସ୍ତି ବେହେରା, ସୁବାସ ସାହୁ, ରଶ୍ମିରଞ୍ଜନ ସାହୁ, ଗୋପାଳ ପ୍ରଧାନ ପ୍ରମୁଖ ଯୋଗଦେଇଥିଲେ।



ଦ୍ୱାଦଶାହ ଉପଲକ୍ଷେ
ଅଶ୍ରୁଳ ଶ୍ରଦ୍ଧାଞ୍ଜଳି



✓ ପ୍ରଫୁଲ୍ଲ କୁମାରୀ ସାହୁ
ଆବିର୍ଭାବ: ୧୫.୦୩.୧୯୪୮
ତିରୋଧାନ: ୨୭.୦୯.୨୦୨୫
ମନେପଡୁଛି ତୁମର ସ୍ନେହ, ଶ୍ରଦ୍ଧା, ତ୍ୟାଗ ଏବଂ ଭଲପାଇବାର ସ୍ମୃତି । ତୁମ ଅମର ଆତ୍ମାର ସଦ୍‌ଗତି ନିମନ୍ତେ ପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ଠାରେ ପ୍ରାର୍ଥନା କରୁଛୁ।
ଶୋକସନ୍ତପ୍ତ:
ବନ୍ଧୁ ଓ ପରିବାରବର୍ଗ

# କେନ୍ଦ୍ରାପଡ଼ା ଗଜଲକ୍ଷ୍ମୀ ପୂଜା; ବିଭିନ୍ନ ମଣ୍ଡପରେ ମା' ଧନଦାତ୍ରୀଙ୍କ ପୂଜା ଆରମ୍ଭ


କାକଟ ମଙ୍ଗଳା କ୍ଲବ୍


ନୂଆ ବସ୍‌ଷ୍ଟାଣ୍ଡ


ପୁରୁଣା ବସ୍‌ଷ୍ଟାଣ୍ଡ


ମହିପାଳ ପୂଜା କମିଟି


ପତିତପାବନ କ୍ଲବ୍


ଶିବସେନା କ୍ଲବ୍


ତିନିମୁହାଣି ଛକ


ଲ କଲେଜ ଛକ

## ଶିକ୍ଷକ ତ୍ରୈଲୋକ୍ୟ ପତିଙ୍କ ପରଲୋକ

**ଗୋବିନ୍ଦପୁର, ୬।୧୦(ସମିସ):** ଆଳି ବ୍ଲକ ଅନ୍ତର୍ଗତ ଦେସାହି ଗ୍ରାମର ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ତ୍ରୈଲୋକ୍ୟ ନାଥ ପତିଙ୍କ ଗତକାଲି ପରଲୋକ ହୋଇଯାଇଛି। ସେ ଜଣେ ଆଦର୍ଶ ଶିକ୍ଷକ, ପରୋପକାରୀ, ମିଷ୍ଟଭାଷୀ, ଧର୍ମପରାୟଣ ବ୍ୟକ୍ତି ଥିଲେ। ତାଙ୍କ ପରଲୋକରେ ଧୋୟାଞ୍ଚଳରେ ଶୋକର ଛାୟା ଖେଳିଯାଇଛି। ବହୁ ବିଶିଷ୍ଟ ବ୍ୟକ୍ତି ଶେଷ ଦର୍ଶନ କରିବାକୁ ବାସଭବନରେ ପହଞ୍ଚିଥିଲେ। ମୃତ୍ୟୁଶଯ୍ୟା ନିକଟରେ ପରିବାର ଲୋକ ଉପସ୍ଥିତ ଥିଲେ। ଗ୍ରାମ ଶ୍ମଶାନରେ ଶେଷକୃତ୍ୟ କରାଯାଇଥିଲା। ଶିକ୍ଷାବିତ୍ ବିଦ୍ୟାଧର ଜେନା, ରବିନାରାୟଣ ପତି, ଶ୍ୟାମସୁନ୍ଦର ପରିଡ଼ା, ସାମ୍ବାଦିକ ଅନିରୁଦ୍ଧ ବେଉରିଆ, ସରପଞ୍ଚଙ୍କ ପ୍ରତିନିଧି ମନୋଜ ଦାସ, ପୁରୁଷୋତ୍ତମ ରଣା, ପ୍ରଧାନଶିକ୍ଷକ ଅଜୟ ପଣ୍ଡା ପ୍ରମୁଖ ଶୋକ ପ୍ରକାଶ କରିଛନ୍ତି।

## ଦର୍ଶନ ବିଭାଗ ପକ୍ଷରୁ ଆଲୋଚନାଚକ୍ର

**ପଟ୍ଟାମୁଣ୍ଡାଇ, ୬।୧୦(ସମିସ):** ପଟ୍ଟାମୁଣ୍ଡାଇ କଲେଜ ଦର୍ଶନ ବିଭାଗ ପକ୍ଷରୁ ଗାନ୍ଧୀ ଦର୍ଶନ ଉପରେ ଆଲୋଚନାଚକ୍ର ଓ ଜୟନ୍ତୀ ସଭା ଅନୁଷ୍ଠିତ ହୋଇଯାଇଛି। ଆଲୋଚନାଚକ୍ର ପୂର୍ବରୁ ଜାତିର ପିତା ମହାତ୍ମା ଗାନ୍ଧୀ ଓ ବିଭିନ୍ନ ବରପୁତ୍ରଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରାଯାଇଥିଲା। ପଟ୍ଟାମୁଣ୍ଡାଇ କଲେଜ ଅଧ୍ୟକ୍ଷ ପ୍ରଫେସର ଉମାକାନ୍ତ ପାତ୍ର ପୌରୋହିତ୍ୟ କରି ଗାନ୍ଧିଜୀଙ୍କ ଜୀବନ ଦର୍ଶନ ଉପରେ ଆଲୋକପାତ କରିଥିଲେ। ଏଥିରେ ଦର୍ଶନ ବିଭାଗ ମୁଖ୍ୟ ଅଧ୍ୟାପକ ଶ୍ରୀମନ୍ତ ଜେନା, ପଦାର୍ଥ ବିଜ୍ଞାନ ମୁଖ୍ୟ ପ୍ରାଧ୍ୟାପକ ଡ. ରମେଶ ସାହୁ, ଇଂରାଜୀ ବିଭାଗ ମୁଖ୍ୟ ପ୍ରାଧ୍ୟାପକ ଅମୀୟ ଦାସ ଗାନ୍ଧୀଙ୍କ ଅହିଂସା ନୀତି ଉପରେ ଆଲୋକପାତ କରିଥିଲେ। ଶେଷରେ ଅଧ୍ୟାପକ ଜଗନ୍ନାଥ ବେହେରା ଧନ୍ୟବାଦ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ଅଧ୍ୟାପକ ଅଧ୍ୟାପିକା, କର୍ମଚାରୀ ଓ ଛାତ୍ରଛାତ୍ରୀ ଯୋଗ ଦେଇଥିଲେ। ମୁଖ୍ୟ କିରାଣୀ ପ୍ରମୋଦ ପରିଡ଼ା ଓ ଆକାଉଣ୍ଟାଣ୍ଟ ଅବିନାଶ ପରିଡ଼ା କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

### ୧୯ ନଂ ୱାର୍ଡ ମଙ୍ଗଳା ପ୍ରାଥମିକ ସ୍କୁଲ ରାସ୍ତା ଶୋଚନୀୟ

## ୭ ଦିନ ମଧ୍ୟରେ ସମସ୍ୟାର ସମାଧାନ ନ ହେଲେ ଆନ୍ଦୋଳନ

**ପଟ୍ଟାମୁଣ୍ଡାଇ, ୬।୧୦(ସମିସ):** ସାମାନ୍ୟ ବର୍ଷା ହେଲେ ଉବୁଟୁବୁ ହେଉଛି ମଙ୍ଗଳା ସ୍କୁଲ ରାସ୍ତା। ବର୍ଷା ପାଣିର ସୁଅ ଛୁଟୁଥିବାରୁ ପିଲାଙ୍କ ପାଠପଢ଼ା ଠପ ହୋଇଯାଉଛି। ଆଗାମୀ ୭ ଦିନ ମଧ୍ୟରେ ସମସ୍ୟାର ସମାଧାନ ନ ହେଲେ ଆନ୍ଦୋଳନ କରିବାକୁ ଧମକ ଦେଇଛନ୍ତି ସ୍ଥାନୀୟ ବେଲତଳ ଗ୍ରାମବାସୀ।



ପଟ୍ଟାମୁଣ୍ଡାଇ ପୌର ପରିଷଦର ସବୁଠୁ ସମ୍ବେଦନଶୀଳ ୱାର୍ଡ ଭାବେ ପରିଗଣିତ ୧୯ ନମ୍ବର ୱାର୍ଡ ମଙ୍ଗଳା ସ୍କୁଲ ରାସ୍ତା ଶୋଚନୀୟ ହୋଇପଡ଼ିଛି। ପାଣି ନିଷ୍କାସନ ପାଇଁ ଡ୍ରେନେଜ୍ ବ୍ୟବସ୍ଥା କରାଯାଇଥିଲେ ହେଁ ଏହା ଅଧାପନ୍ତରିଆ ଭାବେ ପଡ଼ିରହିଥିବାରୁ କାମରେ ଲାଗୁନି। ଏହି ରାସ୍ତା ଆରମ୍ଭରୁ ମାତ୍ର ୨୦୦ ଶହ ଫୁଟ ପର୍ଯ୍ୟନ୍ତ ଫେଭର୍ ଟାଇଲ ପକାଯାଇଥିଲେ ହେଁ ଅବଶିଷ୍ଟ ୮୦୦ ଶହ ଫୁଟ୍ ରାସ୍ତା ଅବସ୍ଥା ଶୋଚନୀୟ ହୋଇପଡ଼ିଛି। ଏହି ରାସ୍ତା ଉପରେ ମଙ୍ଗଳା ପ୍ରାଥମିକ ବିଦ୍ୟାଳୟ ଛାତ୍ରଛାତ୍ରୀଙ୍କ ସମେତ ୧୯ ନଂ ୱାର୍ଡର ଲୋକେ ନିର୍ଭର କରନ୍ତି। ଏହି ରାସ୍ତାରେ ୨୦ନଂ ୱାର୍ଡର ଲୋକେ ଯାତାୟାତ କରନ୍ତି। ନୂତନ ପୌର ପରିଷଦ କାର୍ଯ୍ୟାଳୟର ଅନତି ଦୂରରୁ ସହରର ମୁଖ୍ୟ ରାସ୍ତାରୁ ବାହାରିଥିଲେ ହେଁ ଦୀପ ତଳ ଅନ୍ଧାର ପରି ପରିସ୍ଥିତି ସୃଷ୍ଟି ହୋଇଛି। ଡା. କୃଷ୍ଣଚନ୍ଦ୍ର ପ୍ରଧାନଙ୍କ ଘର ନିକଟ ରାସ୍ତା ପାର୍ଶ୍ୱରୁ ବାହାରିଥିବା ଓ ୨୦ନଂ ୱାର୍ଡର ମାଝୀ ସାହି ନିକଟ ୧୫ନଂ କେନାଲ ପାର୍ଶ୍ୱ ପର୍ଯ୍ୟନ୍ତ ସଂଯୋଗ କରୁଥିବା ପାଣି ନିଷ୍କାସନ ଡ୍ରେନ ପୋତି ହୋଇପଡ଼ିବା, ଜଳ ନିଷ୍କାସନ ପଥ ଅବରୋଧ କରାଯିବା କାରଣରୁ ରାସ୍ତାରୁ ବର୍ଷା ପାଣି ନିଷ୍କାସନ ହୋଇପାରୁ ନ ଥିବା ୱାର୍ଡର ଲୋକେ ପକ୍ଷରୁ ଅଭିଯୋଗ କରିଛନ୍ତି।

ଅପରପକ୍ଷେ ବେଲତଳ-ନରସିଂହପୁର ଗ୍ରାମ୍ୟ ଉନ୍ନୟନ ବିଭାଗ ରାସ୍ତା ଅପର ପାର୍ଶ୍ୱରେ ଥିବା ଡ୍ରେନ ସହ ଉକ୍ତ ଡ୍ରେନକୁ ସଂଯୋଗ କରାଯାଇ ନ ଥିବାରୁ ବର୍ଷା ପାଣି ନିଷ୍କାସନ ହୋଇ ନ ପାରି ରାସ୍ତା ଉପରେ ଜମି ରହୁଛି। ଉଭୟ ପାର୍ଶ୍ୱରେ ଥିବା ଘରର ନର୍ଦ୍ଦମା ପାଣି ଡ୍ରେନ ମଧ୍ୟକୁ ଛଡ଼ାଯାଉଥିବାରୁ ପରିମଳ ବ୍ୟବସ୍ଥା ବିପର୍ଯ୍ୟସ୍ତ ହୋଇପଡ଼ିଛି। ରାସ୍ତାରେ ଜମି ରହୁଥିବା ପାଣି ପଚି ଦୁର୍ଗନ୍ଧ ବାହାରୁଥିବା ବେଳେ ରାସ୍ତା ପାର୍ଶ୍ୱ ଡ୍ରେନରୁ ବାହାରୁଥିବା ଦୁର୍ଗନ୍ଧ ଜଟିଳ ପରିସ୍ଥିତି ସୃଷ୍ଟି କରୁଛି। ଏହି ରାସ୍ତାର ପୁନଃ ନିର୍ମାଣ ସହ ପାଣି ନିଷ୍କାସନ ସମସ୍ୟାକୁ ବ୍ୟବସ୍ଥିତ କରିବାକୁ ଗ୍ରାମବାସୀ ଦାବି କରିଛନ୍ତି। ଏ ସମସ୍ୟାର ସମାଧାନ ପାଇଁ ପଟ୍ଟାମୁଣ୍ଡାଇ ବିକାଶ ପରିଷଦ ସମ୍ପାଦକ ଆଡଭୋକେଟ ଗୋପୀନାଥ ତ୍ରିପାଠୀ ପୌର ପରିଷଦର ଦୃଷ୍ଟି ଆକର୍ଷଣ କରିଥିବାବେଳେ କାଉନସିଲର ଗୋପୀବଲ୍ଲଭ ନାୟକ ସମାନ ଦାବି କରିଛନ୍ତି। ଆଗାମୀ ସାତଦିନ ମଧ୍ୟରେ ସମସ୍ୟାର ସମାଧାନ ନ ହେଲେ ଆନ୍ଦୋଳନ କରାଯିବ ବୋଲି ବେଲତଳ ଗ୍ରାମର ଉମାବଲ୍ଲଭ ନାୟକ, ନାରାୟଣ ପ୍ରଧାନ, କାଉନସିଲର ରୀନା ମଲିକ, ଯୁବନେତା ପ୍ରଭାତ ମଲିକ ପ୍ରମୁଖ ଚେତାବନୀ ଦେଇଛନ୍ତି।

### ମିଳିତ ଜନଅଭିଯୋଗ ଶୁଣାଣି ଶିବିର

## ୧୧୮ ଟି ଅଭିଯୋଗର ଶୁଣାଣିକଲେ ପ୍ରଶାସନ

**କେନ୍ଦ୍ରାପଡ଼ା, ୬।୧୦(ସମିସ):** କେନ୍ଦ୍ରାପଡ଼ା ପୌରସଂସ୍ଥା ଟାଉନ ହଲରେ ଜିଲ୍ଲାପାଳ ଓ ଆରକ୍ଷୀ ଅଧୀକ୍ଷକଙ୍କ ଜିଲ୍ଲାସ୍ତରୀୟ ଜନଅଭିଯୋଗ ଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି ଶିବିରରେ ୧୧୮ ଟି ଅଭିଯୋଗ ପଞ୍ଜିକୃତ ହୋଇଥିଲା। ସେଥିରେ ୧୦୯ଟି ବ୍ୟକ୍ତିଗତ ଓ ୯ଟି ସାମୂହିକ ଅଭିଯୋଗ ଥିଲା। ଏ ଅବସରରେ ୮ ଜଣଙ୍କୁ ୨୩ ହଜାର ଟଙ୍କାର ସହାୟତା ମୁଖ୍ୟମନ୍ତ୍ରୀଙ୍କ ରିଲିଫ ପାଣ୍ଠିରୁ ପ୍ରଦାନ କରାଯାଇଛି। ଏହି ଜନଅଭିଯୋଗ ଶୁଣାଣି ଶିବିରରେ ଜିଲ୍ଲାପାଳ ରଘୁରାମ ଆର. ଆୟର, ଆରକ୍ଷୀ ଅଧୀକ୍ଷକ ସିଦ୍ଧାର୍ଥ କଟାରିଆ, ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ଅଜାମ୍ବର ମହାନ୍ତି, ଅତିରିକ୍ତ ଜିଲ୍ଲାପାଳ(ସାଧାରଣ) ନବକ୍ରିଷ୍ଣ ଜେନା, ଉପଜିଲ୍ଲାପାଳ ଅରୁଣ ନାୟକ, କେନ୍ଦ୍ରାପଡ଼ା ବିଡିଓ ଅଭିଷେକ ସ୍ୱାଇଁ, କେନ୍ଦ୍ରାପଡ଼ା ଭାରପ୍ରାପ୍ତ ତହସିଲଦାର ରବିନାରାୟଣ ଆଚାର୍ଯ୍ୟ, କେନ୍ଦ୍ରାପଡ଼ା ପୌରସଂସ୍ଥାର ନିର୍ବାହୀ ଅଧିକାରୀ ଅଜିତ ନାରାୟଣ ଗିରି, ଜିଲ୍ଲା ସଂସ୍କୃତି ଅଧିକାରୀ ତ୍ରିଭୁବନ ଜୟସିଂଙ୍କ ସମେତ ଜିଲ୍ଲାସ୍ତରୀୟ ଅଧିକାରୀ ଓ ଲାଇନ ଡିପାର୍ଟମେଣ୍ଟର ଯନ୍ତ୍ରୀ ଉପସ୍ଥିତ ରହି ଅଭିଯୋଗର ଶୁଣାଣିରେ ସହାୟତା କରିଥିଲେ। ଅଭିଯୋଗର ତୁରନ୍ତ ସମାଧାନ ଉପରେ ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବାକୁ ଜିଲ୍ଲାପାଳ ଶ୍ରୀ ଆୟାର ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ।



## ମା' ମଙ୍ଗଳାଙ୍କ ତୃତୀୟ ବାର୍ଷିକ ଉତ୍ସବ

**ପଟ୍ଟାମୁଣ୍ଡାଇ, ୬।୧୦(ସମିସ):** ପଟ୍ଟାମୁଣ୍ଡାଇ ବ୍ଲକ ଅନ୍ତର୍ଗତ ଅଳପୁଆ ପଞ୍ଚାୟତ ଗୋପାଳପୁର ଛକ ତାରିଣୀ ପୀଠରେ ମା' ମଙ୍ଗଳାଙ୍କ ତୃତୀୟ ବାର୍ଷିକ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ପୀଠାଧୀଶ ରବୀନ୍ଦ୍ର ପାଣିଗ୍ରାହୀ, ସେବକ ରତିକାନ୍ତ ଧଳ, ନିରଞ୍ଜନ ଧଳଙ୍କ ତତ୍ତ୍ୱାବଧାନ ଓ ମନୋଜ ଧଳ, ପ୍ରତିଶ୍ରୁତି ଧଳଙ୍କ ପୌରୋହିତ୍ୟରେ ଆୟୋଜିତ ଉତ୍ସବରେ ଗ୍ରାମର ଶତାଧିକ ଶ୍ରଦ୍ଧାଳୁ ଭକ୍ତ ଓ ଜନସାଧାରଣ ଯୋଗଦେଇ ପୂଜା କରିଥିଲେ। ଆୟୋଜିତ ମେଳାରେ ପରମାନନ୍ଦ ଧଳ, ବାହାଦୂର ଧଳ, ପ୍ରକାଶ ମଲ୍ଲିକ, ଭିକାରୀ ବାରିକ, କୁଳମଣି ଧଳ, ହିମାଂଶୁ ସାହୁ, ଗୁରୁଚରଣ ବାରିକ, ଅକ୍ଷୟଧଳ, ଗୟାଧର ସୂତାର, ଚତୁର୍ଭୁଜ ସୂତାର, ପ୍ରଭାକର ସୂତାର, ବିନୋଦ ସାହୁ, ବ୍ରହ୍ମାନନ୍ଦ ସାହୁ, କାଙ୍ଗାଳୀ ସାହୁ, ଅକ୍ଷୟ ସାହୁ, ବାସନ୍ତୀ ଧଳ, ଅଞ୍ଜନା ମଲ୍ଲିକ, ବାସନ୍ତୀ ମହାନ୍ତି ପ୍ରମୁଖ ଯୋଗଦେଇ ଭଗବତ କାର୍ଯ୍ୟରେ ଭାଗ ନେଇଥିଲେ। ପଣ୍ଡିତ ଦେବୀପ୍ରସାଦ ଶତପଥି, ପ୍ରଶାନ୍ତ ପଣ୍ଡା, ଜ୍ଞାନରଞ୍ଜନ ଦାଶଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ପୂଜାର ନୀତିକାନ୍ତି ସମ୍ପନ୍ନ ହୋଇଥିଲା। ମନୋଜ ଧଳ, ପ୍ରତିଶ୍ରୁତି ଧଳ ପୂର୍ଣ୍ଣ ଆହୁତି ପ୍ରଦାନ କରିଥିଲେ।

## ପଟ୍ଟାମୁଣ୍ଡାଇ ବ୍ଲକ୍‌ରେ ଷ୍ଟ୍ରିଟ୍‌ଲାଇଟ୍ ଦୁର୍ନୀତି ଅଭିଯୋଗ

**ପଟ୍ଟାମୁଣ୍ଡାଇ, ୬।୧୦(ସମିସ):** ପଟ୍ଟାମୁଣ୍ଡାଇ ବ୍ଲକରେ ଦିନକୁ ଦିନ ଦୁର୍ନୀତି ସୀମା ବଢ଼ିବାରେ ଲାଗିଛି। ଜେଇଙ୍କ ଦ୍ୱାରା ହୋଇଥିବା ଦୁର୍ନୀତିର ତଦନ୍ତ କରି କାର୍ଯ୍ୟାନୁଷ୍ଠାନ ନେବା ବଦଳରେ ଏବିଡିଓ ଦୁର୍ନୀତି ସମ୍ପର୍କିତ ତଥ୍ୟ ଲୁଚାଇ ଦୁର୍ନୀତିଖୋରଙ୍କୁ ପ୍ରୋତ୍ସାହିତ କରୁଥିବାର ସାଂଘାତିକ ଅଭିଯୋଗ ଆସିଛି।

ଗତ ମାର୍ଚ୍ଚ ମାସରେ ଶାସନଠାରୁ ମାଳିପୁର ମାର୍କେଟ ପର୍ଯ୍ୟନ୍ତ ଷ୍ଟ୍ରିଟ୍‌ଲାଇଟ ଲଗାଇବା ପାଇଁ ବିଲ କରାଯାଇ ବ୍ଲକ ଜେଇଙ୍କ ଆକାଉଣ୍ଟକୁ ୯ ଲକ୍ଷ ୭୦ ହଜାର ଟଙ୍କା ପୈଠ କରାଯାଇଥିଲା। ବାସ୍ତବରେ ଶାସନ ଛକରୁ ମାଳିପୁର ମାର୍କେଟ ମଧ୍ୟରେ ଗୋଟିଏ ବି ଷ୍ଟ୍ରିଟଲାଇଟ ଖୁଣ୍ଟ ଲଗାଯାଇ ନ ଥିବାରୁ ଗ୍ରାମବାସୀ ଏହି ଦୁର୍ନୀତି ବିରୁଦ୍ଧରେ ପଟ୍ଟାମୁଣ୍ଡାଇ ବିଡିଓ, କେନ୍ଦ୍ରାପଡ଼ା ଜିଲ୍ଲାପାଳ, ମୁଖ୍ୟମନ୍ତ୍ରୀ ଓ ମୁଖ୍ୟ ଶାସନ ସଚିବଙ୍କୁ ଅଭିଯୋଗ ପତ୍ର ଦେଇଥିଲେ। ଦୁଇଜଣ ସୂଚନା ଅଧିକାର କର୍ମୀ ଉକ୍ତ ପ୍ରକଳ୍ପ ସମ୍ବନ୍ଧୀୟ ତଥ୍ୟ ପାଇଁ ବ୍ଲକ ସୂଚନା ଅଧିକାର କର୍ମୀଙ୍କ ନିକଟରେ ଆବେଦନ କରିଥିଲେ। ପ୍ରଥମ ସୂଚନା ଅଧିକାର କର୍ମୀଙ୍କ ଦ୍ୱାରା ମଗାଯାଇଥିବା ତଥ୍ୟର ଉତ୍ତରରେ ଶାସନଠାରୁ ମାଳିପୁର ପର୍ଯ୍ୟନ୍ତ ଦୁଇ କିମି ରାସ୍ତାର ଆଲୋକୀକରଣ ହୋଇଥିବା ତଥ୍ୟ ପ୍ରଦାନ କରିଥିଲେ। ଦ୍ୱିତୀୟ ସୂଚନା ଅଧିକାର କର୍ମୀ ପ୍ରଶାନ୍ତ ମହାନ୍ତି ଗତ ସେପ୍ଟେମ୍ବର ୧ ତାରିଖରେ ଉକ୍ତ ପ୍ରକଳ୍ପରେ ବ୍ୟବହାର କରାଯାଇଥିବା ଷ୍ଟ୍ରିଟ୍‌ଲାଇଟ ଖୁଣ୍ଟର ଜିପିଏସ ଫଟୋଚିତ୍ର, ଏଷ୍ଟିମେଟ ହିସାବରେ କମ୍ପାନୀ ବ୍ରାଣ୍ଡର ଖୁଣ୍ଟ ଓ ଲାଇଟ ଲଗାଯାଇଛି କି ନାହିଁ ଓ ତତ୍‌ସମ୍ପର୍କିତ ଅନ୍ୟ ତଥ୍ୟ ମାଗିଥିଲେ। ଦୀର୍ଘଦିନ ବିତି ଯାଇଥିଲେ ହେଁ ପଟ୍ଟାମୁଣ୍ଡାଇ ବ୍ଲକ ଜନସୂଚନା ଅଧିକାରୀ କୌଣସି ଉତ୍ତର ଦେଇ ନ ଥିବା ଅଭିଯୋଗ ହୋଇଛି।

> • ବ୍ଲକ୍‌କୁ ତଥ୍ୟ ମାଗିଲେ ଉତ୍ତର ଦେଉଛନ୍ତି ପଞ୍ଚାୟତ ସୂଚନା ଅଧିକାରୀ
> • ତଥ୍ୟ ଲୁଚାଇବାକୁ ଏବିଡିଓଙ୍କ ପ୍ରୟାସ

ଅପରପକ୍ଷେ ବ୍ଲକ କାର୍ଯ୍ୟାଳୟ ସୂଚନା ଅଧିକାରୀଙ୍କ ପରିବର୍ତ୍ତେ ଶାସନ ପଞ୍ଚାୟତ କାର୍ଯ୍ୟାଳୟର ଜନସୂଚନା ଅଧିକାରୀ ଗତ ସେପ୍ଟେମ୍ବର ୨୪ ତାରିଖରେ ପତ୍ର ସଂଖ୍ୟା ୯୫ ଜରିଆରେ ଦ୍ୱିତୀୟ ସୂଚନା ଅଧିକାର କର୍ମୀଙ୍କୁ ଏକ ଚିଠି ଲେଖିଥିବା ଜଣାପଡ଼ିଛି। ଷ୍ଟ୍ରିଟଲାଇଟ ପ୍ରକଳ୍ପ ସମ୍ପର୍କରେ ପଞ୍ଚାୟତ ଅଫିସରେ କୌଣସି ତଥ୍ୟ ନାହିଁ ବୋଲି ଉକ୍ତ ଚିଠିରେ ଦର୍ଶାଇଛନ୍ତି। ପଞ୍ଚାୟତ କର୍ଯ୍ୟାଳୟକୁ ତଥ୍ୟ ମଗାଯାଇ ନ ଥିଲେ ହେଁ କାହିଁକି ବିନା କାରଣରେ ସୂଚନା ଅଧିକାରୀ କର୍ମୀଙ୍କୁ ଚିଠି ଲେଖିଥିଲେ ବୋଲି ଶାସନ ପଞ୍ଚାୟତର ଜନସୂଚନା ଅଧିକାରୀଙ୍କୁ ପଚରାଯିବାରୁ ପଟ୍ଟାମୁଣ୍ଡାଇ ବ୍ଲକ କାର୍ଯ୍ୟାଳୟର ଏବିଡିଓଙ୍କ ଚାପରେ ସେପରି ଲେଖିଥିବା କହିଛନ୍ତି। ବ୍ଲକ କର୍ଯ୍ୟାଳୟକୁ କେଉଁ ତଥ୍ୟ ମଗାଯାଇଥିଲା ସେହି ଆବେଦନପତ୍ର ପଢ଼ିଥିଲେ କି ନାହିଁ ବୋଲି ପଚାରିବାରୁ ଆବେଦନ ପତ୍ର ନ ପଢ଼ି ଚିଠି ଲେଖିଥିବା ପ୍ରକାଶ କରିଛନ୍ତି। ଜାଣିଶୁଣି ତଥ୍ୟ ନ ଦେଇ ଷ୍ଟ୍ରିଟ୍‌ଲାଇଟ ଦୁର୍ନୀତି ଘଟଣାକୁ ଚପାଇବା ଓ ଉକ୍ତ ଦୁର୍ନୀତିରେ ସମ୍ପୃକ୍ତ ଜେଇଙ୍କୁ ସୁରକ୍ଷା ଦେବାକୁ ପଟ୍ଟାମୁଣ୍ଡାଇ ଏବିଡିଓ ଏଭଳିକାଣ୍ଡ କରିଥିବା ସୂଚନା ଅଧିକାର କର୍ମୀ ଶ୍ରୀ ମହାନ୍ତି ଅଭିଯୋଗ କରିଛନ୍ତି।

## ତୁଳସୀକ୍ଷେତ୍ରରେ ମହାଲକ୍ଷ୍ମୀ ପୂଜା

**କେନ୍ଦ୍ରାପଡ଼ା, ୬।୧୦(ସମିସ):** ତୁଳସୀକ୍ଷେତ୍ରରେ ମହାଲକ୍ଷ୍ମୀ ପୂଜା ଅନୁଷ୍ଠିତ ହୋଇଯାଇଛି। କେନ୍ଦ୍ରାପଡ଼ାର ଆରାଧ୍ୟ ଦେବତା ପ୍ରଭୁ ବଳଦେବଜୀଉଙ୍କ ମନ୍ଦିର ବେଢ଼ା ମଧ୍ୟରେ ଥିବା ମହାଲକ୍ଷ୍ମୀ ମନ୍ଦିରରେ ପୂଜାର୍ଚ୍ଚନା କରାଯାଇଛି। କୈବର୍ତ୍ତ ସମ୍ପ୍ରଦାୟର ମୁରବୀଙ୍କ ଦ୍ୱାରା ଏହି କାର୍ଯ୍ୟକ୍ରମ କରାଯାଇଥିଲା। ମା'ଙ୍କୁ ସ୍ନାନ କରାଯାଇ ବେଶ କରାଯାଇଥିଲା। ପରେ ଭୋଗ ଲାଗି ପୂର୍ବକ ଆଳତି ବନ୍ଦାପନା କରାଯାଇଥିଲା।



## ଅନନ୍ତ ବେଶରେ ମହାପ୍ରଭୁ

**କେନ୍ଦ୍ରାପଡ଼ା, ୬।୧୦(ସମିସ):** ଆଜି ପବିତ୍ର ଚତୁର୍ଦ୍ଦଶୀ ତିଥିରେ ତୁଳସୀ କ୍ଷେତ୍ରାଧିପତି ପ୍ରଭୁ ବଳଦେଜୀଉ ଅନନ୍ତ ବେଶରେ ଭକ୍ତଙ୍କୁ ଦର୍ଶନ ଦେଇଛନ୍ତି। ସନ୍ଧ୍ୟା ନୀତି ସମ୍ପନ୍ନ ପରେ ମହାପ୍ରଭୁଙ୍କ ବେଶ ଆରମ୍ଭ ହୋଇଥିଲା। ବେଶ ସମ୍ପନ୍ନ ପରେ ଆଧ୍ୟାତ୍ମିକ ଗୁରୁ ବାବା ବଳିଆ ମହାପ୍ରଭୁଙ୍କୁ ଦର୍ଶନ କରିଥିଲେ। ବେଢ଼ା ମଧ୍ୟରେ ପ୍ରବଚନ କାର୍ଯ୍ୟରେ ସାମିଲ ହୋଇଥିଲେ। ହଜାର ହଜାର ଭକ୍ତ ପ୍ରବଚନରେ ସାମିଲ ହୋଇଥିଲେ। ଆଜିକୁ ଉଣେଇଶ ବର୍ଷ ଧରି ବାବା ବଳିଆଙ୍କ ସହଯୋଗରେ ଏହି ବେଶ ଅନୁଷ୍ଠିତ ହେଉଛି।




## ଡେରାବିଶର ବିଭିନ୍ନ ମଣ୍ଡପରେ ମା' ଗଜଲକ୍ଷ୍ମୀଙ୍କ ପୂଜା

**ଡେରାବିଶ, ୬।୧୦(ସମିସ):** ଆଜି ଡେରାବିଶ ବ୍ଲକ ଅଞ୍ଚଳର ପୁରପଲ୍ଲୀରେ ୧୦୦ରୁ ଅଧିକ ମଣ୍ଡପରେ ମା' ଗଜଲକ୍ଷ୍ମୀଙ୍କୁ ଆବାହନ କରାଯାଇଛି। ଡେରାବିଶ ବ୍ଲକର ପ୍ରମୁଖ ବ୍ୟବସାୟ ପେଣ୍ଠସ୍ଥଳ ଚାନ୍ଦୋଳ ବଜାର, କାକଟିଆ ବଜାର ଓ ଗଣେଶପୁର ବଜାର, ଚାଟରାଚକଡ଼ା ପଞ୍ଚାୟତ ଅନ୍ତର୍ଗତ ଓଲଡ଼ି, ଛତା, ଛୋଟି ପଞ୍ଚାୟତର ନେତୁଆ, ଲକ୍ଷ୍ମୀନାରାୟଣପୁର ପଞ୍ଚାୟତର ସାତବାଟିଆ, ନହଙ୍ଗ ପଞ୍ଚାୟତର ପଲ୍ଲିରଘୁନାଥପୁର, ଗୋଲରାହାଟ ପଞ୍ଚାୟତର ଚଷାଖଣ୍ଡ, ଦାନପୁର ପଞ୍ଚାୟତର ଦୋହଳି, ଖମୋଳ ପଞ୍ଚାୟତର ଚାନ୍ଦୋଳ କଲେଜ ଛକ ଓ ଚଣ୍ଡିବଜାର, ହରିଅଙ୍କ ପଞ୍ଚାୟତର ହରିଅଙ୍କ, ଗୁଆଳସିଂ ପଞ୍ଚାୟତର ଠାକୁରହାଟ, ଇନ୍ଦାଲୋ ପଞ୍ଚାୟତର ଇନ୍ଦାଲୋ, ବାଲିଆ ପଞ୍ଚାୟତ, ଏଣ୍ଡର ପଞ୍ଚାୟତର ବିଭିନ୍ନ ସ୍ଥାନରେ ମା'ଙ୍କ ମୃଣ୍ମୟ ମୂର୍ତ୍ତିକୁ ଆଜି ସନ୍ଧ୍ୟାରେ ପୂଜାର୍ଚ୍ଚନା କରାଯାଇଛି। ବିଭିନ୍ନ ମଣ୍ଡପରେ ଆକର୍ଷଣୀୟ ତୋରଣ କରାଯିବା ସହିତ ସୁନ୍ଦର ଆଲୋକମାଳାରେ ସଜ୍ଜିତ କରାଯାଇଛି। ଏହି ପୂଜା ଆସନ୍ତା ୭ ଦିନ ପର୍ଯ୍ୟନ୍ତ ଅନୁଷ୍ଠିତ ହେବାକୁ ଥିବାବେଳେ ଭିଡ଼ ନିୟନ୍ତ୍ରଣ ପାଇଁ କେନ୍ଦ୍ରାପଡ଼ା ସଦର ଥାନା, ଚାନ୍ଦୋଳ ଫାଣ୍ଡି, ଡେରାବିଶ ଥାନା ଓ ନିକିରାଇ ଥାନା ପକ୍ଷରୁ ବ୍ୟାପକ ପୁଲିସ ମୁତୟନ କରାଯାଇଛି।




## ହାତିନାରେ ଗଜଲକ୍ଷ୍ମୀ ପୂଜା

**ରାଜନଗର, ୬।୧୦(ସମିସ):** ରାଜନଗର ବ୍ଲକ ହାତିନାଠାରେ ୩୭ତମ ଗଜଲକ୍ଷ୍ମୀ ପୂଜା ଆରମ୍ଭ ହୋଇଛି। ପଣ୍ଡିତ ସନ୍ତୋଷ କୁମାର ଶତପଥୀ ଓ ପଣ୍ଡିତ କୃଷ୍ଣଚନ୍ଦ୍ର ଶତପଥୀଙ୍କ ଦ୍ୱାରା ବୈଦିକ ରୀତିନୀତିରେ ପୂଜା ଆରମ୍ଭ କରାଯାଇଛି। ଏହି ପୂଜା ୫ଦିନ ଧରି ଚାଲିବ। ପ୍ରତିବର୍ଷ ଭଳି ଚଳିତବର୍ଷ ଗଜଲକ୍ଷ୍ମୀ ପୂଜା ଅବସରରେ ସାଂସ୍କୃତିକ ଆୟୋଜିତ ହେବ। ପ୍ରତିଦିନ ସନ୍ଧ୍ୟାରେ ନୃତ୍ୟ ଓ ସଙ୍ଗୀତ କାର୍ଯ୍ୟକ୍ରମ କରାଯିବାର ବ୍ୟବସ୍ଥା ରହିଛି। ଅନୁଷ୍ଠାନର ସଭାପତି ଯାମିନୀକାନ୍ତ ସାହୁ, ସମ୍ପାଦକ ଯାମିନୀକାନ୍ତ ଦାସ, କମିଟି ସଦସ୍ୟ ନାରାୟଣ ପାଣି, ନଳିନୀକାନ୍ତ ସ୍ୱାଇଁ, ଅମୀୟ ସାମଲ, ମନୋଜ ସାହୁ, ଚନ୍ଦ୍ରଭାନୁ ପ୍ରଧାନ, ବିଚିତ୍ର ସାମଲ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରୁଛନ୍ତି।



# ସମ୍ପାଦକୀୟ



କ୍ରମାଗତ ଅଭ୍ୟାସ ବଳରେ ସ୍ୱୟଂସମ୍ପୂର୍ଣ୍ଣତା ସମ୍ଭବ।
-ବ୍ରୁଶ୍ ଲି

ସକାଳ
THE SAKALA

## ବ୍ୟବସ୍ଥିତ ଅବ୍ୟବସ୍ଥା

ଭାଇଚାରାର ସହର କଟକ। ଜାତି, ଧର୍ମ ବର୍ଣ୍ଣ ନିର୍ବିଶେଷରେ ପରସ୍ପର ମଧ୍ୟରେ ଶ୍ରଦ୍ଧା, ସମ୍ମାନ ଓ ସହନଶୀଳତାକୁ ଆଧାର କରି ଗଢ଼ି ଉଠିଥିବା ଏହି ସହର ନିଜ ନିଜ ସ୍ୱାତନ୍ତ୍ର୍ୟକୁ ଆଧାର କରି ପାଳିତ ହେଉଥିବା ମେଳା ଓ ଉତ୍ସବ ମିଳିତ ଭାବେ ମନେଇଥାନ୍ତି। ତେଣୁ ବର୍ଷ ତମାମ ଉତ୍ସବମୁଖର ଏହି ସହର ସର୍ବ ପୁରାତନ ସହରବାସୀଙ୍କ ଏହି ନିଆରା ସଦ୍‌ଭାବ ଓ ସଂପ୍ରୀତି ସମଗ୍ର ରାଜ୍ୟକୁ ପ୍ରଭାବିତ କରିଆସିଛି। ତେଣୁ ତ ସମଗ୍ର ଦେଶରେ ଆମ ରାଜ୍ୟର ଶାନ୍ତ ପରିବେଶ ଓ ପ୍ରାକୃତିକ ସୌନ୍ଦର୍ଯ୍ୟ ଆକର୍ଷଣର କେନ୍ଦ୍ରବିନ୍ଦୁ ପାଲଟିଛି। ଏସବୁ ସତ୍ତ୍ୱେ ବେଳେ ବେଳେ ଗୋଷ୍ଠୀ ସଂଘର୍ଷ ଓ ହିଂସାକାଣ୍ଡ ଯେ ନ ଉପୁଜେ ଏକଥା ନୁହେଁ। ତେବେ ତାହାକୁ ଆପୋଷ ବୁଝାମଣା ଏବଂ ଭାଇଚାରା ସମ୍ପର୍କର ପରିସରରେ ତୁଟାଇ ଦିଆଯାଇଥାଏ। ଆଗକୁ ଏଭଳି ଘଟଣାର ପୁନରାବୃତ୍ତି ଯେପରି ନ ହେବ ସେଥିପାଇଁ ଆମେ ଯଥେଷ୍ଟ ସତର୍କତା ଅବଲମ୍ବନ କରିବା ସହ କିଛିଟା ଶୃଙ୍ଖଳାକୁ ଆଦରି ନେଇଥାଉ।

ନିକଟରେ ଦଶହରା ଭସାଣି ବେଳେ ସହରର ଦରଘାବଜାର ଅଞ୍ଚଳରେ ଉପୁଜିଥିବା ହିଂସା ଓ ଗୋଷ୍ଠୀ ସଂଘର୍ଷ କିଛି ପୁରୁଖା ଓ ମୁରବୀଙ୍କୁ ବ୍ୟଥିତ କରିଛି। ଭାଇଚାରା ସମ୍ପର୍କରେ ଏଭଳି ତିକ୍ତତାର ସ୍ଥାନ ନାହିଁ। ଏକଥା ସହରବାସୀ ଅଳ୍ପ ବହୁତେ ସମସ୍ତେ ହୃଦଙ୍ଗମ କରନ୍ତି। ସମୟ ବଦଳୁଛି, ନୂଆପିଢ଼ି ଦଶହରା ଓ ଦୁର୍ଗାପୂଜାର ମଙ୍ଗ ଧରିଛନ୍ତି। କଟକ ସହର ପୂଜା କମିଟି ଓ ଶାନ୍ତି କମିଟିରେ କିଛି ପୁରୁଖା ଏବେ ମଧ୍ୟ ଦାୟିତ୍ୱରେ ଅଛନ୍ତି। କ୍ଷମତାରେ ଥିବା ପ୍ରଶାସନ ଆସିବେ ଓ ଯିବେ। ସେମାନଙ୍କୁ ମାର୍ଗଦର୍ଶନ କରାଇବାର ଦାୟିତ୍ୱ ଏହି କମିଟିର ପୁରୁଖାଙ୍କର।

୧୯୯୯ରେ ସେହି ଭସାଣି ବେଳେ ଉପୁଜିଥିବା ଗୋଷ୍ଠୀ ସଂଘର୍ଷକୁ ନିୟନ୍ତ୍ରଣ କରିଥିବା ଅଧିକାରୀ ନ ଥାଇ ପାରନ୍ତି, କିନ୍ତୁ ମୁରବୀ ତ ଅଛନ୍ତି। ସେବେଠାରୁ ଏ ପର୍ଯ୍ୟନ୍ତ ପ୍ରାୟତଃ ଶାନ୍ତି ଶୃଙ୍ଖଳାରେ ଭସାଣ ଉତ୍ସବ ସମାପିତ ହୋଇ ଆସିଥିବା ବେଳେ ପୁଣି ହିଂସା ମୁଣ୍ଡ ଟେକିଲା କାହିଁକି? ଆମ ଜାଣିବାରେ, ସହରରେ ଭାଇଚାରା ସମ୍ପର୍କ ଅତୁଟ ରଖିବା ପାଇଁ କିଛି ଅଲିଖିତ ନିୟମ ଓ ଶୃଙ୍ଖଳା ସବୁପକ୍ଷ ଏପର୍ଯ୍ୟନ୍ତ ମାନି ଆସୁଥିଲେ। ତାହାର ଉଲ୍ଲଙ୍ଘନ ହେବାକୁ ଦେଲା କିଏ? ମୁରବୀ ନା ପ୍ରଶାସନ? କଣ ହେଲା କାହିଁକି ହେଲା ତାହା ଏଠାରେ ଆମେ ଉପସ୍ଥାପନ କରିବାକୁ ଚାହୁଁନା। କିଛି ତ ହୋଇଛି ଯାହା ହେବାର ନଥିଲା। ଆମକୁ ଏଠାରେ ସ୍ୱୀକାର କରିବାକୁ ହେବ ଯେ ଏଥି ସକାଶେ ପ୍ରାକ୍ ପ୍ରସ୍ତୁତି ମଧ୍ୟ ହେଉଥିଲା। ସହର ଶୃଙ୍ଖଳା ଦାୟିତ୍ୱରେ ଥିବା ପ୍ରଶାସନ ଓ ପୁଲିସର ଅନଭିଜ୍ଞତା ଓ ଅପରିପକ୍ୱତା ସ୍ପଷ୍ଟ ବାରି ହୋଇପଡୁଛି। ସଂଘର୍ଷ ଓ ହିଂସାକାଣ୍ଡରେ ଲିପ୍ତ ଥିବା ବ୍ୟକ୍ତି ବିଶେଷଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ସକାଶେ ଡ୍ରୋନ ଓ ସିସିଟିଭି ଫୁଟେଜ ଯାଞ୍ଚ କରାଯାଉଛି। ଅଥଚ ଏହି ସମ୍ବେଦନଶୀଳ ଅଞ୍ଚଳର ସ୍ଥିତି ଭସାଣୀ ପୂର୍ବରୁ ଯାଞ୍ଚ ବା ପରଖିବାରେ ଅସୁବିଧା କେଉଁଠି ଥିଲା ? ଅନ୍ୟପକ୍ଷରେ ଭସାଣୀବେଳେ ଉତ୍ତେଜନାର କାରଣ ମନେ ହେଉଥିବା କିଛି ନକାରାତ୍ମକ କାର୍ଯ୍ୟକୁ ମଧ୍ୟ ରୋକାଯାଇ ପାରିଥାନ୍ତା। କିନ୍ତୁ ସେଥିପ୍ରତି ପ୍ରଶାସନ ଆଦୌ ସଚେତନ ଥିଲା ଭଳି ମନେ ହେଉନି।

ସ୍ୱାଭାବିକ ଭାବେ ଦୁଇପକ୍ଷ ନିଜନିଜର ଏତଲା ଦେବେ ଓ ପ୍ରଶାସନ ମଧ୍ୟ ନିଜଆଡୁ ମାମଲା ରୁଜୁ କରିବ। ସଂଘର୍ଷରେ ୨ ଜଣ ଗୁରୁତର ଆହତ ଆଇସିୟୁରେ ଚିକିତ୍ସିତ ହେଉଛନ୍ତି। ସେମାନଙ୍କ ଅବସ୍ଥାନେଇ ସମସ୍ତେ ଚିନ୍ତିତ ଓ ଉଦ୍‌ବିଗ୍ନ। ଡିସିପିଙ୍କ ସମେତ ଅନ୍ୟ ଯେଉଁମାନେ ଆହତ ହୋଇଛନ୍ତି ତାହାକୁ ଘଟଣା ପ୍ରବାହର ଆରମ୍ଭ ବିଶେଷ ରୁପେ ଗ୍ରହଣ କରାଯାଇପାରେ। ସୋମବାର ବନ୍ଦ ପାଳନ ପାଇଁ ଦିଆଯାଇଥିବା ଆହ୍ୱାନ ଓ ପୂର୍ବଦିନ ସଂଧ୍ୟାରେ ଘଟଣାର ପ୍ରତିବାଦ ସ୍ୱରୂପ ବାହାରିଥିବା ଶୋଭାଯାତ୍ରାରୁ ଆଗକୁ ପରିସ୍ଥିତି ନିୟନ୍ତ୍ରଣ ବାହାରକୁ ଯାଉଥିବାର ସୂଚନା ମିଳିଥିଲା। ତେଣୁ ତୁରନ୍ତ ସାଂଧ୍ୟଆଇନ ଜାରି କରାଯିବାରୁ ଉତ୍ତେଜନା ପ୍ରଶମିତ ହେଉଥିବାର ଲକ୍ଷ୍ୟ କରାଯାଇଛି। ସର୍ବୋପରି ସହରରେ ଭାଇଚାରା ସଂପର୍କ ଯେପରି ଅତୁଟ ରହେ ତାହାକୁ ଦୃଷ୍ଟିରେ ରଖି ଦୁଇପକ୍ଷ ମଧ୍ୟରେ ଶାନ୍ତି ଓ ସଦ୍‌ଭାବନା ଫେରାଇ ଆଣିବା ଜରୁରୀ।

## ଶିକ୍ଷା, ଶିକ୍ଷକ ଓ ଏଆଇ

ସୁପ୍ରିୟା ମିଶ୍ର

ନିକଟରେ ଆମେରିକାର ଗୋଟିଏ ପ୍ରସିଦ୍ଧ ଏଆଇ ସେବା ଯୋଗାଇ ଦେଉଥିବା କମ୍ପାନୀର ଜଣେ ବରିଷ୍ଠ ଇଞ୍ଜିନିୟର କହିଲେ ଯେ ତାଙ୍କ କମ୍ପାନୀର ଏଆଇ ଟୁଲ୍‌ର ବୁଦ୍ଧି ଲବ୍ଧାଂଶ ବା ଆଇକ୍ୟୁ ଜଣେ ପିଏଚଡି ଧାରୀଙ୍କ ଠାରୁ ମଧ୍ୟ ଅଧିକ। କିଛି ଏଆଇ କମ୍ପାନୀମାନେ ଗୁରୁ ଦିବସ ଅବସରରେ ଭାରତୀୟ ଛାତ୍ରଛାତ୍ରୀମାନଙ୍କୁ ରିହାତି ମୂଲ୍ୟରେ ସେବା ଯୋଗାଇ ଦେବା ପାଇଁ ଇଣ୍ଟରନେଟରେ ବିଜ୍ଞାପନ ମଧ୍ୟ ପ୍ରକାଶିତ କରିଥିଲେ। ପ୍ରଶ୍ନ ଉଠୁଛି ଯେ କୃତ୍ରିମ ବୁଦ୍ଧିମତ୍ତା କ'ଣ ଶିକ୍ଷକଙ୍କ ସମ୍ପୂର୍ଣ୍ଣ ରୂପେ ବିକଳ୍ପ ହୋଇପାରିବ? ୟୁରୋପ, ଆମେରିକା ଓ ଚୀନରେ ପାରମ୍ପରିକ ଶ୍ରେଣୀ ଗୃହରେ ଏଆଇ ଦ୍ୱାରା ସଂଚାଳିତ ରୋବଟ ମାଧ୍ୟମରେ ଶିକ୍ଷା ପ୍ରଦାନର ପରୀକ୍ଷଣ ଚାଲିଛି। ଭାରତରେ ମଧ୍ୟ ଏହାକୁ ପରୀକ୍ଷା କରାଯାଉଛି। ଗତବର୍ଷ କେରଳର କିଛି ମାଧ୍ୟମିକ ବିଦ୍ୟାଳୟରେ ରୋବଟ ଶିକ୍ଷକଙ୍କୁ ପରୀକ୍ଷା କରାଯାଇଥିଲା।

କୃତ୍ରିମ ବୁଦ୍ଧିମତ୍ତା ଶିକ୍ଷା କ୍ଷେତ୍ରରେ ଅନେକ ନୂତନ ସମ୍ଭାବନା ସୃଷ୍ଟି କରିଛି। ଏହା ଛାତ୍ରଛାତ୍ରୀମାନଙ୍କୁ ବ୍ୟକ୍ତିଗତ ଶିକ୍ଷା ପ୍ରଦାନ କରୁଛି, ଯେଉଁଠି ଏକ ଛାତ୍ରର ନିର୍ଦ୍ଦିଷ୍ଟ ଆବଶ୍ୟକତା, ଶିକ୍ଷଣ ଶୈଳୀ ଓ ବୁଦ୍ଧି ଲବ୍ଧାଂଶ ଅନୁଯାୟୀ ପାଠ୍ୟକ୍ରମ ଡିଜାଇନ କରାଯାଉଛି। ଏହା ବିଦ୍ୟାର୍ଥୀମାନଙ୍କୁ ନିଜ ଗତି ଓ ସାମର୍ଥ୍ୟରେ ଶିକ୍ଷା ଗ୍ରହଣ କରିବାର ସୁଯୋଗ ଦେଉଛି। ଏଆଇ ଛାତ୍ରମାନଙ୍କର ଦୁର୍ବଳତା ଚିହ୍ନଟ କରି ସେମାନଙ୍କୁ ଅଧିକ ଅଭ୍ୟାସ କିମ୍ବା ବିଶେଷ ସମ୍ବଳ ପ୍ରଦାନ କରିପାରେ। ଏହାସହିତ ଏଆଇ-ଚାଳିତ ଚାଟ୍‌ବଟ୍ ଓ ଭର୍ଚୁଆଲ ସହାୟକ ଛାତ୍ରମାନଙ୍କୁ ଯେକୌଣସି ସମୟରେ ସମର୍ଥନ ଯୋଗାଇ ଦେଉଛି, ଯାହା ଶିକ୍ଷକଙ୍କ ପାଇଁ ସବୁବେଳେ ସମ୍ଭବ ନୁହେଁ। ତଥାପି, ଏହି ସବୁ ସୁବିଧା ସତ୍ତ୍ୱେ ଶିକ୍ଷା ବ୍ୟବସ୍ଥାରେ ଏଆଇ ଶିକ୍ଷକଙ୍କର ମୌଳିକ ଭୂମିକାର ଏକ ବିକଳ୍ପ କଦାପି ହୋଇ ପାରିବ ନାହିଁ।

ଶିକ୍ଷା କେବଳ ତଥ୍ୟ ଓ ଜ୍ଞାନ ପ୍ରଦାନ କରିବା ନୁହେଁ; ଏହା ଏକ ମାନବୀୟ ପ୍ରକ୍ରିୟା, ଯେଉଁଠି ଭାବନା, ଆତ୍ମବିଶ୍ୱାସ, ନୈତିକ ବୋଧ, ସହାନୁଭୂତି, ପ୍ରେରଣା ଓ ସାମାଜିକ ମୂଲ୍ୟବୋଧର ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି। ଇଂରେଜ ସରକାରଙ୍କ ଶାସନ ସମୟରେ ଭାରତରେ ପାଶ୍ଚାତ୍ୟ ପଦ୍ଧତିରେ ଶିକ୍ଷା ପ୍ରଦାନ ବ୍ୟବସ୍ଥା ଆରମ୍ଭ ହୋଇଥିଲେ ମଧ୍ୟ ଭାରତରେ ଶିକ୍ଷା ବ୍ୟବସ୍ଥାରେ ସର୍ବଦା ମାନବୀୟ ଗୁଣକୁ ବିକଶିତ କରିବା ପାଇଁ ଲକ୍ଷ୍ୟ ରଖାଯାଏ। ଯେତେବେଳେ ଜଣେ ବିଦ୍ୟାର୍ଥୀ କୌଣସି କାରଣରୁ ନିରାଶ ହୁଏ କିମ୍ବା କୌଣସି ବିଷୟରେ ଅସୁବିଧାର ସମ୍ମୁଖୀନ ହୁଏ, ଶିକ୍ଷକ ତାଙ୍କୁ ପ୍ରେରଣା ଦେଇପାରନ୍ତି ଏବଂ ସେମାନଙ୍କର ଆତ୍ମବିଶ୍ୱାସ ବୃଦ୍ଧି କରିପାରନ୍ତି। ଏଆଇ ଏହି ସହାନୁଭୂତି ଏବଂ ଭାବନାତ୍ମକ ସଂଯୋଗ ପ୍ରଦାନ କରିପାରେ ନାହିଁ। ଏଆଇ ଏକ ଯନ୍ତ୍ର ହିସାବରେ କେବଳ ଡାଟା ଓ ଅଲଗରିଦମ୍ ଉପରେ ନିର୍ଭର କରେ, ଯାହା ମାନବୀୟ ଭାବନାକୁ ବୁଝିବାରେ ଅକ୍ଷମ।

ଏହାସହିତ ଶିକ୍ଷକମାନେ ଛାତ୍ରଛାତ୍ରୀମାନଙ୍କୁ ସାମାଜିକ ମୂଲ୍ୟବୋଧ, ନୈତିକତା ଓ ସହଯୋଗ ଶିଖାଇଥା'ନ୍ତି। ଏକ ଶ୍ରେଣୀଗୃହରେ ଶିକ୍ଷକ ଛାତ୍ରମାନଙ୍କ ମଧ୍ୟରେ ଆଲୋଚନା, ଦଳଗତ କାର୍ଯ୍ୟ ଓ ସହଯୋଗୀ ଶିକ୍ଷଣକୁ ପ୍ରୋତ୍ସାହିତ କରନ୍ତି। ଏହି ପ୍ରକ୍ରିୟା ଛାତ୍ରମାନଙ୍କୁ ସାମାଜିକ ଦକ୍ଷତା, ନେତୃତ୍ୱ ଓ ପରସ୍ପର ସମ୍ମାନ ଶିଖାଇଥାଏ। ଏଆଇ ଏକ ବ୍ୟକ୍ତିଗତ ଶିକ୍ଷଣ ଅଭିଜ୍ଞତା ପ୍ରଦାନ କରିପାରେ, କିନ୍ତୁ ଏହା ଏକ ଶ୍ରେଣୀଗୃହର ସାମାଜିକ ଗତିଶୀଳତାକୁ ଅନୁକରଣ କରିପାରେ ନାହିଁ। ଗୋଟିଏ ଏଆଇ ଟୁଲ ସମ୍ମୁଖରେ ସବୁ ଛାତ୍ରଛାତ୍ରୀ ସମାନ ଓ ସେମାନଙ୍କ ଜିଜ୍ଞାସା ମଧ୍ୟ ସମାନ। କିନ୍ତୁ ଜଣେ ଶିକ୍ଷକ ବା ଶିକ୍ଷୟତ୍ରୀଙ୍କ ପାଖରେ ପ୍ରଶ୍ନର ଉତ୍ତର ସମାନ ଥିଲେ ମଧ୍ୟ ପ୍ରଶ୍ନ କର୍ତ୍ତା କିନ୍ତୁ ସମାନ ନୁହନ୍ତି। କାରଣ କିପରି ଭାବରେ ଉତ୍ତର ପ୍ରଦାନ କରାଗଲେ ତାହା ବିଦ୍ୟାର୍ଥୀମାନେ ସହଜରେ ଗ୍ରହଣ କରି ପାରିବେ ତାହା କେବଳ ଜଣେ ମାନବର ପ୍ରାକୃତିକ ବୁଦ୍ଧିମତ୍ତା ଉପରେ ନିର୍ଭରଶୀଳ।

ଏଆଇ ଶିକ୍ଷା କ୍ଷେତ୍ର ଅତ୍ୟନ୍ତ ଆଧୁନିକ ହେଲେ ମଧ୍ୟ ସେଥିରେ ଅନେକ ସୀମାବଦ୍ଧତା ରହିଛି। ପ୍ରଥମତଃ, ଏଆଇ କେବଳ ପୂର୍ବରୁ ପ୍ରୋଗ୍ରାମ କରାଯାଇଥିବା ଡାଟା ଓ ଅଲଗରିଦମ ଉପରେ କାର୍ଯ୍ୟ କରେ। ଏହା ଅଣପ୍ରତ୍ୟାଶିତ ପରିସ୍ଥିତିରେ ନିଷ୍ପତ୍ତି ନେବାରେ ଅକ୍ଷମ। ଉଦାହରଣ ସ୍ୱରୂପ, ଯଦି ଜଣେ ଛାତ୍ର ଏକ ଅସାଧାରଣ ପ୍ରଶ୍ନ ପଚାରେ ଯାହା ଏଆଇର ଡାଟାବେସରେ ନାହିଁ, ତେବେ ଏଆଇ ସେହି ପ୍ରଶ୍ନର ଉତ୍ତର ଦେବାରେ ଅସଫଳ ହୋଇପାରେ। ଅନ୍ୟପକ୍ଷରେ, ଶିକ୍ଷକମାନେ ନିଜର ଅଭିଜ୍ଞତା ଓ ସୃଜନଶୀଳତା ବ୍ୟବହାର କରି ଏଭଳି ପରିସ୍ଥିତିରେ ସମାଧାନ ଯୋଗାଇପାରନ୍ତି। କାନପୁରଠାରେ ଅବସ୍ଥିତ ଭାରତୀୟ ପ୍ରଦ୍ୟୋଗିକ ସଂସ୍ଥାନର ଅବସରପ୍ରାପ୍ତ ପଦାର୍ଥ ବିଜ୍ଞାନୀ ତଥା ପ୍ରସିଦ୍ଧ ପ୍ରଯୁକ୍ତି ବିଜ୍ଞାନର ପୁସ୍ତକ ଲେଖକ ଡ ହରିଶ ଚନ୍ଦ୍ର ବର୍ମା କୁହନ୍ତି ପ୍ରତିଦିନ ମାନବ ସଭ୍ୟତାରେ ସୃଷ୍ଟି ହେଉଥିବା ବିଭିନ୍ନ ପ୍ରକାରର ସମସ୍ୟାକୁ ସମାଧାନ କରିବା ପାଇଁ ଜଣେ କିପରି ନିଜର ସୃଜନଶୀଳତାକୁ ବ୍ୟବହାର କରି ପାରିବ ତାହା କେବଳ ଜଣେ ଶିକ୍ଷକ ହିଁ ଛାତ୍ରଛାତ୍ରୀଙ୍କୁ ଶିଖାଇ ପାରିବେ। ଏଆଇ ଏହା କରି ପାରିବ ନାହିଁ; କାରଣ ଆଇଟି ଇଞ୍ଜିନିୟରମାନଙ୍କ ଦ୍ୱାରା ପୂର୍ବ ନିର୍ଦ୍ଧାରିତ ନିଜର ସୀମା ବାହାରକୁ ଯାଇ ଏଆଇ କିଛି ଚିନ୍ତା କରିବା ପାଇଁ ସକ୍ଷମ ନୁହେଁ।

ଦ୍ୱିତୀୟତଃ, ଏଆଇ ସାଂସ୍କୃତିକ ଏବଂ ସାମାଜିକ ପ୍ରେକ୍ଷାପଟକୁ ସମ୍ପୂର୍ଣ୍ଣ ରୂପେ ବୁଝିପାରେ ନାହିଁ। ଭାରତୀୟ ଶିକ୍ଷା ବ୍ୟବସ୍ଥାରେ, ଯେଉଁଠି ବିଭିନ୍ନ ଭାଷା, ସଂସ୍କୃତି ଓ ପରମ୍ପରା ରହିଛି, ଶିକ୍ଷକମାନେ ଛାତ୍ରମାନଙ୍କୁ ସେମାନଙ୍କର ସାଂସ୍କୃତିକ ପ୍ରେକ୍ଷାପଟ ଅନୁଯାୟୀ ଶିକ୍ଷା ଦେଇପାରନ୍ତି। ଏଆଇ ଏହି ସାଂସ୍କୃତିକ ସମ୍ବେଦନଶୀଳତାକୁ ଅନୁକରଣ କରିବାରେ ଅକ୍ଷମ। ତୃତୀୟତଃ, ଏଆଇ ଶିକ୍ଷାରେ ଅତ୍ୟଧିକ ନିର୍ଭରଶୀଳତା ଛାତ୍ରଛାତ୍ରୀମାନଙ୍କୁ ସାମାଜିକ ମିଳାମିଶାରୁ ଦୂରେଇ ଦେଇପାରେ। ଶିକ୍ଷା କେବଳ ବୌଦ୍ଧିକ ବିକାଶ ନୁହେଁ, ବରଂ ସାମାଜିକ ଓ ଭାବନାତ୍ମକ ବିକାଶର ଏକ ଅଂଶ। ଶିକ୍ଷକମାନେ ବିଦ୍ୟାର୍ଥୀମାନଙ୍କୁ ଏକ ସମ୍ପ୍ରଦାୟ ଭାବେ କାମ କରିବାକୁ, ପରସ୍ପର ସହଯୋଗ କରିବାକୁ ଏବଂ ସମାଜରେ ନିଜର ଦାୟିତ୍ୱ ବୁଝିବାକୁ ଶିଖାଇଥା'ନ୍ତି।

ଉତ୍କଳମଣି ଗୋପବନ୍ଧୁ ରଥଯାତ୍ରା ସମୟରେ ଏବଂ ନଦୀରେ ବଢ଼ି ଆସିଲେ ଜନ ସେବା ଯୋଗାଇ ଦେବାକୁ ଯିବା ସମୟରେ ପାଇଁ ବନ ବିଦ୍ୟାଳୟର ଛାତ୍ରମାନଙ୍କୁ ନିଜ ସହିତ ନେଇ ଯାଉଥିଲେ। ଏହାଦ୍ୱାରା ସେମାନଙ୍କ ମନରେ ସମାଜ ସେବାରେ ନିଜକୁ ଉତ୍ସର୍ଗ କରିଦେବାର ମନୋବୃତ୍ତି ଜାଗ୍ରତ ହେଉଥିଲା। ବର୍ତ୍ତମାନ ମଧ୍ୟ ଜାତୀୟ ସେବା ଯୋଜନା ମାଧ୍ୟମରେ ଛାତ୍ରଛାତ୍ରୀମାନଙ୍କୁ ସାମାଜିକ ସେବାରେ ନିଯୋଜିତ କରାଯାଇ ରାଷ୍ଟ୍ର ପ୍ରତି ସମର୍ପିତ ରହିବା ପାଇଁ ଉତ୍ସାହିତ କରାଯାଏ। ଏଆଇ ଏହି ସାମାଜିକ ଶିକ୍ଷଣକୁ ପ୍ରଦାନ କରିବାରେ ସମ୍ପୂର୍ଣ୍ଣ ଭାବରେ ଅକ୍ଷମ। ଏଠାରେ ଗୋଟିଏ ଅତ୍ୟନ୍ତ ସମ୍ବେଦନଶୀଳ ଘଟଣା ଉଲ୍ଲେଖନୀୟ। ଗତ ବର୍ଷ ନଭେମ୍ବର ମାସରେ ଆମେରିକାର ଜଣେ ସ୍ନାତକ ଛାତ୍ର ଗୋଟିଏ ପ୍ରସିଦ୍ଧ ଏଆଇ ଟୁଲ ମାଧ୍ୟମରେ ଏକ ପ୍ରବନ୍ଧ ରଚନା କରୁଥିଲେ। ବରିଷ୍ଠ ନାଗରିକମାନଙ୍କର କିପରି ଯତ୍ନ ନେବା ସହିତ ସେମାନଙ୍କୁ ବିଭିନ୍ନ ପ୍ରକାରର ସାମାଜିକ ଦୁର୍ବ୍ୟବହାରରୁ କିପରି ସୁରକ୍ଷା ପ୍ରଦାନ କରାଯାଇ ପାରିବ ସେହି ବିଷୟରେ ବାର୍ତ୍ତାଳାପ ମାଧ୍ୟମରେ ଚାଟ୍‌ବଟ୍‌ଠାରୁ ବିଭିନ୍ନ ପ୍ରକାରର ତଥ୍ୟ ସଂଗ୍ରହ କରୁଥିଲେ। ହଠାତ୍ ଚାଟ୍ ବଟ୍ ଗାଳି ଗୁଲଜ କରିବାକୁ ଆରମ୍ଭ କରିଲା। ମନୁଷ୍ୟମାନେ ଏହି ଧରା ଉପରେ ଏକ ବୋଝ ଭାବରେ ଚିତ୍ରିତ କଲା। ଶେଷରେ ଛାତ୍ରଙ୍କୁ ଏହି ବ୍ରହ୍ମାଣ୍ଡରେ ରହିବାର କୌଣସି ଅଧିକାର ନାହିଁ ବୋଲି ଜଣାଇ ଯଥାଶୀଘ୍ର ଆତ୍ମହତ୍ୟା କରିବା ପାଇଁ ବାରମ୍ବାର ପ୍ରୋତ୍ସାହିତ କରିବାକୁ ଲାଗିଲା।

ଏଆଇର ଅନେକଗୁଡ଼ିଏ ଦୁର୍ବଳତା ରହିଥିଲେ ମଧ୍ୟ ଶିକ୍ଷା କ୍ଷେତ୍ରରେ ଏହାର ପ୍ରୟୋଗ ସ୍ୱାଗତଯୋଗ୍ୟ। ଏଆଇ ଶିକ୍ଷକଙ୍କ ବିକଳ୍ପ ହେବା ପରିବର୍ତ୍ତେ ସେମାନଙ୍କ ସହ ସହଯୋଗ କରି ଶିକ୍ଷା ପ୍ରକ୍ରିୟାକୁ ଅଧିକ ଫଳପ୍ରଦ କରିପାରେ। ଏଆଇ ଶିକ୍ଷକମାନଙ୍କୁ ସେମାନଙ୍କର ପାଠ୍ୟକ୍ରମ ପରିଚାଳନା, ଛାତ୍ରଛାତ୍ରୀମାନଙ୍କର ପ୍ରଗତି ମୂଲ୍ୟାଙ୍କନ ଏବଂ ଅଧିକ ସମୟ ମାନବୀୟ ସଂଯୋଗ ପାଇଁ ବ୍ୟବହାର କରିବାରେ ସାହାଯ୍ୟ କରିପାରେ। ଶିକ୍ଷକମାନେ ଶିକ୍ଷାରେ ମାନବୀୟ ସଂଯୋଗ, ସହାନୁଭୂତି ଓ ସାମାଜିକ ମୂଲ୍ୟବୋଧର ଏକ ଅନନ୍ୟ ଅବଦାନ ରଖନ୍ତି, ଯାହା ଏଆଇ ପ୍ରଦାନ କରିପାରେ ନାହିଁ। କରୋନା ମହାମାରୀ ସମୟରେ ଶିକ୍ଷକ ଓ ଛାତ୍ରଛାତ୍ରୀମାନଙ୍କ ମଧ୍ୟରେ ଡିଜିଟାଲ୍ ମାଧ୍ୟମରେ ଯୋଗାଯୋଗ ଥିଲେ ମଧ୍ୟ ଶିକ୍ଷା ବ୍ୟବସ୍ଥା କିପରି ଭୁଶୁଡ଼ି ପଡ଼ିଲା ତାହାକୁ ପ୍ରତ୍ୟେକ ଅଭିଭାବକ ହୃଦୟଙ୍ଗମ କରିଥିଲେ। ତେଣୁ ଏଆଇ ଓ ଶିକ୍ଷକଙ୍କ ମଧ୍ୟରେ ଏକ ଉତ୍ତମ ସହଯୋଗୀ ପନ୍ଥା ହିଁ ଭବିଷ୍ୟତରେ ଶିକ୍ଷାକୁ ଅଧିକ ସଫଳ କରିବ।

(ବିଭାଗୀୟ ମୁଖ୍ୟ, ମହର୍ଷି ମହିଳା ମହାବିଦ୍ୟାଳୟ)
ଭୁବନେଶ୍ୱର, ମୋ: ୯୪୩୮୨୭୬୮୩୪

## ଚାପମୁକ୍ତ ଜୀବନ ସମ୍ଭବ କି?

ସଲିଳା ତ୍ରିପାଠୀ

ବୟସ ବଢ଼ିବା ସଙ୍ଗେ ସଙ୍ଗେ ମନୁଷ୍ୟର ଚାହିଦାର ବୃଦ୍ଧି ଘଟିଥାଏ। ଯେଉଁ ସମୟରେ ଯାହା ଖୋଜାଯାଏ ନ ପାଇଲେ ମନ ମଧ୍ୟରେ ଏକ ଅଭାବବୋଧର ସୃଷ୍ଟି ହୁଏ, ଯାହାକୁ ପ୍ରକାରାନ୍ତରେ ଆମେ ଚାପ କହିପାରୁ। ଅନେକ ସମୟରେ ବାପ ମା' ପିଲାମାନଙ୍କର ଇଚ୍ଛାକୁ ଗୁରୁତ୍ୱ ନଦେଇ ହତୋତ୍ସାହିତ କରିବା ବାଲ୍ୟଜୀବନରେ ଗଭୀର ଚାପ ସୃଷ୍ଟି କରିଥାଏ। ଆମ ସମାଜରେ ପୁଅ ରୋଜଗାର ନ କରିପାରିଲେ ଏବଂ ଝିଅର ବାହାଘର ଉଚିତ୍ ସମୟରେ ନ ହୋଇପାରିଲେ ବଞ୍ଚିବା କଷ୍ଟକର ହୋଇପଡ଼େ। ପୁଅଟି ଖାଲି ରୋଜଗାରକ୍ଷମ ନୁହେଁ ବରଂ ସମାଜରେ ପାଞ୍ଚ ଜଣଙ୍କ ସାଥିରେ ତାଳ ମିଶେଇ ଚାଲିବାର ଇଚ୍ଛା ଆଉ ଝିଅର ବିବାହ ମଧ୍ୟ ସେହିଭଳି ଉପଯୁକ୍ତ ପାତ୍ରରେ ଦାନ ହୋଇପାରିଲେ ଯାଇ ପୁଅଝିଅଙ୍କର ମାନସିକ ଚାପର ସାମାନ୍ୟ ଶେଷ ହୋଇଥାଏ।

ତଥାକଥିତ ସମାଜରେ ପୁଅ ରୋଜଗାରକ୍ଷମ ହେଲେ ପୁଣି ସର୍ବଗୁଣସମ୍ପନ୍ନ ବୋହୂଟିଏ ଦରକାର ଯାହାର କୌଣସି ଗୁଣରେ ଖୁଣ ନଥିବ। ଯଥାଶୀଘ୍ର ନାତିଟିଏ ଦରକାର ପଛରେ ନାତୁଣୀଟିଏ ହେଲେ ଭଲ। ବାପ ମା' ବଞ୍ଚିଥିବା ପର୍ଯ୍ୟନ୍ତ ପୁଅର କୌଣସି ରୋଗ ବଇରାଗ ହେବା ବାଞ୍ଛନୀୟ ନୁହେଁ। ନାତି ନାତୁଣୀ ସମସ୍ତେ ନାଁ କଲା ପରି ବିଦ୍ୟାର୍ଜନ କରି ବଂଶ ମର୍ଯ୍ୟାଦା ରଖିବା ନିତାନ୍ତ ଆବଶ୍ୟକ। ସେପଟେ ଝିଅଟି ମଧ୍ୟ ପରଘରେ ଯାଇ ସୁଖଶାନ୍ତିରେ ରହିବା ଜରୁରୀ। ଏତେ ପ୍ରକାରର ମାନସିକ ଦୁଃଶ୍ଚିନ୍ତାରେ ମନୁଷ୍ୟ ଜୀବନ ଧାରଣ କରିଥାଏ କେବଳ ମୃତ୍ୟୁକୁ ସାମ୍ନା କରିପାରେନା। ସେତିକିବେଳେ ପ୍ରାରବ୍ଧ, କର୍ମଫଳ କଥାଟି ମନେପଡ଼େ। ତାକୁ ମଧ୍ୟ ସିଏ ଶ୍ମଶାନ ବୈରାଗ୍ୟ ପରି ଭୁଲିଯାଏ।

ତେବେ କାଳକାଳରୁ ଉପରୋକ୍ତ ଚାପଗୁଡ଼ିକୁ ସହିବାରେ ଅଭ୍ୟସ୍ତ ମନୁଷ୍ୟ ଆଧୁନିକ ଜୀବନଶୈଳୀ ପାଇଁ ଆହୁରି ଅନେକ ଚାପର ସମ୍ମୁଖୀନ ହେଉଛି। କର୍ମକ୍ଷେତ୍ରରେ ଓ ବିଦ୍ୟାଳୟରେ ପ୍ରତିଯୋଗିତା ପାଇଁ ଏବଂ ନାରୀ ସ୍ୱାଧୀନତା ପାଇଁ ସମଗ୍ର ସମାଜରେ ଚାପଟି ସର୍ବାଧିକ ହେଉଛି ବୋଲି ଜଣାଯାଉଛି। ଯେହେତୁ ଧନ ଓ ସମ୍ମାନର ସଂରକ୍ଷଣର ଭାବନା ମନୁଷ୍ୟକୁ ସର୍ବଦା ଦ୍ୱିଧାଗ୍ରସ୍ତ କରିଦିଏ ଏବଂ ନାରୀମାନେ ସ୍ୱାଧୀନତା ପାଇଗଲେ ସମାଜରେ ବିଶୃଙ୍ଖଳା ହୁଏ ବୋଲି ଆଜି ମଧ୍ୟ ଅନେକ ଲୋକଙ୍କର ବିଶ୍ୱାସ।

ବର୍ତ୍ତମାନର ରୋଜଗାରର ପନ୍ଥାଟି ମୁଖ୍ୟତଃ ବେସରକାରୀ ସଂସ୍ଥା ଦ୍ୱାରା ପର୍ଯ୍ୟବେସିତ ହେବା ଦ୍ୱାରା କର୍ମକ୍ଷେତ୍ରରେ କାର୍ଯ୍ୟର ଚାପ ବା ଉପରିସ୍ଥ କର୍ମଚାରୀଙ୍କ ପ୍ରତି ଭୟ ଓ ଲକ୍ଷ୍ୟ ପୂରଣ ନ ହେବାର ଆଶଙ୍କା ଦ୍ୱାରା ବହୁ ଯୁବପିଢ଼ି ଗ୍ଲାନି ମଧ୍ୟରେ ଜୀବନ କାଟୁଛନ୍ତି। ବିଭିନ୍ନ ପ୍ରକାର ସୁବିଧା ସୁଯୋଗର ଉପସ୍ଥିତି ଫଳରେ ପ୍ରତ୍ୟେକ ପିତାମାତା ନିଜ ପୁତ୍ରକନ୍ୟାଙ୍କର ଭବିଷ୍ୟତ ଚିନ୍ତା ପାଇଁ ନିଜେ ଚାପରେ ରହିବା ସହିତ ପିଲାମାନଙ୍କୁ ମଧ୍ୟ ଚାପରେ ରଖୁଛନ୍ତି। ନାରୀ ସ୍ୱତନ୍ତ୍ରତା ଫଳରେ ପୁରୁଷମାନେ ଘରଠାରୁ ବାହାର ପର୍ଯ୍ୟନ୍ତ ଅନେକ ପ୍ରତିଯୋଗିତାର ସମ୍ମୁଖୀନ ହେଉଛନ୍ତି, ଯାହା ଅବ୍ୟକ୍ତ ହୋଇଥିଲେ ହେଁ ବାସ୍ତବିକ ସତ୍ୟ ଅଟେ।

ସମୟ ଅନୁସାରେ ମଣିଷର ଚିନ୍ତାଧାରା, ପରିସ୍ଥିତି, ପରିବେଶ ଯେତିକି ମାତ୍ରାରେ ପରିବର୍ତ୍ତନ ହେବା ଆବଶ୍ୟକ ନ ହୋଇ ପାରିଲେ ସେ ବିଭିନ୍ନ ଅସୁବିଧାର ସମ୍ମୁଖୀନ ହୋଇଥାଏ, ଯାହା ମାନସିକ ଚାପ ବା ଅବସାଦର ମୂଳଦୁଆକୁ ସଂଗଠିତ କରିଥାଏ। ଫଳସ୍ୱରୂପ ଉଚ୍ଚ ରକ୍ତଚାପ, ମଧୁମେହ ଓ ହୃଦ୍‌ରୋଗ ଭଳି ବେମାରୀମାନେ ନିମନ୍ତ୍ରଣ ହୋଇ ଆସିଥା'ନ୍ତି। ଠିକ୍ ସେହିଭଳି ମନର କଥାକୁ ପରିପ୍ରକାଶ କରିବାକୁ ସୁଯୋଗ ନଥିଲେ ଏହି ଚାପର ପରିମାଣ ବୃଦ୍ଧି ହୋଇ ବେଳେବେଳେ ଅଚାନକ ଭାବେ ପ୍ରାଣଘାତକ ସାଜିଥାଏ। ମଣିଷ ମନରେ ଥିବା ଭୟ ହିଁ ତାକୁ ମୃତ୍ୟୁ ଆଡ଼କୁ ବାଟ କଢ଼ାଇନିଏ। ଆମ ସମାଜରେ କ'ଣ ଏସବୁ ପାଇଁ କୌଣସି ବ୍ୟବସ୍ଥା ଅଛି? ଜନ୍ମରୁ ଆମକୁ ଲଜ୍ଜା, ସଂକୋଚ, ଭୟ, ନିନ୍ଦା, ଅପବାଦ, ଅସମ୍ମାନରୁ ବଞ୍ଚିବା ପାଇଁ ଶିକ୍ଷା ଦିଆଯାଇଥାଏ। କିନ୍ତୁ ଏଥିରୁ ମୁକ୍ତି ପାଇବାର ସଠିକ୍ ଉପାୟ ବତାଯାଇ ନଥାଏ। ଯାହା ମଣିଷକୁ ଭୟାର୍ତ୍ତ କରି ରଖିଥାଏ। ସବୁଠାରୁ ବଡ଼କଥା ମଣିଷ ଯେଉଁଠୁ ସୃଷ୍ଟି ହୁଏ, ତା'କୁ ହିଁ ସର୍ବାଧିକ ଭୟ କରେ। ସେମାନଙ୍କର ନାମ ଉଚ୍ଚ କରିବା ନିମିତ୍ତ ସେ ଶିକ୍ଷା, ସାମାଜିକ, ବୈବାହିକ, ଧନାର୍ଜନ ଇତ୍ୟାଦି କ୍ଷେତ୍ରରେ ଚାପଗ୍ରସ୍ତ ହୋଇପଡ଼େ।

ମାତ୍ର ବାସ୍ତବରେ ପିତାମାତା କ'ଣ ତାଙ୍କ ସନ୍ତାନଙ୍କୁ ଚାପ ଦେବାରେ ଆନନ୍ଦ ପାଇଥା'ନ୍ତି? ହୁଏତ ଏହା ପରସ୍ପର ମଧ୍ୟରେ ଥିବା ଦୂରତା ଓ ସଠିକ୍ ବୁଝାମଣାର ଅଭାବରୁ ହୋଇଥାଏ। ଦୁନିଆର ଯେ କେହି ଯେତେ ଦୁଃଖ ଦିଅନ୍ତୁ ବା କୌଣସି ପରିସ୍ଥିତି ଆସୁ ଯଦି ପିତାମାତା ସନ୍ତାନ ସାଥିରେ ରହି ତାକୁ ଭରସା ଦିଅନ୍ତି ତେବେ ସଂସାରର ସମସ୍ତ ଦୁଃଖ ଓ ଚାପ ଲାଘବ ହୋଇଯାଏ ବୋଲି କୁହାଯାଏ। କାରଣ ସେମାନଙ୍କୁ ଈଶ୍ୱରଙ୍କ ସହିତ ତୁଳନା କରାଯାଏ। କିନ୍ତୁ ବାସ୍ତବ କ୍ଷେତ୍ରରେ ଅନେକ ସମୟରେ ପିତାମାତା ମୋହବଶତଃ କେବଳ ନିଜର ଅହଂକାରକୁ ଅକ୍ଷୁର୍ଣ୍ଣ ରଖିବା ପାଇଁ ନିଜ ପିଲାର ଭୁଲ୍‌କୁ ଅଣଦେଖା କରିଥା'ନ୍ତି। ତା'ସହିତ ସମୟ ଓ ପରିସ୍ଥିତି ଅନୁଯାୟୀ ପିଲାର ମାନସିକତାକୁ ବୁଝି ନପାରି ତା' ଉପରେ ନିଜର ଉଚ୍ଚାକାଂକ୍ଷାକୁ ଲଦି ଦେଇଥାନ୍ତି। କିଛି ପିଲା ମନକଥା ଖୋଲି କହି ନ ପାରିବାରୁ ପିତାମାତା ଓ ପିଲାଙ୍କ ମଧ୍ୟରେ ଦୂରତା ସ୍ୱର୍ଗ ଓ ମର୍ତ୍ତ୍ୟର ଦୂରତା ପରି କେବେ ମିଶିପାରେନା।

ଅବଶେଷରେ ଏତିକି କୁହାଯାଇପାରେ ମନଖୋଲା ହସଟିଏ ହସିବା ନିମିତ୍ତ ଯେମିତି ନିଜର ପରିବାରର ଆବଶ୍ୟକ ଠିକ୍ ସେମିତି ପ୍ରତ୍ୟେକ ପ୍ରକାର ମାନସିକ ଅବସାଦରୁ ମୁକ୍ତି ପାଇବା ପାଇଁ ପରିବାର ହିଁ ଏକମାତ୍ର ଚିକିତ୍ସାଳୟ ଏବଂ ତା' ସହିତ ଭଗବତ୍ ଚିନ୍ତନ, ଅହମିକାରୁ ମୁକ୍ତି, ଉଚ୍ଚ ଆଶାରେ ଲଗାମ, ପାରିବାରିକ ସଂପର୍କର ସୁଦୃଢ଼ତା, ଗୋଟିଏ ସମୟରେ ଅନେକ କାର୍ଯ୍ୟର ଭାର ଗ୍ରହଣ ନ କରିବା, କୌଣସି କାର୍ଯ୍ୟକୁ ନିଜର ନିଶା ନ ବନେଇବା, ପ୍ରାକୃତିକ ସୌନ୍ଦର୍ଯ୍ୟ ପ୍ରତି ଆକୃଷ୍ଟତା, ପ୍ରତ୍ୟେକଟି ସମସ୍ୟାର ସରଳ ଆଲୋଚନା, ଆଧୁନିକ ଜୀବନଶୈଳୀକୁ ଏକାନ୍ତ ଭାବେ ଗ୍ରହଣ ନ କରିବା, ସମୟ ଅନୁସାରେ ଡାକ୍ତରୀ ପରୀକ୍ଷା ଏବଂ ସବୁ ପରେ କୃତ୍ରିମତାରୁ ନିଜକୁ ଦୂରେଇ ନେଲେ ମାନସିକ ଚାପରୁ ମଣିଷ ମୁକ୍ତି ପାଇବା ହୁଏତ ସମ୍ଭବ ହେବ।

ବୋଲଗଡ଼,
ମୋ: ୮୭୬୩୭୮୮୬୧୪

## ମିଛ ବିଷୟରେ କିଛି କଥା

ବିଜ୍ଞାନ ବାର୍ତ୍ତା

ଶ୍ରୀନନ

ସାଧାରଣଭାବେ ଆମେ ମିଛ କହିବାକୁ ଘୃଣାକରୁ। ତେବେ ଏହା ଆମରି ଏକ ସହଜାତ ପ୍ରବୃତ୍ତି। ଅବଶ୍ୟ କାହାଠାରେ ଏହା ଅଧିକ ଏବଂ ଆଉ କାହାଠାରେ କମ୍ ଦେଖାଯାଏ। ଏପ୍ରବୃତ୍ତି ବିବର୍ତ୍ତନ ସହିତ ସଂପୃକ୍ତ। ସେଥିପାଇଁ ସଂପାଜୀ, ଗରିଲା, ବାବୁନ, ନିଏଣ୍ଡର୍ଥାଲ୍ ଆଦି ଅନ୍ୟାନ୍ୟ 'ପ୍ରାଇମେଟ୍' ବୋଲି କୁହାଯାଉଥିବା ପ୍ରାଣୀମାନେ ମଧ୍ୟ ଶଠତା ଆଚରଣ କରିଥା'ନ୍ତି। ଆମ ଶିଶୁମାନଙ୍କଠାରେ ଏହା ଇଚ୍ଛାକୃତ ଭାବେ ପ୍ରକଟିତ ହେବାକୁ ଲାଗେ ମାତ୍ର ୨/୩ବର୍ଷ ବୟସରୁ। ତେଣୁ କେତେକ ମନୋବିଜ୍ଞାନୀ ଏହାକୁ ବୋଧଶକ୍ତି ବିକାଶର ମାଇଲଖମ୍ବ ରୂପେ ବିଚାର କରନ୍ତି।

ମାସାଚୁସେଟସ୍ ବିଶ୍ୱବିଦ୍ୟାଳୟର ରବର୍ଟ ଫେଲଡ୍‌ମ୍ୟାନ ୨୦୦୨ ମସିହାରେ କରିଥିବା ଏକ ଅଧ୍ୟୟନରୁ ଜଣାପଡ଼ିଥିଲା ଯେ ପ୍ରାୟ ୬୦ ଶତାଂଶ ଲୋକ କଥାବାର୍ତ୍ତା ହେଉଥିଲା ବେଳେ ପ୍ରତି ୧୦ ମିନିଟ୍ ଅନ୍ତତଃ ଥରେ ମିଛ କହିଥା'ନ୍ତି। ତେବେ ହାରାହାରି ଏହା ଦୁଇରୁ ତିନି। ସବୁପ୍ରକାର ମିଛ ଏକା ପ୍ରକାର ନୁହେଁ। ତହିଁରୁ କେତେକ ବେଶ୍ ହାଲୁକା ଏବଂ ତାହା କୁହାଯାଏ ମୁଖ୍ୟତଃ ମଜାକରିବା ପାଇଁ କିମ୍ବା କାହାକୁ ଚାଟୁ କରିବା ପାଇଁ। କିନ୍ତୁ କେତେକ ମିଛ କୁଟିଳ ଓ କ୍ରୂର। ଅନେକ ସମୟରେ ତାହା ଭୟାବହ ହୋଇଥାଏ। ଏହାର ଉଦାହରଣଟିଏ ହେଲା କୌଣସି ନିର୍ଦ୍ଦୋଷ ଲୋକକୁ ଯୋଜନାବଦ୍ଧ ଭାବେ ଏକ ଗୁରୁତର ଅପରାଧ ସହ ସଂପୃକ୍ତ କରିବା। ଏଭଳି ଅସାଧୁତା ମିଥ୍ୟାବାଦୀର ମସ୍ତିଷ୍କକୁ ଅଧିକ ଉତ୍ତେଜିତ ଅବସ୍ଥାରେ ରଖେ ଏବଂ ସେ କହୁଥିବା ମିଛର ଗୁରୁତ୍ୱ ଉପରେ ନିର୍ଭର କରି ତା'ଠାରେ ମାନସିକ ଚାପ ମଧ୍ୟ ବୃଦ୍ଧି କରେ। ଅନେକସ୍ଥଳେ, ଏସମୟରେ ତା'ର ଶ୍ୱାସକ୍ରିୟା ପ୍ରଖର ଓ ହୃତ୍‌ସ୍ପନ୍ଦନ ହାର ଦ୍ରୁତ ହୁଏ। ତା'ଠାରୁ ଅଧିକ ଝାଳ ବହେ, ପାଟି ଶୁଖିଯାଏ ଏବଂ କଥା କହିଲାବେଳେ ଖନିବାଜେ। ମିଛଧରା ଯନ୍ତ୍ର ବା ପଲିଗ୍ରାଫ୍ ଏହିସବୁ ମନସ୍ତାତ୍ତ୍ୱିକ ପ୍ରଭାବଗୁଡ଼ିକୁ ଚିହ୍ନଟ କରିପାରେ।

ବିଭିନ୍ନ ଲୋକଙ୍କର ମିଛ କହିବାର ସାମର୍ଥ୍ୟ ଭିନ୍ନ ଭିନ୍ନ ହୋଇଥାଏ। ଏହାର ମୁଖ୍ୟକାରଣ ହେଲା ସେମାନଙ୍କ ମସ୍ତିଷ୍କମାନଙ୍କ ମଧ୍ୟରେ ଥିବା ବିଭେଦତା। ଉଦାହରଣସ୍ୱରୂପ, ଅଭ୍ୟାସଗତ ଭାବେ ମିଛ କହୁଥିବା ଅସାମାଜିକମାନଙ୍କ ସମ୍ବେଦନଶୀଳତା କମ୍ ଥାଏ। ଏଣୁ ମିଛ କହିଲାବେଳେ ସେମାନେ ଉପରୋକ୍ତ ମନସ୍ତାତ୍ତ୍ୱିକ ଲକ୍ଷଣମାନ ବିଶେଷ ପ୍ରଦର୍ଶନ କରନ୍ତି ନାହିଁ। ମିଥ୍ୟାବାଦୀମାନଙ୍କୁ ଶାନ୍ତ ରହିବା ପାଇଁ ପ୍ରଶିକ୍ଷଣ ଦିଆଯାଉଛି। ସେମାନେ ପଲିଗ୍ରାଫ୍ ପରୀକ୍ଷାରେ ଧରାପଡ଼ନ୍ତି ନାହିଁ। କିନ୍ତୁ କିଛି ସାଧାରଣ ନିରୀହ ଲୋକଙ୍କଠାରେ ଏହା କରାଗଲା ବେଳେ ସେମାନଙ୍କଠାରେ ଉକ୍ତ ଲକ୍ଷଣମାନ ପ୍ରକଟିତ ହୁଏ। ଏହି କାରଣରୁ ନ୍ୟାୟାଳୟମାନଙ୍କରେ ପଲିଗ୍ରାଫ୍ ଫଳାଫଳକୁ ଗ୍ରହଣ କରାଯାଉନାହିଁ।

ଅନ୍ୟପକ୍ଷରେ ମସ୍ତିଷ୍କର ଆଭ୍ୟନ୍ତାରଣ ଚିତ୍ର (ବ୍ରେନ୍ ଇମେଜିଂ) ଅଧ୍ୟୟନ ମିଛ ପ୍ରତି ଶରୀରର ପ୍ରତିକ୍ରିୟା ସମ୍ପର୍କରେ ଅଧିକ ନିର୍ଭରଯୋଗ୍ୟ ସୂଚନା ମିଳିଥାଏ। ଏଥିରୁ ଉଦ୍‌ବେଗର ଲକ୍ଷଣମାନ ଜାଣିହୁଏ। କାରଣ ମିଛ କହିବା ମସ୍ତିଷ୍କର 'ଲିମ୍ବିକ୍' ବ୍ୟବସ୍ଥାକୁ ଅଧିକ କ୍ରିୟାଶୀଳ କରେ। ଏବର ଅଂଶଟି ମାନସିକ ସମୟରେ 'ଲଢ଼ ବା ପଳାୟନ କର' ପ୍ରତିକ୍ରିୟା ପାଇଁ ଦାୟୀ। ମିଛ କହୁ ନ ଥିବା ଲୋକଠାରେ ଏହା କମ୍ କ୍ରିୟାଶୀଳତା ପ୍ରଦର୍ଶନ କରେ। କିନ୍ତୁ ମିଛ କହିବାକୁ ଲାଗିଲେ ଏହା ହଠାତ୍ ବିସ୍ଫୋରିତ ହୋଇଉଠେ। ଏଣୁ ଜଣେ ସଚ୍ଚୋଟ ଲୋକର ମସ୍ତିଷ୍କ ତୁଳନାତ୍ମକ ଭାବେ ଶାନ୍ତ ରହିଲା ବେଳେ ମିଥ୍ୟାବାଦୀ ଅସାଧୁ ଲୋକର ତାହା ଉତ୍ତେଜିତ ଥାଏ।

କଲମ୍ବିଆ ବିଶ୍ୱବିଦ୍ୟାଳୟର କାର ଗ୍ରସ୍ମାର୍ଭାରିସ୍ ଓ ଭର୍ଜିନିଆ ମେଡିକାଲ ସ୍କୁଲର ଡାଭିସ୍ ଏ. ଜନସନ୍ ଏବେ ମିଛ ପ୍ରତି ଏପ୍ରକାର ପ୍ରତିକ୍ରିୟାକୁ ଅନ୍ତନଳୀ ମସ୍ତିଷ୍କ ସହ ସଂପର୍କ ଥିବାର କହିଛନ୍ତି। ଏହା ହେଲା ଆମ ଶରୀରର ଦୁଇପ୍ରାନ୍ତରେ ଥିବା ଏବର ଅଂଗ ଦୁଇଟି ମଧ୍ୟରେ ଦ୍ୱିପାକ୍ଷିକ ଯୋଗାଯୋଗ। ଏ ପ୍ରତିକ୍ରିୟା ବାନ୍ତି ଲାଗିବାଠାରୁ ଦୁଶ୍ଚିନ୍ତା ବୃଦ୍ଧି ପର୍ଯ୍ୟନ୍ତ ନାନାରୂପେ ପ୍ରକଟିତ ହୁଏ। ଦୀର୍ଘକାଳ ଧରି ମିଛ କହିବାର ଅନ୍ୟାନ୍ୟ ସ୍ୱାସ୍ଥ୍ୟଜନିତ ସମସ୍ୟା ହେଲା ଉଚ୍ଚ ରକ୍ତଚାପ, ହୃତ୍ସ୍ପନ୍ଦନ ହାର ବୃଦ୍ଧି, ରକ୍ତନାଳୀ ସଂକୋଚନ, ରକ୍ତରେ ଚାପହରମୋନ କୋର୍ଟିସଲ୍‌ର ମାତ୍ରା ବୃଦ୍ଧି। କିନ୍ତୁ ଅନ୍ୟପକ୍ଷରେ ଦୀର୍ଘଦିନ ଧରି ମିଛ କହିବାର ଅଭ୍ୟସ୍ତ ହୋଇଗଲେ ଏସବୁ ଲକ୍ଷଣ କ୍ରମେ ହ୍ରାସପାଏ। କାରଣ ସେମାନଙ୍କଠାରେ ଏହା ସହ୍ୟ କରିବାରେ ଶକ୍ତି ବିକଶିତ ହୁଏ। ପଲିଗ୍ରାଫ୍‌ରେ ମଧ୍ୟ ସେମାନେ ଧରାପଡ଼ନ୍ତି ନାହିଁ।

ଯମପଡ଼ା(କେନ୍ଦ୍ରାପଡ଼ା), ମୋ: ୯୯୩୭୩୦୧୪୬୦

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

ଆଜିଠୁ କାର୍ତ୍ତିକ ବ୍ରତ

# ରହଣି କେନ୍ଦ୍ରରେ ରହିଲେ ହବିଷ୍ୟାଳି



ପୁରୀ, ୬।୧୦ (ସମିସ): ଆସନ୍ତାକାଲି (ମଙ୍ଗଳବାର)ଠାରୁ ପବିତ୍ର କାର୍ତ୍ତିକ ମାସ ଆରମ୍ଭ ହେଉଛି। ଶ୍ରୀକ୍ଷେତ୍ରରେ ରହି କାର୍ତ୍ତିକ ବ୍ରତ ପାଳନ କରିବେ ହବିଷ୍ୟାଳି। ଏଥିପାଇଁ ରାଜ୍ୟ ସରକାରଙ୍କ ହବିଷ୍ୟାଳି ଯୋଜନାରେ ବୃଦ୍ଧାମାନଙ୍କ ପାଇଁ ବ୍ୟବସ୍ଥା କରାଯାଇଛି। ମଙ୍ଗଳବାର ଚଳିତ ବର୍ଷର ହବିଷ୍ୟାଳି ଯୋଜନାର ଶୁଭାରମ୍ଭ ହେବ। ଏଥିପାଇଁ ବୃନ୍ଦାବତୀ ନିବାସ ପରିସରରେ ଆନୁଷ୍ଠାନିକ ବ୍ୟବସ୍ଥା କରାଯାଇଛି। ଏହି ଯୋଜନାରେ ନାମ ପଞ୍ଜୀକରଣ କରିଥିବା ବୃଦ୍ଧାମାନଙ୍କ ଲାଗି ୪ଟି ରହଣି କେନ୍ଦ୍ର କରାଯାଇଛି। ସ୍ଥାୟୀ ଶିବିର ବୃନ୍ଦାବତୀ ନିବାସ ବ୍ୟତୀତ ବଗଲା ଧର୍ମଶାଳା, ରେଲୱେ ଟୁରିଷ୍ଟ କମ୍ପ୍ଲେକ୍ସ ଏବଂ ମୋତିସାହି କଲ୍ୟାଣ ମଣ୍ଡପରେ ହବିଷ୍ୟାଳିଙ୍କୁ ରଖାଯାଇଛି। ଆଜି ସନ୍ଧ୍ୟା ସୁଦ୍ଧା ୧୯୫୦ ହବିଷ୍ୟାଳି ପୁରୀରେ ପହଞ୍ଚିଥିବା ଜଣାଯାଇଛି।

ମଙ୍ଗଳବାରଠାରୁ ଆରମ୍ଭ ହେଉଥିବା ହବିଷ ବ୍ରତ ନଭେମ୍ବର ୫ ତାରିଖ ପର୍ଯ୍ୟନ୍ତ ଏକ ମାସ ଧରି ଚାଲିବ। ହବିଷ୍ୟାଳି ଯୋଜନାରେ ଆସିଥିବା ବୃଦ୍ଧାମାନଙ୍କୁ ଏଥର ୪ଟି ରହଣି କେନ୍ଦ୍ର (ବୃନ୍ଦାବତୀ ନିବାସ, ବଗଲା ଧର୍ମଶାଳା, ମୋତିସାହି କଲ୍ୟାଣ ମଣ୍ଡପ ଓ ରେଲୱେ ଟୁରିଷ୍ଟ କମ୍ପ୍ଲେକ୍ସ) ରେ ରଖାଯାଉଛି। ହବିଷ୍ୟାଳି ଯୋଜନାରେ ୬୦ବର୍ଷ ବୟସ୍କା ପର୍ଯ୍ୟନ୍ତ ବିଧବା ମା' ଓ ୫୦ରୁ ୭୦ ବର୍ଷ ବିବାହିତ ମହିଳାମାନେ

## ଆଜି ଧରିବେ ବ୍ରତ

ଏହି ବ୍ରତ ପାଇଁ ଆବେଦନ ଅନ୍‌ଲାଇନ ମାଧ୍ୟମରେ କରିଥିଲେ। ସେମାନଙ୍କର ସୁରକ୍ଷିତ ରହଣି, ସୁରକ୍ଷା, ବୃନ୍ଦାବତୀ ପୂଜା, ମନ୍ଦିର ଦର୍ଶନ, ଗମନାଗମନ, ମହାପ୍ରସାଦ ସେବନ, ପ୍ରବଚନ, ଭଜନ, ପାଲା ଇତ୍ୟାଦି ବ୍ୟବସ୍ଥା, ସ୍ୱାସ୍ଥ୍ୟ ପରୀକ୍ଷା ଓ ଚିକିତ୍ସା, ପରିମଳ, ପାନୀୟ ଜଳ, ସ୍ୱେଚ୍ଛାସେବୀ ସହଯୋଗ ଇତ୍ୟାଦି ସମସ୍ତ ବ୍ୟବସ୍ଥା କରାଯାଇଛି। ଏହାକୁ ସୁନିୟନ୍ତ୍ରିତ କରିବାକୁ ସମ୍ପୃକ୍ତ ବିଭାଗର ଅଧିକାରୀ ଓ କର୍ମଚାରୀଙ୍କୁ ଦାୟିତ୍ୱ ଦିଆଯାଇଛି। ସେହିପରି ତଦାରଖ କରିବାକୁ ନୋଡାଲ ଅଧିକାରୀ, ବରିଷ୍ଠ ଅଧିକାରୀମାନଙ୍କୁ ମଧ୍ୟ ନିୟୋଜିତ କରାଯାଇଛି। ସୋମବାର ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ାଙ୍କ ସମେତ ଅନ୍ୟ ଅଧିକାରୀମାନେ ବିଭିନ୍ନ ରହଣି କେନ୍ଦ୍ର ବୁଲି ସ୍ଥିତି ପରଖିଛନ୍ତି। କ'ଣ ସୁବିଧା, ଅସୁବିଧା ରହିଛି, ବୁଝିବା ସହ ସମସ୍ତ ବ୍ୟବସ୍ଥା ବୁଲି ଦେଖିଛନ୍ତି।

ହବିଷ୍ୟାଳିମାନେ ଆସନ୍ତାକାଲି ଭୋରରୁ ଉଠି ନରେନ୍ଦ୍ର ପୁଷ୍କରିଣୀ ସମେତ ଶ୍ରୀକ୍ଷେତ୍ରର ବିଭିନ୍ନ ତୀର୍ଥ ପୁଷ୍କରିଣୀରେ ସ୍ନାନ ସାରି ଶ୍ରୀମନ୍ଦିରକୁ ଯିବେ। ମହାପ୍ରଭୁଙ୍କ ମଙ୍ଗଳ ଆଳତି ଦର୍ଶନ କରିବା ସହ ବ୍ରତ ଧରିବେ। ତୁଳସୀ ଚଉରାମୂଳେ ରାଧାଦାମୋଦରଙ୍କୁ ପୂଜା କରି ମାସଟା ଯାକ ଆଧ୍ୟାତ୍ମିକ ଭାବେ ବାନ୍ଧି ହୋଇ ରହିବେ। ପ୍ରତି ସନ୍ଧ୍ୟାରେ ଆକାଶ ଦୀପ ଟାଣିବେ। ପୁଣି ଶୁଣିବେ ଭଜନ, ଭାଗବତ, ପୁରାଣ ଓ ପ୍ରବଚନ। ଗୋଟିଏ ଥର ମହାପ୍ରସାଦ ସେବନ କରିବେ।

# କେନ୍ଦ୍ର ଆଗରେ ଅପେକ୍ଷାରେ ୨୦୦ ହବିଷ୍ୟାଳି

ପୁରୀ,୬।୧୦(ସମିସ): ରାଜ୍ୟ ସରକାରଙ୍କ ହବିଷ୍ୟାଳି ଯୋଜନାରେ ଅନେକ ବୃଦ୍ଧାମାନେ ପୁରୀ ଆସି ସେମାନଙ୍କ ପାଇଁ ଉଦ୍ଦିଷ୍ଟ କେନ୍ଦ୍ରରେ ରହିଛନ୍ତି। ମାତ୍ର ୨୦୦ରୁ ଅଧିକ ହବିଷ୍ୟାଳି ବିନା ପଞ୍ଜୀକରଣରେ ପହଞ୍ଚିବା ପରେ ଏହାକୁ ନେଇ ମଙ୍ଗଳବାର ସକାଳୁ ରାତି ପର୍ଯ୍ୟନ୍ତ ଅଚଳାବସ୍ଥା ଲାଗି ରହିଛି। ସେମାନେ ରହିବା ଲାଗି ଜିଦ୍ କରୁଥିବା ବେଳେ ପୂର୍ବ ନିଷ୍ପତ୍ତି ପ୍ରକାରେ ବିନା ପଞ୍ଜୀକରଣରେ କାହାକୁ ନ ରଖିବା ଲାଗି ପ୍ରଶାସନ କହୁଛି। ଏଭଳି ସ୍ଥିତିରେ ଅଧିକାରୀମାନେ ସେମାନଙ୍କୁ ଫେରିଯିବା ପାଇଁ ବୁଝାସୁଝା କରିଛନ୍ତି। କିଛି ହବିଷିଆଳି ସନ୍ଧ୍ୟା ସୁଦ୍ଧା ଘରକୁ ଫେରିଯାଇଥିବା ବେଳେ ଅନେକ ୪ଟି ଯାକ ରହଣି କେନ୍ଦ୍ର ସମ୍ମୁଖରେ ଡେରା ପକାଇଥିଲେ। ସେମାନେ ଘରକୁ ଫେରିବେ ନାହିଁ ବୋଲି ଜିଦ୍ ଧରିଥିଲେ। ଫଳରେ ରହଣି କେନ୍ଦ୍ର ସମ୍ମୁଖରେ ଏକ ଅପ୍ରୀତିକର ପରିସ୍ଥିତି ଉପୁଜିଥିଲା। ସନ୍ଧ୍ୟାରେ ସେମାନଙ୍କୁ ରେଲ୍‌ୱେ ଟୁରିଷ୍ଟ କମ୍ପ୍ଲେକ୍ସକୁ ନିଆଯାଇଥିବା ବେଳେ ଘରକୁ ଫେରିଯିବାକୁ ବୁଝାଶୁଝା କରାଯାଉଥିବା ଜଣାପଡ଼ିଛି। ଅନ୍ୟପକ୍ଷରେ ଜଣେ ଅଧିକାରୀ କହିଛନ୍ତି, ଯଦି କିଛି ଜଣଙ୍କୁ ରଖାଯାଏ ତେବେ ଅନ୍ୟମାନେ ପଳାଇ ଆସିବେ। ତେଣୁ ପ୍ରଶାସନ କୌଣସି ରିସ୍କ ନେବାକୁ ଚାହୁଁନି।

## ନୂଆପଡ଼ାରେ ଅଣ୍ଟାଭିଡ଼ିଲା କଂଗ୍ରେସ


# ଗାଁ ଗାଁ ଯାଇ ଭୋଟ ଭିକ୍ଷା କରିବି: ଭକ୍ତ

ଭୁବନେଶ୍ୱର, ୬।୧୦(ସମିସ): ନୂଆପଡ଼ାରେ ନ୍ୟାୟ ଯାତ୍ରା ଆରମ୍ଭ କରିଛି କଂଗ୍ରେସ। ଏହି ଅବସରରେ ଖରିଆର ନ୍ୟାୟ ସମାବେଶ ଆୟୋଜନ କରାଯାଇଥିବା ବେଳେ ଏଠାରେ ଭକ୍ତ ଘୋଷଣା କରିଛନ୍ତି ଘାସିରାମ ମାଝୀଙ୍କୁ ନୂଆପଡ଼ା ଉପନିର୍ବାଚନର ବିଧାୟକ ପ୍ରାର୍ଥୀ ଭାବେ ଘୋଷଣା କରିଛନ୍ତି। ସେ ଏହି ସଭାକୁ ସମ୍ବୋଧନ କରି କହିଛନ୍ତି ଯେ ନୂଆପଡ଼ା ମାଟିର ପୁଅ ଉଦୀୟମାନ କଂଗ୍ରେସ ନେତା ଘାସିରାମ ମାଝିଙ୍କ ବଳିଷ୍ଠ ନେତୃତ୍ୱରେ ଆମେ ଶ୍ରମିକ, ବଞ୍ଚିତ, ଦଳିତ ଏବଂ ଆଦିବାସୀଙ୍କ ନ୍ୟାୟ ଲଢେଇ କରିବୁ। ଅଧିକାରରୁ ବଞ୍ଚିତ ହେଉଥିବା ସମସ୍ତଙ୍କ ନ୍ୟାୟ ପାଇଁ ଲଢେଇ ହେଉଛି ରାହୁଲ ଗାନ୍ଧୀଙ୍କ ପ୍ରତିଜ୍ଞା। ଭୋଟ ଚୋରି ଗତ ନିର୍ବାଚନରେ ହୋଇଥିଲା। ଓଡ଼ିଶାରେ ମଧ୍ୟ ହୋଇଛି। କାରଣ ବିଜେଡିର ୫୦ରୁ ଊର୍ଦ୍ଧ୍ୱ ବିଧାୟକ ନିର୍ବାଚନ ଜିତିବା ସତ୍ତ୍ୱେ କେମିତି ଗୋଟିଏ ମଧ୍ୟ ଏମ୍‌ପିସିଟ ବିଜେଡି ଜିତିଲା ନାହିଁ। ଏଥିରୁ ଭୋଟ ଚୋରି ସ୍ପଷ୍ଟ ପ୍ରମାଣିତ ହେଉଛି। ତେଣୁ ଲୋକଙ୍କୁ ଭୋଟ ଚୋରି ବିଷୟରେ ସଚେତ କରିବା ପାଇଁ କଂଗ୍ରେସ ବିରାଟ ଦସ୍ତଖତ ଅଭିଯାନ ପଞ୍ଚାୟତରୁ ସହର ପର୍ଯ୍ୟନ୍ତ ଆରମ୍ଭ କରିଛି ବୋଲି ଭକ୍ତ କହିଛନ୍ତି। ସେହିପରି, ଅନ୍ୟ ଦଳ ଭଳି କଂଗ୍ରେସ କୋଟି କୋଟି ଟଙ୍କା ଖର୍ଚ୍ଚ କରି ନିର୍ବାଚନ ଲଢ଼ିବ ନାହିଁ। ଆମେ ଗାଁ ଗାଁ ଯାଇ ଭୋଟ ଭିକ୍ଷା କରିବୁ, ଲୋକଙ୍କ ସହିତ ମିଶିବୁ ବୋଲି ଭକ୍ତ କହିଛନ୍ତି। କଂଗ୍ରେସ ଜିଲ୍ଲା ସଭାପତି ଶ୍ରୀ ମାଝୀ ଜଣେ ଅତ୍ୟନ୍ତ ପରୋପକାରୀ ଏବଂ ସାମାଜିକ ନ୍ୟାୟ ପାଇଁ ସଂଘର୍ଷଶୀଳ ନେତା। ଆମେ ସମସ୍ତେ ମିଶି ଲଢ଼େଇ କରି ଜନସାଧାରଣଙ୍କ ପ୍ରିୟ ଭାଜନ ହୋଇ କଂଗ୍ରେସକୁ ଜୟଯୁକ୍ତ କରିବୁ ବୋଲି ପିସିସି ସଭାପତି ତାଙ୍କ ବକ୍ତବ୍ୟ ରଖିଥିଲେ। ନୂଆପଡ଼ା ଜିଲ୍ଲା କଂଗ୍ରେସ ସଭାପତି ଘାସିରାମ ମାଝୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଭକ୍ତ ନ୍ୟାୟ ସମାବେଶରେ ଏକ ମିଶ୍ରଣ ପର୍ବ ଅନୁଷ୍ଠିତ ହୋଇଥିଲା।

**ବିଜେପି ଛାଡ଼ି କଂଗ୍ରେସରେ ମିଶିଲେ ଯୁବ କର୍ମୀ ଓ ନେତା**

# ମହାବିରୋଡ୍ ଅଞ୍ଚଳରେ ବାଘ ଆତଙ୍କ

ଢେଙ୍କାନାଳ, ୬।୧୦(ସମିସ): ଢେଙ୍କାନାଳ ବନାଞ୍ଚଳ ମହାବିରୋଡ୍ ରେଞ୍ଜ କୁତୁରିଆ ପଞ୍ଚାୟତ ମଦରଙ୍ଗମୁଣ୍ଡା ଗ୍ରାମ ନିକଟରେ ବାଘକୁ ନେଇ ଗ୍ରାମବାସୀ ଆତଙ୍କିତ ହୋଇପଡ଼ିଛନ୍ତି। ରବିବାର ଗ୍ରାମବାସୀ ଜଙ୍ଗଲକୁ ଗାଈ ଏବଂ ଛେଳି ଚରାଇବାକୁ ଯାଇଥିବା ବେଳେ ହଠାତ ଏକ ବାଘ ଗାଈକୁ ଆକ୍ରମଣ କରିଥିଲା। ଗାଈର ରଡ଼ି ଶୁଣି ଗାଈ ଚରାଳି ଚିତ୍କାର କରିବାରୁ ବାଘ ଜଙ୍ଗଲ ମଧ୍ୟକୁ ଚାଲିଯାଇଥିଲା। ଗାଈଗୁଡ଼ିକ ବାଘକୁ ଦେଖି ଏଣେତେଣେ ଛତ୍ରଭଙ୍ଗ ହୋଇ ଘରକୁ ଚାଲିଆସିଥିଲେ। ସେହିପରି ପାହାଡ଼ ଉପରକୁ ପୂଜା କରିବାକୁ ଯାଇଥିବା ଲୋକେ ବାଘକୁ ଦେଖି ଡରି ପଳାଇ ଆସିଥିବା କହିଛନ୍ତି। ମଦରଙ୍ଗମୁଣ୍ଡା ଗାଁ ନିକଟରେ ବାଘ ବୁଲୁଥିବା ଖବର ପାଇ ବନ ବିଭାଗ କର୍ମଚାରୀ ପହଞ୍ଚିଥିଲେ। ବିଭାଗ ପକ୍ଷରୁ ରାତିସାରା ପଟ୍ରୋଲିଂ କରାଯାଉଥିଲା। ଅତି ଜରୁରୀ କାମ ନଥିଲେ ସାନ୍ଧ୍ୟା ପରେ ପଦାକୁ ନ ବାହାରିବାକୁ ବନ ବିଭାଗ ତରଫରୁ ଗ୍ରାମବାସୀଙ୍କୁ ସଚେତନ କରାଯାଇଛି।



ତେବେ ଏହା ଏକ କଲରାପତରିଆ ବାଘ ହୋଇଥାଇପାରେ ବୋଲି ବନଖଣ୍ଡ ଅଧିକାରୀ ସୁମିତ କର ପ୍ରକାଶ କରିଛନ୍ତି। ବିଭାଗ ଏଥିପ୍ରତି ତୀକ୍ଷ୍ଣ ଦୃଷ୍ଟି ରଖିଛି। ବାଘର ପାଦ ଚିହ୍ନ ଠାବ ହୋଇ ନ ଥିବାରୁ ସଠିକ ଭାବରେ ଅନୁମାନ କରାଯାଇନାହିଁ। ଢେଙ୍କାନାଳ ବନାଞ୍ଚଳରେ ୧୫ରୁ ଅଧିକ କଲରାପତରିଆ ବାଘ ରହିଛନ୍ତି। ଅନୁଗୋଳ ଜିଲ୍ଲା ଛେଣ୍ଡିପଦା ସୀମାକୁ ଲାଗି ଏହି ଜଙ୍ଗଲ ରହିଥିବାରୁ ବାଘଟି ଚାଲିଆସିଥିବା ମଧ୍ୟ ଅନୁମାନ କରାଯାଉଛି ବୋଲି ବନଖଣ୍ଡ ଅଧିକାରୀ କର ସୂଚନା ଦେଇଛନ୍ତି।

■ ବିଷାକ୍ତ ଖାଦ୍ୟ ନେଲା ଜୀବନ!

# ସ୍ୱାମୀ ମୃତ, ସ୍ତ୍ରୀ ଓ ଝିଅ ଗୁରୁତର

ଢେଙ୍କାନାଳ,୬।୧୦(ସମିସ): ଢେଙ୍କାନାଳ ଜିଲ୍ଲା କଙ୍କଡ଼ାହାଡ଼ ଥାନା ବାଙ୍ଗାଁ ପଞ୍ଚାୟତ ଝାଞ୍ଜିରିବେରେଣା ଗ୍ରାମରେ ବିଷାକ୍ତ ଖାଦ୍ୟ ଯୋଗୁ ଜଣେ ବ୍ୟକ୍ତିଙ୍କ ମୃତ୍ୟୁ ହୋଇଛି। ମୃତକ ହେଲେ, ଗାଁର ଲକ୍ଷ୍ମଣ ମୁର୍ମୁ। ଲକ୍ଷ୍ମଣଙ୍କ ସ୍ତ୍ରୀ ଫୁଲ ମୁର୍ମୁ ଓ ଝିଅ ସୁଲୋଚନା ମୁର୍ମୁ ଗୁରୁତର ହୋଇଛନ୍ତି। ସେମାନଙ୍କୁ ମେଡିକାଲରେ ଭର୍ତ୍ତି କରାଯାଇଛି। ଲକ୍ଷ୍ମଣ, ଫୁଲ ଓ ସୁଲୋଚନା ରବିବାର ରାତ୍ରିରେ ଖାଇ ସାରି ଶୋଇଥିଲେ। ତେବେ ସୋମବାର ସକାଳେ ବହୁତ ସମୟ ପର୍ଯ୍ୟନ୍ତ ଲକ୍ଷ୍ମଣଙ୍କ ପରିବାର ଲୋକେ ନ ଉଠିବାରୁ ପାଖ ପଡ଼ୋଶୀଙ୍କ ସନ୍ଦେହ ହୋଇଥିଲା। ଗ୍ରାମବାସୀଙ୍କ ସହଯୋଗରେ କବାଟ ଭାଙ୍ଗି ୩ ଜଣଙ୍କୁ ଉଦ୍ଧାର କରାଯାଇଥିଲା। ତୁରନ୍ତ ସମସ୍ତଙ୍କୁ କାମାକ୍ଷାନଗର ଉପଖଣ୍ଡ ମେଡିକାଲ ନିଆଯାଇଥିଲା। ସେଠାରେ ଡାକ୍ତର ଲକ୍ଷ୍ମଣଙ୍କୁ ମୃତ ଘୋଷଣା କରିଥିଲେ। ବିଷାକ୍ତ ଖାଦ୍ୟ କାରଣରୁ ମୃତ୍ୟୁ ହୋଇଥିବା ଏସଡିଏମଓ ଡା. ଦିଗମ୍ବର ସାହୁ ପ୍ରକାଶ କରିଛନ୍ତି। ଅନ୍ୟପଟେ ଫୁଲ ଓ ସୁଲୋଚନା କାମାକ୍ଷାନଗର ମେଡିକାଲରେ ଜୀବନ ମରଣ ସହ ସଂଗ୍ରାମ କରୁଛନ୍ତି। ବିଷାକ୍ତ ଛତୁ ଖାଇ ଏପରି ହୋଇଥାଇପାରେ ବୋଲି ସନ୍ଦେହ କରାଯାଉଛି। ବ୍ୟବଚ୍ଛେଦ ରିପୋର୍ଟ ଓ ମାଆଝିଅ ସୁସ୍ଥ ହେବା ପରେ ସତ୍ୟାସତ୍ୟ ଜଣାପଡ଼ିବ ବୋଲି ପୁଲିସ କହିଛି।

# ପୂର୍ଣ୍ଣଗର୍ଭା ହେଉଛି ହୀରାକୁଦ

**ଜଳସ୍ତର ୬୨୯.୮୧ ଫୁଟ୍**

ସମ୍ବଲପୁର, ୬।୧୦ (ସମିସ) : ହୀରାକୁଦ ଜଳଭଣ୍ଡାରର ସର୍ବୋଚ୍ଚ ଜଳଧାରଣ କ୍ଷମତା ୬୩୦ ଫୁଟ୍। ଗତ କେଇଦିନ ମଧ୍ୟରେ ଦୁଇଥର ଜଳସ୍ତର ୬୩୦ ଫୁଟ୍‌ରେ ପହଞ୍ଚିଥିବା ବେଳେ ନଦୀବନ୍ଧର କର୍ଭରୁଲ୍ ଅନୁଯାୟୀ ଏହି ସ୍ତର ବଜାୟ ରଖିବାକୁ ଉଦ୍ୟମ କରାଯାଉଛି। ଆଜି ସକାଳ ୬ଟା ବେଳେ ମାତ୍ର ୩ଟି ଗେଟ୍ ଖୋଲାଥିବା ବେଳେ ଅପରାହ୍ଣରେ ଆଉ ୬ଟି ଗେଟ୍ ଖୋଲାଯାଇ ଜଳ ନିଷ୍କାସନ ହେଉଛି। ଜଳସ୍ତର ସର୍ବୋଚ୍ଚ କ୍ଷମତା ପାଖାପାଖି ଥିବା ବେଳେ ସମ୍ପ୍ରତି ୯ଟି ଗେଟ୍ ଦେଇ ବନ୍ୟାଜଳ ନିଷ୍କାସନ କରାଯାଉଛି।

ସୋମବାର ସନ୍ଧ୍ୟା ୬ଟାରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୨୯.୮୧ ଫୁଟ୍ ରହିଛି। ନଦୀବନ୍ଧର ବାମପାର୍ଶ୍ୱର ୬ଟି ଓ ଡାହାଣ ପାର୍ଶ୍ୱର ୩ଟି ଏହିଭଳି ମୋଟ ୯ଟି ସ୍ଲୁଇସ୍ ଗେଟ୍‌ଦେଇ ବନ୍ୟାଜଳ ନିଷ୍କାସନ ଜାରି ରହିଛି। ଜଳଭଣ୍ଡାରକୁ ସେକେଣ୍ଡ ପ୍ରତି ୧,୯୫,୯୯୫ଘନଫୁଟ୍ ଜଳ ପ୍ରବେଶ କରୁଥିବା ବେଳେ ପାୱାର ଚେନାଲ, ଶିଳ୍ପାନୁଷ୍ଠାନ, କେନାଲ ଆଦି ଦେଇ ୧,୮୩,୨୮୬ ଘନଫୁଟ ଜଳ ନିଷ୍କାସିତ ହେଉଛି। ସ୍ପିଲୱେ ଦେଇ ୧,୪୭,୮୧୬ ଘନଫୁଟ ଜଳ ନିଷ୍କାସିତ ହେଉଥିବାବେଳେ ପାୱାର ଚେନାଲ ଦେଇ ୩୧,୬୫୬ ଘନଫୁଟ, ଶିଳ୍ପାନୁଷ୍ଠାନ ସକାଶେ ୨୪୩ ଘନଫୁଟ, କେନାଲ ପାଇଁ ୩,୩୭୧ ଘନଫୁଟ ଜଳ ନିଷ୍କାସିତ ହେଉଛି। ହୀରାକୁଦ ନଦୀବନ୍ଧର ଉପରମୁଣ୍ଡରେ ୧୪.୧୪ ମିମି ବର୍ଷା ହୋଇଥିବାବେଳେ ତଳମୁଣ୍ଡରେ ୫.୭୪ ମିମି ବର୍ଷା ହୋଇଥିବା ସୂଚନା ମିଳିଛି। ଗତବର୍ଷ ଆଜିର ଦିନରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୩୦ ଫୁଟ୍ ରହିଥିବା ନଦୀବନ୍ଧ ସୂତ୍ରରୁ ପ୍ରକାଶ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଢୋଲ ଭିତରେ...

ଚାକିରି ଦେବାକୁ ଟଙ୍କା ନେଇଥିବା ଲୋକମାନେ କୁଆଡ଼େ ଗଲେ ବୋଲି ସ୍ୱାଭାବିକ ପ୍ରଶ୍ନ ଉଠିଛି। ଏହି ଟଙ୍କା ଶଙ୍କର ପୃଷ୍ଟି ପାଖରେ ଅଛି ନା ଏଥିରୁ ଆଉ କିଏ ଭାଗ ନେଇଛନ୍ତି ତାହା ତଦନ୍ତ ସାପେକ୍ଷ ବୋଲି କୁହାଯାଉଛି।

ସେହିପରି ଶଙ୍କରର ମହାରାଷ୍ଟ୍ର ଲିଙ୍କ୍ ଆସିବା ପରେ କ୍ରାଇମ୍‌ବ୍ରାଞ୍ଚ ଏକ ଟିମ୍ ସେଠାକୁ ତଦନ୍ତ ପାଇଁ ଯାଇଥିବା ଜଣାପଡ଼ିଛି। ସେଠାରେ ଥିବା ଶଙ୍କରର ଏକ ଘରେ ଚଢଉ କରାଯାଇଥିଲେ ବି ସେପରି କିଛି ଗୁରୁତ୍ୱପୂର୍ଣ୍ଣ ଦସ୍ତାବିଜ କ୍ରାଇମବ୍ରାଞ୍ଚ ପାଇ ନ ଥିବା ବିଶ୍ୱସ୍ତ ସୂତ୍ରରୁ ସୂଚନା ମିଳିଛି। ତେଣୁ ଚଢ଼ଉ ସମ୍ପର୍କରେ ଶଙ୍କର ପୃଷ୍ଟିକୁ ଆଗୁଆ ସୂଚନା ମିଳିଥିବା ସ୍ୱାଭାବିକ ସନ୍ଦେହ କରାଯାଉଛି। ଏପଟେ ଶଙ୍କର ସହ ଯୋଗସୂତ୍ରରେ ଥିବା ଅନେକ ବ୍ୟକ୍ତିଙ୍କ ସୂଚୀ କ୍ରାଇମବ୍ରାଞ୍ଚ ପ୍ରସ୍ତୁତ କରିଛି। ତାର ବ୍ୟାଙ୍କ ଆକାଉଣ୍ଟ ଯାଞ୍ଚ ବେଳେ ବିପୁଳ ଅର୍ଥ କାରବାର ହୋଇଥିବା କ୍ରାଇମବ୍ରାଞ୍ଚ ସୂଚନା ପାଇଛି। ତାର ଆକାଉଣ୍ଟକୁ ଟଙ୍କା ପଠାଇଥିବା ବ୍ୟକ୍ତିମାନେ କିଏ ତାହାର ଅନୁସନ୍ଧାନ କରାଯାଉଛି।

ତେବେ ନିଯୁକ୍ତି ବେପାରରେ ୩ଟି ପ୍ରଶ୍ନ ସମ୍ପର୍କରେ ଓପିଆର୍‌ବିର ନିରବତା ଅନେକ ସନ୍ଦେହ ସୃଷ୍ଟି କରିଛି। ନିଯୁକ୍ତି ପରୀକ୍ଷା ପରିଚାଳନା ପାଇଁ ଆଇଟିଆଇ ଲିମିଟେଡ୍ ଓପିଆର୍‌ବି ସହ ଚୁକ୍ତିବଦ୍ଧ ହୋଇଥିବାବେଳେ କେଉଁ ପରିସ୍ଥିତିରେ ସିଲିକନ୍ ଟେକ୍‌ଲାବ୍‌କୁ ସବ୍‌ଲେଟ୍ କରାଗଲା ତାହା ଏଯାଏ ସ୍ପଷ୍ଟ ହୋଇପାରି ନାହିଁ। ସେହିପରି ସବ୍‌ଲେଟ୍ ପାଇଥିବା ସିଲିକନ୍ ଟେକ୍‌ଲାବ୍ ଅନ୍ୟ ଏକ ଅଖ୍ୟାତ ସଂସ୍ଥା ପଞ୍ଚସଫ୍ଟକୁ ସବ୍‌ଲେଟ୍ ବେଳେ କିଏ ଏଥିପାଇଁ ଅନୁମତି ଦେଇଥିଲା ସେ ସମ୍ପର୍କରେ ଓପିଆର୍‌ବି ମୁହଁ ଖୋଲୁ ନାହିଁ। ଏ ସମ୍ପର୍କରେ ଓପିଆର୍‌ବି ଏକତରଫା ନିଷ୍ପତ୍ତି ନେଇଥିଲା ନା ସରକାରରୁ ଏଥିପାଇଁ ଅନୁମତି ନିଆଯାଇଥିଲା ତାହା ବି ସ୍ପଷ୍ଟ ନୁହେଁ। ଏହି ପରିପ୍ରେକ୍ଷୀରେ ଆଇଟିଆଇ କାହିଁକି ନିରବତା ଅବଲମ୍ବନ କରୁଛି ଓ ଓପିଆର୍‌ବି ନିଜ ଭୂମିକା କାହିଁକି ସ୍ପଷ୍ଟ କରୁନାହିଁ ତାହା ବି ଜଣାପଡୁ ନାହିଁ।

### ଦୁଇ ପର୍ଯ୍ୟାୟରେ...

ସଂପନ୍ନ ହେବ। ସେ କହିଲେ ଯେ ୨୨ ବର୍ଷ ପରେ ବିହାରରେ ହୋଇଥିବା ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ ବା ଏସ୍‌ଆଇଆର ସଫଳତା ସହିତ ସଂପନ୍ନ ହୋଇଛି। ଏବେ ରାଜ୍ୟରେ ଭୋଟର ସଂଖ୍ୟା ୭ କୋଟି ୪୩ ଲକ୍ଷ ଥିବା ବେଳେ ୧୪ ଲକ୍ଷ ଭୋଟର ପ୍ରଥମ ଥର ଲାଗି ମତଦାନ କରିବେ।

ଏହାସହିତ ଓଡ଼ିଶାର ନୂଆପଡ଼ା ସମେତ ୭ଟି ରାଜ୍ୟର ୮ଟି ବିଧାନସଭା ଆସନରେ ଆସନ୍ତା ମାସ ୧୧ ତାରିଖରେ ଉପନିର୍ବାଚନ ହେବ। ଏହାର ଫଳାଫଳ ମଧ୍ୟ ୧୪ ତାରିଖରେ ଘୋଷଣା କରାଯିବ।

ସୂଚନାଯୋଗ୍ୟ ଯେ ବିହାରରେ କମିସନଙ୍କ ପକ୍ଷରୁ ହୋଇଥିବା ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ ବା ଏସଆଇଆର୍‌କୁ ନେଇ ବିବାଦ ସୃଷ୍ଟି ହୋଇଥିଲା। ବିଭିନ୍ନ ବିରୋଧୀ ଦଳ ଏହାର ବିରୋଧ କରି ସୁପ୍ରିମ କୋର୍ଟଙ୍କ ଦ୍ୱାରସ୍ଥ ହୋଇଥିବା ବେଳେ କୋର୍ଟରେ ଏହାର ବିଚାର ଚାଲିଛି। ସଂଶୋଧନ ପ୍ରକ୍ରିୟା ।।ରେ ୬୮ ଲକ୍ଷ ୬୬ ହଜାର ଭୋଟରଙ୍କ ନାମ କାଟି ଦିଆଯାଇଥିବା ବେଳେ ୨୧ ଲକ୍ଷ ୫୩ ହଜାର ଭୋଟରଙ୍କ ନାମ ଯୋଡ଼ା ହୋଇଛି। ୨୦୨୪ରେ ରାଜ୍ୟରେ ମୋଟ ଭୋଟର ସଂଖ୍ୟା ୭ କୋଟି ୮୯ ଲକ୍ଷ ଥିବା ବେଳେ ଏବେ ଏହା ୭ କୋଟି ୪୩ ଲକ୍ଷକୁ ହ୍ରାସ ପାଇଛି।

### ୧୧ରେ ନୂଆପଡ଼ା...

ତାରିଖ ଧାର୍ଯ୍ୟ କରାଯାଇଛି। ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ(ସିଇଓ) ଆର୍. ସନ୍ତଗୋପାଳନ୍ ତାରିଖ ଘୋଷଣା କରିବା ପରେ ଆଜିଠାରୁ ଆଚରଣ ବିଧି ଲାଗୁ ହୋଇଛି। ଏହା ସହ ନିର୍ବାଚନକୁ ସ୍ୱଚ୍ଛ ଏବଂ ଶୃଙ୍ଖଳିତ କରିବା ପାଇଁ ସମସ୍ତ ବୁଥରେ ୱେବ କାଷ୍ଟିଂ କରାଯିବ ବୋଲି ସିଇଓ ସୂଚନା ଦେଇଛନ୍ତି।

ସୋମବାର ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଶ୍ରୀ ଗୋପାଳନ କହିଛନ୍ତି ଯେ ନୂଆପଡା ବିଧାନସଭା ଉପନିର୍ବାଚନରେ ମୋଟ ୨ ଲକ୍ଷ ୪୮ ହଜାର ୨୫୬ ଜଣ ଭୋଟର ନିଜ ମତାଧିକାର ସାବ୍ୟସ୍ତ କରିବେ। ତନ୍ମଧ୍ୟରେ ୧ ଲକ୍ଷ ୨୨ ହଜାର ୧୦୩ ପୁରୁଷ, ୧ ଲକ୍ଷ ୨୬ ହଜାର ୧୩୨ ମହିଳା ଅଛନ୍ତି। ସେହିପରି ମୋଟ ଭୋଟରଙ୍କ ମଧ୍ୟରେ ୪ ହଜାର ଭିନ୍ନକ୍ଷମ ଏବଂ ୨୦୦୭ ଜଣ ୮୫ ବର୍ଷରୁ ଅଧିକ ବରିଷ୍ଠ ନାଗରିକ ଅଛନ୍ତି। ମୋଟ ୩୫୮ ମତଦାନ କେନ୍ଦ୍ରରେ ମତଦାନ ହେବ। ଏହି ଉପନିର୍ବାଚନରେ ବ୍ୟବହାର ପାଇଁ ପର୍ଯ୍ୟାପ୍ତ ସଂଖ୍ୟକ ଇଭିଏମ ଏବଂ ଭିଭିପାଟ୍ ର ବ୍ୟବସ୍ଥା କରାଯାଇଛି। ଆବଶ୍ୟକୀୟ ସଂଖ୍ୟକ ଇ.ଭି. ଏମ ଅର୍ଥାତ୍ ମତଦାନ କେନ୍ଦ୍ର ସଂଖ୍ୟାର ୨୦୦ ପ୍ରତିଶତ ଯଥା ୭୨୦ ବାଲଟ୍ ୟୁନିଟ୍, ୭୨୦ କଣ୍ଟ୍ରୋଲ ୟୁନିଟ୍ ଏବଂ ୭୨୦ ଭି.ଭି.ପାଟ୍ ପୂର୍ବରୁ ଜିଲ୍ଲା ନିର୍ବାଚନ ଅଧିକାରୀ ଏବଂ ନୂଆପଡ଼ା ଜିଲ୍ଲାପାଳଙ୍କ ପାଖରେ ଉପନିର୍ବାଚନରେ ବ୍ୟବହାର ପାଇଁ ଉପଲବ୍ଧ ଅଛି। ୮୫ ବର୍ଷରୁ ଅଧିକ ବୟସ୍କ ଏବଂ ଭିନ୍ନକ୍ଷମ ଭୋଟର (ଇ-ରୋଲରେ ଚିହ୍ନିତ) ଭୋଟର ମାନଙ୍କୁ ୧୨-ଡି ଫର୍ମ (ଅର୍ଥାତ୍ ଆବେଦନ ଫର୍ମ) ବଣ୍ଟନ କରାଯିବ। ଯାହା ସେମାନଙ୍କୁ ପୋଷ୍ଟାଲ୍ ବାଲଟ୍ ମାଧ୍ୟମରେ ଭୋଟ ଦେବାର ବିକଳ୍ପ ବ୍ୟବହାର କରିବାରେ ସାହାଯ୍ୟ କରିବ। ସେହିପରି ଏଜେଣ୍ଟମାନେ ବୁଥ ଭିତରକୁ ମୋବାଇଲ ନେଇପରିବେ ନାହିଁ ବୋଲି ସେ ସୂଚନା ଦେଇଛନ୍ତି।ଏହି ଅବସରରେ ଅତିରିକ୍ତ ମୁଖ୍ୟ ନିର୍ବାଚନ ଅଧିକାରୀ ସୁଶାନ୍ତ କୁମାର ମିଶ୍ର, ଅତିରିକ୍ତ ଶାସନ ସଚିବ ପ୍ରମୋଦ କୁମାର ସାହୁ, ଉପ ମୁଖ୍ୟ ନିର୍ବାଚନ ଅଧିକାରୀ ଡଃ ଲକ୍ଷ୍ମୀ ପ୍ରସାଦ ସାହୁ ପ୍ରମୁଖ ଉପସ୍ଥିତ ଥିଲେ।

### ସିଜେଆଇଙ୍କୁ ଜୋତା...

କରି ନେଇ ତାଙ୍କୁ ବାହରକୁ ନେଇଯାଇଥିଲେ। ସନାତନ ଧର୍ମର ଅପମାନ ବରଦାସ୍ତ କରାଯିବ ନାହିଁ ବୋଲି ସେ ସ୍ଲୋଗାନ ଦେଉଥିବା ଶୁଣିବାକୁ ମିଳିଥିଲା। ତେବେ ପ୍ରଧାନ ବିଚାରପତି ଉପସ୍ଥିତ ଓକିଲଙ୍କୁ ଯୁକ୍ତି ଉପସ୍ଥାପନ ଜାରି ରଖିବାକୁ କହିଥିଲେ। ଏଭଳି ଘଟଣାରେ ବିଚଳିତ ନ ହେବାକୁ ସେ ପରାମର୍ଶ ଦେଇଥିଲେ।। ମୁଁ ମଧ୍ୟ ଏଥିରେ ଆଦୌ ବିଚଳିତ ନୁହଁ ବୋଲି ସେ କହିଥିଲେ।

ଏହାପରେ ଉକ୍ତ ଓକିଲଙ୍କୁ ପୁଲିସ ଥାନା ନେଇ ତିନି ଘଣ୍ଟା ଧରି ପଚରାଉଚରା କରିଥିଲା। ତେବେ ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶ କ୍ରମେ ତାଙ୍କୁ ଛାଡ଼ି ଦିଆଯାଇଛି। ଅନ୍ୟପକ୍ଷରେ ବାର କାଉନସିଲ ତାଙ୍କର ଲାଇସେନ୍ସକୁ ରଦ୍ଦ କରିଛି। ଏଭଳି ଆକ୍ରମଣ ଘଟଣାର ନିନ୍ଦା କରିଛନ୍ତି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ। ଆଜି ସନ୍ଧ୍ୟାରେ ଜଷ୍ଟିସ ଗଭାଇଙ୍କୁ ଫୋନ୍ କରି ଉଦ୍‌ବେଗ ଜଣାଇଛନ୍ତି ପ୍ରଧାନମନ୍ତ୍ରୀ। ଏହି ଘଟଣା ପ୍ରତ୍ୟେକଟି ଭାରତୀୟ ନାଗରିକଙ୍କୁ ବ୍ୟଥିତ କରିଥିବା ସେ କହିଛନ୍ତି। କଂଗ୍ରେସ ନେତ୍ରୀ ସୋନିଆ ଗାନ୍ଧୀ ମଧ୍ୟ ଏହାର ନିନ୍ଦା କରି ଏହାକୁ ଭାରତୀୟ ସମ୍ବିଧାନ ଉପରେ ଆକ୍ରମଣ ବୋଲି କହିଛନ୍ତି। ସମସ୍ତେ ଏକାଠି ହୋଇ ଏହାର ନିନ୍ଦା କରିବା ଉଚିତ।

ଉଲ୍ଲେଖଥାଉ କି, ପ୍ରଧାନ ବିଚାରପତି ଜଷ୍ଟିସ ଗଭାଇ ମଧ୍ୟପ୍ରଦେଶର ଖଜୁରାହୋରେ ଭଗବାନ ବିଷ୍ଣୁଙ୍କ ୭ ଫୁଟ ଉଚ୍ଚର ମୂର୍ତ୍ତିର ପୁନଃସ୍ଥାପନ ନେଇ ଦେଇଥିବା ମନ୍ତବ୍ୟରେ ଓକିଲ ଜଣକ ଅସନ୍ତୁଷ୍ଟ ଥିଲେ। ଭଗବାନ ବିଷ୍ଣୁଙ୍କ ଏହି ଖଣ୍ଡିତ ମୂର୍ତ୍ତିର ପୁନଃସ୍ଥାପନ ନେଇ ହୋଇଥିବା ଆବେଦନକୁ ସେ ଖାରଜ କରି ଆବେଦନକାରୀଙ୍କୁ କହିଥିଲେ ଯେ, ଯାଅ ଭଗବାନକୁ କୁହ ସେ ନିଜ ମୂର୍ତ୍ତି ନିଜେ ଠିକ୍ କରନ୍ତୁ। କେବଳ ପ୍ରଚାର ପାଇଁ ଏଭଳି ଆବେଦନ କରନାହିଁ ବୋଲି ସେ କହିଥିଲେ। ଏହାକୁ ନେଇ ସାମାଜିକ ଗଣମାଧ୍ୟମରେ ଟ୍ରୋଲିଂ ହେବାରୁ ଜଷ୍ଟିସ ଗଭାଇ ସ୍ପଷ୍ଟୀକରଣ ଦେଇ କହିଥିଲେ ଯେ ତାଙ୍କର ମନ୍ତବ୍ୟକୁ ସାମାଜିକ ଗଣମାଧ୍ୟମରେ କଦର୍ଥ କରାଯାଇଛି। ମୁଁ ସବୁ ଧର୍ମକୁ ସମ୍ମାନ କରେ ବୋଲି ସେ କହିଥିଲେ। ପ୍ରଧାନ ବିଚାରପତିଙ୍କ ମନ୍ତବ୍ୟକୁ ଅତିରଞ୍ଜିତ କରାଯାଇଥିଲା ବୋଲି ସଲିସିଟର ଜେନେରାଲ ତୁଷାର ମେହେଟା ମଧ୍ୟ କହିଥିଲେ।

### ଗର୍ଜିଲା ବିଜୁ ଯୁବ...

କରାଯାଇଛି। ଏହି ନିଯୁକ୍ତି ଜାଲିଆତିରେ ସମ୍ପୃକ୍ତ ଥିବା ୧୧୪ ଜଣ ପରୀକ୍ଷାର୍ଥୀ ଓ ୪ ଜଣ ଦଲାଲଙ୍କୁ ଶ୍ରୀକାକୁଲମ ପୁଲିସ ଦ୍ୱାରା ଗିରଫ କରାଯାଇଛି। ନିଯୁକ୍ତି ପାଇଁ ପରୀକ୍ଷା ପରିଚାଳନା ପାଇଁ ଦାୟିତ୍ୱରେ ଥିବା ସଂସ୍ଥା ଦ୍ୱାରା ସେମାନଙ୍କୁ ସ୍ୱତନ୍ତ୍ର ତାଲିମ ମାଧ୍ୟମରେ ଜାଲିଆତି ହୋଇଥିବା ଅଭିଯୋଗ ହୋଇଛି।

ଅନ୍ୟପକ୍ଷରେ ଗିରଫ ପରୀକ୍ଷାର୍ଥୀମାନେ ମୋଟା ଅଙ୍କର ଲାଞ୍ଚ ଦେଇ ଏହି ଚାକିରି ହାତେଇବା ପାଇଁ ଉଦ୍ୟମ କରୁଥିଲେ ବୋଲି କୁହାଯାଉଛି। ଏହି ନିଯୁକ୍ତି ଜାଲିଆତିରେ ପ୍ରାୟ ୨୦୦ କୋଟି ଟଙ୍କା କାରବାର ହୋଇଥିବା କୁହାଯାଉଛି। ତେବେ ଲାଞ୍ଚ ଦେବା ଅଭିଯୋଗରେ ପରୀକ୍ଷାର୍ଥୀମାନେ ଯଦି ଗିରଫ ହେଲେ; ଲାଞ୍ଚ ଗ୍ରହଣ କରିଥିବା ବ୍ୟକ୍ତିମାନେ ଗିରଫ ହେଉ ନାହାନ୍ତି କାହିଁକି। ବିଶେଷକରି କେଉଁ ପରିସ୍ଥିତିରେ ଓ କାହା ନିର୍ଦ୍ଦେଶରେ ପଞ୍ଚସଫ୍ଟ ଭଳି ଏକ ଅନଭିଜ୍ଞ କମ୍ପାନୀକୁ ଏଭିଳି ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟରେ ନିୟୋଜିତ କରାଯାଇଥିଲା ବୋଲି ବିଜୁ ଯୁବ ଓ ଛାତ୍ର ଜନତା ଦଳ ପ୍ରଶ୍ନ କରିଛି। ଏବେ ଘଟଣାର ତଦନ୍ତ ପୁଲିସ କରୁଛି, ଯିଏ ନିଜେ ଏଥିରେ ସମ୍ପୃକ୍ତ ଅଛନ୍ତି। ବିଜୁ ଯୁବ ଓ ଛାତ୍ର ଜନତା ଦଳର ଦୁଇ ସଭାପତି ଚିନ୍ମୟ ସାହୁ ଓ ଇପ୍‌ସିତା ସାହୁ ଏହି ଆନ୍ଦୋଳନର ନେତୃତ୍ୱ ନେଇଥିବାବେଳେ ଦଳର ସାଧାରଣ ସମ୍ପାଦକ ପ୍ରୀତିରଞ୍ଜନ ଘଡ଼େଇ, ମହିଳା ସଭାନେତ୍ରୀ ସ୍ନେହାଙ୍ଗିନୀ ଛୁରିଆ, ରାଜ୍ୟସଭା ସାଂସଦ ସୁଲତା ଦେଓ, ପୂର୍ବତନ ବିଧାୟକ ରାଜେନ୍ଦ୍ର ସାହୁ, ପୂର୍ବତନ ସାଂସଦ ଶର୍ମିଷ୍ଠା ସେଠୀ, ରାଜଶ୍ରୀ ମଲ୍ଲିକ, ମନ୍ମଥ ରାଉତରାୟ ଓ ଅମରେଶ ପତ୍ରୀ ପ୍ରମୁଖ ଉପସ୍ଥିତ ଥିଲେ।

### ବିଜେପି ନେତାଙ୍କୁ...

ହେଲମେଟ ପିନ୍ଧା ଯୁବକ ତାଙ୍କ ଉପରେ ଅତିନିକଟରୁ ଗୁଳିଚାଳନା କରିଥିଲେ। ତାଙ୍କ ଉପରକୁ ଦୁଇ ରାଉଣ୍ଡ ଗୁଳି ଚାଳନା ହୋଇଥିଲା ଓ ଗୋଟିଏ ଗୁଳି ତାଙ୍କ ଡ଼ାହାଣ ଛାତିରେ ବାଜିଥିଲା। ସଙ୍କଟାପନ୍ନ ଅବସ୍ଥାରେ ପୀତବାସଙ୍କୁ ଏମକେସିଜି ମେଡିକାଲକୁ ସ୍ଥାନାନ୍ତର କରାଯାଇଥଲେ ହେଁ ଡ଼ାକ୍ତରଖାନାରେ ପହଞ୍ଚିବା ପୂର୍ବରୁ ତାଙ୍କର ମୃତ୍ୟୁ ଘଟିଥିଲା। ଏହି ଘଟଣା ଘଟିବା ପୂର୍ବରୁ ପୀତବାସ ପାର୍କସାହି ସ୍ଥିତ ନିଜ ଚାମ୍ବରରୁ ଏକ ମାମଲାରେ ଆଲୋଚନା କରିବାକୁ ବଡ଼ବଜାର ଥାନାକୁ ଯାଇଥିଲେ। ସେଠାରୁ ନିଜ ଘରକୁ ଫେରିବା ପରେ ଘର ନିକଟରେ ହିଁ ଦୃର୍ବୃତ୍ତଙ୍କ ଗୁଳିମାଡ଼ର ଶିକାର ହୋଇଥିଲେ। ଏମକେସିଜି ମେଡିକାଲରେ ପ୍ରବଳ ଗହଳି ଦୃଷ୍ଟିରୁ ଆଇନଶୃଙ୍ଖଳା ରକ୍ଷା ପାଇଁ ପୁଲିସ ପକ୍ଷରୁ ବ୍ୟାପକ ବନ୍ଦୋବସ୍ତ କରଯାଇଛି। ତେବେ ଗୁଳିକାଣ୍ଡର ପ୍ରକୃତ କାରଣ ଓ ଏହା ପଛରେ ରାଜନୈତିକ ଅଥବା ପୂର୍ବ ଶତ୍ରୁତା ତାହା ସ୍ପଷ୍ଟ ହୋଇପାରିନାହିଁ। ବୈଦ୍ୟନାଥପୁର ଥାନା ପୁଲିସ ଏକ ମାମଲା ରୁଜୁ କରିବା ସହ ସହରର ବିଭିନ୍ନ ସ୍ଥାନରେ ନକାବନ୍ଦି କରି ଦୃର୍ବୃତ୍ତଙ୍କୁ ଧରିବାକୁ ଉଦ୍ୟମ ଜାରି ରଖିଛି।

ଗୁଳିମାଡ ହୋଇଥିବା ଅଞ୍ଚଳ ବ୍ରହ୍ମପୁର ବସଷ୍ଟାଣ୍ଡ ନିକଟରେ ହୋଇଥିବା ବେଳେ ଏହା ସଦାସର୍ବଦା ଗହଳି ଓ ବ୍ୟସ୍ତ ରହିଥାଏ। ତଥାପି ଏଭଳି ଏକ ଜନଗହଳି ପୂର୍ଣ୍ଣ ଅଞ୍ଚଳରେ ଗୁଳିକାଣ୍ଡ ସହରବାସୀଙ୍କୁ ସ୍ତବ୍ଧ କରିଦେଇଛି। ପୀତବାସ ବର୍ତ୍ତମାନ ରାଜ୍ୟ ଆଇନଜୀବୀ ପରିଷଦର ସଦସ୍ୟ ଅଛନ୍ତି ଓ ପୂର୍ବରୁ ସେ ଗଞ୍ଜାମ ଓକିଲ ସଂଘର ସଂପାଦକ ଥିଲେ। ଗତ ସାଧାରଣ ନିର୍ବାଚନ ସମୟରେ ସେ କଂଗ୍ରେସ ଛାଡି ବିଜେପିରେ ଯୋଗ ଦେଇଥିଲେ। ଖବରପାଇ ଖଣି ମନ୍ତ୍ରୀ ବିଭୂତି ଜେନା, ବ୍ରହ୍ମପୁର ବିଧାୟକ କେ.ଅନୀଲ କୁମାର, ଗଞ୍ଜାମ ଜିଲ୍ଲା ବିଜେପି ସଭାପତି ସରୋଜ ସାବତ, ବନମାଳି ସେଠୀଙ୍କ ସମେତ ବହୁ ଆଇନଜୀବୀ ଡ଼ାକ୍ତରଖାନାରେ ପହଞ୍ଚିଛନ୍ତି।

ଏଭଳି ଘଟଣାକୁ ସବୁ ମହଲରେ ନିନ୍ଦା କରାଯିବା ସହ ଦୋଷୀଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ପାଇଁ ଦାବି କରାଯାଇଛି।

PUJA OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

**AFFIDAVIT**

By Virtue of an affidavit before Executive Magistrate, Angul. **I, Manas Ranjan Pahadasingh,** S/o.: Late Manamohan Pahadasingh, Permanent & Current Address At/PO: Nuahata, P.S.: Banarpal, Dist: Angul (Odisha)-759128, have changed my minor Daughter's name from Saipriyanshi Pahadsingh to **Sushree Saipriyanshi Pahadsingh.** Henceforth she will be known as **Sushree Saipriyanshi Pahadsingh** for all purposes.

**NOTICE**
(Above 18 years of age)

By Virtue of an Affidavit sworn before the Notary Public, Udala, Mayurbhnaj, dated 02.09.2025, I, Golapi Singh, Address At- Mahalibasa, Po-Chandrapur, Ps- Khunta, Dist-Mayurbhanj, Pin- 757075 declare that I have changed my name Solapi Simgh to Golapi Singh. Henceforth I shall be known as Golapi Singh for all purposes.
**Golapi Singh**

**AFFIDAVIT**

By virtue of an affidavit CF No.11, dtd. 16.09.2025 before the Executive Magistrate Bhubaneswar, I, Mita Nayak, W/o- Laxmidhar Nayak, At-Bayababa Basti, PO- Bhoi Nagar, PS - Sahid Nagar, Bhubaneswar - 751022, Dist.- Khordha have changed my minor daughter's name from Sroswati Nayak to Nandini Nayak. Henceforth, she will be known as **Nandini Nayak** for all purposes.
**Sd/- Mita Nayak**

**NOTICE**

By virtue of an affidavit sworn before The Notary Public, Sunabeda dated 03/10/2025 I, Sri Paramananda Sisa, S/o- Bandhu Sisa, Vill.- Tansing, PO.- Kularsing, PS.- Padwa, District-Koraput declare that I have changed my sons name from **Kabuna Sisa** to **Babuni Sisa**. Henceforth, my son shall be known as **Babuni Sisa** for all purposes.
Sd/- **Paramananda Sisa**

**AFFIDAVIT**

I, **Mamata Rani Paikaray,** D/o: Jagabandhu Biswal, W/o- Bhaskar Chandra Paikaray resident of Vill: Baghamunda, P.O.: Nuagaon Badabhuin, P.S.: Brahmagiri, Dist.: Puri, Pin-752011, Odisha declare by this affidavit No. 6381, dated: 04.10.2025, that now onwards I shall be known as **Mamata Paikaray** for all future purposes.

**AFFIDAVIT**

I, Dinesh Kumar S/o Ramhet Prasad Tripathi, Resident of At-Qtr No B2, Jindal Nagar, Chhendipada Road, Nisha, Angul, PIN-759111, Odisha declare by this affidavit No.1832 dtd 06.10.2025 that now onwards I shall be known as **DINESH KUMAR TRIPATHI** for all future purposes.

**NOTICE**

By virtue of an affidavit sworn before The Notary Public, Sunabeda dated 03/10/2025 I, Smt. Amarabati Hantal, D/o- Balaram Hantal, Vill.- Kularsing, PO.- Kularsing, PS.- Padwa, District-Koraput declare that I have changed my name from **Amara Hantal** to **Amarabati Hantal**. Henceforth, I shall be known as **Amarabati Hantal** for all purposes.
Sd/- **Amarabati Hantal**

**AFFIDAVIT**

By virtue of an affidavit (Sl No. 2413, date- 06/10/2025) before the Notary Public, Kantabanji. I, **Kousar Bano,** W/o Abdul Hamid, resident of Shivaji Nagar, Kantabanji, PO/PS- Kantabanji, Dist-Balangir, PIN- 767039, Odisha declare that, the name **Kousar Bano, W/o- Abdul Hamid** and **Kaushar Bano, W/o- Abdul Hamid Khan** is one and same lady who is related to me only.

**AFFIDAVIT**

By virtue of an affidavit before the Executive Magistrate, I, KM PRABHA VATI SHARMA, D/O- Rampukar Sharma, W/O- Shiv Shakti Sharma, resident of At- Plot No. 64/1631, Shree Kshetra Nagar, Kesura, PO- Bankual, PS-Saheednagar, Bhubaneswar, Dist – Khordha, Odisha, Pin – 751002, declare by this affidavit No. 15AA 274132 dated 22nd Sep 2025 that now onwards I shall be known as **PRABHAWATI SHARMA** for all future purposes.

**AFFIDAVIT**

By virtue of an affidavit sworn before Notary Public, Bhubaneswar, on dated 06.10.2025 I, SK MOBARAK ALLI, S/o- Sk Ataulla, aged about 63 years, permanent resident of Merza Patti, PO: Gujidarada, PS: Bhadrak, Dist: Bhadrak - 756128, Odisha (Aadhaar No:8571 5012 7376), do hereby declare that I have changed my name from HAPIZ M.D MOBARAK ALLI to SK MOBARAK ALLI. Henceforth,I shall be known as **SK MOBARAK ALLI** for all purposes.
**Sd/- SK MOBARAK ALLI**

# ବନ୍ଦର ସହରରେ ଗଜଲକ୍ଷ୍ମୀ ପୂଜା



ପାରାଦୀପ, ୬।୧୦(ସମିସ): ଗଜଲକ୍ଷ୍ମୀ ପୂଜା ପାଇଁ ବନ୍ଦର ସହର ଉତ୍ସବମୁଖର ହୋଇପଡିଛି। ଏ ନେଇ ଚଳଚଞ୍ଚଳ ହୋଇପଡିଛି ସହରର ପୂଜା ମଣ୍ଡପ। ନୂଆବଜାର ମାର୍କେଟ, ତାରିଣୀ ମାର୍କେଟ, ବିଲ୍ଡିଂ ମାର୍କେଟ, ଷଣ୍ଢକୁଦ, ନେହେରୁ ବଙ୍ଗଳା ଓ କବରଖାନା ମାର୍କେଟ ପରିସରରେ ଲକ୍ଷ୍ମୀପୂଜା ଆୟୋଜିତ ହୋଇଛି। ଏହି ପୂଜା ସପ୍ତାହେ ବ୍ୟାପୀ ଚାଲିବ। ପୂଜା ମଣ୍ଡପ ନିକଟରେ ସାଂସ୍କୃତିକ କାର୍ଯ୍ୟକ୍ରମ ଚାଲିବ ବୋଲି ଆୟୋଜକଙ୍କ ପକ୍ଷରୁ ସୂଚନା ମିଳିଛି। ଚଳିତ ବର୍ଷ ସୁନ୍ଦର ତୋରଣ ସାଙ୍ଗକୁ ଅଲୋକୀକରଣ ମୁଖ୍ୟ ଆକର୍ଷଣ ସାଜିଛି। ବିଶେଷକରି ନୂଆବଜାର ମାର୍କେଟରେ ବ୍ୟବସାୟୀ ସଂଘ ପକ୍ଷରୁ ନିର୍ମିତ ମଣ୍ଡପରେ ଝଲସୁଛି ଲକ୍ଷ୍ମୀଙ୍କ ମୃଣ୍ମୟୀ ମୂର୍ତ୍ତି।

# ଲକ୍ଷ୍ମୀପୂଜା ପାଇଁ ଉତ୍ସବମୁଖର କୋଲଡ଼ିଆ




ପାରାଦୀପ, ୬।୧୦(ସମିସ): ପାରାଦୀପ ଉପକଣ୍ଠ ବିଶ୍ୱାଳି ପଞ୍ଚାୟତ କୋଲଡିଆ ଗ୍ରାମ ଲକ୍ଷ୍ମୀପୂଜା ପାଇଁ ଉତ୍ସବମୁଖର ହୋଇପଡ଼ିଛି। ଆଜି ମା' ଲକ୍ଷ୍ମୀଙ୍କ ପୂଜା ପାଇଁ କଳସ ଶୋଭାଯାତ୍ରା ଅନୁଷ୍ଠିତ ହୋଇଥିଲା। ପଞ୍ଚାୟତର ଶହ ଶହ ଶ୍ରଦ୍ଧାଳୁ ଭୂତମୁଣ୍ଡାଇ ମହାନଦୀରୁ ପାଣି ଉଠାଇ କୋଲଡିଆ ପୂଜା ମଣ୍ଡପରେ ପହଞ୍ଚିଥିଲେ। ଆଜିଠୁ ୭ ଦିନ ଧରି ଯଜ୍ଞ, ଭଜନ କୀର୍ତ୍ତନ ଓ ଭଜନ ସନ୍ଧ୍ୟା ଅନୁଷ୍ଠିତ ହେବ। ୫୪ ବର୍ଷ ପୂର୍ବେ ଏଠାରେ ପ୍ରତିଷ୍ଠା ହୋଇଥିବା ମା' ଲକ୍ଷ୍ମୀଙ୍କ ମନ୍ଦିରରେ ଗ୍ରାମବାସୀ ଏହି ଲକ୍ଷ୍ମୀପୂଜାକୁ ଆଡ଼ମ୍ବର ସହକାରେ ପ୍ରତିବର୍ଷ ପାଳନ କରିଆସୁଛନ୍ତି।

### ବାଲିକୁଦା ବ୍ଲକ୍ କାର୍ଯ୍ୟାଳୟରେ ମିଳିତ ଜନଅଭିଯୋଗ ଶୁଣାଣି ଶିବିର

# ୨ଟି ଅଭିଯୋଗର ତତ୍କାଳ ଫଇସଲା

ଜଗତସିଂହପୁର/ବାଲିକୁଦା,୬।୧୦(ସମିସ)



ଜଗତସିଂହପୁର ଜିଲ୍ଲା ପ୍ରଶାସନ ପକ୍ଷରୁ ମିଳିତ ଜନଅଭିଯୋଗ ଶୁଣାଣି ଶିବିର ବାଲିକୁଦା ବ୍ଲକ କାର୍ଯ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି। ଏହି ଜନଅଭିଯୋଗ ଶିବିରରେ ଜିଲ୍ଲାପାଳ ଜେ. ସୋନାଲ ଉପସ୍ଥିତ ରହି ଜନସାଧାରଣଙ୍କ ବିଭିନ୍ନ ଅଭିଯୋଗର ଶୁଣାଣି କରି ୨ଟିର ତତ୍କାଳ ଫଇସଲା କରିଥିଲେ।

ଆଜି ଆୟୋଜିତ ଶିବିରରେ ୫୪ଟି ଅଭିଯୋଗ ପଞ୍ଜିକୃତ ହୋଇଥିଲା। ସେଥିମଧ୍ୟରୁ ବ୍ୟକ୍ତିଗତ ସମସ୍ୟା ସମ୍ପର୍କିତ ୩୯ଟି ଓ ଗୋଷ୍ଠୀଗତ /ଗ୍ରାମ୍ୟ ସମସ୍ୟା ସମ୍ପର୍କିତ ୧୫ଟି ଅଭିଯୋଗ ରହିଥିଲା। ବ୍ୟକ୍ତିଗତ ଅଭିଯୋଗ ମଧ୍ୟରୁ ରାସନ୍ କାର୍ଡ ସମ୍ବନ୍ଧୀୟ ୪ଟି, ଆବାସ ସମ୍ପର୍କିତ ୧୭ଟି, ଜମିଜମା ସମସ୍ୟା ସମ୍ପର୍କିତ ୬ଟି, ପୁଲିସ ସହାୟତା ପାଇଁ ୩ଟି, ପେନସନ ପାଇବା ପାଇଁ ୨ଟି, ରେଡକ୍ରସ ପାଣ୍ଠିରୁ ସହାୟତା ପାଇବା ପାଇଁ ୧ଟି, ମୁଖ୍ୟମନ୍ତ୍ରୀଙ୍କ ରିଲିଫ ପାଣ୍ଠିରୁ ସହାୟତା ପାଇବା ପାଇଁ ୧ଟି ଓ ଅନ୍ୟାନ୍ୟ ୩ଟି ଅଭିଯୋଗର ଶୁଣାଣି କରାଯାଇଥିଲା। ଏଥିରୁ ୨ଟି ଅଭିଯୋଗର ତତ୍କାଳ ଫଇସଲା କରାଯାଇଥିଲା। ଏହି ମିଳିତ ଜନଅଭିଯୋଗ ଶୁଣାଣି ଶିବିରରେ ଆରକ୍ଷୀ ଅଧୀକ୍ଷକ ଅଙ୍କିତ ବର୍ମା, ଅତିରିକ୍ତ ଜିଲ୍ଲାପାଳ ଜ୍ୟୋତି ଶଙ୍କର ରାୟ, ଜିଲ୍ଲା ପରିଷଦର ମୁଖ୍ୟ ବିକାଶ ତଥା ନିର୍ବାହୀ ଅଧିକାରୀ ରବିନାରାୟଣ ଜେଠୀ, ଉପଜିଲ୍ଲାପାଳ ପ୍ରଶାନ୍ତ କୁମାର ତରାଇ, ଉପଖଣ୍ଡ ଆରକ୍ଷୀ ଅଧୀକ୍ଷକ ଅଜିଙ୍କ୍ୟ ବାବୁରାଓ ମାନେ, ବାଲିକୁଦା ଗୋଷ୍ଠୀ ଉନ୍ନୟନ ଅଧିକାରୀ ସାଗର କୁମାର ନନ୍ଦ, ତହସିଲଦାର ବିକାଶ ରଞ୍ଜନ, ଜିଲ୍ଲାସ୍ତରୀୟ ଅଧିକାରୀ, କ୍ଷେତ୍ରୀୟ ଅଧିକାରୀ ପ୍ରମୁଖ ଉପସ୍ଥିତ ରହି ଜନସାଧାରଣଙ୍କ ଅଭିଯୋଗର ଶୁଣାଣି କରିଥିଲେ।

# ରାଜ୍ୟ ଅବସରପ୍ରାପ୍ତ କର୍ମଚାରୀ ସଂଘ ବୈଠକ



ବାଲିକୁଦା,୬।୧୦(ସମିସ): ବାଲିକୁଦା ବ୍ଲକ୍ ରାଜ୍ୟ ଅବସରପ୍ରାପ୍ତ କର୍ମଚାରୀ ସଂଘ ବୋରିକିନା ଶାଖା ବୈଠକ ଥାଇଲ ପଞ୍ଚାୟତ ଯଏଗାଁସ୍ଥ ଶ୍ରୀକୃଷ୍ଣ ଗୁରୁକୁଳରେ ଅନୁଷ୍ଠିତ ହୋଇଛି। ସଭାପତି ହୃଷିକେଶ ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ସମ୍ପାଦକ ବିଷ୍ଣୁଚରଣ ସ୍ୱାଇଁ ପୂର୍ବ ମାସର ବିବରଣୀ ପାଠ କରିଥିଲେ। ପରଲୋକଗତ ସଦସ୍ୟ ସଞ୍ଜୟ ବିଶ୍ୱାଳଙ୍କ ଅମର ଆତ୍ମାର ସଦଗତି କାମନା ନିମନ୍ତେ ୨ ମିନିଟ ନିରବ ପ୍ରାର୍ଥନା କରାଯାଇଥିଲା। ଉପସଭାପତି କୈଳାସ ବିଶ୍ୱାଳ, ଶିକ୍ଷାବିତ୍ ଧର୍ମାନନ୍ଦ ଦାସ, ସଂଗଠନ ସମ୍ପାଦକ ବ୍ରହ୍ମାନନ୍ଦ ମହାନ୍ତି, ବୁଲାକି ସ୍ୱାଇଁ, ଭୋଳାନାଥ ମହାନ୍ତି ପ୍ରମୁଖ ସଂଘର ବିଭିନ୍ନ ସମସ୍ୟା ଓ ଆବଶ୍ୟକତା ସମ୍ପର୍କରେ ଆଲୋଚନା କରିଥିଲେ। ଶିବ ଜେନା, କୈଳାସ ସାହୁ, ପ୍ରମୋଦ ବାରିକ, ନିରଞ୍ଜନ ସ୍ୱାଇଁ, ଧୂଳେଶ୍ୱର ସାହୁ, ଆଦିକନ୍ଦ ଦାସ, ଶୁକଦେବ ମଲ୍ଲିକ, ଶିବପ୍ରସାଦ ଦାସ ପ୍ରମୁଖ ଉପସ୍ଥିତ ଥିଲେ। ବଂଶୀଧର ଶତପଥୀ ମଙ୍ଗଳା ଚରଣ ପାଠ କରିଥିବାବେଳେ ପ୍ରଶାନ୍ତ ପରିଡ଼ା ଧନ୍ୟବାଦ ଅର୍ପଣ କରିଥିଲେ।

# ଶତାୟୁ ଗୋସେଇଁ ଗୁରୁଙ୍କ ପରଲୋକ



କୁଜଙ୍ଗ, ୬।୧୦(ସମିସ): କୁଜଙ୍ଗ ବ୍ଲକ ପଙ୍କପାଳ ନିବାସୀ ଗୋସେଇଁ ଗୁରୁ ହରେକୃଷ୍ଣ ଦାଶଙ୍କ ୧୦୧ ବର୍ଷ ବୟସରେ ପରଲୋକ ହୋଇଯାଇଛି। ଦୀର୍ଘ ୧୦୦ ବର୍ଷ ସୁସ୍ଥ ରହିବା ଓ ଶହେ ବର୍ଷରେ କର୍ମଚଞ୍ଚଳ ହୋଇ ନିଜ କାମ ନିଜେ କରି ଅଞ୍ଚଳରେ ଗୋସେଇଁ ଗୁରୁ ରୂପେ ଚର୍ଚ୍ଚିତ ହୋଇଥିଲେ। ଗାଁ ଚାଟଶାଳୀ ପାଠ ପରେ କୃଷି ଓ ଶାସ୍ତ୍ର ଅଧ୍ୟୟନ ପ୍ରତି ମନୋନିବେଶ କରିବା ଶହ ନିଜକୁ ସେ ସମୟରେ ଗୋସେଇଁ ଗୁରୁ ରୂପେ ପ୍ରତିଷ୍ଠା କରିବା ସହ ବହୁ ଯୁବକଙ୍କୁ ନାମ ସ୍ମରଣ ସହ ଆଧ୍ୟାତ୍ମିକ ପ୍ରତି ଆକର୍ଷିତ କରିବା ତାଙ୍କର ପ୍ରମୁଖ କାମ ଥିଲା। ୪ ଝିଅ ଓ ଦୁଇ ପୁଅଙ୍କୁ ମଣିଷ କରିବା ଶହ ଏବେ ପୁଅ ପ୍ରାଧ୍ୟାପକ ସୁଭାଷ ଚନ୍ଦ୍ର ଦାଶଙ୍କ ନିକଟରେ ଭୁବନେଶ୍ୱରରେ ରହି ଆସୁଥିଲେ। ପାଞ୍ଚବର୍ଷ ପୂର୍ବେ ପତ୍ନୀ ନେତ୍ରମଣି ପରଲୋକ ହୋଇଛି। ମାତ୍ର ସରଳ ଜୀବନ, ସ୍ୱଳ୍ପ ହାର, ପ୍ରତ୍ୟହ ଚାଲିବା, ମୃଦୁ ଭାଷୀ ହରି ଗୋସେଇଁ ଶତାୟୁ ହୋଇ ବି ସିଧା ଚାଲିବା, ନିଷ୍କପଟ ଭାବେ ବଡ ପାଟିରେ ହସିବା, ସ୍ୱଳ୍ପରେ ସନ୍ତୁଷ୍ଟ ହେବା ଭଳି ନିଆରା ବ୍ୟକ୍ତିତ୍ୱଙ୍କ ପରଲୋକରେ ପଙ୍କପାଳରେ ଶୋକର ଛାୟା ଖେଳିଯାଇଛି। ଗ୍ରାମ ଶ୍ମଶାନରେ ଶେଷକୃତ୍ୟ କରାଯାଇଥିବାବେଳେ ପୁଅ ସୁଭାଷ ଦାଶ ମୁଖାଗ୍ନି ଦେଇଥିଲେ।

# ଦୁର୍ଘଟଣାରେ ବରିଷ୍ଠ ବିଜେଡି କର୍ମୀଙ୍କ ମୃତ୍ୟୁ



ତିର୍ତ୍ତୋଲ, ୬।୧୦(ସମିସ): ତିର୍ତ୍ତୋଲ ଥାନା ଅନ୍ତର୍ଗତ କଟକ-ପାରାଦୀପ ରାସ୍ତାର ହୁକୁଟୋଲା ନିକଟରେ ଗତକାଲି ବିଳମ୍ବିତ ରାତିରେ ଦୁର୍ଘଟଣା ଘଟି କୋଷ୍ଟିମଲ୍ଲିକାପୁର ପଞ୍ଚାୟତର ବରିଷ୍ଠ ବିଜେଡି କର୍ମୀ ଅଶ୍ୱିନୀ ବିଶ୍ୱାଳ(୫୫)ଙ୍କ ମୃତ୍ୟୁ ହୋଇଯାଇଛି। ସେ ରାହାମାସ୍ଥ ବାସଭବନକୁ ବୁଲେଟ୍‌ରେ ଫେରୁଥିବାବେଳେ ହୁକୁଟୋଲାଠାରେ ଦୁର୍ଘଟଣାର ଶିକାର ହୋଇ ରାସ୍ତା ପାଶ୍ୱର୍ କେନାଲକୁ ପଡ଼ିଯାଇ ସଂଜ୍ଞାହୀନ ହୋଇଯାଇଥିଲେ। ତାଙ୍କୁ ସ୍ଥାନୀୟ ଯୁବକ ଉଦ୍ଧାର କରି ପୁଲିସ ପିସିଆର ଗାଡ଼ିରେ ମଣିଜଙ୍ଗା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ପୁଲିସ ମୃତଦେହକୁ ବ୍ୟବଚ୍ଛେଦ ପାଇ ଜଗତସିଂହପୁର ପଠାଇଥିଲା। ବ୍ୟବଚ୍ଛେଦ ପରେ ମରଶରୀର ନିଜ ଗ୍ରାମ କେଉଲକୁ ଅଣାଯାଇଥିଲା। ବିଜେଡି ଯୁବ ନେତା ନିହାର ମହାନ୍ତି, ଛାତ୍ର ନେତା କାଳନ୍ଦୀ ଦାଶ, ସରପଞ୍ଚ ବିଭୁପ୍ରସାଦ ମହାନ୍ତିଙ୍କ ସମେତ ବହୁ ବିଶିଷ୍ଟ ବ୍ୟକ୍ତି ଶେଷ ଦର୍ଶନ କରି ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ପରେ ଗ୍ରାମ ଶ୍ମଶାନରେ ଶେଷକୃତ୍ୟ ସଂପନ୍ନ ହୋଇଥିଲା। ତିର୍ତ୍ତୋଲ ବିଧାୟକ ରମାକାନ୍ତ ଭୋଇ, ପୂର୍ବତନ ସାଂସଦ ଡା ରାଜଶ୍ରୀ ମଲ୍ଲିକ, ବ୍ଲକ ଅଧ୍ୟକ୍ଷ ମନୋଜ ବେହେରା ସମେତ ବିଜେଡିର ବହୁ ନେତା ଶୋକ ପ୍ରକାଶ କରିଛନ୍ତି।

# ତିର୍ତ୍ତୋଲ କୁମାର ଉତ୍ସବ ସମିତି ବାର୍ଷିକ ଉତ୍ସବ ଉଦ୍‌ଘାଟିତ



ତିର୍ତ୍ତୋଲ, ୬।୧୦(ସମିସ): ତିର୍ତ୍ତୋଲ କୁମାର ଉତ୍ସବ ସମିତିର ୫୨ତମ ବାର୍ଷିକ ଉତ୍ସବ ଓ ଗଣକବି ବୈଷ୍ଣବ ପାଣି ଜୟନ୍ତୀ ଜୟପ୍ରକାଶ ମଇଦାନରେ ଆରମ୍ଭ ହୋଇଛି। ମୁଖ୍ୟଅତିଥି ଜଗତସିଂହପୁର ସାଂସଦ ବିଭୁପ୍ରସାଦ ତରାଇ ଯୋଗଦେଇ ଏହି ଉତ୍ସବକୁ ଉଦ୍‌ଘାଟନ କରିଥିଲେ। ଶ୍ରୀ ତରାଇ ସଂସ୍କୃତି ସମସ୍ତଙ୍କୁ ଏକତା ସୂତ୍ରରେ ବାନ୍ଧି ରଖିଥାଏ। ଓଡ଼ିଶାର ସଂସ୍କୃତି ଓ ପରମ୍ପରାକୁ ଉଜ୍ଜୀବିତ ରଖିବାରେ ତିର୍ତ୍ତୋଲ କୁମାର ଉତ୍ସବ ସମିତି ପ୍ରମୁଖ ଭୂମିକା ଗ୍ରହଣ କରିଛି ବୋଲି କହିଥିଲେ।

ମୁଖ୍ୟବକ୍ତା ବିଜେପି ଜିଲ୍ଲା ସଭାପତି ପ୍ରତାପ ମିଶ୍ର ଓଡ଼ିଆ ସଂସ୍କୃତିର ମହନୀୟତା ଉପରେ ଆଲୋକପାତ କରିଥିଲେ। ସମିତି ସଭାପତି ବିମଳ ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ଉତ୍ସବରେ ସମ୍ମାନିତ ଅତିଥି ଭାବେ ବିଜେପି ନେତା ବିଜୟ ଦାଶ, ତିର୍ତ୍ତୋଲ କଲେଜର ପୂର୍ବତନ ଅଧ୍ୟକ୍ଷ କ୍ୟାପଟେନ ଜ୍ଞାନଜ ସାମନ୍ତରାୟ, ସମାଜସେବୀ ନୀଳାଦ୍ରି ବିହାରୀ ମହାନ୍ତି, ଆକାଶବାଣୀ ଗୀତିକାର ଇନ୍ଦ୍ରମଣି ସାହୁ, ବିବେକାନନ୍ଦ ହୋତା ପ୍ରମୁଖ ଯୋଗ ଦେଇଥିଲେ। ସମିତିର ବରିଷ୍ଠ ସଭ୍ୟା ସୁଶ୍ରୀ ବିଜୟା ମହାନ୍ତି ସ୍ୱାଗତ ଭାଷଣ ଓ ସମ୍ପାଦକ ଅନୀଲ ମହାପାତ୍ର ସମ୍ପାଦକୀୟ ବିବରଣୀ ପାଠ କରିଥିଲେ। ଅତିଥିମାନେ ଇନ୍ଦ୍ରମଣି ସାହୁଙ୍କ ରଚିତ ବେତାର ଧର୍ମୀ ଗୀତି କବିତା ସଂକଳନ 'ଆଜି ଓ କାଲିର ଗୀତି ଛନ୍ଦ'କୁ ଉନ୍ମୋଚନ କରିଥିଲେ। ଏ ଅବସରରେ କ୍ରୀଡ଼ା ଶିକ୍ଷକ ଭୁବନମୋହନ ଦାସଙ୍କୁ କ୍ରୀଡ଼ାରତ୍ନ ସମ୍ମାନ ପ୍ରଦାନ ଓ ତିର୍ତ୍ତୋଲ ଅଞ୍ଚଳର କୃତୀ ଛାତ୍ରଛାତ୍ରୀଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ପ୍ରଦୀପ୍ତ ମହାପାତ୍ର ଧନ୍ୟବାଦ ଦେଇଥିଲେ।

# ରୋହିଆ ସ୍କୁଲ ପ୍ରାକ୍ତନ ଛାତ୍ର ସଂସଦ କାର୍ଯ୍ୟକାରିଣୀ କମିଟି ଗଠିତ

ଜଗତସିଂହପୁର,୬।୧୦(ସମିସ): ଜଗତସିଂହପୁର ଜିଲ୍ଲା ନାଉଗାଁ ବ୍ଲକ୍ ଅନ୍ତର୍ଗତ ରୋହିଆ ସରକାରୀ ନୋଡାଲ ଉଚ୍ଚବିଦ୍ୟାଳୟ ପ୍ରାକ୍ତନ ଛାତ୍ର ସଂଗଠନର ଆଭାସୀ ବୈଠକ ଅର୍ଜୁନ ଚରଣ ରାଉତଙ୍କ ଅଧ୍ୟକ୍ଷତାରେ ଆୟୋଜିତ ହୋଇଯାଇଛି। ବୈଠକରେ ଦେଶ ଓ ଦେଶ ବାହାରେ ରହୁଥିବା ଛାତ୍ରଛାତ୍ରୀ ଯୋଡ଼ିହୋଇ ବିଦ୍ୟାଳୟର ଗୌରବମୟ ଅତୀତ ବିଷୟରେ ଆଲୋକପାତ କରିବା ସହ ସାମ୍ପ୍ରତିକ ସମୟରେ କିପରି ଶିକ୍ଷା ବ୍ୟବସ୍ଥାରେ ଗୁଣାତ୍ମକ ମାନ ବୃଦ୍ଧି କରାଯାଇ ଆଗାମୀ ପିଢିକୁ ସଶକ୍ତ ଜୀବନଧାରା ପ୍ରଦାନ କରାଯାଇପାରିବ, ତାହା ଉପରେ ବିଶଦ ଭାବେ ଆଲୋଚନା କରିଥିଲେ। ଏହି ଲକ୍ଷ୍ୟ ହାସଲ କରିବା ପାଇଁ ପୂର୍ବତନ ଛାତ୍ର ସନ୍ତୋଷ ମହାନ୍ତି, ଅର୍ଜୁନ ରାଉତ, ପବିତ୍ରମୋହନ ମହାନ୍ତି, ପ୍ରତାପ ଲେଙ୍କାଙ୍କୁ ନେଇ ଉପଦେଷ୍ଟା ମଣ୍ଡଳୀ ଓ ସମସ୍ତ ପ୍ରସ୍ତାବକୁ କାର୍ଯ୍ୟକାରୀ କରିବା ପାଇଁ କାର୍ଯ୍ୟକାରିଣୀ କମିଟି ଗଠନ କରାଯାଇଛି। ଏହି କମିଟିରେ ବିଦ୍ୟାଧର ସ୍ୱାଇଁ, ବିଶ୍ୱଜିତ ସ୍ୱାଇଁ, ସତ୍ୟବ୍ରତ ରାଉତ, ଦିଲ୍ଲୀପ ସ୍ୱାଇଁ, ଶ୍ରୀଚରଣ ରାଉତ, ଗୀତାଞ୍ଜଳି ଦାଶ, ମିଲ୍ଲୀପ୍ରଭା ଦାଶ ସଦସ୍ୟ ଓ ସୁଶାନ୍ତ ମହାନ୍ତି ନିମନ୍ତ୍ରିତ ସଦସ୍ୟ ଓ ଦେବେନ୍ଦ୍ର ରାଉତ ଆବାହକ ଭାବେ ଦାୟିତ୍ୱ ଗ୍ରହଣ କରିଥିବାବେଳେ ଡଃ ଅରୁଣ ରାଉତ ସଂଯୋଜକ ମନୋନୀତ ହୋଇଛନ୍ତି। ଏହି ପ୍ରୟାସରେ ସମସ୍ତ ପ୍ରାକ୍ତନ ଛାତ୍ରଛାତ୍ରୀ ନିଜକୁ ସାମିଲ କରିବା ପାଇଁ ଆବାହକ ଶ୍ରୀ ରାଉତ ଅନୁରୋଧ କରିଥିଲେ।

# ଦଶବାଟିଆ ନାଟ୍ୟ ପ୍ରତିଯୋଗିତା ଉଦ୍‌ଯାପିତ

ବାଲିକୁଦା,୬।୧୦(ସମିସ): ବାଲିକୁଦା ବ୍ଲକ ମାତୃଶକ୍ତି କଳା ଓ ସଂସ୍କୃତି ସୁରକ୍ଷା ପରିଷଦ ପକ୍ଷରୁ ଦଶବାଟିଆ ଦୁର୍ଗା ପଡ଼ିଆରେ ଚାଲିଥିବା ନାଟ୍ୟ ପ୍ରତିଯୋଗିତା ଉଦ୍‌ଯାପିତ ହୋଇଯାଇଛି। ସଭାପତି ଦେବକାନ୍ତ ବିଶ୍ୱାଳଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ମୁଖ୍ୟଅତିଥି ଭାବେ ବାଲିକୁଦା-ଏରସମା ବିଧାୟକ ଶାରଦା ପ୍ରସନ୍ନ ଜେନା, ମୁଖ୍ୟବକ୍ତା ଭାବେ ବ୍ଲକ ଅଧ୍ୟକ୍ଷ ପ୍ରକାଶ ପ୍ରଧାନ, ସମ୍ମାନିତ ଅତିଥି ଭାବେ ଜିଲ୍ଲା ପରିଷଦ ସଭ୍ୟା ତଟିନା ସ୍ୱାଇଁ, ସମାଜସେବୀ ନିରଞ୍ଜନ ମହାନ୍ତି, ସଞ୍ଜୟ ସ୍ୱାଇଁ ପ୍ରମୁଖ ଯୋଗଦେଇ ଅଞ୍ଚଳରେ ଥିବା କଳାକାରଙ୍କୁ ଏହି ମଞ୍ଚ ଉପଯୁକ୍ତ ସମ୍ମାନ ଦେଇଥିବାରୁ ଅନୁଷ୍ଠାନକୁ ପ୍ରଶଂସା କରିଥିଲେ। ଏ ଅବସରରେ ଅଞ୍ଚଳର କଳା ଓ ସଂସ୍କୃତିର ସୁରକ୍ଷା କ୍ଷେତ୍ରରେ କାର୍ଯ୍ୟ କରିଥିବା କଳାକାରଙ୍କୁ ବାଦ୍ୟଗୁରୁ ସ୍ୱର୍ଗତ ଗାଲବ ମହାରଣା ସ୍ମୃତି ସମ୍ମାନ ଓ ନାଟ୍ୟଗୁରୁ ସ୍ୱର୍ଗତ ଗତିକୃଷ୍ଣ ରାଉତ କଳା ସମ୍ମାନରେ ସମ୍ମାନିତ କରାଯାଇଥିଲା। ନାଟ୍ୟକାର ଜଗନ୍ନାଥ ରାଉତ ଓ ନିର୍ଦ୍ଦେଶକ ଭାଗୀରଥି ଛୋଟରାୟଙ୍କୁ ଉପଦେଷ୍ଟା ଛଇଳମଣି ବେହେରା ଓ ସମ୍ପାଦକ ରମେଶ ପରିଡା ସମ୍ମାନିତ କରିଥିଲେ। କବି ପ୍ରଶାନ୍ତ ମହାନ୍ତି ମଞ୍ଚ ପରିଚାଳନା କରିଥିବାବେଳେ ସଂଯୋଜକ ଅକ୍ଷୟ ବେହେରା କାର୍ଯ୍ୟକ୍ରମର ଉଦେଶ୍ୟ ଓ ଆଭିମୁଖ୍ୟ ପ୍ରଦାନ କରିଥିଲେ। ସନ୍ତୋଷ ବିଶ୍ୱାଳ ଅତିଥି ପରିଚୟ ଓ ସ୍ୱାଗତ ଭାଷଣ ପ୍ରଦାନ କରିଥିବାବେଳେ ସରୋଜ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ। ଦୁର୍ଗାପୂଜା କମିଟି, ମାତୃଶକ୍ତି କ୍ରିକେଟ କ୍ଲବ୍ ଓ ସମସ୍ତ ୮ ପଞ୍ଚାୟତବାସୀ ସହଯୋଗ କରିଥିଲେ। ନାଟକ "ଭଲପାଇ କିଏ ଭଲରେ ଅଛି' ମାତୃଶକ୍ତି କଳା ଓ ସଂସ୍କୃତି ସୁରକ୍ଷା ପରିଷଦ କଳାକାରଙ୍କ ଦ୍ୱାରା ପରିବେଷଣ କରାଯାଇଥିଲା।

# ଶିଶୁକନ୍ୟାର ମୃତଦେହ ଉଦ୍ଧାର

ବାଲିକୁଦା,୬।୧୦(ସମିସ): ବାଲିକୁଦା ଥାନା ଅନ୍ତର୍ଗତ ବନ୍ଦର ସାମୁଦ୍ରିକ ଥାନା ଅଧୀନ ଗଣ୍ଡକୁଳ ଦେବୀ ନଦୀବନ୍ଧ ପଥର ପ୍ୟାକିଂ ନିକଟରେ ଏକ ଶିଶୁକନ୍ୟାର ମୃତଦେହ ପଡ଼ିଥିବା ସ୍ୱେଚ୍ଛାସେବୀ ରୁଦ୍ରନାରାୟଣ ପ୍ରଧାନ ଓ ତାଙ୍କ ସହଯୋଗୀ ଦେଖିଥିଲେ। ଏ ସମ୍ପର୍କରେ ବନ୍ଦର ସାମୁଦ୍ରିକ ଥାନା ଅଧିକାରୀ ରାଜୀବ ବେହେରାଙ୍କୁ ଅବଗତ କରାଇବା ପରେ ପୁଲିସ ମୃତଦେହ ଉଦ୍ଧାର କରାଯାଇଥିଲା। ଥାନା ପକ୍ଷରୁ ଅପମୃତ୍ୟୁ ମାମଲା ରୁଜୁ କରାଯାଇଥିବାବେଳେ ଶିଶୁର ମଥାରେ କଳା ଓ ପାଉଡର ଲାଗିଥିବାବେଳେ ନଦୀରେ ଭସାଯାଇ ନ ଥିବାରୁ ଶିଶୁକନ୍ୟାକୁ କେହି ହତ୍ୟା କରି ଫିଙ୍ଗି ଦେଇଥିବା ସନ୍ଦେହ କରାଯାଉଛି।

### ଜଗତସିଂହପୁର ଐତିହ୍ୟ ପଦଯାତ୍ରାର ନବମ ସଂସ୍କରଣ

# ସିଦ୍ଧ ବାରଙ୍ଗ ଗୋସାଇଁ ପୀଠ ଓ ବଡ଼ବାଗ ବୁଣାକାର ଗ୍ରାମ ପରିଦର୍ଶନ




ଜଗତସିଂହପୁର,୬।୧୦(ସମିସ)

ପୂର୍ବ ୮ଟି ସଂସ୍କରଣ ଭଳି ଜଗତସିଂହପୁର ଐତିହ୍ୟ ପଦଯାତ୍ରାର ନବମ ସଂସ୍କରଣ ସୁନ୍ଦର ଓ ଚିତ୍ତାକର୍ଷକ ଭାବେ ସମ୍ପନ୍ନ ହୋଇଛି। ଐତିହ୍ୟାନୁଗ୍ରାହି ଜାତୀୟ କବି ବୀରକିଶୋରଙ୍କ ଜନ୍ମସ୍ଥାନ ପୁନଙ୍ଗ ଗ୍ରାମରେ ଥିବା ସିଦ୍ଧ ବାରଙ୍ଗ ଗୋସାଇଁ ପୀଠ ଓ ବଡ଼ବାଗର ବୁଣାକାର ଗ୍ରାମ ପରିଦର୍ଶନ କରିଥିଲେ। ପ୍ରଥମେ ସମସ୍ତ ଐତିହ୍ୟାନୁଗ୍ରାହି ଚାରିପୋଲିଆ ଛକ ନିକଟ ବୀରକିଶୋର ମେମୋରିଆଲ ପାର୍କରେ ଏକାଠି ହୋଇ ସଫେଇ କାର୍ଯ୍ୟକ୍ରମ କରିବା ସହିତ ଜାତୀୟ କବି ବୀରକିଶୋର ଦାସଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ ପୂର୍ବକ ଐତିହ୍ୟ ପଦଯାତ୍ରା କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ।

ପରେ ସମସ୍ତ ଐତିହ୍ୟାନୁରାଗୀ ବଡ଼ବାଗଠାରେ ଥିବା ବୁଣାକାର ଗ୍ରାମକୁ ପରିଦର୍ଶନରେ ଯାଇଥିଲେ। ସେଠାରେ ପାରମ୍ପରିକ ଭାବେ ବୁଣାଯାଉଥିବା ହସ୍ତତନ୍ତ ଶାଢୀ, ଗାମୁଛା, ଧୋତି, ଲୁଙ୍ଗି ଆଦି ଦେଖିବା ସହିତ ଏହି ପାରମ୍ପରିକ କୌଶଳକୁ ଆଜି ବି ଉଜ୍ଜୀବିତ କରି ରଖିଥିବା ବୁଣାକାର କାରିଗରଙ୍କୁ ଭେଟିଥିଲେ। ବୟୋଜ୍ୟେଷ୍ଠ ବୁଣାକାର ନାରାୟଣ ବେହେରା ଓ ବୁଣାକାର ସମିତି ସମ୍ପାଦକ ବିଜୟ ଦାସ ଐତିହ୍ୟାନୁଗ୍ରାହିଙ୍କୁ ବୁଣାକାରଙ୍କ ପାରମ୍ପରିକ କାର୍ଯ୍ୟ ପ୍ରଣାଳୀ ବିଷୟରେ ଆଲୋକପାତ କରିଥିଲେ ଓ ବୁଣା କାର୍ଯ୍ୟ ଦେଖାଇଥିଲେ। ଜଗତସିଂହପୁର ଐତିହ୍ୟ ପଦଯାତ୍ରାର ଉପଦେଷ୍ଟା ପ୍ରଭାଂଶୁ ସାମନ୍ତରାୟଙ୍କ କହିବାନୁଯାୟୀ, ଆମର କୌଳିକ ବୃତ୍ତି ଓ ମୌଳିକ ଅଧିକାରକୁ ଗୁରୁତ୍ୱ ଦିଆଗଲେ, ଏହି ବୁଣାକାରଙ୍କ ଜୀବନ ଓ ଜୀବୀକା ସୁରକ୍ଷିତ ହୋଇରହିପାରନ୍ତା। ଏହାପରେ ସମସ୍ତ ଐତିହ୍ୟାନୁରାଗୀ ବନ୍ଧୁ ପୁନଙ୍ଗସ୍ଥ ଜଗନ୍ନାଥ ମନ୍ଦିର ଓ ସିଦ୍ଧ ବାରଙ୍ଗ ଗୋସାଇଁଙ୍କ ଆଶ୍ରମ ପରିଦର୍ଶନ ସହ ବାରଙ୍ଗ ଗୋସାଇଁଙ୍କ ଚମତ୍କାରିତା ବିଷୟରେ ଆଲୋଚନା କରିଥିଲେ।

ମାର୍ଗଶିର ମାସ ଶୁକ୍ଳ ଚତୁର୍ଦ୍ଦଶୀରେ ଏହି ସିଦ୍ଧ ବାରଙ୍ଗ ପୀଠ ଶ୍ରୀକ୍ଷେତ୍ର ପାଲଟିଯାଏ। କୁହାଯାଏ ସ୍ୱୟଂ ଜଗନ୍ନାଥ ଏଠାକୁ ଗୋଟିଏ ଦିନ ପାଇଁ ଆସନ୍ତି ଓ ଏଠାକାର ପ୍ରସାଦ ମହାପ୍ରସାଦରେ ପରିଣତ ହୋଇଥାଏ। ଏହି ମନ୍ଦିରର ବିଶେଷତ୍ୱ ହେଲା ଏଠାରେ କାଷ୍ଠ କାରୁକାର୍ଯ୍ୟ ଦେଖିବାକୁ ମିଳିଥାଏ। ମନ୍ଦିର ପରିସର ବୁଲିବା ପରେ ଐତିହ୍ୟାନୁରାଗୀ ପ୍ରସାଦ ସେବନ କରିଥିଲେ। ଜଗତସିଂହପୁର ଐତିହ୍ୟ ପଦଯାତ୍ରା ସଂଯୋଜକ ଶ୍ରୀକାନ୍ତ ସିଂହ, ଅନୁଷ୍ଠାନର ବୟୋଜ୍ୟେଷ୍ଠ ସଦସ୍ୟ ବିଶ୍ୱରଞ୍ଜନ ଦେହୁରୀ, ସାମ୍ବାଦିକ ଶଶାଙ୍କ ଶେଖର ପଣ୍ଡା ତଥା ଐତିହ୍ୟାନୁରାଗୀ ତ୍ରିଲୋଚନ ସ୍ୱାଇଁ, ସମ୍ବିତ ସିଂହ, ଦେବାଶିଷ ପାତ୍ର, ହୃଦାନନ୍ଦ ବେହେରା, ଦିନେଶ ସ୍ୱାଇଁ, ରତିରଞ୍ଜନ ପଣ୍ଡା ପ୍ରମୁଖ ଯୋଗଦେଇ କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ।

# ଶତାୟୁ ଶିକ୍ଷକ ସଦାଶିବ ପତିଙ୍କୁ ଶିକ୍ଷକ ଗୌରବ ସମ୍ମାନ




ଜଗତସିଂହପୁର,୬।୧୦(ସମିସ): ବିଶ୍ୱ ଶିକ୍ଷକ ଦିବସ ଅବସରରେ ଜଗତସିଂହପୁର ସାରସ୍ୱତ ପରିଷଦ ପକ୍ଷରୁ ଖଇରଙ୍ଗର ଶତାୟୁ ଶିକ୍ଷକ ସଦାଶିବ ପତିଙ୍କ ବାସଭବନରେ ସମ୍ବର୍ଦ୍ଧନା ସଭା ଆୟୋଜିତ ହୋଇଯାଇଛି। ସଭାପତି ଅବସରପ୍ରାପ୍ତ ଅଧ୍ୟାପକ ଜିମାଂଶୁ ଆଚାର୍ଯ୍ୟ ଯୋଗଦେଇ ବିଶ୍ୱ ଶିକ୍ଷକ ଦିବସ ପାଳନର ଲକ୍ଷ୍ୟ ଓ ଆବଶ୍ୟକତା ସମ୍ପର୍କରେ ସୂଚନା ଦେଇଥିଲେ। ଶିକ୍ଷାବିତ ରବୀନ୍ଦ୍ର ତ୍ରିପାଠୀ, ନାରାୟଣ ଦାଶ, ଅଧ୍ୟାପକ ଲକ୍ଷ୍ମୀଧର ପ୍ରଧାନ, ଶିକ୍ଷାବିତ ସତ୍ୟବାଦୀ ଦାସ ଓ ବିକ୍ରମ ଜେନା ପ୍ରମୁଖ ଯୋଗଦେଇ ବିଶ୍ୱସ୍ତରରେ ଶିକ୍ଷକଙ୍କୁ ସମ୍ମାନ ଦେବାକୁ ୟୁନେସ୍କୋ ପକ୍ଷରୁ ୧୯୯୪ଠାରୁ ଅକ୍ଟୋବର ୫ ତାରିଖକୁ ବିଶ୍ୱ ଶିକ୍ଷକ ଦିବସ ରୂପେ ପାଳନ କରାଯାଇଆସୁଛି ବୋଲି ସୂଚନା ଦେଇଥିଲେ। ଏ ଅବସରରେ ୧୦୩ ବର୍ଷୀୟ ଶିକ୍ଷକ ସଦାଶିବ ପତିଙ୍କୁ ପରିଷଦ ପକ୍ଷରୁ ଶିକ୍ଷକ ଗୌରବ ସମ୍ମାନ ପ୍ରଦାନ କରାଯାଇଥିଲା। ଏହି ସମ୍ବର୍ଦ୍ଧନା ସଭାରେ ଅନ୍ୟମାନଙ୍କ ମଧ୍ୟରେ ସୁରେନ୍ଦ୍ର ରାୟ, ଦୀପ୍ତି ଦାଶ, ସଞ୍ଜୀବ ମିଶ୍ର, ତ୍ରିଲୋଚନ ପତି, ହିମାଂଶୁ ଦାଶ, କମଳାକାନ୍ତ ପତିଙ୍କ ସମେତ ପରିବାରବର୍ଗ ଓ ଆତ୍ମୀୟସ୍ୱଜନ ଉପସ୍ଥିତ ଥିଲେ। ଶିକ୍ଷାବିତ ବିଜୟ ପତି ଧନ୍ୟବାଦ ଅର୍ପଣ କରିଥିଲେ।



### ପ୍ରଶାସନର ନାହିଁ ଆନ୍ତରିକତା

# ଜଳବନ୍ଦୀ ସମସ୍ୟାରେ ତିନି ରାଜସ୍ୱ ଗ୍ରାମ

ରାଜକନିକା,୬।୧୦(ସମିସ): ଦୀର୍ଘ ତିନିବର୍ଷ ଧରି ତିନି ରାଜସ୍ୱ ଗାଁ ଲୋକେ ଜଳବନ୍ଦୀ ଅବସ୍ଥାରେ ରହିଆସୁଛନ୍ତି। ଏ ନେଇ ବହୁବାର ଦାବିପତ୍ର ପ୍ରଦାନ, ଆନ୍ଦୋଳନ ହେବା ପରେ ଜିଲ୍ଲାପାଳଙ୍କ ଜନଶୁଣାଣିରେ ଅଭିଯୋଗ ହୋଇଥିଲା। ତେବେ ଜଳବନ୍ଦୀ ସମସ୍ୟାରେ ସୁଧାର ଆଣିବାକୁ ତିନି ଲକ୍ଷ ଟଙ୍କା ମଞ୍ଜୁର ହୋଇଥିଲା। କିଛି ନ୍ୟସ୍ତସ୍ୱାର୍ଥ ବ୍ୟକ୍ତି ପାଣି ନିଷ୍କାସନ ସ୍ଥାନରେ ଡ୍ରେନ ନ କରି କେତୋଟି ହୋମପାଇପ ଆଣି କାର୍ତ୍ତିକ ସାହୁ ଦୋକାନ ତଳେ ଏହି ପାଇପ ପୂରାଇ ପାଣି ନିଷ୍କାସନ ପାଇଁ ବ୍ୟବସ୍ଥା ହେଲା। ପାଣି ନିଷ୍କାସନ ହେବ କ'ଣ, ଓଲଟା ଅଧିକ ପାଣି ଜମା ହୋଇ ରହିଲା। ଫଳରେ ବଳରାମପୁର ପଞ୍ଚାୟତ ରାସ୍ତା ପାଣି କାଦୁଅରେ ପରିପୂର୍ଣ୍ଣ ରହିଛି। ଯନ୍ତ୍ରୀ ଦିଲ୍ଲୀପ ବେହେରା ଏହି କାମ କରାଇଥିଲେ। ତାଙ୍କୁ ଏହି କାମ ପରେ ବି କିଛି ଫରକ୍ ପଡ଼ିଲା ନାହିଁ। ବର୍ତ୍ତମାନ ଇଚ୍ଛାପୁର, ସାତଘରିଆ ଓ ଗୋବିନ୍ଦପୁର ରାଜସ୍ୱ ଗ୍ରାମର ସହସ୍ରାଧିକ ଲୋକ ପାଣି ଘେରରେ ରହିଛନ୍ତି। ଘରୁ ଗୋଡ଼ କାଢି ପାରୁନାହାନ୍ତି।

ହୋମ ପାଇପ୍ ପଡ଼ିବା ଦ୍ୱାରା ଅଧିକ ସମସ୍ୟା ବଢ଼ିଛି। ଏପରିକି ରାସ୍ତା କଂକ୍ରିଟକୁ ଖୋଳି ଛାଡ଼ି ଦେଇଥିବାବେଳେ ଏ ନେଇ ଦୁଇଲକ୍ଷ ପଚାଶ ହଜାର ଟଙ୍କା ବକେୟା ଥିବା ଯନ୍ତ୍ରୀ କହିଛନ୍ତି। ଏ ସମସ୍ୟା ଏମିତି ହୋଇଛି ଯେ ତତ୍କାଳୀନ ତହସିଲଦାର ସହକାରୀ ଯନ୍ତ୍ରୀଙ୍କୁ ଲୋକେ ପାଣିରେ ପୂରାଇ ଚଲାଇ ଚଲାଇ ନେଇଥିଲେ। ତେବେ ଲୋକଙ୍କ ସମସ୍ୟାର ସମାଧାନ ହେଲାନାହିଁ। ଇଚ୍ଛାପୁର ଗ୍ରାମର ଜଣେ ବ୍ୟକ୍ତି ତାଙ୍କ ଲାଟିନ ଓ ଗାଧୁଆ ପାଣି କାନ୍ଥ ଫୁଟାଇ ରାସ୍ତାକୁ ଛାଡ଼ିବାରୁ ପରିବେଶ ଅତି ସଙ୍ଗୀନ ହୋଇପଡ଼ିଛି। ଏ ସମ୍ପର୍କରେ ସ୍ଥାନୀୟ ସରପଞ୍ଚ ଓ ସାନିଟାରୀ ନିରୀକ୍ଷକଙ୍କୁ ଅଭିଯୋଗ କରିବା ପରେ ସରପଞ୍ଚ ସମ୍ପୃକ୍ତ ବ୍ୟକ୍ତିଙ୍କୁ ଏପରି କାର୍ଯ୍ୟରୁ ନିବୃତ୍ତ ରହିବାକୁ କହିଥିଲେ ମଧ୍ୟ ସେ ଏହାକୁ ବେଖାତିର କରିବାରୁ ଗାଁ ଲୋକଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି। ଜଳ ନିଷ୍କାସନ ସମସ୍ୟାରୁ ମୁକୁଳି ପାରୁ ନ ଥିବା ଉପରୋକ୍ତ ତିନୋଟି ଗାଁ ଲୋକେ ରାଜକନିକା ବିଡିଓଙ୍କୁ ସମସ୍ୟାର ସମାଧାନ ପାଇଁ ଦାବି କରିଛନ୍ତି।

## ଆନ୍ତର୍ଜାତିକ ବରିଷ୍ଠ ନାଗରିକ ଦିବସ ପାଳିତ



ରାଜନଗର,୬।୧୦(ସମିସ): ଆନ୍ତର୍ଜାତିକ ବରିଷ୍ଠ ନାଗରିକ ଦିବସ ଅବସରରେ ରାଜନଗର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ସ୍ୱାସ୍ଥ୍ୟ ପରୀକ୍ଷା ଓ ସଚେତନତା ଶିବିର ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଚିକିତ୍ସା ଅଧିକାରୀ ଡାକ୍ତର ରଶ୍ମିରଞ୍ଜନ ମହାନ୍ତିଙ୍କ ପୌରୋହିତ୍ୟରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଅବସରପ୍ରାପ୍ତ ସରକାରୀ କର୍ମଚାରୀ ସଂଘର ସଭାପତି କୃପାସିନ୍ଧୁ ସାମଲ, ସମ୍ପାଦକ ବିଜୟ ଜେନା କାର୍ଯ୍ୟକ୍ରମକୁ ସଂଯୋଜନା କରିଥିଲେ। ୬୦ ଜଣ ଅବସରପ୍ରାପ୍ତ କର୍ମଚାରୀଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରାଯାଇଥିଲା। ଡାକ୍ତର ମନୋରଞ୍ଜନ ନାଥ, ଡାକ୍ତର ଆଦିତ୍ୟ ପ୍ରଧାନ ବିଭିନ୍ନ ସ୍ୱାସ୍ଥ୍ୟ ସମସ୍ୟା ଉପରେ ଆଲୋଚନା କରିଥିଲେ। ରାଜ୍ୟପାଳ ପୁରସ୍କାରପ୍ରାପ୍ତ ଶିକ୍ଷକ ପଣ୍ଡିତ ଶରତ ମହାପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ।

## ଫକିରାବାଦ ସ୍କୁଲ ପୁରାତନ ଛାତ୍ର ସଂସଦର ବିଜୟା ସମାବେଶ




ଡେରାବିଶ, ୬।୧୦(ସମିସ): ଚାଟରାଚକଡ଼ା ପଞ୍ଚାୟତ ଅନ୍ତର୍ଗତ ଫକିରାବାଦସ୍ଥ ଫକିରାବାଦ ଏମ୍ଇ ସ୍କୁଲ ପୁରାତନ ଛାତ୍ର ସଂସଦ ପକ୍ଷରୁ ବିଜୟା ସମାବେଶ ପାଳିତ ହୋଇଯାଇଛି। ସଭାପତି ତଥା ପୁରାତନ ଛାତ୍ର ହଳଧର ଦାଶଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ପୂର୍ବତନ ପ୍ରଧାନଶିକ୍ଷକ ରାଜକିଶୋର ମିଶ୍ର, ମୁଖ୍ୟବକ୍ତା ଭାବେ ଅବସରପ୍ରାପ୍ତ ପ୍ରାଧ୍ୟାପକ ତଥା ପୁରାତନ ଛାତ୍ର ସଂସଦ ଉପଦେଷ୍ଟା ପ୍ରଭାକର ସାମଲ, ସମ୍ମାନିତ ଅତିଥି ଭାବେ ଶିକ୍ଷକ ମନୋରଞ୍ଜନ ତ୍ରିପାଠୀ, ଶିବପ୍ରସାଦ ବେହେରା, ଶରତ କର ଓ ପବିତ୍ରମୋହନ କର ପ୍ରମୁଖ ଯୋଗ ଦେଇଥିଲେ। ଛାତ୍ର ସଂସଦ ପକ୍ଷରୁ ବିଦ୍ୟାଳୟର ବିଭିନ୍ନ ଶ୍ରେଣୀରେ ସର୍ବୋଚ୍ଚ ନମ୍ବର ରଖିଥିବା ଛାତ୍ରଛାତ୍ରୀ ଓ ବ୍ଲକର ୩୦ଟି ବିଦ୍ୟାଳୟ ଛାତ୍ରଛାତ୍ରୀଙ୍କ ମଧ୍ୟରେ ହୋଇଥିବା ବିଭିନ୍ନ ପ୍ରତିଯୋଗିତାରେ କୃତିତ୍ୱ ଅର୍ଜନ କରିଥିବା ୩୦ ଜଣଙ୍କୁ ପୁରସ୍କୃତ କରାଯାଇଥିଲା। ପୁରାତନ ଛାତ୍ର ହୃଷିକେଶ ଦାସ ଅତିଥି ପରିଚୟ ପ୍ରଦାନ କରିଥିବାବେଳେ ସମ୍ପାଦକ ଜିତେନ୍ଦ୍ର ବିଶ୍ୱାଳ ସମ୍ପାଦକୀୟ ଓ ବାର୍ଷିକ ବିବରଣୀ ପାଠ କରିଥିଲେ। ରାଜକିଶୋର ବାରିକ ଧନ୍ୟବାଦ ଅର୍ପଣ କରିଥିଲେ।

## ଶିକ୍ଷୟିତ୍ରୀଙ୍କ ସ୍ମୃତିଚାରଣ ସଭା

ରାଜନଗର, ୬।୧୦(ସମିସ): ରାଜନଗର ବ୍ଲକ୍ ଭାଟପଡା ଗାଁରେ ଶିକ୍ଷୟିତ୍ରୀ ନର୍ମଦା ନାୟକଙ୍କ ଦ୍ୱାଦଶାହରେ ସ୍ମୃତିଚାରଣ ସଭା ଅନୁଷ୍ଠିତ ହୋଇଯାଇଛି। ଏହି ସ୍ମୃତିଚାରଣ ସଭାରେ ଶିକ୍ଷାବିତ ବିଜୟ ଜେନା, ବୀରକିଶୋର ଜେନା, ଦାମୋଦର ସ୍ୱାଇଁ, ଅଧ୍ୟାପକ ସୁରେଶ ସାହୁ, ବୈକୁଣ୍ଠ ସ୍ୱାଇଁ, ଭଞ୍ଜକିଶୋର ସାହୁ, ନିରାକାର ସାହୁ, ରାଜକିଶୋର ସାହୁ, ସରସ୍ୱତୀ ସାହୁ, ନଟବର ସାହୁ, ବିଷ୍ଣୁ ସାହୁ ପ୍ରମୁଖ ଯୋଗଦେଇ ସ୍ୱର୍ଗତ ଶିକ୍ଷୟିତ୍ରୀଙ୍କ ବୃତ୍ତିଗତ ଜୀବନ ଉପରେ ଆଲୋକପାତ କରିଥିଲେ।

## ଅଳିଆ ଆବର୍ଜନାରେ ଭର୍ତ୍ତି ବ୍ଲକ୍ ଯୋଗାଣ ବିଭାଗ

ରାଜକନିକା,୬।୧୦(ସମିସ): ସାରା ଦେଶରେ ସ୍ୱଚ୍ଛତା କାର୍ଯ୍ୟକ୍ରମ କରାଯାଉଥିବାବେଳେ ରାଜକନିକା ବ୍ଲକରେ ଏହାର ଖୋଲା



ଉଲ୍ଲଙ୍ଘନ ହେଉଛି। ନିଜ ଅଫିସକୁ ସ୍ୱଚ୍ଛ ରଖିବାରେ ଅସମର୍ଥ ଥିବା ବ୍ଲକ ଅଧିକାରୀଙ୍କ ବେପରୁଆ ମନୋଭାବ ଯୋଗୁ ଖାଉଟି କଲ୍ୟାଣ ବିଭାଗ କାର୍ଯ୍ୟାଳୟ ସିଡ଼ି, ପ୍ରବେଶ ଦ୍ୱାରର ଉଭୟ ପାଖ ପାନଛେପ, ଗୁଟଖା ଜରି, ପଲିଥିନ, ବିସ୍କୁଟ ଜରି, ପାଣି ବୋତଲ ଆଦି ପଡି ଦୁର୍ଗନ୍ଧ ବଢୁଛି। ଖୋଦ ବ୍ଲକ୍ ଅଫିସରେ ଯେତେବେଳେ ସ୍ୱଚ୍ଛତାର ଧଜିଆ ଉଡାଇ ଅଧିକାରୀ ଓ କର୍ମଚାରୀ ପାନ ଓ ଗୁଟଖା ବ୍ୟବହାର ଉପରେ ସଚେତନ ହେଉ ନାହାନ୍ତି, ସେତେବେଳେ ସାଧାରଣ ଲୋକେ ଅଫିସ ଗଲେ ସେ ବା କାହିଁକି ସଚେତନ ହେବେ ବୋଲି ଅଭିଯୋଗ ହେଉଛି।

## 'ରଘୁ ଦାଶ ଥିଲେ ଜଣେ ଛାତ୍ର ବତ୍ସଳ ଶିକ୍ଷକ'




ରାଜକନିକା,୬।୧୦(ସମିସ): କନିକା ଓ ଚାନ୍ଦବାଲି ଅଞ୍ଚଳରେ ଶିକ୍ଷାଦାନ ପାଇଁ ଜନମାନସରେ ଖୁବ ଆପଣାର ଥିବା ଦାଖା ହାଇସ୍କୁଲର ପ୍ରାକ୍ତନ ଶିକ୍ଷକ, ପୂର୍ବତନ ଜିଲ୍ଲା ଶିକ୍ଷା ଅଧିକାରୀ ତଥା ରାଷ୍ଟ୍ରବାଦୀ ସମାଜସେବୀ ଦିବଂଗତ ରଘୁନାଥ ଦାଶଙ୍କ ଏକାଦଶାହରେ ଚାନ୍ଦବାଲି ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ସ୍ମୃତିଚାରଣ ସଭା "ଶବ୍ଦ ଶ୍ରଦ୍ଧାଞ୍ଜଳି" ଅନୁଷ୍ଠିତ ହୋଇଛି। ଶିକ୍ଷାବିତ୍ ବିଷ୍ଣୁପ୍ରସାଦ ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସଭାରେ ଶିକ୍ଷାବିତ୍ ଭଗବାନ ବେହେରା, ସମାଜସେବୀ ତାରାପଦ ମହାନ୍ତି, ଶିଳ୍ପପତି ରାମପ୍ରସାଦ ମୋର୍, ସାହିତ୍ୟିକ ପ୍ରଫୁଲ୍ଲ ଦାସ, କବି ଦ୍ୱାରିକା ନାଥ ଦାଶ, ସମାଜସେବୀ ପୂର୍ଣ୍ଣଚନ୍ଦ୍ର ପାଣି, ପ୍ରାକ୍ତନ ଏନସିସି ଶିକ୍ଷକ ଏମ.ଏ ଦୟାନ, ଦୁର୍ଗାପ୍ରସାଦ ଦାଶ, ଶିକ୍ଷକ ସୁରେନ୍ଦ୍ର ତ୍ରିପାଠୀ, ଆଡଭୋକେଟ୍ ପ୍ରଶାନ୍ତ ଦାଶ ପ୍ରମୁଖ ଯୋଗ ଦେଇ ରଘୁ ସାର୍ ଜଣେ ଛାତ୍ର ବତ୍ସଳ, ପରୋପକାରୀ ରାଷ୍ଟ୍ରବାଦୀ ଶିକ୍ଷକ ଥିଲେ। ତାଙ୍କ ବିୟୋଗରେ ଚାନ୍ଦବାଲି ଅଞ୍ଚଳ ଜଣେ ପ୍ରତିଭାବାନ୍ ଶିକ୍ଷାବିତ୍ ହରାଇଲା। ଏ ଅଞ୍ଚଳ ପାଇଁ ଅପୂରଣୀୟ କ୍ଷତି ବୋଲି ମତବ୍ୟକ୍ତ କରିଥିଲେ। ଶିକ୍ଷକ ଅମୂଲ୍ୟ ରାଉତ ଅତିଥି ପରିଚୟ ଓ ସ୍ୱାଗତ ଭାଷଣ ପ୍ରଦାନ କରିଥିବାବେଳେ ଗୁରୁମା ଜ୍ୟୋତ୍ସ୍ନାରାଣୀ ମିଶ୍ର ସଂଯୋଜନା କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଆଡଭୋକେଟ୍ ଦେବୁଲା ମହାନ୍ତି, ସମାଜସେବୀ ଅଭିମନ୍ୟୁ ଖୁଣ୍ଟିଆ, ଅଭୟ ସାମଲ, ଶରତ ପଲାଇ, ବି. ସନ୍ତୋଷ ରେଡ୍ଡୀ ପ୍ରମୁଖ ଯୋଗଦେଇ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ସମାଜସେବୀ ସବ୍ୟସାଚୀ ମହାନ୍ତି ଧନ୍ୟବାଦ ଅର୍ପଣ କରିଥିଲେ।

## ନିଖିଳ ଓଡ଼ିଶା ନିର୍ମାଣ ଶ୍ରମିକ ସଂଘ କେନ୍ଦ୍ରାପଡ଼ା ଜିଲ୍ଲା କମିଟି ବୈଠକ

ଡେରାବିଶ, ୬।୧୦(ସମିସ): ଚାନ୍ଦୋଳସ୍ଥ ନିଖିଳ ଓଡ଼ିଶା ନିର୍ମାଣ ଶ୍ରମିକ ସଂଘ କାର୍ଯ୍ୟାଳୟରେ



ସଂଘର କେନ୍ଦ୍ରାପଡ଼ା ଜିଲ୍ଲା ଶାଖା ବୈଠକ ଅନୁଷ୍ଠିତ ହୋଇଯାଇଛି। ସଭାନେତ୍ରୀ କାମିନୀ ମିଶ୍ରଙ୍କ ଅଧ୍ୟକ୍ଷତା ଅନୁଷ୍ଠିତ ବୈଠକରେ ମୁଖ୍ୟଅତିଥି ଭାବେ ରାଜ୍ୟ ବିଶିଷ୍ଟ ଶ୍ରମିକ ନେତା ତଥା ନିଖିଳ ଓଡ଼ିଶା ନିର୍ମାଣ ଶ୍ରମିକ ସଂଘ ରାଜ୍ୟ ସାଧାରଣ ସମ୍ପାଦକ ଅଶୋକ ତ୍ରିପାଠୀ ଯୋଗଦେଇ କେନ୍ଦ୍ରାପଡ଼ା ଜିଲ୍ଲାରେ ନିର୍ମାଣ ଶ୍ରମିକଙ୍କ ଥିବା ବିଭିନ୍ନ ସମସ୍ୟା ଓ ତା'ର ସମାଧାନ ବିଷୟରେ ଆଲୋକପାତ କରିଥିଲେ। ଶ୍ରୀ ତ୍ରିପାଠୀ କେନ୍ଦ୍ରାପଡ଼ା ଜିଲ୍ଲା ଶ୍ରମ କାର୍ଯ୍ୟାଳୟ ପକ୍ଷରୁ ୨୦୨୦ରୁ ଶହ ଶହ ମହିଳା ନିର୍ମାଣ ଶ୍ରମିକଙ୍କୁ ପରିଚୟ ପତ୍ର ପ୍ରଦାନ କରାଯାଇ ନ ଥିବା ପ୍ରକାଶ କରିଥିଲେ। ଏ ସମ୍ପର୍କରେ ସଂଘ ବାରମ୍ବାର ଉଚ୍ଚ କର୍ତ୍ତୃପକ୍ଷଙ୍କ ସହ ଆଲୋଚନା କରିଥିଲେ ମଧ୍ୟ ସୁଫଳ ମିଳୁ ନ ଥିବାରୁ ସଂଘ ପକ୍ଷରୁ ଆନ୍ଦୋଳନାତ୍ମକ ପନ୍ଥା ଗ୍ରହଣ କରାଯିବ ବୋଲି ପ୍ରକାଶ କରିଥିଲେ। ଏ ସମ୍ପର୍କରେ କର୍ମକର୍ତ୍ତାଙ୍କ ମଧ୍ୟରେ ଆଲୋଚନା କରାଯାଇ ଆନ୍ଦୋଳନ ସମୟ ଧାର୍ଯ୍ୟ ହେବ ବୋଲି କହିଥିଲେ। ଅନ୍ୟମାନଙ୍କ ମଧ୍ୟରେ ନିତ୍ୟାନନ୍ଦ ସାମଲ, ପ୍ରଦୀପ୍ତ ସାମଲ, ସୁକାନ୍ତ ବାରିକ, ଧିରେନ ସାହୁ, କାର୍ତ୍ତିକ ବେହେରା, ବିଶ୍ୱମ୍ଭର ଗିରି ପ୍ରମୁଖ ଯୋଗ ଦେଇଥିବାବେଳେ ହରିହର ମାହାଳି ଧନ୍ୟବାଦ ଅର୍ପଣ କରିଥିଲେ।

## ବରିଷ୍ଠ ନାଗରିକ ସଂଘ ଗଠନ



ଡେରାବିଶ,୬।୧୦(ସମିସ): ପଲେଇ ପଞ୍ଚାୟତ ଅନ୍ତର୍ଗତ ପଲେଇ ଉଚ୍ଚପ୍ରାଥମିକ ବିଦ୍ୟାଳୟରେ ପଞ୍ଚାୟତର ବରିଷ୍ଠ ନାଗରିକ ସଂଘ ଗଠନ କରାଯାଇଛି। ଅବସରପ୍ରାପ୍ତ ଅଧିକାରୀ ପ୍ରସନ୍ନ ସାମଲଙ୍କ ଆବାହକତ୍ୱରେ ଆୟୋଜିତ ବୈଠକରେ ୫୦ରୁ ଊର୍ଦ୍ଧ୍ୱ ବରିଷ୍ଠ ନାଗରିକ ଉପସ୍ଥିତ ଥିଲେ। ବୈଠକରେ ବରିଷ୍ଠ ନାଗରିକଙ୍କ ପାଇଁ ଥିବା ବିଭିନ୍ନ ସରକାରୀ ଯୋଜନା ସମ୍ପର୍କରେ ଆଲୋଚନା କରାଯାଇ ଏହାର ସୁଯୋଗ ନେବାକୁ ସଂଘ କାର୍ଯ୍ୟ କରିବ ବୋଲି ନିଷ୍ପତ୍ତି ନିଆଯାଇଥିଲା। ବରିଷ୍ଠ ନାଗରିକଙ୍କ ପାଇଁ ସରକାରୀ ଓ ବେସରକାରୀ ଅନୁଷ୍ଠାନରେ କିପରି ଅଗ୍ରାଧିକାର ଭାବେ କାର୍ଯ୍ୟ କରାଯିବାର ନିୟମ ରହିଛି, ସେ ସମ୍ପର୍କରେ ଆଲୋଚନା କରାଯାଇଥିଲା। ସଂଘ ଗଠନ ଓ ପଞ୍ଜିକରଣ, ପଞ୍ଚାୟତରେ ଥିବା ସମସ୍ତ ବରିଷ୍ଠଙ୍କୁ ସଂଘଭୁକ୍ତ କରିବା ପାଇଁ ନିଷ୍ପତ୍ତି ନିଆଯାଇଥିଲା। ପରେ ନରୋତ୍ତମ ପରିଡ଼ାଙ୍କୁ ସଭାପତି, ରବୀନ୍ଦ୍ର ସାମଲ ଉପସଭାପତି, ପ୍ରସନ୍ନ ସାମଲ ସମ୍ପାଦକ, ଶାନ୍ତନୁ ମହାନ୍ତି ସହସମ୍ପାଦକ ଓ ଭରତ ପ୍ରଧାନଙ୍କୁ କୋଷାଧ୍ୟକ୍ଷ ଚୟନ କରାଯାଇଥିଲା। ଉପଦେଷ୍ଟା କମିଟିରେ ରବୀନ୍ଦ୍ର ପରିଡ଼ା, ଅଭିମନ୍ୟୁ ସାମଲ, ବିଜୟ ସ୍ୱାଇଁ, ଉମାକାନ୍ତ ପରିଡ଼ା, ବିଜୟ ସାମଲ ପ୍ରମୁଖଙ୍କୁ ଚୟନ କରାଯାଇଥିଲା। ବରିଷ୍ଠ ନାଗରିକ ଈଶ୍ୱର ସୂତାର ଧନ୍ୟବାଦ ଅର୍ପଣ କରିଥିଲେ।

## ବସ୍ ମାଲିକ ସଂଘ ପୂର୍ବତନ ସଭାପତିଙ୍କ ସ୍ମୃତିସଭା



ଡେରାବିଶ,୬।୧୦(ସମିସ): ଗୁଆଳସିଂ ପଞ୍ଚାୟତ ଅନ୍ତର୍ଗତ ଗୁଆଳସିଂସ୍ଥ ବସ୍ ମାଲିକ ସଂଘ କାର୍ଯ୍ୟାଳୟରେ ଆଜି କେନ୍ଦ୍ରାପଡ଼ା ଘରୋଇ ବସ୍ ମାଲିକ ସଂଘ ପକ୍ଷରୁ ପୂର୍ବତନ ସଭାପତି ଗୌରାଙ୍ଗ ପଣ୍ଡାଙ୍କ ବିୟୋଗରେ ସ୍ମୃତିସଭା ଅନୁଷ୍ଠିତ ହୋଇଯାଇଛି। ସଭାପତି ରବୀନ୍ଦ୍ର ସାମନ୍ତରାୟଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି ସ୍ମୃତିସଭାରେ ସଂଘର ସମ୍ପାଦକ ସୁଜିତ ବଳ, ଅରବିନ୍ଦ ଲେଙ୍କା, ରେବତୀରମଣ ଦାସ, ସୁଧାଂଶୁ ପତି, ହରେକୃଷ୍ଣ ନାୟକ ଅଭିମନ୍ୟୁ ପାତ୍ର ପ୍ରମୁଖ ଯୋଗଦେଇ ସ୍ୱର୍ଗତ ପଣ୍ଡାଙ୍କ ସ୍ମୃତିଚାରଣ କରିଥିଲେ। ଏହି କାର୍ଯ୍ୟକ୍ରମରେ ରାଜକିଶୋର ଲେଙ୍କା, ବସନ୍ତ ସାହୁ, ପ୍ରଭାସ ପାତ୍ର, ମୀନକେତନ ନାୟକ, ଚନ୍ଦ୍ରକାନ୍ତ ସ୍ୱାଇଁ, ଶ୍ରୀବତ୍ସ ମହାନ୍ତି ପ୍ରମୁଖ ବସ୍ ମାଲିକ ଉପସ୍ଥିତ ରହି ଶ୍ରୀ ପଣ୍ଡାଙ୍କ ଅମର ଆତ୍ମାର ସଦ୍‌ଗତି କାମନା କରିଥିଲେ।

## ସିଞ୍ଜୋନିର ଦଶହରା ସାହିତ୍ୟ ଆସର

କେନ୍ଦ୍ରାପଡ଼ା,୬।୧୦(ସମିସ): କଳା, ସାହିତ୍ୟ ଓ ସଂସ୍କୃତିର ବିକାଶ ଦିଗରେ କାର୍ଯ୍ୟରତ ସିଞ୍ଜୋନି ପକ୍ଷରୁ ଶାରଦୀୟ ସାହିତ୍ୟ ଆସର ଅନୁଷ୍ଠିତ



ହୋଇଯାଇଛି। ଦଶ'ରା ଦରବାର-ସଜ କବିତା ଓ ଗଳ୍ପରା ଗପ ଶୀର୍ଷକ ଏହି ସ୍ୱତନ୍ତ୍ର ସାରସତ୍ୱ ଉତ୍ସବରେ ଉଭୟ ନବ ପ୍ରଜନ୍ମର ଯୁବ ସୃଜନ ସ୍ରଷ୍ଟାଙ୍କ ସହିତ କେନ୍ଦ୍ରାପଡ଼ା ଜିଲ୍ଲାର ପ୍ରବୀଣ ଓ ବରିଷ୍ଠ ସାହିତ୍ୟିକ ଏକାଠି ହୋଇଥିଲେ। ଅଧ୍ୟାପକ ଡ. ଗିରିଜା ଶଙ୍କର ଦାସଙ୍କ ପରିଚାଳନାରେ ଗାଳ୍ପିକା ଲିଜା ପଣ୍ଡା, କବିତା ମୁଦୁଲି ପ୍ରମୁଖ ଗଳ୍ପ ପାଠ କରିଥିଲେ। ସେହିପରି ରଞ୍ଜନ ବାଇ, ଅଜୟ ପାତ୍ର, ପୂଜାଶ୍ରୀ ସେଠୀ, ଗୋଲାପ ରାଉତ, ଶୁଭାଂଶୁ ଦାସ, ଶ୍ରୀଧର ମହାନ୍ତି ପ୍ରମୁଖ କବିତା ପାଠ କରିଥିବାବେଳେ ସାହିତ୍ୟିକ ନିରଞ୍ଜନ ମେକାପ୍ ଶାରଦୀୟ ଅବକାଶ ସମ୍ପର୍କିତ ପ୍ରବନ୍ଧ ପାଠ କରିଥିଲେ। ପରେ ସିଞ୍ଜୋନିର ସମ୍ପାଦକ ଅଧ୍ୟାପକ ଡ. ବିନାୟକ ପ୍ରସାଦ ପ୍ରଧାନଙ୍କ ସଭାପତିତ୍ୱରେ ଶାରଦୀୟ ସାହିତ୍ୟ ସମ୍ପର୍କିତ ଆଲୋଚନା ସଭା ଅନୁଷ୍ଠିତ ହୋଇଥିଲା। କବି ତଥା ଅଧ୍ୟାପକ ବୃନ୍ଦାବନ ଦାସ, ସାହିତ୍ୟିକ ଅଲେଖ ଦାସ ଅତିଥି ଭାବେ ଯୋଗଦେଇ ଶାରଦୀୟ ସାହିତ୍ୟ ଓ ପାଠକୀୟ ସଙ୍କଟ ସମ୍ପର୍କିତ ମତ ଉପସ୍ଥାପନ କରିଥିଲେ। ଏ ଅବସରରେ ସୁରେନ୍ଦ୍ର ପଲେଇଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ସିଞ୍ଜୋନିର ମୁଖ୍ୟ ଉପଦେଷ୍ଟା ବିରଜା ରାଉତରାୟ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ସାହିତ୍ୟିକ ବାବାଜୀ ପ୍ରତିହାରୀ, କେମ୍ପ୍ର ସମ୍ପାଦକ ଏମ୍‌ଡି ଜାହିଦ୍ ଖାନ୍, ସରୋଜ ସାହୁ, ରାଜେନ୍ଦ୍ର ମହାପାତ୍ର, କ୍ଷୀରୋଦ କର ଓ ଜାଗରୁକ ସାହିତ୍ୟ ପ୍ରତିଷ୍ଠାନର ସଭାପତି ମନୋଜ ଦାସ ପ୍ରମୁଖ ଉପସ୍ଥିତ ଥିବାବେଳେ ସିଞ୍ଜୋନିର କୋଷାଧ୍ୟକ୍ଷ ବଂଶୀଧର ମହାନ୍ତି ଧନ୍ୟବାଦ ଅର୍ପଣ କରିଥିଲେ।

## ଜହ୍ନିମୂଳରେ ସ୍ୱଚ୍ଛ ଭାରତ କାର୍ଯ୍ୟକ୍ରମ



ଡେରାବିଶ, ୬।୧୦(ସମିସ): ଖମୋଳ ପଞ୍ଚାୟତ ଅନ୍ତର୍ଗତ ଜହ୍ନିମୂଳ ଗ୍ରାମର କମ୍ୟୁନିଟି ହେଲ୍‌ଥ ସେଣ୍ଟରରେ ସ୍ୱଚ୍ଛ ଭାରତ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ସମାଜସେବୀ ଅଜୟ ମଲ୍ଲଙ୍କ ନେତୃତ୍ୱରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମକୁ ସିଏଚଓ ମିତାଲି ମଧୁସ୍ମିତା ପରିଡ଼ା ଓ ଇତିଶ୍ରୀ ବିଶ୍ୱାଳ ପରିଚାଳନା କରିଥିଲେ। ଗ୍ରାମର ସ୍ୱେଚ୍ଛାସେବୀ ଓ ପଞ୍ଚାୟତର ଆଶାକର୍ମୀ ଯୋଗଦେଇ କମ୍ୟୁନିଟି ହେଲ୍‌ଥ ସେଣ୍ଟର ପରିସରରେ ସଫେଇ କରିଥିଲେ।

## ହିନ୍ଦୀ ଶିକ୍ଷକଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା



ପଞ୍ଚୁପାଣ୍ଡବ,୬।୧୦(ସମିସ):ଡେରାବିଶ ବ୍ଲକ ରଘୁଦେଇପୁର ପଞ୍ଚାୟତ ଅନ୍ତର୍ଗତ ରଘୁଦେଇପୁର ଗ୍ରାମର ଖମୋଳ କ୍ଲଷ୍ଟର ବାଗଦେବୀ ନୋଡାଲ ବିଦ୍ୟାପୀଠରେ ହିନ୍ଦି ଶିକ୍ଷକ ର ମହେନ୍ଦ୍ର ମଲ୍ଲିକଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା ଦିଆଯାଇଛି। ପ୍ରଧାନଶିକ୍ଷୟିତ୍ରୀ ବିଥିକା ଦାସଙ୍କ ସଭାପତିତ୍ୱରେ ଆୟୋଜିତ ସଭାରେ ମୁଖ୍ୟଅତିଥି ଭାବେ ପୂର୍ବତନ ଜିଲ୍ଲାପାଳ ଦାଶରଥି ଶତପଥୀ ଯୋଗ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ମିଳିତ ଶିକ୍ଷକ କର୍ମଚାରୀ ସଂଘ ସଭାପତି ଯୁଧିଷ୍ଠିର ଖଟୁଆ, ପ୍ରାକ୍ତନ ଜିଲ୍ଲା ଶିକ୍ଷାଧିକାରୀ କାଶୀନାଥ ରାଉତରାୟ, ଓସ୍ତାର ପୂର୍ବତନ ଜିଲ୍ଲା ସମ୍ପାଦକ ତ୍ରିଲୋଚନ ସ୍ୱାଇଁ, କବି ହେମନ୍ତ ଜେନା ଯୋଗ ଦେଇଥିଲେ। ପରିଚାଳନା କମିଟି ଅଧ୍ୟକ୍ଷ ଅବନୀ ଜେନା, ଶିକ୍ଷୟିତ୍ରୀ ନମିତା ମିଶ୍ର, ସୁଦୀପ୍ତା ଦାସ, ଜ୍ୟୋତିର୍ମୟୀ ଦାସ, ରଶ୍ମିତା ସାହୁ, ମଧୁସ୍ମିତା ମଲ୍ଲ, ନନ୍ଦିନୀ ସାହୁ, ସୁଭଦ୍ରା ଷଡ଼ଙ୍ଗୀ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ମାର୍ଶାଘାଇ ହାଇସ୍କୁଲ ପୁରାତନ ଛାତ୍ର ସଂସଦର ବାର୍ଷିକ ଉତ୍ସବ

ମାର୍ଶାଘାଇ,୬।୧୦(ସମିସ): ମାର୍ଶାଘାଇ ହାଇସ୍କୁଲ ପୁରାତନ ଛାତ୍ର ସଂସଦର ୩୮ତମ ବାର୍ଷିକ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ସଭାପତି ଅବସରପ୍ରାପ୍ତ ଜିଲ୍ଲା ଶିକ୍ଷା ନିରୀକ୍ଷକ ମଧୁସୂଦନ ବେହେରାଙ୍କ ସଭାପତିତ୍ୱରେ ଆୟୋଜିତ ଉତ୍ସବରେ ମୁଖ୍ୟଅତିଥି ଭାବେ ମହାକାଳପଡ଼ା ବିଧାୟକ୍ ଡଃ ଦୁର୍ଗାପ୍ରସନ୍ନ ନାୟକ, ମୁଖ୍ୟବକ୍ତା ଭାବେ ପ୍ରାକ୍ତନ ଛାତ୍ର ଅବସରପ୍ରାପ୍ତ ଜିଲ୍ଲା ବନପାଳ ବିପିନ ବିହାରୀ ବେହେରା, ସମ୍ମାନିତ ଅତିଥି ଭାବେ ଶିକ୍ଷାବିତ କେଶବ ସୂତାର ଓ ସମାଜସେବୀ ବିକ୍ରମ କେଶରୀ ରାଉତରାୟ ଯୋଗଦେଇ ବିଦ୍ୟାଳୟର ଶୈକ୍ଷିକ ଓ ଭିତ୍ତିଭୂମି ବିକାଶ କ୍ଷେତ୍ରରେ ପୁରାତନ ଛାତ୍ରଛାତ୍ରୀଙ୍କ ସହଭାଗିତା ଉପରେ ଗୁରୁତ୍ୱାରୋପ କରିଥିଲେ। ପ୍ରାକ୍ତନ ଛାତ୍ର ଆଇନଜୀବୀ ବିଚିତ୍ରାନନ୍ଦ ବେହେରା ଅତିଥି ପରିଚୟ ଓ ଅଧ୍ୟାପକ ସୁକାନ୍ତ ପ୍ରଧାନ ମଞ୍ଚ ପରିଚାଳନା କରିଥିଲେ। ସମ୍ପାଦକ ହିମାଂଶୁ ଶେଖର ନାୟକ ସମ୍ପାଦକୀୟ ବିବରଣୀ ପାଠ କରିବା ସହ ଛାତ୍ରସଂସଦ ପକ୍ଷରୁ ମୁଖ୍ୟଅତିଥି ଡଃ ନାୟକଙ୍କ ଉଦ୍ଦେଶ୍ୟରେ ବିଦ୍ୟାଳୟ ସମସ୍ୟା ସମ୍ବଳିତ ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ।




ଏ ଅବସରରେ ପ୍ରାକ୍ତନ ଶିକ୍ଷକ ଦିବଂଗତ ପୀତାମ୍ବର ଜେନା, ନିରଞ୍ଜନ ରଥ, ପରମାନନ୍ଦ ଷଡ଼ଙ୍ଗୀ, ଦିବାକର ଲେଙ୍କା, ଦୁର୍ଯ୍ୟୋଧନ ସାମଲଙ୍କ ସମେତ ଦିବଂଗତ ଚିକିତ୍ସକ ଭାସ୍କର ଦାସ, ସ୍ୱାଧୀନତା ସଂଗ୍ରାମୀ ଅଭିରାମ ନାୟକ, ଚଳଚ୍ଚିତ୍ର ତାରକା ମୀନକେତନ ଦାସ, ଓଡ଼ିଆ ପ୍ରାଧ୍ୟାପକ ଡଃ କାହ୍ନୁଚରଣ ରାଉତ, ସମାଜସେବୀ ଝରୀ ବସନ୍ତିଆ, ଡମ୍ବରୁଧର ମଲ୍ଲ, ଡଃ ବାଞ୍ଛାନିଧି ଦାଶ ସ୍ମାରକୀ ପୁରସ୍କାର ଆନ୍ତଃବିଦ୍ୟାଳୟ ପ୍ରବନ୍ଧ, ତର୍କ, ସାଧାରଣ ଜ୍ଞାନ, ସଙ୍ଗୀତ ଓ ଚିତ୍ରାଙ୍କନ ପ୍ରତିଯୋଗିତାର ୩୦ ଜଣ କୃତୀ ଛାତ୍ରଛାତ୍ରୀଙ୍କୁ ପ୍ରଦାନ କରାଯାଇଥିଲା। ଏଥିସହ ବରିଷ୍ଠ ପ୍ରାକ୍ତନ ଛାତ୍ର ଚନ୍ଦ୍ରମଣି ସାହୁ, ଦିବାକର ରାଉତ, ଆକୁଳି ରଥ, ସମାଜସେବା କ୍ଷେତ୍ରରେ ସୁନାକର ଗାହକଣ, କୃଷି କ୍ଷେତ୍ରରେ ନୃସିଂହ ଲେଙ୍କା, ଚିତ୍ରଶିଳ୍ପ କ୍ଷେତ୍ରରେ ପ୍ରତାପ ନାୟକ, ସେନା କ୍ଷେତ୍ରରେ ପ୍ରଶାନ୍ତ ଦାସ, ସାହିତ୍ୟ କ୍ଷେତ୍ରରେ ବୈଷ୍ଣବ ଲେଙ୍କାଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ପୁରାତନ ଛାତ୍ର ନିରଞ୍ଜନ ବସନ୍ତିଆ, ଅଭୟ କର, ବିଜୟ ଦାସ, ସଂଗ୍ରାମ ଜେନା, ଦେବୀଦତ୍ତ ରଥ, ପ୍ରେମାନନ୍ଦ ଲେଙ୍କା, ଉମାକାନ୍ତ ଦାସ, ଭାବଗ୍ରାହୀ ମଲ୍ଲ, ମନୋରଞ୍ଜନ ବସନ୍ତିଆ, ପ୍ଲାବନ ସ୍ୱାଇଁ, ସରୋଜ ପତି, ଶଙ୍କର୍ଷଣ ରାଉତ, ପ୍ରତିଜ୍ଞା ସାମଲ, ସୁଦର୍ଶନ ଦାସ ପ୍ରମୁଖ ଯୋଗ ଦେଇଥିଲାବେଳେ ପ୍ରଧାନଶିକ୍ଷକ ଗୋପୀନାଥ ବେହେରା ଧନ୍ୟବାଦ ଅର୍ପଣ କରିଥିଲେ।

**ଅଶାନ୍ତ ହେଉଛି ଶାନ୍ତିପ୍ରିୟ ଓଡ଼ିଶା**

# ଦେଢ଼ ବର୍ଷର ସରକାରରେ ୩ କର୍ଫ୍ୟୁ

ଭୁବନେଶ୍ୱର,୬।୧୦(ସମିସ): ଦେଶକୁ ଶାନ୍ତି ଏବଂ ସୌହାର୍ଦ୍ଦ୍ୟର ବାର୍ତ୍ତା ଦେଉଥିବା ଓଡ଼ିଶାର ଅନେକ ସହରରେ ଭିନ୍ନ ଭିନ୍ନ ସମ୍ପ୍ରଦାୟ ମିଶି ପୂଜା ପାର୍ବଣ ଆୟୋଜନ କରୁଥିବାର ନଜିର ରହିଛି। ହେଲେ ଏବେ ରାଜ୍ୟର ବିଭିନ୍ନ ସ୍ଥାନରେ ବିଦ୍ୱେଶ ଓ ଅବିଶ୍ୱାସ ମାଡ଼ି ଚାଲିଛି। ଗତ ଦେଢ଼ ବର୍ଷ ମଧ୍ୟରେ ରାଜ୍ୟର ବିଭିନ୍ନ ପ୍ରାନ୍ତରେ ସାମ୍ପ୍ରଦାୟିକ ସଦ୍‌ଭାବନା ବିଗିଡ଼ିଥିବା ବେଳେ ୩ଟି ସ୍ଥାନରେ କର୍ଫ୍ୟୁ ଲାଗୁ କରାଯାଇଛି। ବିଭିନ୍ନ ସ୍ଥାନରେ ସାମାଜିକ ବିଶୃଙ୍ଖଳା ବଢ଼ିଚାଲିଥିବା ବେଳେ ସରକାର ଏଭଳି ଘଟଣାକୁ ଦମନ କରିବାରେ କାହିଁକି କିଛି ଠୋସ୍ ପଦକ୍ଷେପ ନେଇପାରୁ ନାହାନ୍ତି, ତାକୁ ନେଇ ବଡ଼ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।



ହଜାର ବର୍ଷର ଭାଇଚାରାକୁ ନେଇ କଟକ ସହର ଯେଉଁ ଗର୍ବ କରୁଥିଲା, ତାହା ମଧ୍ୟ ଏବେ ଧୂଳିସାତ୍ ହୋଇଯାଇଛି। କଟକରେ ମା' ଦୁର୍ଗାଙ୍କ ଭାସାଣି ସମୟରେ ହୋଇଥିବା ହିଂସା ଓ ଏହା ପରର ସ୍ଥିତି ଏତେ ଆଗକୁ ବଢ଼ିଯାଇଛି ଯେ ୨ ଦିନ ହେବ ସେଠାରେ କର୍ଫ୍ୟୁ ବଳବତ୍ତର ରହିଛି। କେବେ ଏଠାରେ ସ୍ଥିତି ସ୍ୱାଭାବିକ ହେବ ତାହା ବର୍ତ୍ତମାନ ପର୍ଯ୍ୟନ୍ତ ଜଣାପଡ଼ି ନାହିଁ। କେବଳ କଟକ ନୁହେଁ; ଏହା ପୂର୍ବରୁ ଖୋର୍ଦ୍ଧା ଜିଲ୍ଲା ମୁକୁନ୍ଦପ୍ରସାଦରେ ଅଗଷ୍ଟ ୨୦୨୪ରେ ମଧ୍ୟ କର୍ଫ୍ୟୁ ଲାଗିବା ସହ ଜୁନ୍ ମାସରେ ବାଲେଶ୍ୱରରେ ମଧ୍ୟ ସ୍ଥିତି ଉଦ୍‌ବେଗଜନକ ହେବା ଓ କର୍ଫ୍ୟୁ ଲାଗିଥିଲା। ୨୦୨୪ ସେପ୍ଟେମ୍ବର ଶେଷ ଆଡ଼କୁ ଭଦ୍ରକରେ ମଧ୍ୟ ଉତ୍ତେଜନାମୂଳକ ସ୍ଥିତି ସୃଷ୍ଟି ହୋଇଥିଲା। ରାଜ୍ୟରେ ସରକାର ପରିବର୍ତ୍ତନ ହେବାର ଅଳ୍ପ କେଇ ଦିନ ମଧ୍ୟରେ ବାଲେଶ୍ୱରରେ ସାମ୍ପ୍ରଦାୟିକ ଘଟଣା ସାରା ରାଜ୍ୟବାସୀଙ୍କୁ ବ୍ୟଥିତ କରିଥିଲା। ଏଠାରେ ଦୁଇ ସମ୍ପ୍ରଦାୟ ମଧ୍ୟରେ ବିବାଦ ଉଗ୍ର ହେବା ଓ ପୁଲିସ ଉପରେ ଆକ୍ରମଣ ରାଜ୍ୟ ସରକାର ଓ ପୁଲିସ ପ୍ରଶାସନର କାର୍ଯ୍ୟ ଦକ୍ଷତା ପ୍ରତି ବିରାଟ ପ୍ରଶ୍ନବାଚୀ ସୃଷ୍ଟି କରିଥିଲା। ଏଠାରେ ସ୍ଥିତି ସ୍ୱାଭାବିକ ଆଣିବାରେ ସରକାର ବିଫଳ ହେବା ସହ ପ୍ରାୟ ୧୭ ଦିନ କାଳ ୧୪୪ ଓ କର୍ଫ୍ୟୁ ଲାଗି ରହିଥିଲା। ଏଠାରେ ସ୍ଥାନୀୟ ଏସ୍‌ପିଙ୍କ ଉପରେ ଆକ୍ରମଣ ହେବା ସହ ସେ ଆହତ ହୋଇଥିଲେ। ଏବେ ବି ବାଲେଶ୍ୱର ପରିସ୍ଥିତି ସୁଧୁରି ନାହିଁ। ଗତକାଲି ମଧ୍ୟ ସହରରେ ପୁଲିସ ପକ୍ଷରୁ ଫ୍ଲାଗ୍‌ମାର୍ଚ୍ଚ କରାଯାଇଥିଲା। ସେହିପରି ଖୋର୍ଦ୍ଧରେ ଭିନ୍ନ ଭିନ୍ନ ଭାବେ ଦୁଇଟି ସ୍ଥାନରେ ସାମ୍ପ୍ରଦାୟିକ ସଦ୍‌ଭାବନା ଭଙ୍ଗ ହେବା ସହ ଜିଲ୍ଲାରେ ଆଇନ୍ ଶୃଙ୍ଖଳା ସ୍ଥିତି ସୃଷ୍ଟି ହୋଇଥିଲା। ଜିଲ୍ଲାର ମୁକୁନ୍ଦ ପ୍ରସାଦରେ ଜଣଙ୍କ ମୃତ୍ୟୁ ମଧ୍ୟ ହୋଇଥିଲା। ଏଠାରେ ମାସେ କାଳ ଆଇଏନ୍ଏସ୍‌ର ୧୬୩ ଧାରା ଜାରି ରହିଥିଲା। ସେହିପରି ଖୋର୍ଦ୍ଧା ଜିଲ୍ଲାର ଟାଙ୍ଗୀ ବ୍ଲକର ଛଣଗିରିରେ ମଧ୍ୟ ସ୍ଥିତି ବେକାବୁ ହେବା ସହ ଏଠାରେ ଦୁଇ ସମ୍ପ୍ରଦାୟ ମଧ୍ୟରେ ବିବାଦୀୟ ପରିସ୍ଥିତି ସୃଷ୍ଟି ହୋଇଥିଲା। ଫଳରେ ସ୍ଥାନୀୟ ପ୍ରଶାସନକୁ ପ୍ରାୟ ୧୫ ଦିନ ଧରି ୧୬୩ ବଳବତ୍ତର ରଖିବାକୁ ପଡ଼ିଥିଲା। ସରକାର ପରିବର୍ତ୍ତନର କିଛି ଦିନ ମଧ୍ୟରେ ସମ୍ପ୍ରଦାୟ ସମ୍ପ୍ରଦାୟ ମଧ୍ୟରେ ଛୋଟମୋଟ ବିବାଦ ବଢ଼ିବା ଆରମ୍ଭ ହୋଇଥିଲା। ଏହାକୁ ନେଇ ଗତ ବର୍ଷ ଅଗଷ୍ଟ ମାସରେ ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ ଚିନ୍ତା ପ୍ରକଟ କରି ରାଜ୍ୟର ସମ୍ପ୍ରଦାୟ ସମ୍ପ୍ରଦାୟ ମଧ୍ୟରେ ଦେଖା ଦେଇଥିବା ବିଭେଦ ଆଗାମୀ ଦିନରେ ରାଜ୍ୟର ଗରିମା କ୍ଷୁର୍ଣ୍ଣ କରିବା ଭଳି ପରିସ୍ଥିତି ସୃଷ୍ଟି କରିବା ନେଇ ଆଶଙ୍କା ପ୍ରକାଶ କରିଥିଲେ। ଏଥିସହ ସବୁ ବର୍ଗର

**■ ବିଗିଡ଼ିଗଲାଣି ରାଜ୍ୟର ସାମ୍ପ୍ରଦାୟିକ ସଦ୍‌ଭାବନା**
**■ ହିଂସା ଉଦ୍ରେକକାରୀଙ୍କୁ ଦମନ କରିପାରୁନି ପୁଲିସ**

ଲଗାତାର ଭାବେ ଏହିଭଳି ଘଟଣା ବଢ଼ି ଚାଲିଥିବାରୁ ସାରା ଦେଶରେ ଓଡ଼ିଶାର ଛବି ମଳିନ ହେବାରେ ଲାଗିଛି। ସଂପ୍ରତି ଜାତୀୟ ଗଣମାଧ୍ୟମଗୁଡ଼ିକରେ ଓଡ଼ିଶାର ହିଂସା ଖବର ପ୍ରମୁଖ ସ୍ଥାନ ନେଉଛି। ରାଜ୍ୟ ଏବେ ବିହାର ଓ ଉତ୍ତର ପ୍ରଦେଶ ଆଡ଼କୁ ଗତି କରୁଥିବା ଅଭିଯୋଗ ହୋଇଛି। ବଡ଼ କଥା ହେଉଛି ଯେ ଏଭଳି ଘଟଣାକୁ ଦମନ କରିବାରେ ପୁଲସ ପ୍ରଶାସନର ନିଷ୍କ୍ରିୟତା ଅନେକ ଦିଗକୁ ପ୍ରଶ୍ନ ଉଠାଉଛି। କଟକରେ ପ୍ରଥମେ ହିଂସା ହେବା ଓ ପରେ ଏତେ ବଡ଼ ବାଇକ ରାଲିକୁ କିଏ ଅନୁମତି ଦେଲା ତାକୁ ନେଇ ଏବେ ପ୍ରଶ୍ନ ଉଠିବାରେ ଲାଗିଛି। ଏହା ବ୍ୟତୀତ ଗୁଇନ୍ଦା ବ୍ୟବସ୍ଥା ଏଠାରେ କିପରି କାମ କରୁଥିଲା ତାକୁ ନେଇ ମଧ୍ୟ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ରାଜ୍ୟରେ ଲୋକଙ୍କ ସୁରକ୍ଷା ପାଇଁ ସମସ୍ତ ପ୍ରକାର ପଦକ୍ଷେପ ନେବାକୁ ରାଜ୍ୟ ସରକାର ଏବଂ ସମସ୍ତ ସରକାରୀ ଅଧିକାରୀଙ୍କୁ ଅନୁରୋଧ କରିଥିଲେ। ଏହା ସହ ନବୀନ ସମସ୍ତ ସମ୍ପ୍ରଦାୟକୁ ଓଡ଼ିଶାର ଭାବମୂର୍ତ୍ତି ତଥା ଗରିମା ରକ୍ଷା କରିବା ପାଇଁ ନିବେଦନ କରି ଏକ ଶାନ୍ତିପୂର୍ଣ୍ଣ ରାଜ୍ୟ ଭାବେ ଲୋକଙ୍କ ଧନଜୀବନର ସୁରକ୍ଷା ଓ ଆଇନଶୃଙ୍ଖଳା ବଜାୟ ରଖିବା ଦିଗରେ କାମ କରିବାକୁ ନିବେଦନ କରିଥିଲେ। ମାତ୍ର ସରକାର ଏ ଦିଗରେ ସେପରି ଠୋସ୍ ପଦକ୍ଷେପ ଗ୍ରହଣ ନ କରିବା ଓ ରାଜ୍ୟରେ ନୂଆ କରି ମୁଣ୍ଡ ଟେକୁଥିବା ସାମ୍ପ୍ରଦାୟିକ ବିଭେଦକୁ ଦୂର କରିବା ନେଇ କୌଣସି ଅପିଲ୍ ନ କରିବା ପୁଣି ଥରେ ରାଜ୍ୟରେ ସାମ୍ପ୍ରଦାୟିକ ସଦ୍‌ଭାବନାକୁ କୁଠାରଘାତ କରିବା ଭଳି ସ୍ଥିତି ସୃଷ୍ଟି କରିଛି।

**ମୁଖ୍ୟମନ୍ତ୍ରୀଙ୍କ ନୂଆପଡ଼ା ଗସ୍ତ**

# ଉପନିର୍ବାଚନ ତାରିଖ ଘୋଷଣା ପୂର୍ବରୁ ୧୧୦୦ କୋଟିର ପ୍ରକଳ୍ପ ଭେଟି

ନୂଆପଡ଼ା, ୬ ।୧୦ (ସମିସ): ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଦିନିକିଆ ନୂଆପଡ଼ା ଗସ୍ତରେ ଆସି ସୋମବାର ଦିନ ୧୧୦୧ କୋଟି ମୂଲ୍ୟର ବିଭିନ୍ନ ପ୍ରକଳ୍ପର ଉଦ୍‌ଘାଟନ ଓ ଭିତ୍ତିପ୍ରସ୍ତର ସ୍ଥାପନ କରିଛନ୍ତି। ମୁଖ୍ୟମନ୍ତ୍ରୀ ୬୪ କୋଟି ୨ଲକ୍ଷ ଟଙ୍କା ମୂଲ୍ୟର ୧୦୯ଟି ପ୍ରକଳ୍ପର ଲୋକାର୍ପଣ ଏବଂ ୧୫୯ କୋଟି ୭୬ ଲକ୍ଷ ଟଙ୍କାର ୩୯ଟି ପ୍ରକଳ୍ପର ଶିଳାନ୍ୟାସ କରିଥିଲେ। ଏହାସହ ୭୫କୋଟି ୩୭ଲକ୍ଷ ଟଙ୍କାର ବିଭିନ୍ନ ଉନ୍ନୟନ ପ୍ରକଳ୍ପ କରାଯିବ ବୋଲି



**■ ଖରିଆର ରୋଡ୍‌କୁ ମ୍ୟୁନିସିପାଲିଟି, କୋମନା ଏବଂ ସିନାପାଲିକୁ ନୂତନ ଏନ୍ଏସି ମାନ୍ୟତା ଘୋଷଣା**
**■ ନିର୍ବାଚନ ପୂର୍ବରୁ ରାଜ୍ୟ ସରକାର ଲୋକଙ୍କୁ ଭୁତାଉଛନ୍ତି: ବିଜେଡି**

ଘୋଷଣା କରିଛନ୍ତି। ଜିଲ୍ଲାରେ ଜଳସେଚନର ବିକାଶ ପାଇଁ ମୁଖ୍ୟମନ୍ତ୍ରୀ ସ୍ୱତନ୍ତ୍ର ଭାବେ ୮୦୨କୋଟି ୯ଲକ୍ଷ ଟଙ୍କାର ବିଭିନ୍ନ ପ୍ରକଳ୍ପ ଘୋଷଣା କରିଥିଲେ। ସେହିପରି ଖରିଆରରୋଡ୍ ଏନ୍ଏସିକୁ ମ୍ୟୁନିସିପାଲିଟି ମାନ୍ୟତା, କୋମନା ବ୍ଲକ୍‌କୁ ଏନ୍ଏସି ମାନ୍ୟତା ଏବଂ ସିନାପାଲି ପଞ୍ଚାୟତ ଓ ଗୋଡାଲ ପଞ୍ଚାୟତକୁ ମିଶାଇ ସିନାପାଲି ଏନ୍ଏସିର ମାନ୍ୟତା ଦିଆଯିବ ବୋଲି ମୁଖ୍ୟମନ୍ତ୍ରୀ ଘୋଷଣା କରିଛନ୍ତି।

ସୂଚନାନୁଯାୟୀ, ପୂର୍ବାହ୍ନ ପ୍ରାୟ ୧୧ଟା ବେଳେ ଏକ ସ୍ୱତନ୍ତ୍ର ବିମାନରେ ମୁଖ୍ୟମନ୍ତ୍ରୀ ନୂଆପଡ଼ାରେ ପହଞ୍ଚିଥିଲେ। ପରେ ଦିନ ପ୍ରାୟ ସାଢ଼େ ୧୧ଟାରେ ସ୍ଥାନୀୟ ମିନି ଷ୍ଟାଡିୟମରେ ଆୟୋଜିତ କାର୍ଯ୍ୟକ୍ରମରେ ଯୋଗ ଦେଇ ପ୍ରକଳ୍ପ ଘୋଷଣା କରିଥିଲେ।

ତେବେ ଏହି ପ୍ରସଙ୍ଗରେ ମୁଖ୍ୟମନ୍ତ୍ରୀଙ୍କୁ ଘେରିଛି ବିଜୁ ଜନତା ଦଳ। ଉପନିର୍ବାଚନର ତାରିଖ ଘୋଷଣା ହେବାର ଠିକ୍ ପୂର୍ବରୁ ମୁଖ୍ୟମନ୍ତ୍ରୀଙ୍କ ଏହି ଘୋଷଣା ସରକାରଙ୍କ ନିର୍ବାଚନୀ ଭେଟି ବୋଲି ଦଳ କହିଛି। ଏପରି କରି ମୁଖ୍ୟମନ୍ତ୍ରୀ ଲୋକଙ୍କୁ ଭୁତଉଛନ୍ତି। ବିଜେଡି ଜିଲ୍ଲା ସଭାପତି ଅବନୀ ରଞ୍ଜନ ଯୋଶୀ କହିଛନ୍ତି ଯେ ଦୁଇଦିନ ତଳେ ମୁଖ୍ୟମନ୍ତ୍ରୀ ଦିଲ୍ଲୀ ଗସ୍ତରେ ଯାଇଥିଲେ। ଠିକ ପରେପରେ ନୂଆପଡ଼ାକୁ ଆସି ଅପରାହ୍ଣ ୨ଟା ବେଳେ ଏଭଳି ପ୍ୟାକେଜ ଘୋଷଣା କରିବା ଏବଂ ଏହାର ୨ଘଣ୍ଟା ପରେ (ଅପରାହ୍ଣ ୪ଟାରେ) ନିର୍ବାଚନ କମିଶନ ଦିଲ୍ଲୀରୁ ନିର୍ବାଚନ ତାରିଖ ଘୋଷଣା କରିବା, ନୂଆପଡ଼ାବାସୀ ଠିକ୍ ବୁଝୁଛନ୍ତି। ଏହା କେବଳ ଏକ ନିର୍ବାଚନ ଏଜେଣ୍ଡା ବୋଲି ସେ କହିଛନ୍ତି। ସେ ଆହୁରି କହିଛନ୍ତି ଯେ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଅମଳରେ ସ୍ୱର୍ଗତ ରାଜେନ୍ଦ୍ର ଢୋଲକିଆ ଜିଲ୍ଲାରେ ସମସ୍ତ ଉନ୍ନୟନମୂଳକ ପ୍ରକଳ୍ପ ଓ ଜନହିତକର ଯୋଜନା କାର୍ଯ୍ୟକାରୀ କରିଛନ୍ତି। କିନ୍ତୁ କ୍ଷମତାକୁ ଆସିବା ପରେ ପାଖାପାଖି ବିଜେପି ସରକାର ନୂଆପଡ଼ା ପାଇଁ କ'ଣ କରିଥିଲା, ତାହା ଜିଲ୍ଲାବାସୀ ଭଲ ଭାବେ ଜାଣିଛନ୍ତି। ବର୍ତ୍ତମାନ ନିର୍ବାଚନ ସମୟ ଦେଖି ଏଭଳି ଘୋଷଣା କରିଛନ୍ତି। ନୂଆପଡ଼ାରେ ଏକ ମେଡିକାଲ କଲେଜ ସ୍ଥାପନ ପାଇଁ ଦୀର୍ଘଦିନ ହେବ ଆମେ ଦାବି କରିଆସୁଛୁ। କିନ୍ତୁ ସରକାର ଶୁଣୁନାହାନ୍ତି ବୋଲି ଶ୍ରୀ ଯୋଶୀ କହିଛନ୍ତି।

**ବାଇକ୍‌କୁ ପିଟିଲା ବସ୍**

# ଦୁଇ ଭଉଣୀ ମୃତ, ୩ ଗୁରୁତର

କାକିରିଗୁମା, ୬।୧୦ (ସମିସ): କୋରାପୁଟ-ରାୟଗଡ଼ା ୩୨୬ନଂ ଜାତୀୟ ରାଜପଥର ଡି.ପଞ୍ଚଡା ଛକ ନିକଟରେ ଆଜି ଏକ ମର୍ମନ୍ତୁଦ ଦୁର୍ଘଟଣାରେ ୨ ଭଉଣୀଙ୍କ ମୃତ୍ୟୁ ଘଟିଥିବା ବେଳେ ୩ଜଣ ଗୁରୁତର ଆହତ ହୋଇଛନ୍ତି। ବାଇକ୍‌କୁ ଏକ ଘରୋଇ ବସ୍ ଧକ୍କା ଦେବାରୁ ଏହି ଅଘଟଣ ଘଟିଛି। ମୃତ ଭଉଣୀଦ୍ୱୟ ହେଲେ,

**ଉତ୍ତ୍ୟକ୍ତ ଲୋକଙ୍କ ଜାତୀୟ ରାଜପଥ ଅବରୋଧ**

ଦଶମନ୍ତପୁର ବ୍ଲକ ଚଣାବାଡ଼ ପଞ୍ଚାୟତ କଟ୍ରାଆମ୍ବ ଗ୍ରାମର କବିତା ମୁଦୁଲି(୮) ଓ ଆନି ମୁଦୁଲି। ଏହି ଦୁର୍ଘଟଣାରେ କବିତାଙ୍କ ବାପା ପୀତବାସ ମୁଦୁଲି, ମା' ବାସନ୍ତୀ ମୁଦୁଲି ଓ ଭାଇ ସଞ୍ଜୁ ମୁଦୁଲି ଗୁରୁତର ଆହତ ହୋଇଛନ୍ତି। ଏହି ଘଟଣାକୁ କେନ୍ଦ୍ର କରି ଉତ୍ତ୍ୟକ୍ତ ଲୋକେ ଜାତୀୟ ରାଜପଥ ଅବରୋଧ କରି ଆନ୍ଦୋଳନ କରିଥିଲେ। ୯ ଘଣ୍ଟା ଧରି ଜାତୀୟ ରାଜପଥ ଅବରୋଧ ହେବାରୁ କୋରାପୁଟ-ରାୟଗଡ଼ା ମଧ୍ୟରେ ଯାତାୟାତ ବନ୍ଦ ରହିଛି।

ସୂଚନାନୁଯାୟୀ, ଏହି ମୁଦୁଲି ପରିବାରର ପାଞ୍ଚଜଣ ସଦସ୍ୟ ଘରକୁ ଏକ ବାଇକ୍‌ରେ ଫେରୁଥିଲେ। ଡି.ପଞ୍ଚଡା ଛକରେ ସେମାନେ ରାଜପଥ ଅତିକ୍ରମ କରୁଥିବା ବେଳେ ଗୁଣୁପୁରଠାରୁ ରାଇଘର ଯାଉଥିବା ଏକ ଘରୋଇ ବସ୍ ସେମାନଙ୍କ ବାଇକ୍‌କୁ ଧକ୍କା ଦେଇ ଏକ ଗଛରେ ପିଟି ହୋଇଯାଇଥିଲା। ବସ୍ ଚକ ତଳେ ଚାପି ହୋଇ କବିତାର ଘଟଣାସ୍ଥଳରେ ମୃତ୍ୟୁ ହୋଇଥିବା ବେଳେ ପୀତବାସ, ବାସନ୍ତୀ,



ଆନି ଓ ସଞ୍ଜୁ ଗୁରୁତର ଆହତ ହୋଇଥିଲେ। ସେମାନଙ୍କୁ ସ୍ଥାନୀୟ ଲୋକେ ଉଦ୍ଧାର କରି କାକିରିଗୁମ୍ମା ସ୍ୱାସ୍ଥ୍ୟକେନ୍ଦ୍ରରେ ପ୍ରାଥମିକ ଚିକିତ୍ସା ପରେ କୋରାପୁଟ ବଡ଼ ମେଡିକାଲକୁ ସ୍ଥାନାନ୍ତର କରିଥିଲେ। ତେବେ ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ଆନିର ମୃତ୍ୟୁ ହୋଇଯାଇଥିଲା।

ଏହାକୁ କେନ୍ଦ୍ର କରି ଉତ୍ତ୍ୟକ୍ତ ଲୋକେ କୋରାପୁଟ-ରାୟଗଡ଼ା ରାସ୍ତାକୁ ଦୀର୍ଘ ୯ ଘଣ୍ଟା ଧରି ଅବରୋଧ କରିଛନ୍ତି। ଖବର ପାଇ କୋରାପୁଟ ଆରଟିଓ ରାଜେଶ ମାରାଣ୍ଡି, ଲକ୍ଷ୍ମୀପୁର ଗୋଷ୍ଠୀ ଉନ୍ନୟନ ଅଧିକାରୀ ସବ୍ୟସାଚୀ ବେହେରା, ଲକ୍ଷ୍ମୀପୁର ତହସିଲଦାର ନୈବେଦ୍ୟ ଭୋଇ, ଲକ୍ଷ୍ମୀପୁର ଏସ୍‌ଡିପିଓ ମନୋଜ କୁମାର ବେହେରା, କାକିରିଗୁମ୍ମା ଥାନା ଅଧିକାରୀ ସୁନୀଲ କୁମାର ସ୍ୱାଇଁ ଘଟଣାସ୍ଥଳରେ ପହଞ୍ଚି ଉତ୍ତ୍ୟକ୍ତ ଲୋକଙ୍କୁ ବୁଝାସୁଝା କରିଥିଲେ। ଲକ୍ଷ୍ମୀପୁର ବିଧାୟକ ପବିତ୍ର ସାଉଁନ୍ତା, ପୂର୍ବତନ ସାଂସଦ ଝିନ ହିକକା, ସମାଜସେବୀ ଶଙ୍କର ସାଉଁନ୍ତା ପ୍ରମୁଖ ପହଞ୍ଚି ଆଲୋଚନା ଜାରି ରଖିଛନ୍ତି। ଖବର ଲେଖା ହେବା ପର୍ଯ୍ୟନ୍ତ ରାସ୍ତା ଅବରୋଧ ଜାରି ରହିଥିବାରୁ କୋରାପୁଟ ରାୟଗଡ଼ା ମଧ୍ୟରେ ଯାତାୟାତ ବନ୍ଦ ରହିଛି।

**ପ୍ରକାଶ ପାଇବ ଓଡ଼ିଶା ରାଜ୍ୟ ସମବାୟ ନୀତି,୨୦୨୫**

# ମତାମତ ଆହ୍ୱାନ କଲା ସମବାୟ ବିଭାଗ

ଭୁବନେଶ୍ୱର, ୬।୧୦(ସମିସ): ରାଜ୍ୟରେ ସମବାୟ କ୍ଷେତ୍ରକୁ ଅଧିକ ସଶକ୍ତ, କ୍ରିୟାଶୀଳ କରିବା ଲକ୍ଷ୍ୟରେ ଖୁବ୍‌ଶୀଘ୍ର ଓଡ଼ିଶା ରାଜ୍ୟ ସମବାୟ ନୀତି, ୨୦୨୫ ପ୍ରକାଶ ପାଇବ। ଏନେଇ ବିଭାଗ ପକ୍ଷରୁ ବିଧିବଦ୍ଧ ପ୍ରକ୍ରିୟା ଆରମ୍ଭ ହୋଇଛି। ଏହିକ୍ରମରେ ଏକ ଚିଠା ସମବାୟ ନୀତି ପ୍ରସ୍ତୁତ କରାଯାଇ ଜନସାଧାରଣଙ୍କ ସୁଚିନ୍ତିତ ମତାମତ/ପ୍ରସ୍ତାବ ରଖିବାକୁ ସମବାୟ ବିଭାଗ ପକ୍ଷରୁ ନିବେଦନ କରାଯାଇଛି। ଚିଠା ନୀତି ସମବାୟ ବିଭାଗର ୱେବସାଇଟ୍‌ରେ ଉପଲବ୍ଧ ଅଛି। ଜନସାଧାରଣ, ସମବାୟବିତ୍, ବୁଦ୍ଧିଜୀବୀ ସେମାନଙ୍କ ମତାମତ/ପ୍ରସ୍ତାବ ଏହି ମେଲ-ଆଇଡିରେ ପଠାଇବାକୁ ବିଭାଗ ପକ୍ଷରୁ ଆହ୍ୱାନ କରାଯାଇଛି। ସୂଚନାଯୋଗ୍ୟ, କେନ୍ଦ୍ର ସମବାୟ ମନ୍ତ୍ରାଳୟ ପକ୍ଷରୁ ଚିଠା ସମବାୟ ନୀତି ପ୍ରକାଶ ପାଇଛି। କେନ୍ଦ୍ର ସରକାରଙ୍କ ପ୍ରସ୍ତାବକ୍ରମେ ରାଜ୍ୟ ସମବାୟ ବିଭାଗ ଚିଠା ନୀତି ପ୍ରସ୍ତୁତ କରିଛି। ଏକ ସମୟୋପଯୋଗୀ, ବ୍ୟାବହାରିକ ଓ ଉନ୍ନତ ସମବାୟ ନୀତି ପ୍ରସ୍ତୁତ କରିବା ପାଇଁ ସମବାୟ ବିଭାଗ ପକ୍ଷରୁ ଜନସାଧାରଣଙ୍କ ସୁଚିନ୍ତିତ ମତାମତ/ପ୍ରସ୍ତାବ ଆହ୍ୱାନ କରାଯାଇଥିବା କୁହାଯାଇଛି।

**ଅନ୍ତଃରାଜ୍ୟ କଫସିରପ୍ ଚାଲାଣକାରୀ ଗ୍ୟାଙ୍ଗ୍ ଠାବ**

# ୧୫ ଗିରଫ, ୧୫୦୦ ବୋତଲ ସିରପ ଜବତ

ବରଗଡ଼, ୬।୧୦(ସମିସ): ଅବୈଧ କଫ ସିରପ୍ ଚାଲାଣ କାରବାରରେ ସମ୍ପୃକ୍ତ ଏକ ଅନ୍ତଃରାଜ୍ୟ ଗ୍ୟାଙ୍ଗକୁ ଠାବ କରିଛି ବରଗଡ଼ ପୁଲିସ। ଗ୍ୟାଙ୍ଗର ୧୫ଜଣ ସଦସ୍ୟଙ୍କୁ ଗିରଫ କରି କୋର୍ଟଚାଲାଣ କରିବା ସହ ସେମାନଙ୍କଠାରୁ ୧୫୦୦ ବୋତଲ କଫସିରପ୍ ଜବତ କରିଛି।



**୫ ଦେଶୀ ବନ୍ଧୁକ, ୨୦ ଗୁଳି, ୫ କାର୍ ଜବତ**

ଅଭିଯୁକ୍ତମାନେ ହେଲେ, ଛତିଶଗଡ଼ର ହରିଦୀପ ସିଂ ସାନ୍ଧୁ (୨୮), ଏମ୍‌ଡି ଆସରଫ (୨୬), ସାୟଦ ଆଜିମ(୩୨), ବଲାଙ୍ଗିରର ବବଲୁ ବେହେରା (୩୨), ଜଗତସିଂହପୁରର ସମ୍ବିତ ପରିଜା (୨୫), ଯାଜପୁରର ରସିଦ ସାହା (୩୦), କେନ୍ଦ୍ରାପଡାର ପ୍ରୀତମ ବିଶ୍ୱାଳ (୩୦), ବରଗଡ଼ ଜିଲ୍ଲା ଅତାବିରା ଥାନାଞ୍ଚଳର ପ୍ରଫୁଲ୍ଲ ରଣା(୩୦), ତୁଷାର ବଲ୍ଲଭ ରାଉଟିଆ (୩୧), ହରିପ୍ରସାଦ ସେଠ (୨୬), ବରଗଡ଼ ଟାଉନ ଥାନାଞ୍ଚଳର ବବଲୁ ଶତପଥୀ (୩୭), ଅଙ୍କୁଶ ବଳ (୩୦), ଶ୍ରୀକାନ୍ତ ବେହେରା (୨୯), ସଦର ଥାନାଞ୍ଚଳର ମନିଷ କାଲୁ ଅଗ୍ରୱାଲ (୩୦) ଓ ପିଣ୍ଟୁ ସାହୁ (୨୪)। ସେମାନଙ୍କଠାରୁ ପୁଲିସ ୫ଟି ଦେଶୀ ବନ୍ଧୁକ ସହ ମାଗାଜିନ, ୨୦ଟି ଗୁଳି, ୧୬ଟି ମୋବାଇଲ, ୩ଟି ଖାଲି କାର୍ଟ୍ରିଜ୍, ୫ଟି ଚାରିଚକିଆ ଗାଡି ସହ ୫୭ ହଜାର ୨୦୦ ନଗଦ ଟଙ୍କା ଜବତ କରିଛି। ଆଜି ଏକ ସାମ୍ବାଦିକ ସମ୍ମିଳନୀରେ ବରଗଡ଼ ଏସ୍‌ପି ପ୍ରହଲ୍ଲାଦ ସହାଇ ମୀନା ଏହି ସୂଚନା ଦେଇଛନ୍ତି। ଏହି ମାମଲାରେ ପୁଲିସ ଅଧିକ ଖୋଳତାଡ଼ ଜାରି ରଖିଛି ବୋଲି ସେ କହିଛନ୍ତି।

ଏକ ବିଶ୍ୱସ୍ତ ସୂତ୍ରରୁ ଖବର ପାଇ ପୁଲିସ ପ୍ରଥମେ ବରଗଡ଼ ଟାଉନ ଥାନା ଅଞ୍ଚଳରେ ଚଢ଼ଉ କରି ଛତିଶଗଡ଼ର ୩ ଜଣ ଅଭିଯୁକ୍ତଙ୍କୁ ଧରିଥିଲା। ସେମାନଙ୍କୁ ପଚରାଉଚୁରା କରି ଅନ୍ୟ ଅଭିଯୁକ୍ତଙ୍କୁ ଗିରଫ କରିଥିଲା। ଏହି ଅନ୍ତଃରାଜ୍ୟ ଗ୍ୟାଙ୍ଗକୁ ଧରିବା ପାଇଁ ବରଗଡ଼ ପୁଲିସର ୭ ଟିମ୍ ଗଠନ କରଯାଇଥିବା ବେଳେ ଏବେ ମଧ୍ୟ ୫ଟିମ୍ ଘଟଣାର ସଂପୃକ୍ତିକୁ ନେଇ ତଦନ୍ତ ଜାରି ରଖିଛି। ଏହି ସଫଳତା ପାଇଁ ସମସ୍ତ ପୁଲିସ ଅଧିକାରୀଙ୍କୁ ସମ୍ବଲପୁର ଆଇଜି ହିମାଂଶୁ ଲାଲ ପ୍ରଶଂସା କରିଛନ୍ତି।

## ଢାବା ପଛପଟୁ ୯୦୦ ବୋତଲ କଫ୍‌ସିରପ୍ ଜବତ

ଖୋର୍ଦ୍ଧା, ୬।୧୦(ସମିସ): ଖୋର୍ଦ୍ଧା ଅବକାରୀ ମୋବାଇଲ୍ ଟିମ୍ ଓ ସଦର ପୁଲିସ ମିଳିତ ଭାବେ ଚଢ଼ଉ କରି ୧୬ନଂ ଜାତୀୟ ରାଜପଥର ବାଜପୁର ଛକ ନିକଟରେ ଥିବା ପଣ୍ଡିତ ଢାବା ପଛପଟ ଘରୁ ୨ଟି ଜରିବସ୍ତାରେ ୯୦୦ ବୋତଲ କଫ୍‌ସିରପ୍‌କୁ ଜବତ କରିଛି। ଏଥିସହ ଏକ କାର୍ (ଓଡି୩୩ ଏଆର୍ ୭୫୧୩), ଏକ ମୋବାଇଲ୍ ଫୋନ୍‌କୁ ଜବତ କରିଛନ୍ତି। ଜବତ କଫ୍‌ସିରପ୍‌ର ମୂଲ୍ୟ ୧ ଲକ୍ଷ ୧୨ ହଜାର ୪୫୦ ଟଙ୍କା ହୋଇଥିବା କାର୍ଯ୍ୟାଳୟ ପରିସରରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଅବକାରୀ ସୁପରିଣ୍ଟେଣ୍ଡେଣ୍ଟ ସୁମତି ତ୍ରିପାଠୀ ସୂଚନା ଦେଇଛନ୍ତି। ଏହି ଘଟଣାରେ ପଲ୍ଲା ବରୁଣେଇ ସାହିର ବିଶ୍ୱରଞ୍ଜନ ଖୁଣ୍ଟିଆ ଓରଫ ବାଙ୍କ (୪୫) ଓ ଢାବା ମାଲିକ ଦଳେଇପୁଟର ଦେବରଞ୍ଜନ ଦାସ ଓରଫ ଶଙ୍କର (୪୭)ଙ୍କୁ ଗିରଫ କରାଯାଇଛି।



ବିଶ୍ୱରଞ୍ଜନ ଦୀର୍ଘଦିନ ହେବ ୧୬ନଂ ଜାତୀୟ ରାଜପଥର ପଲ୍ଲା ଓଭରବ୍ରିଜ୍ ତଳେ ରାସ୍ତା ପାର୍ଶ୍ୱରେ ଏକ ଦୋକାନ କରି କଫ୍‌ସିରପ୍ ବେପାର କରୁଥିବା ବିଶେଷ

**ଢାବା ମାଲିକ ଶଙ୍କର ସମେତ ସହଯୋଗୀ ଗିରଫ**

ସୂତ୍ରରୁ ଖବର ପାଇଥିଲା ଅବକାରୀ ମୋବାଇଲ୍ ସ୍କ୍ୱାଡ୍। ତାକୁ ଧରିବା ଲାଗି ଅବକାରୀ ଟିମ୍ ଓ ପୁଲିସର ଏକ ମିଳିତ ଟିମ୍ ପ୍ରସ୍ତୁତ କରାଯାଇଥିଲା। ଏହି ଟିମ୍ ରବିବାର ଜାତୀୟ ରାଜପଥର ବାଜପୁର ଛକ ନିକଟରେ ଥିବା ପଣ୍ଡିତ ଢାବା ପଛପଟ ଛୋଟ ଘରୁ ଏକ କାର୍‌ରେ ମାଲ୍ ନେଇ ଯାଉଥିବା ବେଳେ ଧରା ହୋଇଥିଲା। ତା'ର ବୟାନ ମୁତାବକ ସୋମବାର ଟିମ୍ ପଣ୍ଡିତ ଢାବାର ମାଲିକ ଶଙ୍କରଙ୍କୁ ଗିରଫ କରିଛି।

ଶଙ୍କର ଢାବା ଚଳାଇବା ନାଁରେ ଢାବା ପଛପଟେ ଥିବା ଛୋଟ ଘରେ ବେଆଇନ କଫ୍‌ସିରପ୍ ଗଚ୍ଛିତ ରଖେ। ଉକ୍ତ କଫ୍‌ସିରପ୍‌କୁ ବିଶ୍ୱରଞ୍ଜନ ମାର୍କେଟ୍‌ରେ ବେପାର କରୁଥିବା ଅବକାରୀ ବିଭାଗ ଆଗରେ ସେ ସ୍ୱୀକାର କରିଛି। ସୋମବାର ଢାବା ପଛପଟ ଘରୁ ଅବକାରୀ ଓ ପୁଲିସର ମିଳିତ ଟିମ୍ ୯୦୦ ବୋତଲ କଫ୍‌ସିରପ୍ ଜବତ କରିଛି। ତନ୍ମଧ୍ୟରେ ୧୦୭ ଟଙ୍କା ମୂଲ୍ୟ ରହିଥିବା ୪୫୦ ବୋତଲ ଏବଂ ୨୧୧ ଟଙ୍କା ମୂଲ୍ୟ ରହିଥିବା ୪୫୦ ବୋତଲ କଫ୍‌ସିରପ୍ ରହିଥିବା ଶ୍ରୀମତୀ ତ୍ରିପାଠୀ ସୂଚନା ଦେଇଛନ୍ତି।

ବେଆଇନ କଫ୍‌ସିରପ୍ ବିକ୍ରି ଅଭିଯୋଗରେ ୨ଜଣଙ୍କୁ ୨୫୬/୨୫ନଂ ମାମଲାରେ ଗିରଫ କରି କୋର୍ଟଚାଲାଣ କରାଯାଇଛି। ଏମାନେ ଏତେ ପରିମାଣର କଫ୍‌ସିରପ୍ କେଉଁଠାରୁ ଏବଂ କାହା ମାଧ୍ୟମରେ ଆଣି ଗଚ୍ଛିତ ରଖୁଥିଲେ, ଅବକାରୀ ପୁଲିସ ତାହାର ଖୋଳତାଡ଼ ଆରମ୍ଭ କରିଛି। ଏହି ସାମ୍ବାଦିକ ସମ୍ମିଳନୀରେ ସଦର ଥାନା ଅଧିକାରୀ କାହ୍ନୁଚରଣ ସ୍ୱାଇଁ, ଅବକାରୀ ଇନ୍ସପେକ୍ଟର ରାଧାକାନ୍ତ ଭୋଇ, ମୋବାଇଲ ସ୍କ୍ୱାଡ୍ ଇନ୍ସପେକ୍ଟର ତପସ୍ୱିନୀ ବରାଳ ପ୍ରମୁଖ ଉପସ୍ଥିତ ଥିଲେ।

# ରାଜରାଜେଶ୍ୱରୀ ବେଶରେ ଦର୍ଶନ ଦେଲେ ମା' ସମଲେଶ୍ୱରୀ

**ସମଲେଇ ଗୁଡ଼ିରେ ନୂତନ ଧ୍ୱଜାରୋହଣ ସମ୍ପନ୍ନ**

ସମ୍ବଲପୁର, ୬।୧୦ (ସମିସ): କୁମାର ପୂର୍ଣ୍ଣିମା ଅବସରରେ ପଶ୍ଚିମ ଓଡ଼ିଶାର ଅଧିଷ୍ଠାତ୍ରୀ ଦେବୀ ମା' ସମଲେଶ୍ୱରୀ ରାଜରାଜେଶ୍ୱରୀ ବେଶରେ ଭକ୍ତଙ୍କୁ ଦର୍ଶନ ଦେଇଛନ୍ତି। ଏହାସହ ଆଜି ସନ୍ଧ୍ୟାରେ ସମଲେଶ୍ୱରୀ ମନ୍ଦିରରେ ନୂତନ ଧ୍ୱଜାରୋହଣ ପର୍ବ ଅନୁଷ୍ଠିତ ହୋଇଯାଇଛି। ଗତ ସେପ୍ଟେମ୍ବର ୧୪ ତାରିଖ ମୂଳାଷ୍ଟମୀ ତିଥିରେ ମା' ସମଲେଶ୍ୱରୀଙ୍କ ଷୋଡ଼ଶ ଉପଚାର ପୂଜା ଆରମ୍ଭ ହେବା ସହ ସମଲେଶ୍ୱରୀ ପୀଠରେ ଚାଲିଥିବା ଶାରଦୀୟ ଦଶହରା ଉତ୍ସବ ଆଜି ପୂର୍ଣ୍ଣିମା ତିଥିରେ ମା'ଙ୍କ ରାଜରାଜେଶ୍ୱରୀ ବେଶ ଓ ମନ୍ଦିରରେ ନୂତନ ଧ୍ୱଜାରୋହଣ ସହ ସମାପନ ହୋଇଛି।



ଆଜି କୁମାର ପୂର୍ଣ୍ଣିମା ତିଥିରେ ଅପରାହ୍ଣ ୧ଟା ସମୟରେ ମନ୍ଦିର ପୂଜକମାନେ ମା' ସମଲେଶ୍ୱରୀଙ୍କ ଶ୍ରୀଙ୍ଗାର କରିଥିଲେ। ଅପରାହ୍ଣ ୨ଟାରୁ ମା' ସମଲେଶ୍ୱରୀ ରାଜରାଜେଶ୍ୱରୀ ବେଶରେ ଦର୍ଶନ ଦେଉଛନ୍ତି। ଏହି ବେଶରେ ମା'ଙ୍କୁ ଦର୍ଶନ କରିବାକୁ ଭକ୍ତଙ୍କ ଭିଡ଼ ଲାଗିଥିଲା। ମନ୍ଦିରରେ ଦର୍ଶନ ବନ୍ଦ କରାଯାଇ ସ୍ୱତନ୍ତ୍ର ଧ୍ୱଜା ପୂଜା ଅନୁଷ୍ଠିତ ହୋଇଥିଲା। ଏହାପରେ ସନ୍ଧ୍ୟା ୮ଟା ସମୟରେ ଧ୍ୱଜାରୋହଣ କରାଯାଇଥିଲା। ମନ୍ଦିର ଚୂଡ଼ାରେ ଧ୍ୱଜା ଲାଗିବା ପରେ ଶଙ୍ଖ, ଘଣ୍ଟ ଧ୍ୱନି ସହ ମା' ସମଲେଶ୍ୱରୀଙ୍କ ଜୟ ଜୟକାରରେ ଖଣ୍ଡମଣ୍ଡଳ ପ୍ରକମ୍ପିତ ହୋଇଥିଲା। ମନ୍ଦିର ଚତୁଃପାର୍ଶ୍ୱ ତଥା ଆଖପାଖ ଅଞ୍ଚଳରେ ଶ୍ରଦ୍ଧାଳୁମାନେ ଏହି ଦୃଶ୍ୟ ଦେଖିଥିଲେ। ଏହାପରେ ପୁଣି ଦର୍ଶନ ଆରମ୍ଭ ହୋଇଥିଲା। ରାତି ପ୍ରାୟ ସାଢ଼େ ୧୦ଟା ପର୍ଯ୍ୟନ୍ତ ହଜାର ହଜାର ସଂଖ୍ୟାରେ ଶ୍ରଦ୍ଧାଳୁ ମା'ଙ୍କ ରାଜରାଜେଶ୍ୱରୀ ବେଶ ଦର୍ଶନ କରିଥିଲେ ବୋଲି ସମଲେଶ୍ୱରୀ ମନ୍ଦିର ଟ୍ରଷ୍ଟ ବୋର୍ଡ ସଭାପତି ସଞ୍ଜୟ କୁମାର ବାବୁ ସୂଚନା ଦେଇଛନ୍ତି।

ଉଲ୍ଲେଖଯୋଗ୍ୟ, ସମଲେଶ୍ୱରୀ ମନ୍ଦିରରେ ନବଦୁର୍ଗା ବେଶ ହେଉ ନଥିବାବେଳେ ଷୋଡ଼ଶ ଉପଚାର ପୂଜା ସମୟରେ ମା' ଷୋହଳ ଜ୍ୟୋତି ରୂପରେ ପୂଜା ପାଇବାସହ ସ୍ୱତନ୍ତ୍ର ନୈବେଦ୍ୟ ଅର୍ପଣ କରାଯାଇଥାଏ। ମା'ଙ୍କ ମନ୍ଦିରରେ କେବଳ ମହାଳୟା ତିଥିରେ ଧବଳମୁଖୀ ବେଶ ଏବଂ ପୂର୍ଣ୍ଣିମା ତିଥିରେ ରାଜରାଜେଶ୍ୱରୀ ବେଶ କରାଯାଇଥାଏ।

# ଏମ୍‌କେସିଜିରେ ଅଚଳ ପୋର୍ଟେବଲ୍ ଏକ୍ସ-ରେ' ମେସିନ୍

ବ୍ରହ୍ମପୁର,୬।୧୦(ସମିସ): ଏମ୍‌କେସିଜିକୁ ଜାତୀୟସ୍ତରୀୟ ହସ୍ପିଟାଲରେ ପରିଣତ କରିବାକୁ ଉଭୟ କେନ୍ଦ୍ର ଓ ରାଜ୍ୟ ସରକାର ଚେଷ୍ଟା କରୁଛନ୍ତି। ଏଠାକୁ ଚିକିତ୍ସା ନିମନ୍ତେ ଆସୁଥିବା ରୋଗୀଙ୍କୁ ସମସ୍ତ ପ୍ରକାର ସେବା

**■ ହନ୍ତସନ୍ତ ଶିଶୁ ବିଭାଗର କୋମଳମତି ଶିଶୁ**
**■ ଏକ୍ସ-ରେ ପାଇଁ ଦେବାକୁ ପଡୁଛି ୮ ଶହ ଟଙ୍କା**

ଯୋଗାଇବାକୁ କୋଟି କୋଟି ଟଙ୍କା ଖର୍ଚ୍ଚ କରାଯାଉଛି। କିନ୍ତୁ, ଶିଶୁ ବିଭାଗର ପରିଚାଳନା ତ୍ରୁଟି କାରଣରୁ ବହୁ କୋମଳମତି ଶିଶୁ ଉତ୍ତମ ଚିକିତ୍ସା ନିମନ୍ତେ ହନ୍ତସନ୍ତ ହେଉଥିବା ଅଭିଯୋଗ ହୋଇଛି। ଶିଶୁ ବିଭାଗର ଆଇସିୟୁରେ ଚିକିତ୍ସିତ ସଂକଟାପନ୍ନ ଶିଶୁଙ୍କ ନିମନ୍ତେ ରହିଥିବା ପୋର୍ଟେବଲ୍ ଏକ୍ସ-ରେ' ମେସିନ୍ ମାସାଧିକ ସମୟ ହେବ ଅଚଳାବସ୍ଥାରେ ପଡ଼ି ରହିଛି। ଏଭଳି ଅତ୍ୟାବଶ୍ୟକ ଯନ୍ତ୍ରପାତି ଅଚଳ ପଡ଼ିଥିବାରୁ ଆଇସିୟୁରେ ଚିକିତ୍ସିତ ସଙ୍କଟାପନ୍ନ ରୋଗୀ ଏକ୍ସ-ରେ' ସେବାରୁ ବଞ୍ଚିତ ହେଉଛନ୍ତି।

ଏମ୍‌କେସିଜି ମେଡିକାଲ ଶିଶୁ ବିଭାଗର ଅଧୀନରେ ପିକୁ, ନିକୁ ଓ ଏସ୍‌ଏନ୍‌ସିୟୁ



ଭଳି ବିଭିନ୍ନ ବିଭାଗ ରହିଛି। ବିଭାଗରେ ନବଜାତଠାରୁ ଆରମ୍ଭ କରି ୧୬ ବର୍ଷ ପର୍ଯ୍ୟନ୍ତ ସଂକଟାପନ୍ନ ଓ ଗୁରୁତର ଶିଶୁ ଚିକିତ୍ସିତ ହେଉଛନ୍ତି। ସେଥିମଧ୍ୟରୁ ଅନେକ ଶିଶୁ ଚିକିତ୍ସା ସମୟରେ ବାଧ୍ୟତାମୂଳକ ଭାବେ ଅକ୍ସିଜେନ୍ ଗ୍ରହଣ କରିଥା'ନ୍ତି। ଏଭଳି ସଙ୍କଟାପନ୍ନ ଶିଶୁଙ୍କ ଆବଶ୍ୟକତାସ୍ଥଳେ ରୋଗ ନିର୍ଣ୍ଣୟ ପାଇଁ ଡାକ୍ତର ଏକ୍ସ-ରେ' କରିବାକୁ ପରାମର୍ଶ ଦେଇଥାନ୍ତି। ଶିଶୁ ବିଭାଗରେ ଅକ୍ସିଜେନ୍ ସପୋର୍ଟରେ ଚିକିତ୍ସିତ ହେଉଥିବା ବେଳେ ଅନ୍ୟ ବିଭାଗକୁ ଯାଇ ଏକ୍ସ-ରେ' କରିବାରେ ଶିଶୁଙ୍କ ଜୀବନ ପ୍ରତି ବିପଦ ରହିଛି। ଏହାକୁ ଦୃଷ୍ଟିରେ ରଖି ମେଡିକାଲ କର୍ତ୍ତୃପକ୍ଷଙ୍କ ଦ୍ୱାରା ବିଭାଗର ତଳ ମହଲାରେ ଏକ ପୋର୍ଟେବଲ୍ ଏକ୍ସ-ରେ' ମେସିନର ବ୍ୟବସ୍ଥାର କରାଯାଇଛି। କିନ୍ତୁ ଦୀର୍ଘ ଏକ ମାସରୁ ଅଧିକ ସମୟ ହେବ ଉକ୍ତ ମେସିନ ଅଚଳ ଅବସ୍ଥାରେ ପଡ଼ି ରହିଛି। ଏଭଳି କ୍ଷେତ୍ରରେ ଶିଶୁଙ୍କ ସମ୍ପର୍କୀୟମାନେ ଘରୋଇ ଡାଏଗ୍ନୋଷ୍ଟିକ ସେଣ୍ଟର୍ ଉପରେ ନିର୍ଭର କରୁଛନ୍ତି। ରୋଗୀ ସମ୍ପର୍କୀୟଙ୍କ ଅନୁରୋଧକ୍ରମେ ଡାଏଗ୍ନୋଷ୍ଟିକ ସେଣ୍ଟର୍‌ର କର୍ମଚାରୀମାନେ ମେଡିକାଲ ଶିଶୁ ବିଭାଗକୁ ପୋର୍ଟେବଲ୍ ଏକ୍ସ-ରେ' ମେସିନ୍ ଆଣି ସଙ୍କଟାପନ୍ନ ଶିଶୁଙ୍କ ଏକ୍ସ-ରେ' କରୁଥିବା ଦେଖିବାକୁ ମିଳିଛି। ଏଥି ନିମନ୍ତେ ରୋଗୀଙ୍କୁ ୮ ଶହ ଟଙ୍କା ଦେବାକୁ ପଡୁଛି।

ବିଭାଗରେ ମାସାଧିକ କାଳ ହେବ ଏହି ଅତ୍ୟାବଶ୍ୟକ ଯନ୍ତ୍ରପାତି ଅଚଳ ପଡ଼ିଥିବା ବେଳେ ଏହାର ମରାମତି କିମ୍ବା ବିକଳ୍ପ ବ୍ୟବସ୍ଥା ବିଭାଗ କିମ୍ବା ମେଡିକାଲ କର୍ତ୍ତୃପକ୍ଷଙ୍କ ପକ୍ଷରୁ କରାଯାଉନି। ଏନେଇ ବିଭାଗ ପକ୍ଷରୁ ବାରମ୍ବାର କର୍ତ୍ତୃପକ୍ଷଙ୍କୁ ଚିଠି ମାଧ୍ୟମରେ ଅବଗତ କରାଯାଇଛି। କିନ୍ତୁ ଅଚଳ ପୋର୍ଟେବଲ୍ ଏକ୍ସ-ରେ' ମେସିନ୍ ମରାମତି ନିମନ୍ତେ ମେଡିକାଲ କର୍ତ୍ତୃପକ୍ଷ କୌଣସି ପଦେକ୍ଷପ ଗ୍ରହଣ କରି ନଥିବା ଅଭିଯୋଗ ହୋଇଛି। ଅନ୍ୟପକ୍ଷରେ ପୋର୍ଟେବଲ୍ ଏକ୍ସ-ରେ' ମେସିନ୍‌ର ଆଡପ୍ଟର ଖରାପ ରହିଥିବା ବେଳେ ତାହା ଖୁବ୍‌ଶୀଘ୍ର ମରାମତି କରାଯିବ ବୋଲି ଏମକେସିଜି ମେଡିକାଲ ଅଧୀକ୍ଷକ ପ୍ରଫେସର ଡା. ଦୁର୍ଗା ମାଧବ ଶତପଥୀ କହିଛନ୍ତି।



## ଆଜିର ରାଶିଫଳ

**ମେଷ:** ଆଜି ଦିନଟି ଆପଣଙ୍କ ପାଇଁ ଭଲ । ଅଚାନକ ଖୁସି ଖବର ପାଇପାରନ୍ତି । ରାଜନୈତିକ ଏବଂ ସାମାଜିକ କ୍ଷେତ୍ରରେ ସକ୍ରିୟ ରହିବେ ।ପ୍ରେମୀଯୁଗଳଙ୍କ ମତାନ୍ତର ଦୂର ହେବ ।

**ବୃଷ:** ଗୃହିଣୀମାନେ ଘର କାମରେ ବ୍ୟସ୍ତ ରହିବେ । ଇଂଜିନିୟରଙ୍କ ପାଇଁ ଦିନଟି ଭଲ । କୋର୍ଟ କଚରୀ ମାମଲାର ଶୁଣାଣି ହେବ । ଲୋକ ସମ୍ପର୍କ ବଢ଼ିବ । ପଡୋଶୀଙ୍କ ସହ ମନୋମାଳିନ୍ୟ ହୋଇପାରେ ।

**ମିଥୁନ:** ବାଦ ବିବାଦରୁ ଦୂରେଇ ରୁହନ୍ତୁ । ବ୍ୟବସାୟୀଙ୍କ ପାଇଁ ଦିନଟି ଭଲ । ଅଧିକ ଖର୍ଚ୍ଚାନ୍ତ ହୋଇପାରନ୍ତି । ଚକ୍ଷୁ ସମସ୍ୟା ଭୋଗି ପାରନ୍ତି । ପ୍ରେମୀ ଯୁଗଳ ସୁନ୍ଦର ସମୟ ଅତିବାହିତ କରିବେ ।

**କର୍କଟ:** ସମୟର ସଦୁପଯୋଗ କରନ୍ତୁ । ବୁଝି ବିଚାରି କାମ କରନ୍ତୁ । ପରିବାର ସହିତ ଖୁସିର ସମୟ ଅତିବାହିତ କରିବେ । ଜମି କାରବାରରେ ସଫଳ ହେବେ । ଅଯଥା କାମରେ ସମୟ ନଷ୍ଟ ହେବ ।

**ସିଂହ:** ନୂତନ ବ୍ୟବସାୟ ପାଇଁ ଅନୁକୂଳ ସମୟ । ପୁରୁଣା ବନ୍ଧୁଙ୍କ ସହ ସାକ୍ଷାତ ହେବ । ଅଫିସ୍‌ରେ ପଦୋନ୍ନତି ହୋଇପାରେ । ଆଣ୍ଠୁଗଣ୍ଠି ସମସ୍ୟା ଭୋଗି ପାରନ୍ତି । ଅଫିସ୍ କାମ ଠିକ୍ ସମୟରେ ଶେଷ କରିବେ ।

**କନ୍ୟା:** ଅନ୍ୟମାନଙ୍କୁ ସହଜରେ ବିଶ୍ୱାସ କରନ୍ତୁନି । ଅଧିକ ଖର୍ଚ୍ଚରୁ ଦୂରେଇ ରୁହନ୍ତୁ । ଅଫିସ୍ ସହକର୍ମୀଙ୍କ ସହଯୋଗ ରହିବ । ଗୁରୁଜନଙ୍କ ସ୍ୱାସ୍ଥ୍ୟାବସ୍ଥାକୁ ନେଇ ଚିନ୍ତିତ ରହିପାରନ୍ତି ।

**ତୁଳା:** ପରିବାର ସଦସ୍ୟଙ୍କ ସହ ସମୟ ଅତିବାହିତ କରିବେ । ନୂଆ ଚାକିରି ମିଳିବା ସମ୍ଭାବନା ଅଛି । ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଭୁଲ୍‌ବୁଝାମଣା ଦେଖା ଦେବ । ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ ।

**ବିଛା:** ମାନ ସମ୍ମାନ ବୃଦ୍ଧି ପାଇବ । ଉଧାର ଟଙ୍କା ଫେରି ପାଇବେ । ଯୋଗ ଏବଂ ପ୍ରାଣାୟମ କରନ୍ତୁ । ଯେକୌଣସି ପରିସ୍ଥିତି ସହିତ ଖାପଖୁଆଇ ଚଳନ୍ତୁ । ଧାର୍ମିକ କାର୍ଯ୍ୟରେ ସାମିଲ ହୋଇପାରନ୍ତି ।

**ଧନୁ:** ଚାକିରି ପାଇଁ ବିଦେଶ ଯାତ୍ରା କରିବେ । ପ୍ରିୟଜନଙ୍କ କଥା ଦୁଃଖ ଦେବ । ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ । ପେଟ ଜନିତ ସମସ୍ୟା ଦେଖା ଦେବ । କାର୍ଯ୍ୟରୁ ଆଶାଜନକ ଲାଭ ମିଳିବ ନାହିଁ ।

**ମକର:** ସମୟର ସଦୁପଯୋଗ କରିବେ । ପ୍ରେମ ସମ୍ବନ୍ଧ ମଜଭୁତ ହେବ । ଠକାମିର ଶିକାର ହେବେ । ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହୋଇପାରେ । କଳାକାରଙ୍କ ପାଇଁ ଦିନଟି ଭଲ ।

**କୁମ୍ଭ:** ତରବରିଆ ଭାବେ ନିଷ୍ପତ୍ତି ନିଅନ୍ତୁ ନାହିଁ । ସନ୍ତାନଙ୍କ କ୍ୟାରିୟର୍‌କୁ ନେଇ ଚିନ୍ତାରେ ରହିବେ । ବ୍ୟାଙ୍କ ଓ ଆଇଟି କ୍ଷେତ୍ରରେ ସଫଳତା ମିଳିବ । ଚିନ୍ତା ଓ ଅବସାଦରେ ରହିବେ ।

**ମୀନ:** ଦୀର୍ଘ ଦିନରୁ ଲାଗି ରହିଥିବା ସମସ୍ୟାର ସମାଧାନ ହେବ । ନୂତନ କାର୍ଯ୍ୟ ଆରମ୍ଭ କରିପାରନ୍ତି । ଅବିବାହିତଙ୍କ ପାଇଁ ବିବାହ ପ୍ରସ୍ତାବ ଆସିପାରେ । ବୈବାହିକ ଜୀବନ ସୁଖମୟ ହେବ ।

## ଆଜିର ଇତିହାସ

- ୧୮୪୦- ୱିଲିୟମ୍ ଦ୍ୱିତୀୟ ନେଦରଲ୍ୟାଣ୍ଡର ରାଜା ହେଲେ ।
- ୧୯୧୯ - ଗାନ୍ଧିଜୀଙ୍କ 'ନବଜୀବନ' ପତ୍ରିକା ପ୍ରକାଶିତ ।
- ୧୯୫୦-ମଦର ଟେରେସା କଲିକତାରେ 'ମିସ୍‌ନାରିଜ୍ ଅଫ୍ ଚ୍ୟାରିଟି'ର ସ୍ଥାପନା କଲେ ।
- ୧୯୫୨- ଚଣ୍ଡିଗଡ଼ ପଞ୍ଜାବର ରାଜଧାନୀ ହେଲା ।
- ୧୯୯୨- ର୍‌ୟାପିଡ୍ ଆକ୍ସନ୍ ଫୋର୍ସର ସ୍ଥାପନା ।
- ୨୦୦୦- ଜାପାନ ମାନବ କ୍ଲୋନିଂକୁ ଦଣ୍ଡନୀୟ ଅପରାଧ ବୋଲି ଘୋଷଣା କଲା ।
- ୨୦୦୪- ଜର୍ମାନୀ ଜାତିସଂଘ ସୁରକ୍ଷା ପରିଷଦରେ ଭାରତର ଦାବିଦାରିକୁ ସମର୍ଥନ କଲା ।

## ଗେମ୍ ଡିଟକ୍ସ ସେଣ୍ଟର



ଆଜିର ଡିଜିଟାଲ ଯୁଗରେ ଅନଲାଇନ୍ ଗେମ୍ ବଡ଼ ସମସ୍ୟା ଭାବେ ଉଭା ହୋଇଛି । ସ୍କୁଲ ପିଲାଙ୍କଠାରୁ ଆରମ୍ଭ କରି ବୟସ୍କ ସମସ୍ତଙ୍କର କେବଳ ଏହା ମନୋରଞ୍ଜନର ସାଧନ ହୋଇ ରହି ନାହିଁ, ବରଂ ନିଶା ପାଲଟିଛି । ଏହା କେବଳ ପିଲାଙ୍କ ପାଠପଢ଼ାକୁ ପ୍ରଭାବିତ କରୁନି ବରଂ ସ୍ୱାସ୍ଥ୍ୟଠୁ ଆରମ୍ଭ କରି ଜୀବନର ବିଭିନ୍ନ ଦିଗ ଉପରେ ଏହା ନକରାତ୍ମକ ପ୍ରଭାବ ପକାଉଛି । ସେହିପରି ଏହି ସମସ୍ୟା କେବଳ ଭାରତର ନୁହେଁ, ବରଂ ଅନ୍ୟ ଦେଶର ପିଲାଙ୍କୁ ବି ଏହା ପ୍ରଭାବିତ କରୁଛି । ତେବେ ଏହି ସମସ୍ୟାକୁ ଦୃଷ୍ଟିରେ ରଖି ଚୀନ୍ ଏକ ବିଶେଷ ସେଣ୍ଟର ଆରମ୍ଭ କରିଛି । ଏଠାରେ ପିଲାଙ୍କୁ ଅନଲାଇନ୍ ଗେମ୍‌ରୁ ମୁକ୍ତି ଦେବା ପାଇଁ ସ୍ୱତନ୍ତ୍ର କୋର୍ସର ଆରମ୍ଭ କରାଯାଇଛି । ଏଠାରେ ଅନଲାଇନ୍ ଗେମ୍‌ରେ ଚିନ୍ତିତ ପିଲା ଓ ଯୁବପିଢ଼ିଙ୍କ ଲାଗି ଇ-ସ୍ପୋର୍ଟସ୍ କ୍ଲବ୍ ଏକ ନିଆରା କୋର୍ସ ଆରମ୍ଭ କରିଛି । ଏହି କ୍ଲବ୍‌ଟି ହେବେଇ ଅଞ୍ଚଳରେ ଅବସ୍ଥିତ । ଏହାର ମାଲିକ ଲୁ ଚେନହାଓ ୨୦୧୮ ମସିହାରେ ପ୍ରଫେସନାଲ ଗେମରଙ୍କୁ ତାଲିମ ଦେବା ଲାଗି ଏହି କ୍ଲବ୍ ଖୋଲି ଥିଲେ । ଯଦିଓ ଅଧିକାଂଶ ପିଲା ପ୍ରଫେସନାଲ ଗେମର୍ ହେବାର ସ୍ୱପ୍ନ ଦେଖୁଛନ୍ତି, ହେଲେ ସେମାନେ ପାଠପଢ଼ା ଓ ଜୀବନର ସମସ୍ୟାରୁ ଦୂରେଇ ରହିବା ଲାଗି ଗେମିଂ ନିଶାରେ ପଡ଼ିଯାଉଥିବାର ସେ ଦେଖିଥିଲେ । ଏହି କାରଣ ଯୋଗୁଁ ଲୁ ୨୦୨୩ ମସିହାରେ ଏଥିରୁ ନିବୃତ୍ତ ରହିବାର କୋର୍ସ ଆରମ୍ଭ କଲେ । ତେବେ ଏ କୋର୍ସର ଫି' ପିଲାଙ୍କ ନିଶାର ସ୍ତର ଉପରେ ନିର୍ଭର କରେ । ୨୨ ଦିନର ଏହି କୋର୍ସ କରିବା ପାଇଁ ଜଣକୁ ୧.୧୬ ଲକ୍ଷ ଟଙ୍କା ଦେବାକୁ ହେବ । ଏହି କୋର୍ସରେ ପିଲାଙ୍କୁ ସକାଳ ୯ଟାରୁ ରାତି ୧୨ଟା ପର୍ଯ୍ୟନ୍ତ ଲଗାତାର ଗେମ୍ ଖେଳିବା ପାଇଁ କୁହାଯାଏ । କେବଳ ଖାଇବା ଏବଂ ଜଗିଂ ସମୟରେ ସେମାନଙ୍କୁ ବ୍ରେକ୍ ମିଳେ । ଏପରି ଲଗାତାର ଗେମ୍ ଖେଳିବା ଦ୍ୱାରା ପିଲାମାନେ ଏହାକୁ ପାଠପଢ଼ାଠାରୁ ମଧ୍ୟ କଷ୍ଟକର ବୋଲି ଭାବି ନିଅନ୍ତି । ଏହା ସହ ଧୀରେ ଧୀରେ ପିଲା ଗେମ୍ ଖେଳିବାରୁ ନିବୃତ୍ତ ରୁହନ୍ତି । ଏବେ ସୁଦ୍ଧା ଏହି କ୍ଲବ୍ ୪ ହଜାର ପିଲାଙ୍କୁ ଟ୍ରେନିଂ ଦେଇଛି, ଏଥିରୁ ୮୫ ପ୍ରତିଶତ ଗେମିଂ ନିଶାରେ କବଳିତ ଥିଲେ । ଅନ୍ୟପଟେ ଭାରତରେ ଅନଲାଇନ୍ ଗେମ୍ ନିଶା ଯେଭଳି ଭାବେ ବଢ଼ୁଛି, ଏହି ପ୍ରକାର ଗେମ୍ ସେଣ୍ଟରର ଆବଶ୍ୟକତା ଥିବା କୁହାଯାଉଛି ।

## ପୃଥ୍ୱୀରାଜଙ୍କ ସହ ଦେଖାଯିବେ ଏକାଠି ।



ବଲିଉଡ୍ ଅଭିନେତ୍ରୀ କରିନା କପୁର ଏବେ ମେଘନା ଗୁଲଜାରଙ୍କ ଫିଲ୍ମ 'ଦାୟରା'ର ସୁଟିଂ ଆରମ୍ଭ କରିଛନ୍ତି । କରିନାଙ୍କ ୨୫ ବର୍ଷର କ୍ୟାରିୟରର ଏହା ୬୮ ତମ ଫିଲ୍ମ । ଏଥିରେ କରିନାଙ୍କ ସହ ସାଉଥ୍‌ର ଲୋକପ୍ରିୟ ଅଭିନେତା ପୃଥ୍ୱୀରାଜ ସୁକୁମାରନ ଦେଖାଯିବେ । ଏହା ଏକ କ୍ରାଇମ୍ ଡ୍ରାମା ଥ୍ରିଲର୍ ହେବ । ଏହା ଅପରାଧ, ଦଣ୍ଡ ଓ ନ୍ୟାୟ ମଧ୍ୟର ସଂଘର୍ଷକୁ ଉଜାଗର କରିବ । ଇତିମଧ୍ୟରେ ଫିଲ୍ମର ସୁଟିଂ ଆରମ୍ଭ ହୋଇଛି । କରିନା ସୁଟିଂ ସେଟ୍‌ର କିଛି ଫଟୋ ସେୟାର୍ କରିଛନ୍ତି । ଏହି ଫଟୋରେ କରିନା ବଲିଉଡ୍‌ର ପ୍ରସିଦ୍ଧ ଗୀତିକାର ଗୁଲଜାରଙ୍କ ସହ ଦେଖାଯାଇଛନ୍ତି । ତେବେ ସେ ଗୁଲଜାରଙ୍କୁ ଭେଟି ଖୁସିଥିବା ଫଟୋରୁ ଜଣାପଡୁଛି । ଏହାସହ କରିନା ସୁଟିଂ ସେଟ୍‌ର କିଛି ଭିଡିଓ ମଧ୍ୟ ସେୟାର୍ କରିଛନ୍ତି । ଭିଡିଓରେ ପୃଥ୍ୱୀରାଜ ଖାକି ବର୍ଦ୍ଦି ପିନ୍ଧିଥିବାର ଦେଖାଯାଇଛନ୍ତି । ଏଥିରୁ ଫିଲ୍ମରେ ସେ ପୁଲିସ୍ ଅଫିସର ଭୂମିକାରେ ଅଭିନୟ କରିବେ ବୋଲି ସ୍ପଷ୍ଟ ହୋଇଛି । ତେବେ ସୁଟିଂ ସେଟ୍‌ର ଫଟୋ ଓ ଭିଡିଓ ଆସିବା ପରେ ଫିଲ୍ମକୁ ନେଇ ଦର୍ଶକେ ବେଶ୍ ଉତ୍ସାହିତ ଅଛନ୍ତି ।

## ବିଶ୍ୱର ସବୁଠୁ ଛୋଟ ସାପ



ନିକଟରେ ବାରବାଡୋସ୍‌ର ବୈଜ୍ଞାନିକମାନେ ପାଖାପାଖି ୨୦ ବର୍ଷ ପରେ ପୁଣି ଥରେ ବିଶ୍ୱର ସବୁଠୁ ଛୋଟ ସାପର ସନ୍ଧାନ କରିଛନ୍ତି । ଏହି ସାପର ନାଁ 'ବାରବାଡୋସ୍ ଥ୍ରେଡ୍ ସ୍ନେକ୍' । ଏହାର ଲମ୍ବ ୭.୫ରୁ ୧୦ ସେଣ୍ଟିମିଟର । ସେହିପରି ଏହି ସାପ ଏତେ ପତଳା ଯେ, ଛୁଞ୍ଚିର ଛେଦରେ ବି ଫଶି ବାହାରି ପାରିବ । ତେବେ ଏହି ବର୍ଷ ମାର୍ଚ୍ଚ ମାସରେ ଏଠାକାର ଏକ ଛୋଟ ଜଙ୍ଗଲରେ ପରିବେଶ ବିଜ୍ଞାନୀ କର୍ଣ୍ଣର ବ୍ଲେଡସ୍ ଏକ ଗବେଷଣା କରୁଥିଲେ । ସେ ଏକ ପଥର ଉଠାଇବାରୁ ଏହାର ତଳେ ଅତ୍ୟନ୍ତ ପତଳା ବା ସୂତା ଭଳି ଜିନିଷ ଗୁଡ଼େଇ ହୋଇ ରହିଥିବା ସେ ଦେଖିବାକୁ ପାଇଲେ । ଏହାକୁ ସେ ନିରିଖେଇ ଦେଖିବାରୁ ଜାଣିବାକୁ ପାଇଲେ ଯେ, ଏହା କୌଣସି କୀଟ କି ପୋକ ନୁହେଁ, ବରଂ ସାପ । ୨୦ ବର୍ଷ ପୂର୍ବରୁ ଏହି ସାପକୁ ଦେଖାଯାଇଥିଲା । ଅନେକ ବିଶେଷଜ୍ଞ ଏହାକୁ ବିଲୁପ୍ତ ଘୋଷଣା କରିଛନ୍ତି । ହେଲେ କର୍ଣ୍ଣରଙ୍କ ଏହି ସନ୍ଧାନ ଏବେ ସମସ୍ତଙ୍କୁ ଚକିତ କରିଛି । ସାପଟିର ବିଶେଷତ୍ୱ ହେଉଛି ଏହା ଦେଖିପାରେ ନାହିଁ । ଏହା ଥରକରେ ଗୋଟିଏ ଅଣ୍ଡା ଦିଏ । ୧୮୮୯ ମସିହାରେ 'ବାରବାଡୋସ୍ ଥ୍ରେଡ୍ ସ୍ନେକ୍'କୁ ପ୍ରଥମଥର ଦେଖିବାକୁ ମିଳିଥିଲା । ଏହାପରେ ଏହା ବହୁତ କମ୍ ଦେଖିବାକୁ ମିଳିଥିଲା । ୨୦ ବର୍ଷ ପରେ ଏହି ସାପ ପୁଣି ଥରେ ଦେଖାଯିବା ପରେ ଏହାକୁ ୱେଷ୍ଟଇଣ୍ଡିଜ ବିଶ୍ୱବିଦ୍ୟାଳୟକୁ ନିଆଯାଇଥିଲା । ସେଠାରେ ଏହାର ଶରୀରରେ ନାରଙ୍ଗୀ ରଙ୍ଗର ରେଖା ଏବଂ ନାକରେ ତରାଜୁ ଭଳି ଆକାର ଦେଖିବାକୁ ମିଳିଥିଲା । ଯାଞ୍ଚ ପ୍ରକ୍ରିୟା ପୂରା ହେବା ପରେ ଏହା ଥ୍ରେଡ୍ ସ୍ନେକ୍ ବୋଲି ଜଣାପଡ଼ିଥିଲା ।



# ସୁବର୍ଣ୍ଣା



## ଫସଲରୁ ରୋଗ ଚିହ୍ନିବ ଏଆଇ



ଭାରତ ଏକ କୃଷିପ୍ରଧାନ ଦେଶ । ଏଠାରେ ଅଧିକାଂଶ ଲୋକ ଚାଷ କାର୍ଯ୍ୟ ଉପରେ ନିର୍ଭରଶୀଳ । ତେବେ ଫସଲରେ ସଠିକ୍ ସମୟରେ ରୋଗପୋକ ଚିହ୍ନଟ କରିବାର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି । ହେଲେ ବିଭିନ୍ନ କାରଣରୁ ଚାଷୀମାନେ ଫସଲରୁ ସହଜରେ ରୋଗ ଓ ପୋକ ଚିହ୍ନଟ କରିପାରିନଥାନ୍ତି । ଫଳରେ କୀଟନାଶକ ସିଞ୍ଚନ ପାଇଁ ସେମାନଙ୍କୁ ଅଧିକ ଖର୍ଚ୍ଚାନ୍ତ ହେବାକୁ ପଡ଼େ । ହେଲେ ଏବେ ଏଆଇ ଏହି ସମସ୍ୟାକୁ ଦୂର କରିବ । ହରିୟାଣା, ରୋହତାକର ମହର୍ଷି ଦୟାନନ୍ଦ ବିଶ୍ୱବିଦ୍ୟାଳୟର ବୈଜ୍ଞାନିକମାନେ ଏନେଇ ଏକ ସ୍ମାର୍ଟ କୌଶଳ ବିକଶିତ କରିଛନ୍ତି । ଏହା ଫସଲରେ ଲାଗୁଥିବା ରୋଗପୋକକୁ ଶୀଘ୍ର ଚିହ୍ନଟ କରିବ । ବୈଜ୍ଞାନିକମାନେ କଲରା ପତ୍ରରେ ରୋଗ ଓ ପୋଷକତତ୍ତ୍ୱର ଅଭାବ ବିଷୟରେ ଜାଣିବାକୁ ଡିପ୍ ଲର୍ଣ୍ଣିଂ ସାହାଯ୍ୟରେ ଏଆଇ ମଡେଲ ପ୍ରସ୍ତୁତ କରିଥିଲେ । ଏହା ଏକ ୱେବ୍ ଆପ୍ଲିକେଶନ । ଏହାର ନାଁ ଦିଆଯାଇଛି ଏଗ୍ରିକ୍ୟୁରୋ । ଏହି ଏଆଇ ଟୁଲ୍ କେବଳ କଲରା ନୁହେଁ, କଖାରୁଜାତୀୟ ସମେତ ଅନ୍ୟ ଫସଲରେ ଲାଗୁଥିବା ରୋଗପୋକକୁ ନିରୀକ୍ଷଣ କରିବ । ଫଳରେ ଚାଷୀମାନେ ଫସଲରେ ପ୍ରାରମ୍ଭିକ ଅବସ୍ଥାରୁ କୀଟ ଚିହ୍ନଟ କରି ଏହାକୁ ସହଜରେ ନିୟନ୍ତ୍ରଣ କରିପାରିବେ । ଏନେଇ ଏଆଇ ଟୁଲ୍ ସ୍ମାଟଫୋନ୍‌ରୁ ନେଇଥିବା ଫଟୋ ସାହାଯ୍ୟରେ ଫସଲର ନିମ୍ନମୁଖୀ ପତ୍ରପୋଡ଼ା ରୋଗ ସମେତ ଯବକ୍ଷାରଜାନ, ପଟାସିୟମ, ମ୍ୟାଗ୍ନେସିୟମ ଆଦି ପୋଷକତତ୍ତ୍ୱର ଅଭାବ ଅଛି କି ନାହିଁ ସେ ବିଷୟରେ ସୂଚନା ଦେଇପାରିବ । ତା ସହିତ ଉପରୋକ୍ତ ସମସ୍ୟାର ସମାଧାନ ସୂତ୍ର ମଧ୍ୟ ଏଆଇ ବତାଇପାରିବ । ମହର୍ଷି ଦୟାନନ୍ଦ ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ରାଜବୀର ସିଂହ କୁହନ୍ତି, ଏହି କୌଶଳକୁ ଏବେ ଡ୍ରୋନ୍ ଏବଂ ଆଇଓଟି ଉପକରଣ ସହିତ ସଂଯୋଗ କରିବାକୁ ଯୋଜନା କରାଯାଉଛି । ଏଆଇ ଆଧାରିତ କୌଶଳଟି ଚାଷୀଙ୍କ ପାଇଁ ବରଦାନ ସଦୃଶ ହେବ ।

## ମକାରେ ଫଲ୍ ଆର୍ମିୱର୍ମ



ବର୍ତ୍ତମାନ ମକା ଚାଷୀଙ୍କ ପାଇଁ ବହୁତ ଗୁରୁତ୍ୱପୂର୍ଣ୍ଣ ସମୟ । ଏହି ସମୟରେ ମକା ଫସଲରେ ଫଲ୍ ଆର୍ମିୱର୍ମର ପ୍ରକୋପ ଅଧିକ ଦେଖିବାକୁ ମିଳିଥାଏ । ଫଲ୍ ଆର୍ମିୱର୍ମ ଏକ ବିନାଶକାରୀ କୀଟ । ଏହି କୀଟ ପୁରା ଫସଲକୁ ନଷ୍ଟ କରି ଦେଇଥାଏ । ଏହାର ଲାର୍ଭା, ମକା ପତ୍ର ଓ ମକାର ପ୍ରଜନନ ଅଙ୍ଗକୁ ଖାଇ ଖାଇ ନଷ୍ଟ କରିଦିଏ । ଉଦ୍ଭିଦ କୋଷକୁ କଣା କରି ଗଛକୁ ଖୋଳପା କରେ । ଫଳରେ ଫସଲ ନଷ୍ଟ ହୋଇଯାଏ । ତେଣୁ ଏହି ସମସ୍ୟାକୁ ନିୟନ୍ତ୍ରଣ କରିବାକୁ ଚାଷୀଭାଇମାନେ ନିୟମିତ ଫସଲର ଦେଖାରଖା କରିବା ଜରୁରି । ଯଦି କୀଟର ପ୍ରକୋପ ୧୦ ପ୍ରତିଶତରୁ କମ୍ ଥାଏ, ତେବେ ରାସାୟନିକ ଔଷଧ ସିଞ୍ଚନର ଆବଶ୍ୟକ ନ ଥାଏ । ଏହି ସ୍ଥାନରେ ନିମ୍ବ ଅର୍କ କିମ୍ବା ଜୈବିକ ଖତ ବ୍ୟବହାର କରିପାରିବେ । ଯଦି ପୋକର ପ୍ରକୋପ ୧୦ ପ୍ରତିଶତରୁ ଅଧିକ ଥାଏ, ତେବେ କ୍ଲୋରାଣ୍ଟ୍ରାନିଲିପ୍ରୋଲ କିମ୍ବା ଇମାମେକ୍ଟିନ୍ ବେଞ୍ଜୋଏଟ ୪ମିଲି ପ୍ରତି ୧୦ ଲିଟର ପାଣିରେ ମିଶାଇ ସିଞ୍ଚନ କରିପାରିବେ । ତେବେ ଏହି ଚାଷ ଆରମ୍ଭ ପୂର୍ବରୁ ଗଭୀର ହଳ କରିବା ସହ ମାଟିକୁ କିଛି ସମୟ ଖରାଦେବାକୁ କୃଷି ବିଶେଷଜ୍ଞମାନେ ପରାମର୍ଶ ଦେଇଛନ୍ତି । କେବଳ ସେତିକି ନୁହେଁ, ଜମିକୁ ସଫା ଓ ସ୍ୱଚ୍ଛ ରଖିବା, ଘାସ ନିୟନ୍ତ୍ରଣ ଏବଂ ବରୁଗୁଡି କିମ୍ବା ନେପିୟର ଘାସ ଲଗାଇପାରିବେ । ଡାଲିଜାତୀୟ ଫସଲ ସହିତ ଅନ୍ତଃଫସଲ ଲଗାଇବାକୁ କୃଷି ବିଶେଷଜ୍ଞ ପରାମର୍ଶ ଦେଇଛନ୍ତି ।

## ପାଣିରେ ଅଦା ଚାଷ



**ଭାରତୀୟ ରୋଷେଇ ଘରେ ଅଦା ଏକ ଅତ୍ୟାବଶକୀୟ ସାମଗ୍ରୀ । ଖାଦ୍ୟର ସ୍ୱାଦ ବଢ଼ାଇବାକୁ ଅଦାକୁ ମସଲା ଭାବେ ବ୍ୟବହାର କରାଯାଏ । ଏହା ସ୍ୱାସ୍ଥ୍ୟ ପାଇଁ ବହୁତ ହିତକର । ତେବେ ଅଧିକାଂଶ ନିଜ ଘର ବାଡ଼ି ବଗିଚାରେ କୁଣ୍ଡ ଦ୍ୱାରା ଅଦା ଲଗାଇଥାନ୍ତି । ହେଲେ ଏବେ ପାଣିରେ ବି ଅଦା ଚାଷ ହୋଇପାରିବ ।**

ପାଣିରେ ଅଦା ଫଳାଇବାକୁ ଉନ୍ନତ କିସମ ଅଦା ତଥା ତଟକା, ମୋଟା ଏବଂ ଗଜା ଥିବା ଅଦା ବାଛି ପାରିବେ । ସଢ଼ା କିମ୍ବା ଫିମ୍ପି ମାରି ଥିବା ଅଦା ବ୍ୟବହାର କରିବା ଅନୁଚିତ । ଅଦା ରାତିସାରା ପାଣିରେ ଭିଜିଲେ ଶୀଘ୍ର ଗଜା ହୋଇଥାଏ । ଏହା ଏକ ଇଞ୍ଚରୁ ଦେଢ଼ ଇଞ୍ଚ ରହିବା ଆବଶ୍ୟକ । ପରେ କାଚ ଜାର୍‌ରେ ପାଣି ନେଇ ଜାର୍‌ଟିକୁ ସୂର୍ଯ୍ୟକିରଣ ପଡୁଥିବା ଓ ବାୟୁଚଳାଚଳ ହେଉଥିବା ସ୍ଥାନରେ ରଖିପାରିବେ । ମନେ ରଖିବେ, ଅଦା ଚେର ପାଣିକୁ ହାଲୁକା ଛୁଇଁବା ଆବଶ୍ୟକ । ପାଣିରେ ଅଦା ବୁଡି ନ ଯାଏ ତାହା ଧ୍ୟାନ ଦେବେ । ଜାର୍‌ର ପାଣିକୁ ପ୍ରତି ୨ରୁ ୩ ଦିନ ଅନ୍ତରରେ ବଦଳାଇବା ଜରୁରି । ଏହାଦ୍ୱାରା କବକ ଏବଂ ଜୀବାଣୁମୁକ୍ତ ହୋଇଥାଏ । ଯଦି ଚାହିଁବେ, ପାଣିରେ ଲେମ୍ବୁରସ ବୁନ୍ଦା ପକାଇ ପାରିବେ । ଏହି ପ୍ରକ୍ରିୟାରେ ୮ରୁ ୧୦ ଦିନରେ ଅଦାରେ ଛୋଟ ଛୋଟ ଗଜା ବାହାରିବାକୁ ଲାଗେ । ଅଦା ୬ରୁ ୮ ଇଞ୍ଚ ବଢ଼ିଗଲେ, ଏହାକୁ ହାଲୁକା ମାଟି କିମ୍ବା ଖତ ଦେଇ ଲଗାଇପାରିବେ ।

## କୃଷି ପାଣିପାଗ

### ଏ ସପ୍ତାହ ପାଇଁ କେତେକ ପରାମର୍ଶ

- ଧାନ ଫସଲ ଜଳମଗ୍ନ ହୋଇ କ୍ଷତିଗ୍ରସ୍ତ ହୋଇଥିଲେ ତୁରନ୍ତ ୟୁରିଆ ସାର ପ୍ରୟୋଗ ନ କରି ନୂଆ ପିଲ ଆସିବା ପର୍ଯ୍ୟନ୍ତ ଅପେକ୍ଷା କରନ୍ତୁ ।
- ଅଣଧାନ ଫସଲ ଓ ପନିପରିବା ତଳିଘରାରୁ ଅତ୍ୟଧିକ ବର୍ଷା ଜଳ ନିଷ୍କାସନ ବ୍ୟବସ୍ଥା କରନ୍ତୁ । ରୋଗ ଓ ପୋକର ନିୟନ୍ତ୍ରଣ ପାଇଁ ଜମିକୁ ଘାସମୁକ୍ତ ରଖନ୍ତୁ ।
- ବର୍ଷା ଯୋଗୁଁ ଫସଲରେ ପତ୍ର ପୋଡ଼ା, ଝାଉଁଳା ଓ ମୂଳ ସଢ଼ା ଦେଖା ଦେବାର ସମ୍ଭାବନା ଅଛି । ବର୍ଷା ଛାଡ଼ିଗଲା ପରେ ପ୍ରତି ୧ ଲିଟର ପାଣିରେ ୨ ଗ୍ରାମ୍ ମେଟାଲାକ୍ସିଲ + ମାଙ୍କୋଜବ୍ ଓ ୧ ଗ୍ରାମ୍ ପ୍ଲାଣ୍ଟୋମାଇସିନ୍‌କୁ ମିଶାଇ ଫସଲ ମୂଳକୁ ସିଞ୍ଚନ କରନ୍ତୁ ।
- ବର୍ଷା ପରେ ବାଇଗଣ, ଟମାଟୋ ଓ ଲଙ୍କା ଗଛ ମୂଳରେ ପାଣି ଜମି ରହିଲେ କବକ ଜନିତ ଝାଉଁଳା ରୋଗ ହେବାର ସମ୍ଭାବନା ଅଛି । ଏଥିପାଇଁ ଗଛ ମୂଳରେ ଅଧିକ ପାଣି ଜମି ରହିବାକୁ ଦିଅନ୍ତୁ ନାହିଁ ।
- ଭେଣ୍ଡିରେ ସାହେବୀ ରୋଗ ଧଳାମାଛି ଦ୍ୱାରା ବ୍ୟାପିଥାଏ । ଏହାକୁ ପ୍ରତିରୋଧ କରିବା ପାଇଁ ପ୍ରତି କେଜି ବିହନକୁ ୪ ଗ୍ରାମ୍ ଇମିଡାକ୍ଲୋପ୍ରିଡ ୭୫% ଡବ୍ଲ୍ୟୁଜି ସହ ମିଶାଇ ବିହନ ବିଶୋଧନ କରନ୍ତୁ । ଜମିରେ ଏକର ପ୍ରତି ୧୨ଟି ହଳଦିଆ ଯନ୍ତା ବସାନ୍ତୁ ।
- କୁକୁଡ଼ା ଚିଆଁମାନେ ୩ରୁ ୪ସପ୍ତାହର ହୋଇଯାଇଥିଲେ ରାଣୀଖେତ ରୋଗ ପାଇଁ ପ୍ରତିଷେଧକ ଟିକାକରଣ କରାନ୍ତୁ ।

## କୁକୁଡ଼ାଙ୍କ ଟିକାକରଣ ପରର ସତର୍କତା

**ଆମ ରାଜ୍ୟର ଅଧିକାଂଶ ଚାଷୀ କୁକୁଡ଼ାପାଳନ କରି ଜୀବିକା ନିର୍ବାହ କରନ୍ତି । ତେବେ କୁକୁଡ଼ାମାନଙ୍କ ଶରୀର ବୃଦ୍ଧି ତଥା ବିଭିନ୍ନ ରୋଗ ଯଥା - ମାରେକ୍ସ, ରାଣୀକ୍ଷେତ, ଗୁମ୍ବୋରୋ, ଫାଉଲ୍‌ପକ୍ସ ଆଦି ନିରାକରଣ ପାଇଁ ସେମାନଙ୍କୁ ବୟସ ଅନୁସାରେ ଟିକା ଦେବାର ବ୍ୟବସ୍ଥା ଅଛି । ତେବେ ଟିକାକରଣ ପରେ କୁକୁଡ଼ାମାନଙ୍କର ବିଶେଷ ଯତ୍ନ ନେବା ଆବଶ୍ୟକ ।**

- ସର୍ବଦା ସନ୍ଧ୍ୟା ସମୟରେ ପାଳନ କରାଯାଉଥିବା ସମସ୍ତ କୁକୁଡ଼ାମାନଙ୍କୁ ଟିକା ଦେବା ଉଚିତ । ଟିକାକରଣ ପରେ କୁକୁଡ଼ାଙ୍କୁ କିଛି ସମୟ ପାଇଁ ଶାନ୍ତ ବାତାବରଣରେ ଆରାମ ଦେବାର ବନ୍ଦୋବସ୍ତ କରନ୍ତୁ । ଅଯଥା ଗହଳି , ଶବ୍ଦ କରିବା ଅନାବଶ୍ୟକ ।
- ସେମାନଙ୍କ ପାଖେ ପର୍ଯ୍ୟାପ୍ତ ମାତ୍ରାର ପିଇବା ପାଣି ରଖନ୍ତୁ । ଯଦି ପାଣି ମାଧ୍ୟମରେ ଟିକା ଦିଆଯାଇଛି ତେବେ ଏକ ଘଣ୍ଟା ପରେ ପାଣି ବଦଳାଇପାରିବେ ।
- ସେହିପରି ଟିକା ଦେବା ପରେ କିମ୍ବା ତିନି ଦିନ ପୂର୍ବରୁ ପାଣିରେ ଇଲେକ୍ଟ୍ରୋଲାଇଟସ୍, ସପ୍ଲିମେଣ୍ଟ, ଗ୍ଲୁକୋଜ କିମ୍ବା ଭିଟାମିନ୍ ମିଳାଇ କୁକୁଡ଼ାଙ୍କୁ ପିଇବାକୁ ଦେଇପାରିବେ ।
- ଟିକାର ଏକ୍ସପାଏରୀ ତାରିଖ, ସଂରକ୍ଷଣ, କୋଲ୍ଡଚେନ୍ ଠିକ୍ ଭାବେ ହୋଇଛି କି ନାହିଁ ତାହାକୁ ଧ୍ୟାନ ଦିଅନ୍ତୁ । କୁକୁଡ଼ାମାନଙ୍କର ସମସ୍ତ ଟିକା ସିଡ୍ୟୁଲ ଅନୁସାରେ ଅଭିଜ୍ଞ ପ୍ରାଣୀ ଚିକିତ୍ସକଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଦେଲେ, ସେମାନଙ୍କଠାରେ ରୋଗପ୍ରତିରୋଧକ କ୍ଷମତା ବଢ଼ିଥାଏ ।
- ଧ୍ୟାନ ଦେବେ ରୋଗାଗ୍ରସ୍ତ କୁକୁଡ଼ା, ଅସୁସ୍ଥତା ଅନୁଭବ କରୁଥିବା କୁକୁଡାଙ୍କୁ ଟିକା ଦେବା ଅନୁଚିତ ।



## ଧାବିକା ଧନଲକ୍ଷ୍ମୀ ସାମୟିକ ବାସନ୍ଦ



ନୂଆଦିଲ୍ଲୀ, ୬ ।୧୦ (ଏଜେନ୍ସି): ତାମିଲନାଡୁର ଜଣାଶୁଣା ଧାବିକା ଧନଲକ୍ଷ୍ମୀ ଶେକର ତାଙ୍କ କ୍ୟାରିୟରରେ ଦ୍ୱିତୀୟଥର ଲାଗି ଡୋପ୍ ଟେଷ୍ଟରେ ବିଫଳ ହୋଇଛନ୍ତି । ଗତ ଜୁଲାଇ ୨୭ରେ ପଞ୍ଜାବରେ ଅନୁଷ୍ଠିତ ଇଣ୍ଡିଆନ୍ ଓପନ୍ ଆଥ୍‌ଲେଟିକ୍ସ ମିଟ୍ ଅବସରରେ ତାଙ୍କ ନମୁନା ସଂଗ୍ରହ କରାଯାଇଥିଲା । ଯାହାର ରିପୋର୍ଟ ସଦ୍ୟ ପ୍ରକାଶ ପାଇଥିଲା । ଏଥିରେ ୨୭ ବର୍ଷୀୟା ଧନଲକ୍ଷ୍ମୀଙ୍କ ରିପୋର୍ଟ ପଜିଟିଭ ଆସିଛି । ସେ ଷ୍ଟେରଏଡ୍ ଡ୍ରୋଷ୍ଟାନୋଲୋନ ସେବନ କରିଥିବା ଜଣାପଡ଼ିଛି । ଫଳରେ ଧନଲକ୍ଷ୍ମୀଙ୍କୁ ତୁରନ୍ତ ସାମୟିକ ବାସନ୍ଦ କରାଯାଇଛି । ଧନଲକ୍ଷ୍ମୀ ୨୦୨୨ରେ ପ୍ରଥମଥର ଲାଗି ଡୋପ୍ ଟେଷ୍ଟରେ ବିଫଳ ହୋଇଥିଲେ । ଏଥିଲାଗି ତାଙ୍କୁ ୩ ବର୍ଷ ପାଇଁ ବାସନ୍ଦ କରାଯାଇଥିଲା । ଗତ ଜୁଲାଇ ୧୭ରେ ସେ ବାସନ୍ଦାଦେଶରୁ ପ୍ରତ୍ୟାବର୍ତ୍ତନ କରି ପଞ୍ଜାବ ମିଟ୍‌ରେ ଭାଗନେଇ ସ୍ୱର୍ଣ୍ଣିମ ସଫଳତା ପାଇଥିଲେ । ଏଥିରେ ସେ ୧୦୦ ମିଟର ରେସକୁ ୧୧.୫୫ ସେକେଣ୍ଡରେ ଫିନିଶ କରି ପୋଡିୟମ ଶୀର୍ଷରେ ରହିଥିଲେ । ଉଲ୍ଲେଖଯୋଗ୍ୟ, ଧନଲକ୍ଷ୍ମୀ ଏବେ ୮ ବର୍ଷ ବାସନ୍ଦ ହୋଇପାରନ୍ତି । ଜଣେ ଆଥ୍‌ଲେଟ୍ କ୍ୟାରିୟରରେ ଦ୍ୱିତୀୟଥର ଡୋପ୍ ଟେଷ୍ଟରେ ବିଫଳ ହେଲେ ୮ ବର୍ଷ ବାସନ୍ଦ ହେବାର ନିୟମ ରହିଛି । ଯଦି ସେ ଅଜାଣତରେ ନିଷିଦ୍ଧ ଔଷଧ ସେବନ କରିଥାନ୍ତି ତେବେ ତାଙ୍କ ଦଣ୍ଡାଦେଶ କୋହଳ ହୋଇପାରେ । ଧନଲକ୍ଷୀ ସେବନ କରିଥିବା ଡ୍ରୋଷ୍ଟାନୋଲୋନ ଏକପ୍ରକାର ଷ୍ଟେରଏଡ୍ । ଯାହାକି ଶରୀରକୁ ମାଂସପେଶୀ ଓ ଶକ୍ତି ବୃଦ୍ଧିରେ ସହାୟତା କରିଥାଏ ।

## ସାଂଘାଇ ମାଷ୍ଟର୍ସରୁ ଜ୍ୱେରେଭ ବିଦା

ସାଂଘାଇ, ୬ ।୧୦ (ଏଜେନ୍ସି): ବିଶ୍ୱର ୩ ନମ୍ବର ମାନ୍ୟତାପ୍ରାପ୍ତ ଖେଳାଳି ଆଲେକ୍ସଜାଣ୍ଡର ଜ୍ୱେରେଭ ଚଳିତ ସାଂଘାଇ ମାଷ୍ଟର୍ସ ଟେନିସ ଟୁର୍ଣ୍ଣାମେଣ୍ଟରେ ବଡ଼ ବିପର୍ଯ୍ୟୟର ସମ୍ମୁଖୀନ ହୋଇଛନ୍ତି । ସୋମବାର ଅନୁଷ୍ଠିତ ରାଉଣ୍ଡ-୩୨'ର



ଏକ ମ୍ୟାଚରେ ଜର୍ମାନୀର ଜ୍ୱେରେଭ ୬-୪, ୩-୬, ୨-୬ ସେଟ୍‌ରେ ବିଶ୍ୱ ମାନ୍ୟତାର ୫୪ତମ ସ୍ଥାନରେ ଥିବା ଫ୍ରାନ୍ସର ଆର୍ଥର ରିନଡେର୍କନେଚ୍‌ଙ୍କଠାରୁ ପରାସ୍ତ ହୋଇ ବିଦାୟ ନେଇଛନ୍ତି । ପ୍ରଥମ ସେଟ୍‌ରେ ଜ୍ୱେରେଭ ବିଜୟୀ ହୋଇଥିଲେ ମଧ୍ୟ ପରବର୍ତ୍ତୀ ଦୁଇ ସେଟ୍‌ରେ ଆର୍ଥର ଚମତ୍କାର ପ୍ରତ୍ୟାବର୍ତ୍ତନ କରି ମ୍ୟାଚକୁ ହାତେଇନେଇଥିଲେ । ୩୦ ବର୍ଷୀୟ ଆର୍ଥର ତାଙ୍କ କ୍ୟାରିୟରରେ ୩ୟଥର ଲାଗି କୌଣସି ମାଷ୍ଟର୍ସ-୧୦୦୦ ଟୁର୍ଣ୍ଣାମେଣ୍ଟର ତୃତୀୟ ରାଉଣ୍ଡରେ ପହଞ୍ଚିଛନ୍ତି । ପ୍ରି-କ୍ୱାର୍ଟରରେ ସେ ଚେକ୍ ଗଣରାଜ୍ୟର ଜିରି ଲେହେକାଙ୍କୁ ଭେଟିବେ । ପୂର୍ବରୁ ଅନ୍ୟ ଏକ ମ୍ୟାଚରେ ଆଲେକ୍ସ ଡି ମିନାଉର୍ ୬-୧, ୭-୫ ସିଧାସଳଖ ସେଟରେ କାମିଲ ମାଜଚାଜାକଙ୍କୁ ହରାଇ ରାଉଣ୍ଡ-୧୬ରେ ପ୍ରବେଶ କରିଛନ୍ତି ।

**ଆବିୟା ପାରା ବ୍ୟାଡ୍ମିଣ୍ଟନ**

# ପ୍ରମୋଦ ଜିତିଲେ ୩ ସ୍ୱର୍ଣ୍ଣ ପଦକ

ଭୁବନେଶ୍ୱର, ୬ ।୧୦ (ସମିସ)



ତାରକା ଭାରତୀୟ ପାରା ବ୍ୟାଡ୍ମିଣ୍ଟନ ଖେଳାଳି ପ୍ରମୋଦ ଭଗତ ବାସନ୍ଦାଦେଶରୁ ପ୍ରତ୍ୟାବର୍ତ୍ତନ କରିବା ପରେ ତାଙ୍କ ଦମ୍‌ଦାର ପ୍ରଦର୍ଶନ ଜାରି ରଖିଛନ୍ତି । ନାଇଜେରିଆର ଆବିୟା ରାଜ୍ୟରେ ଅନୁଷ୍ଠିତ ଅନ୍ତର୍ଜାତୀୟ ପାରା ବ୍ୟାଡ୍ମିଣ୍ଟନ ଟୁର୍ଣ୍ଣାମେଣ୍ଟରେ ପ୍ରମୋଦ ୩ଟି ସ୍ୱର୍ଣ୍ଣ ପଦକ ଜିତି ରାଜ୍ୟ ତଥା ଦେଶ ପାଇଁ ଗୌରବ ଆଣିଛନ୍ତି । ଏହି ଟୁର୍ଣ୍ଣାମେଣ୍ଟର ପୁରୁଷ ସିଙ୍ଗଲ୍ସ ଏସ୍‌ଏଲ୍-୩ ଇଭେଣ୍ଟର ଫାଇନାଲରେ ପ୍ରମୋଦ ୨୧-୭, ୯-୨୧, ୨୧-୯ରେ ସାଥୀ ଭାରତୀୟ ଖେଳାଳି ମନ୍ତୁ କୁମାରଙ୍କୁ ପରାସ୍ତ କରି ଚାମ୍ପିଅନ ହୋଇଥିଲେ । ଏହାପରେ ପ୍ରମୋଦ ପୁରୁଷ ଡବଲ୍ସରେ ମଧ୍ୟ ସ୍ୱର୍ଣ୍ଣିମ ସଫଳତା ପାଇଥିଲେ । ଏଥିରେ ସେ ଭାରତର ସୁକାନ୍ତ କଦମଙ୍କୁ ସାଥୀ କରି ୨୧-୧୩, ୨୧-୧୭ରେ ପେରୁର ଗେରସନ ଜାରି ଓ ଡିଆନା ଗୋଲାକ ଯୋଡ଼ିଙ୍କୁ ହରାଇଥିଲେ । ୩୭ ବର୍ଷୀୟ ପ୍ରମୋଦ ନିଜର ୩ୟ ସ୍ୱର୍ଣ୍ଣ ପଦକ ମିକ୍ସଡ ଇଭେଣ୍ଟରୁ ପାଇଥିଲେ ।

ମିକ୍ସଡ ଫାଇନାଲରେ ପ୍ରମୋଦ ଓ ଆରତୀ ପାଟିଲଙ୍କୁ ସାଥୀ କରି ବିଜୟୀ ହୋଇଥିଲେ । 'ପ୍ରତ୍ୟେକ ବିଜୟ ମୋତେ ଆଗକୁ ବଢ଼ାଇବାକୁ ପ୍ରେରଣା ଯୋଗାଇଥାଏ । ଏଭଳି ଅନ୍ତର୍ଜାତୀୟସ୍ତରୀୟ ଟୁର୍ଣ୍ଣାମେଣ୍ଟରେ ଅଂଶଗ୍ରହଣ କରି ଭାରତ ପାଇଁ ଗୌରବ ଆଣିବା ସର୍ବଦା ସ୍ୱତନ୍ତ୍ର' ବୋଲି ୩୭ ବର୍ଷୀୟ ପ୍ରମୋଦ ଭଗତ କହିଛନ୍ତି । ଉଲ୍ଲେଖଯୋଗ୍ୟ, ଓଡ଼ିଶାର ଏହି ତାରକା ପାରା ବ୍ୟାଡ୍ମିଣ୍ଟନ ଖେଳାଳି ଟୋକିଓ ପାରା ଅଲିମ୍ପିକ୍ସରେ ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଥିଲେ । କିନ୍ତୁ ପରବର୍ତ୍ତୀ ସମୟରେ ଗୋଟିଏ ବର୍ଷରେ ନିଜ ଠିକଣା ପ୍ରଦାନ କରିବାରେ ବିଫଳ ହେବାରୁ ବାସନ୍ଦର ସମ୍ମୁଖୀନ ହୋଇଥିଲେ । ଯେଉଁଥି ପାଇଁ ସେ ପ୍ୟାରିସ ପାରା ଅଲିମ୍ପିକ୍ସରୁ ବଞ୍ଚିତ ହୋଇଥିଲେ ।

### ଓଡ଼ିଶା ଖେଳାଳିଙ୍କ ଚମକ

ପ୍ରମୋଦଙ୍କ ବ୍ୟତୀତ ଏହି ଟୁର୍ଣ୍ଣାମେଣ୍ଟରେ ଅଂଶଗ୍ରହଣ କରିଥିବା ଅନ୍ୟ ୩ଜଣ ଖେଳାଳି ନୁରୂଲ ହୋସେନ ଖାନ, କୁଲଦୀପ୍ ମହାକୁଳ ଓ ବିଶ୍ୱରଞ୍ଜନ ପଣ୍ଡା ମଧ୍ୟ ପଦକ ସଫଳତା ପାଇଛନ୍ତି । ନୁରୂଲ ପୁରୁଷ ସିଙ୍ଗଲ୍ସ ଡବ୍ଲ୍ୟୁଏଚ୍-୨ ଇଭେଣ୍ଟରେ ରୌପ୍ୟ ଏବଂ ଡବଲ୍ସରେ ସ୍ୱର୍ଣ୍ଣ ପଦକ ଜିତିଥିଲେ । ସେହିଭଳି କୁଲଦୀପ୍ ଓ ବିଶ୍ୱରଞ୍ଜନ କାଂସ୍ୟ ପଦକରେ ସନ୍ତୁଷ୍ଟ ରହିଥିଲେ । କୁଲଦୀପ୍ ପୁରୁଷ ସିଙ୍ଗଲ୍ସ ଏସ୍‌ଏଲ୍-୪ ଇଭେଣ୍ଟରେ ଏବଂ ବିଶ୍ୱରଞ୍ଜନ ଡବଲ୍ସର ଏସ୍‌ୟୁ-୫ ଇଭେଣ୍ଟରେ ଅଂଶଗ୍ରହଣ କରି ଏହି ସଫଳତା ପାଇଥିଲେ ।

**ବିଡବ୍ଲ୍ୟୁଏଫ୍ ବିଶ୍ୱ ଜୁନିଅର ଚାମ୍ପିଅନସିପ୍**

## ବିଜୟରୁ ଭାରତର ଅଭିଯାନ ଆରମ୍ଭ

ଗୌହାଟୀ, ୬ ।୧୦ (ଏଜେନ୍ସି): ବିଡବ୍ଲ୍ୟୁଏଫ୍ ବିଶ୍ୱ ଜୁନିଅର ମିକ୍ସଡ ଟିମ୍ ଚାମ୍ପିଅନସିପ୍‌ରେ ଆୟୋଜକ ଭାରତୀୟ ବ୍ୟାଡ୍ମିଣ୍ଟନ ଦଳ ବିଜୟରୁ ଅଭିଯାନ ଆରମ୍ଭ କରିଛି । ସୋମବାର ଭାରତୀୟ ମିକ୍ସଡ ଟିମ୍ ଦଳ ପ୍ରଥମ ମ୍ୟାଚରେ ୪୫-୧୮, ୪୫-୧୭ ଗେମରେ ନେପାଳକୁ ହରାଇଥିଲା । ଏହି ମ୍ୟାଚରେ ବାଳକ ଡବଲ୍ସରେ ଭାରତର ଭାର୍ଗବ ରାମ ଓ ବିଶ୍ୱ ତେଜ୍ ଯୋଡ଼ି ୯-୩ରେ ବିଜୟୀ ହୋଇଥିଲେ । ସେହିଭଳି ବାଳିକା ଉନ୍ନତି ହୁଦା ଓ ତନଭୀ ଶର୍ମା ମଧ୍ୟ ସହଜରେ ନେପାଳ ପ୍ରତିପକ୍ଷ ଖେଳାଳିଙ୍କୁ ପରାସ୍ତ କରିଥିଲେ । ଏହି ଚାମ୍ପିଅନସିପ୍‌ରେ ମୋଟ୍ ୩୬ଟି ଦଳକୁ ୮ଟି ଗ୍ରୁପ୍‌ରେ ଭାଗ କରାଯାଇଛି । ଗ୍ରୁପ୍-ଏଚ୍'ରେ ସ୍ଥାନ ପାଇଥିବା ଆୟୋଜକ ଭାରତ ପରବର୍ତ୍ତୀ ମ୍ୟାଚରେ ମଙ୍ଗଳବାର ଶ୍ରୀଲଙ୍କାକୁ ଏବଂ ବୁଧବାର ୟୁଏଇ ସହ ଖେଳିବ । ଉଦ୍‌ଘାଟନୀ ଦିବସରେ ଅନ୍ୟ ମ୍ୟାଚ୍‌ଗୁଡ଼ିକରେ ଶ୍ରୀଲଙ୍କା ୩୦-୪୫, ୪୫-୩୪, ୪୫-୪୪ରେ ଶ୍ରୀଲଙ୍କାକୁ, ଚାଇନା ୪୫-୧୪, ୪୫-୧୦ରେ ଘାନାକୁ, କୋରିଆ ୪୫-୨୨, ୪୫-୨୯ରେ ହଙ୍ଗେରୀକୁ ହରାଇଥିଲା ।

## ବିଶ୍ୱକପ୍ ବିଜେତା ୱେଷ୍ଟଇଣ୍ଡିଜ୍ କ୍ରିକେଟର୍ ଜୁଲିଏନ୍‌ଙ୍କ ପରଲୋକ

ତ୍ରିନିଦାଦ୍, ୬ ।୧୦(ଏଜେନ୍ସି): ୱେଷ୍ଟଇଣ୍ଡିଜ ପୂର୍ବତନ ଅଲରାଉଣ୍ଡର ବର୍ଣ୍ଣାଡ ଜୁଲିଏନଙ୍କ ନର୍ଥ ତ୍ରିନିଦାଦର ଟାଉନ୍ ଅଫ୍ ଭାଲସେନରେ ପରଲୋକ ଗମନ କରିଛନ୍ତି । ମୃତ୍ୟୁବେଳକୁ ତାଙ୍କୁ ୭୫ ବର୍ଷ ହୋଇଥିଲା । ସେ ମୁଖ ଗହ୍ୱର କର୍କଟ ରୋଗରେ ପୀଡିତ ଥିଲେ । ଜୁଲିଏନ ୧୯୭୫ ବିଶ୍ୱକପ୍ ଚାମ୍ପିଅନ ୱେଷ୍ଟଇଣ୍ଡିଜ ଦଳର ସଦସ୍ୟ ଥିଲେ । ତାଙ୍କ ଦେହାନ୍ତରେ ୱେଷ୍ଟଇଣ୍ଡିଜ କ୍ରିକେଟ ବୋର୍ଡ ଏକ୍ସରେ



ପୋଷ୍ଟ କରି ଶୋକ ଜାହିର କରିଛି । ୧୯୭୩ ଜୁଲାଇ ୨୬ରେ ସେ ପ୍ରଥମ ଟେଷ୍ଟ ଖେଳିବା ସହ ଅନ୍ତର୍ଜାତୀୟ କ୍ରିକେଟରେ ପଦାର୍ପଣ କରିଥିଲେ । ଜୁଲିଏନ୍ ତାଙ୍କ କ୍ୟାରିଅରରେ ୨୪ ଟେଷ୍ଟ ଓ ୧୨ଟି ଅନ୍ତର୍ଜାତୀୟ ଦିନିକିଆ ମ୍ୟାଚ୍ ଖେଳିଥିଲେ । ସେ ଅନ୍ତର୍ଜାତୀୟ କ୍ରିକେଟରେ ୬୮ଟି ୱିକେଟ ନେବା ସହ ୯୫୨ ରନ ସଂଗ୍ରହ କରିଥିଲେ । ଟେଷ୍ଟ ଫର୍ମାଟରେ ସେ ୨ଟି ଶତକ ଓ ୩ଟି ଅର୍ଦ୍ଧଶତକ ଅର୍ଜନ କରିବା ସହ ୫୦ଟି ୱିକେଟ ଅକ୍ତିଆର କରିଥିଲେ । ସେହିପରି ଦିନିକିଆ ଫର୍ମାଟରେ ସେ ୧୮ଟି ୱିକେଟ ଅକ୍ତିଆର କରିଥିଲେ । ୧୯୭୫ ଦିନିକିଆ ବିଶ୍ୱକପ୍‌ରେ ଅଷ୍ଟ୍ରେଲିଆ ବିପକ୍ଷ ଫାଇନାଲରେ ସେ ୩୭ଟି ବଲର ସମ୍ମୁଖୀନ ହୋଇ ଅପରାଜିତ ୨୬ ରନ ସଂଗ୍ରହ କରି ୱେଷ୍ଟଇଣ୍ଡିଜକୁ ଚାମ୍ପିଅନ କରାଇବାରେ ମୁଖ୍ୟ ଭୂମିକା ଗ୍ରହଣ କରିଥିଲେ । ସେ ଜଣେ ଉଚ୍ଚକୋଟୀର ବାମହାତୀ ଦ୍ରୁତ ବୋଲର ସହ ହାର୍ଡ ହିଟର ବ୍ୟାଟର ଥିଲେ । ବର୍ଣ୍ଣାଡ ୧୯୭୦ରୁ ୧୯୭୭ ମଧ୍ୟରେ କେଣ୍ଟ ଟିମ୍ ତରଫରୁ ଇଂଲିଶ କାଉଣ୍ଟି ଖେଳିଥିଲେ । ସେ ୧୯୬୮ରୁ ୧୯୮୨ ମଧ୍ୟରେ ତ୍ରିନିଦାଦ ଓ ଟବାଗୋ ଦଳ ତରଫରୁ ଘରୋଇ କ୍ରିକେଟ ଖେଳିଥିଲେ ।

## ବାସ୍କେଟବଲ୍ ଜାତୀୟ ଚାମ୍ପିଅନସିପ୍ ଆରମ୍ଭ





ଭୁବନେଶ୍ୱର, ୬ ।୧୦ (ସମିସ): ସ୍ପେଶାଲ ଅଲିମ୍ପିକ୍ସ ଭାରତ-ଓଡ଼ିଶା ଆନୁକୂଲ୍ୟରେ ବାସ୍କେଟବଲ୍ ଜାତୀୟ ଚାମ୍ପିଅନସିପ୍ ସୋମବାର ବରୁଣେଇସ୍ଥିତ କେଟି ଗ୍ଲୋବାଲ ସ୍କୁଲ ପରିସରରେ ଉଦ୍‌ଘାଟିତ ହୋଇଯାଇଛି । ଅକ୍ଟୋବର ୯ ତାରିଖ ପର୍ଯ୍ୟନ୍ତ ଖେଳାଯିବାକୁ ଥିବା ଏହି ଚାମ୍ପିଅନସିପ୍‌ରେ ୧୬ଟି ରାଜ୍ୟର ଖେଳାଳି ଅଂଶଗ୍ରହଣ କରିଛନ୍ତି । ସିନିଅର, ଜୁନିଅର ଓ ସବ୍-ଜୁନିଅର ବର୍ଗରେ ମ୍ୟାଚ୍ ଖେଳାଯିବ । ଅବସରପ୍ରାପ୍ତ କର୍ଣ୍ଣେଲ ଡକ୍ଟର କେଦାରନାଥ ଦାଶ ଅତିଥିଭାବେ ଯୋଗଦେଇ ଏହି ଟୁର୍ଣ୍ଣାମେଣ୍ଟକୁ ଉଦ୍‌ଘାଟନ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ରାଜ୍ୟ କ୍ରୀଡ଼ା ବିଭାଗର ଓଏସ୍‌ଡି ସୋନାଲି ଚାନ୍ଦ, ସ୍ପେଶାଲ ଅଲିମ୍ପିକ୍ସ ଭାରତର ଜାତୀୟ ବୋର୍ଡ ସଦସ୍ୟ ରାଜଶେଖର ଚେଲି, ଗୋକୁଳାନନ୍ଦ ଦାଶ, କ୍ଷେତ୍ର ନିର୍ଦ୍ଦେଶକ ପ୍ରକାଶ ରଥ, କେଟି ଗ୍ଲୋବାଲ ସ୍କୁଲର ସିଇଓ ସିଦ୍ଧାର୍ଥ ରାଉତ ପ୍ରମୁଖ ଅତିଥିଭାବେ ଉପସ୍ଥିତ ରହିଥିଲେ ।

## ୩ ସପ୍ତାହ ପୂର୍ବରୁ ଏମ୍‌ସିଜି ଟିକଟ୍ ବିକ୍ରି ଶେଷ

ମେଲବୋର୍ଣ୍ଣ, ୬ ।୧୦(ଏଜେନ୍ସି): ଅକ୍ଟୋବର ୧୯ରୁ ଅଷ୍ଟ୍ରେଲିଆ ଓ ଭ୍ରମଣକାରୀ ଭାରତ ମଧ୍ୟରେ ସୀମିତ ଓଭର କ୍ରିକେଟ ସିରିଜ ଆରମ୍ଭ ହେବାକୁ ଯାଉଛି । ଶୁବମନ ଗିଲ୍‌ଙ୍କ ନେତୃତ୍ୱରେ ଭାରତ ପ୍ରଥମେ ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ ଖେଳିବ । ଏହାପରେ ୫ ମ୍ୟାଚ୍ ବିଶିଷ୍ଟ ଟି-୨୦ ସିରିଜ ଅକ୍ଟୋବର ୨୯ରୁ ଆରମ୍ଭ ହେବ । ମେଲବୋର୍ଣ୍ଣରେ ଦ୍ୱିତୀୟ ଟି-୨୦ ଅକ୍ଟୋବର ୩୧ରେ ଆୟୋଜନ ହେବ । ବିରାଟ କୋହଲି ଓ ରୋହିତ ଶର୍ମା ଟି-୨୦ ଫର୍ମାଟରୁ ଅବସର ନେଇ ସାରିଛନ୍ତି । ତେଣୁ ଏହି ଦୁଇ ସୁପରଷ୍ଟାର ଏହି ମ୍ୟାଚ୍ ଖେଳିବେ ନାହିଁ । କିନ୍ତୁ ଏହା ସତ୍ତ୍ୱେ ମେଲବୋର୍ଣ୍ଣ କ୍ରିକେଟ ଗ୍ରାଉଣ୍ଡ (ଏମ୍‌ସିଜି)ର ସବୁ ଟିକଟ ମ୍ୟାଚର ୩ ସପ୍ତାହ ପୂର୍ବରୁ ବିକ୍ରି ସରିଛି । ଦର୍ଶକ ଏବେ ଅଭିଷେକ ଶର୍ମା ଓ ଗିଲ୍‌ଙ୍କ ଭଳି ଯୁବ ତାରକାଙ୍କୁ ଦେଖିବାକୁ ଉତ୍ସାହି ଅଛନ୍ତି । କୋହଲି ଓ ରୋହିତଙ୍କ ଅନୁପସ୍ଥିତି ସତ୍ତ୍ୱେ ଏକ ଲକ୍ଷ ଦର୍ଶକ କ୍ଷମତା ବିଶିଷ୍ଟ ଏମ୍‌ସିଜି ଟିକଟ୍ ଶେଷ ହୋଇଯିବା କ୍ରିକେଟ ପାଇଁ ଶୁଭଙ୍କର ବୋଲି କୁହାଯାଉଛି ।

## ପାକିସ୍ତାନ ବ୍ୟାଟର୍ ଅମିନଙ୍କ ୫୦ ପ୍ରତିଶତ ଫି' କଟିଲା




ନୂଆଦିଲ୍ଲୀ, ୬ ।୧୦ (ଏଜେନ୍ସି): ଚଳିତ ଆଇସିସି ମହିଳା ଦିନିକିଆ ବିଶ୍ୱକପ୍‌ର ସବୁଠୁ ହାଇଭୋଲଟେଜ ମ୍ୟାଚରେ ଆୟୋଜକ ଭାରତ ୮୮ ରନରେ ପାକିସ୍ତାନ ଦଳକୁ ମାତ୍ ଦେଇଥିଲା । ରବିବାର କଲମ୍ବୋର ଆର୍ ପ୍ରେମଦାସ ଷ୍ଟାଡିୟମରେ ଖେଳାଯାଇଥିବା ଏହି ମ୍ୟାଚରେ ପ୍ରଥମେ ବ୍ୟାଟିଂ କରିଥିବା ଭାରତ ୨୪୭ ରନ କରିଥିଲା । ଜବାବରେ ପାକିସ୍ତାନ ୪୩ ଓଭରରେ ୧୫୯ ରନରେ ଅଲ୍‌ଆଉଟ୍ ହୋଇ ଲଜ୍ଜାଜନକ ପରାଜୟବରଣ କରିଥିଲା । ଏହି ମ୍ୟାଚରେ ୮୧ ରନର ଅର୍ଦ୍ଧଶତକୀୟ ପାଳି ଖେଳିଥିବା ପାକିସ୍ତାନ ବ୍ୟାଟର୍ ସିଦ୍ରା ଅମିନଙ୍କ ଉପରେ ବିଶ୍ୱ କ୍ରିକେଟ୍‌ର ସର୍ବୋଚ୍ଚ ସଂସ୍ଥା ଆଇସିସି ବଡ଼ ଜରିମାନା ଲଗାଇଛି । ଆଇସିସି ତାଙ୍କ ମ୍ୟାଚ୍ ପାଉଣାର ୫୦ ପ୍ରତିଶତ ଅର୍ଥରାଶି କାଟିଦେଇଛି । ମ୍ୟାଚରେ ଅମିନ ୪୦ତମ ଓଭରରେ ସ୍ନେହ ରାଣାଙ୍କ ବଲରେ ଅଧିନାୟିକା ହର୍‌ମନପ୍ରୀତ୍ କୌରଙ୍କୁ କ୍ୟାଚ୍ ଦେଇ ପ୍ୟାଭିଲିୟନ ଫେରିଥିଲେ । ତେବେ ଆଉଟ୍ ହେବାପରେ ରାଗିଯାଇ ସେ ବ୍ୟାଟ୍‌କୁ ଭୂମିରେ ଶକ୍ତ ଆଘାତ କରିଥିଲେ । ଯାହାକି ଆଇସିସି ଆଚରଣ ସଂହିତାର ଧାରା ୨.୨କୁ ଉଲ୍ଲଂଘନ କରିଥିଲା । ଆଇସିସିର ଏହି ଧାରା ଅନୁଯାୟୀ, ଯଦି ଖେଳାଳି ମ୍ୟାଚ୍ ସମୟରେ କ୍ରିକେଟ୍ ଉପକରଣ, ପୋଷାକ କିମ୍ବା ଭୂମିରେ ଥିବା କୌଣସି ସମ୍ପତ୍ତିକୁ କ୍ଷତି ପହଞ୍ଚାନ୍ତି ତେବେ ଆଚରଣ ସଂହିତା ଉଲ୍ଲଂଘନ ଅଭିଯୋଗରେ ତାଙ୍କୁ ଦଣ୍ଡିତ କରାଯାଇଥାଏ ।

**ଆଇସିସି ମହିଳା ବିଶ୍ୱକପ୍**

## ବ୍ରିଟ୍ସଙ୍କ ଶତକରେ ଦକ୍ଷିଣ ଆଫ୍ରିକା ବିଜୟୀ

ଇନ୍ଦୋର, ୬ ।୧୦ (ଏଜେନ୍ସି)




ଓପନର୍ ତାଜମିନ ବ୍ରିଟ୍ସଙ୍କ ରେକର୍ଡ ଶତକୀୟ ପାଳି ବଳରେ ଏଠାରେ ସୋମବାର ଅନୁଷ୍ଠିତ ଆଇସିସି ମହିଳା ଦିନିକିଆ ବିଶ୍ୱକପ୍‌ର ଏକ ମ୍ୟାଚରେ ଦକ୍ଷିଣ ଆଫ୍ରିକା ୬ ୱିକେଟ୍‌ରେ ନ୍ୟୁଜିଲାଣ୍ଡକୁ ପରାସ୍ତ କରିଛି । ୨୩୨ ରନର ଟାର୍ଗେଟ୍‌କୁ ପିଛା କରିଥିବା ଦକ୍ଷିଣ ଆଫ୍ରିକା ୪୦.୫ ଓଭରରେ ୪ ୱିକେଟ ହରାଇ ବିଜୟୀ ହୋଇଥିଲା । ଓପନର୍ ବ୍ରିଟ୍ସ ୧୦୧ ଓ ନଂ-୩ରେ ଆସିଥିବା ସୁନେ ଲସ୍ ଅପରାଜିତ ୮୩ ରନର ପାଳି ଖେଳି ଦଳକୁ ଚଳିତ ବିଶ୍ୱକପ୍‌ରେ ପ୍ରଥମ ବିଜୟ ଭେଟି ଦେଇଥିଲେ । ଉଭୟ ଦ୍ୱିତୀୟ ୱିକେଟରେ ୧୫୯ ରନର ଭାଗୀଦାରି ଗଢ଼ି ବିଜୟ ପଥ ପରିଷ୍କାର କରିଥିଲେ । ବ୍ରିଟ୍ସ ତାଙ୍କ ୮୯ ବଲ୍ ପାଳିରେ ୧୫ ଚୌକା ଓ ଗୋଟିଏ ଛକା ମାରିଥିଲେ । ୩୪ ବର୍ଷୀୟା ବ୍ରିଟ୍ସ ଏହି ଶତକୀୟ ପାଳି ଅବସରରେ ଏକ ବିଶ୍ୱରେକର୍ଡ କରିଛନ୍ତି । ଚଳିତ ବର୍ଷ ଏହା ତାଙ୍କର ଦିନିକିଆରେ ୧୧ତମ ମ୍ୟାଚରୁ ୫ମ ଶତକ ଥିଲା । ଏଥିସହ ଗୋଟିଏ ବର୍ଷରେ ମହିଳା ଦିନିକିଆ କ୍ରିକେଟରେ ସର୍ବାଧିକ ଶତକ ଅର୍ଜନ କରିବାରେ ସେ ଭାରତର ସ୍ମୃତି ମନ୍ଧାନାଙ୍କୁ ପଛରେ ପକାଇ ଦେଇଛନ୍ତି । ମନ୍ଧାନା ୨୦୨୪ ଓ ୨୦୨୫ରେ ୪ଟି ଲେଖାଏ ଶତକ ମାରିଛନ୍ତି ।

ପୂର୍ବରୁ ସ୍ଥାନୀୟ ହୋଲକର୍ କ୍ରିକେଟ୍ ଷ୍ଟାଡିୟମରେ ଅନୁଷ୍ଠିତ ଏହି ମ୍ୟାଚରେ ପ୍ରଥମେ ବ୍ୟାଟିଂ କରିଥିବା ନ୍ୟୁଜିଲାଣ୍ଡ ମହିଳା ଦଳ ଅଧିନାୟିକା ସୋଫି ଡିଭାଇନଙ୍କ ଅର୍ଦ୍ଧଶତକ ବଳରେ ୨୩୧ ରନ କରି ଅଲ୍‌ଆଉଟ୍ ହୋଇଥିଲା । ସୋଫି ସର୍ବାଧିକ ୮୫ ରନ କରିଥିଲେ । ବ୍ରୁକ୍ ହଲିଡେ ୪୫, ଜର୍ଜିଆ ପ୍ଲିମର ୩୧, ଆମେଲିଆ କେର୍ ୨୯ ରନ କରିଥିଲେ । ଦକ୍ଷିଣ ଆଫ୍ରିକା ପକ୍ଷରୁ ବାମହାତୀ ସ୍ପିନର ନନକୁଲୁଲେକୋ ମାଲ୍‌ବା ସର୍ବାଧିକ ୪ଟି ୱିକେଟ୍ ସଫଳତା ପାଇଥିଲେ । ପୂର୍ବରୁ ପ୍ରଥମ ମ୍ୟାଚରେ ଇଂଲଣ୍ଡ ନିକଟରୁ ୧୦ ୱିକେଟ୍‌ରେ ହାରିଥିବା ଦକ୍ଷିଣ ଆଫ୍ରିକା ଏଥିସହ ୨ ପଏଣ୍ଟ ପାଇଁ ଖାତା ଖୋଲିଛି । ଅପରପକ୍ଷରେ ନ୍ୟୁଜିଲାଣ୍ଡର ଏହା କ୍ରମାଗତ ୨ୟ ପରାଜୟ ।

**ବିଶ୍ୱକପ୍‌ରେ ଆଜିର ମ୍ୟାଚ୍**
**ଇଂଲଣ୍ଡ-ବାଂଲାଦେଶ**
**ଆରମ୍ଭ : ଅପରାହ୍ଣ ୩ଟା**
**ସ୍ଥାନ : ଗୌହାଟୀ**

## ମିତାଲିଙ୍କ ନାମରେ ନାମିତ ହେବ ବିଶାଖାପାଟଣା ଷ୍ଟାଡିୟମ ଷ୍ଟାଣ୍ଡ



ବିଶାଖାପାଟନମ, ୬ ।୧୦(ଏଜେନ୍ସି): ସ୍ଥାନୀୟ ୱାଇଏସ୍‌ଆର ରାଜ ଶେଖର ରେଡ୍ଡୀ ଏସିଏ- ଭିଡିସିଏ ଷ୍ଟାଡିୟମରେ ପୂର୍ବତନ ଭାରତୀୟ ମହିଳା ଅଧିନାୟିକା ମିତାଲି ରାଜ ଓ ରବି କଳ୍ପନାଙ୍କ ସମ୍ମାନରେ ଦୁଇଟି ଷ୍ଟାଣ୍ଡ ନାମିତ ହେବ । ଅକ୍ଟୋବର ୧୨ରେ ଏହି ଦୁଇଟି ଷ୍ଟାଣ୍ଡର ଉଦ୍‌ଘାଟନ କରାଯିବ । ଏହି ଦିନ ଆଇସିସି ଦିନିକିଆ ବିଶ୍ୱକପ୍‌ରେ ଭାରତ ଓ ଅଷ୍ଟ୍ରେଲିଆ ପରସ୍ପରକୁ ଭେଟିବେ । ଏହି ହାଇପ୍ରୋଫାଇଲ ମ୍ୟାଚ୍ ଖେଳାଯିବା ପୂର୍ବରୁ ଦୁଇଟି ଷ୍ଟାଣ୍ଡ ଦୁଇ କିମ୍ବଦନ୍ତୀ ମହିଳା ଖେଳାଳିଙ୍କ ନାମରେ ନାମିତ ହେବ ବୋଲି ରାଜ୍ୟ ସରକାରଙ୍କ ତରଫରୁ ସୂଚନା ଦିଆଯାଇଛି । ୪୨ ବର୍ଷୀୟା ମିତାଲି ଦୀର୍ଘ ୨୩ ବର୍ଷର କ୍ୟାରିଅରରେ ଭାରତ ତରଫରୁ ପ୍ରତିନିଧିତ୍ୱ କରି ୧୨ଟି ଟେଷ୍ଟ ଓ ୨୩୨ଟି ଦିନିକିଆ ଓ ୮୯ଟି ଟି-୨୦ ମ୍ୟାଚ୍ ଖେଳିଛନ୍ତି । ମିତାଲି ଟେଷ୍ଟରେ ୪୩.୬୮ ହାରରେ ୬୯୯ ଓ ଦିନିକିଆରେ ୫୦.୬୮ ହାରରେ ୭,୮୦୫ ରନ ସଂଗ୍ରହ କରିଥିଲେ । ସେହିପରି ଟି-୨୦ରେ ସେ ୩୭. ୫୨ ହାରରେ ୨,୩୬୪ ରନ ସଂଗ୍ରହ କରିଥିଲେ । ଦିନିକିଆରେ ସେ ୭ଟି ଶତକ ଓ ୬୪ଟି ଅର୍ଦ୍ଧଶତକ ଅର୍ଜନ କରିଥିଲେ । ମିତାଲିଙ୍କୁ ଭାରତ ଓ ତଥା ବିଶ୍ୱର ଅନ୍ୟତମ ଶ୍ରେଷ୍ଠ ମହିଳା ବ୍ୟାଟର ଭାବେ ବିବେଚନା କରାଯାଏ । ବିଶ୍ୱ କ୍ରିକେଟରେ ତାଙ୍କ ଅସାଧାରଣ ପ୍ରଦର୍ଶନ ପାଇଁ ମିତାଲିଙ୍କୁ କିମ୍ବଦନ୍ତୀ ଆଖ୍ୟା ମିଳିଛି । ସେହିପରି ଆନ୍ଧ୍ରପ୍ରଦେଶ ପାଇଁ ଜଣେ ୱିକେଟକିପର ବ୍ୟାଟର ଭାବେ ଖେଳିଥିବା ୨୯ ବର୍ଷୀୟ ରବି କଳ୍ପନା ଭାରତ ପାଇଁ ୭ଟି ଏକଦିବସୀୟ ମ୍ୟାଚ୍ ଖେଳିଛନ୍ତି ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS